

ଆଜିର 'ସକାଳ' ସହ 'ସିନ୍ଦୂରା' ପଢ଼ନ୍ତୁ



RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-53 ◆SUNDAY ◆17 AUGUST 2025 ◆PAGE-12 ◆₹ 6.00 | PANIKOILI | ◆ବର୍ଷ-୪୩ ◆ସଂଖ୍ୟା-୫୩ ◆ରବିବାର ◆୧୭ ଅଗଷ୍ଟ ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦ (ସିନ୍ଦୂରା ସହ)


## ପାକିସ୍ତାନରେ ଭୟଙ୍କର ବର୍ଷା ଓ ବନ୍ୟା; ୩୪୪ ମୃତ

■ **ଇସଲାମାବାଦ୍, ୧୬।୮ (ଏଜେନ୍ସି):** ପ୍ରବଳ ବର୍ଷା ଓ ବନ୍ୟା ଯାଗୁଁ ପାକିସ୍ତାନର ଉତ୍ତରାଞ୍ଚଳ ଧ୍ୱସ୍ତ ହୋଇଯାଇଛି। ଶତାଧିକ ଗାଁ ଭାସିଯାଇଥିବା ବେଳେ ରାସ୍ତାଗୁଡ଼ିକ ଭୁଶୁଡ଼ି ପଡ଼ିଛି। ଏହି ବିପର୍ଯ୍ୟୟରେ ଗତ ୪୮ ଘଣ୍ଟା ମଧ୍ୟରେ ୩୪୪ ଜଣଙ୍କର ମୃତ୍ୟୁ ଘଟିଥିବା ବେଳେ ହଜାରରୁ ଅଧିକ ଆହତ ହୋଇଛନ୍ତି। ଖାଇବର ପଖତୁନରେ ସର୍ବାଧିକ ଲୋକ ମୃତ୍ୟୁବରଣ କରିଛନ୍ତି ବୋଲି ଅଧିକାରୀମାନେ ସୂଚନା ଦେଇଛନ୍ତି। ବିଭିନ୍ନ ନଦୀରେ ଆସିଥିବା ବନ୍ୟା କାରଣରୁ ଏହି ଅଞ୍ଚଳରେ ୩୦୭ ଜଣ ମୃତ୍ୟୁବରଣ କରିଛନ୍ତି। ଏହି ଅଞ୍ଚଳରେ ଅନେକ ଗାଁ ପାଣିରେ ବୁଡ଼ି ନିଶ୍ଚିହ୍ନ ହୋଇଯାଇଛି। ଏବେ ବି ପ୍ରବଳ ବର୍ଷା ଜାରି ରହିଥିବାରୁ ଉଦ୍ଧାର କାର୍ଯ୍ୟ ବ୍ୟାହତ ହୋଇଛି। ପ୍ରତିକୂଳ ପାଗ ଯୋଗୁଁ ଉଦ୍ଧାର କାର୍ଯ୍ୟରେ ଲାଗିଥିବା ଏକ ହେଲିକପଟର ଦୁର୍ଘଟଣାଗ୍ରସ୍ତ ହୋଇଛି। ଅନେକ ଅଞ୍ଚଳ ପାଣିରେ ବୁଡ଼ି ରହିଥିବାରୁ ▶ପୃଷ୍ଠା-୭



## କିସ୍ତୱାର ବିପର୍ଯ୍ୟୟ
## ୬୫ ମୃତ, ଏବେ ବି ୨୦୦ ନିଖୋଜ



■ **ଶ୍ରୀନଗର, ୧୬।୮ (ଏଜେନ୍ସି):** ଜମ୍ମୁ- କଶ୍ମୀରର କିସ୍ତୱାରରେ ବାଦଲଫଟା ବର୍ଷା ଯୋଗୁଁ ଆସିଥିବା ପ୍ରାକୃତିକ ବିପର୍ଯ୍ୟୟରେ ବର୍ତ୍ତମାନ ସୁଦ୍ଧା ୬୫ ଜଣ ବ୍ୟକ୍ତିଙ୍କ ମୃତଦେହ ଉଦ୍ଧାର କରାଗଲାଣି। ମାଟିତଳେ ଏବେ ବି ଶତାଧିକ ଲୋକ ଦବି ରହିଥିବାରୁ ମୃତ୍ୟୁସଂଖ୍ୟା ବୃଦ୍ଧି ପାଇବାର ଆଶଙ୍କା ରହିଛି। ନିଖୋଜ ରହିଥିବା ଅତିକମରେ ୨୦୦ ଲୋକଙ୍କୁ ଉଦ୍ଧାର କରିବା ଲାଗି ବଡ଼ ଧରଣର ଅଭିଯାନ ଆରମ୍ଭ ହୋଇଛି ଏବଂ ଏଥିରେ ସେନାକୁ ନିୟୋଜିତ କରାଯାଇଛି। ସେମାନଙ୍କୁ ଏନ୍‌ଡିଆରଏଫ୍ ଏବଂ ସ୍ଥାନୀୟ ସଂଗଠନ ସହାୟତା କରୁଛନ୍ତି।

ସୂଚନାଯୋଗ୍ୟ ଯେ ଅଗଷ୍ଟ ୧୪ ତାରିଖରେ ବାଦଲଫଟା ବର୍ଷା ଯୋଗୁଁ ପାର୍ବତ୍ୟ ଅଞ୍ଚଳରେ ବଡ଼ ଧରଣର ବନ୍ୟା ଓ ଭୂସ୍ଖଳନ ଦେଖିବାକୁ ମିଳିଥିଲା। ପାଣିରେ ଶତାଧିକ ଘର ଭାସି ଯାଇଥିବା ବେଳେ ▶ପୃଷ୍ଠା-୭

# ଆଶା ବଢ଼ାଇଲା ଆଲାସ୍କା

## ଆମେରିକା-ରୁଷ୍-ୟୁକ୍ରେନ୍ ତ୍ରିପାକ୍ଷିକ ବୈଠକ ହେବ

■ **ୱାସିଂଟନ, ୧୬।୮ (ଏଜେନ୍ସି):** ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଓ ରୁଷ ରାଷ୍ଟ୍ରପତି ଭ୍ଲାଦିମିର ପୁଟିନଙ୍କ ମଧ୍ୟରେ ବହୁଚର୍ଚ୍ଚିତ ଆଲାସ୍କା ଶିଖର ବୈଠକ ଶେଷ ହୋଇଛି। ଉଭୟ ନେତା ପ୍ରାୟ ତିନି ଘଣ୍ଟା ଧରି ଆଲୋଚନା କରିଛନ୍ତି। ସାରା ବିଶ୍ୱର ନଜର ଥିବା ଏହି ବୈଠକରେ ଦୁଇ ନେତା ବିଶେଷ କରି ୟୁକ୍ରେନ ଯୁଦ୍ଧ ଉପରେ ଆଲୋଚନା କରିଛନ୍ତି। ୟୁକ୍ରେନ ଯୁଦ୍ଧରେ ଅସ୍ତ୍ରବିରତି ଅପେକ୍ଷା ସ୍ଥାୟୀ ଶାନ୍ତି ଉପରେ ଗୁରୁତ୍ୱ ଦେଇଛନ୍ତି। ଏହି କଥାବାର୍ତ୍ତା ନେଇ ଦୁଇ ନେତା ସନ୍ତୋଷ ପ୍ରକାଶ କରିଛନ୍ତି। ସ୍ଥାୟୀ ଶନ୍ତି ପାଇଁ ଟ୍ରମ୍ପ, ପୁଟିନ ଓ ୟୁକ୍ରେନ ରାଷ୍ଟ୍ରପତି ଜେଲେଁସ୍କିଙ୍କ ମଧ୍ୟରେ ତ୍ରିପାକ୍ଷିକ ବୈଠକ ହେବ। ସେହି ବୈଠକ ନିର୍ଣ୍ଣାୟକ ସାବ୍ୟସ୍ତ ହେବ ବୋଲି କୁହାଯାଉଛି। ତେବେ ଆଲାସ୍କା ବୈଠକର ଆଉ ଏକ ଗୁରୁତ୍ୱପୂର୍ଣ୍ଣ ପ୍ରଭାବ ହେଲା ଯେ ଭାରତ ଉପରେ ଟ୍ରମ୍ପ ଆଉ ଅଧିକ ୨୫ ଭାଗ ଶୁଳ୍କ ଧାର୍ଯ୍ୟ କରିନପାରନ୍ତି ବୋଲି ସୂଚନା ଦେଇଛନ୍ତି।



**ଟ୍ରମ୍ପ-ପୁଟିନ ବୈଠକ ୩ ଘଣ୍ଟାରେ ଶେଷ**

**ସୋମବାର ଆମେରିକା ଯିବେ ଜେଲେଁସ୍କି**

ଗତକାଲି ଆମେରିକାର ଆଲାସ୍କାରେ ଟ୍ରମ୍ପ ଓ ପୁଟିନ ଏକାଠି ହୋଇଥିଲେ। ୟୁକ୍ରେନ ଯୁଦ୍ଧ ଶେଷ କରିବା ଉପରେ ଏହି ବୈଠକ ଦୀର୍ଘ ୩ ଘଣ୍ଟାଧରି ଚାଲିଥିଲା। ଏହାରେ ଦୁଇ ନେତା ମିଳିତ ସାମ୍ବାଦିକ ସମ୍ମିଳନୀରେ ଯୋଗ ଦେଇଥିଲେ। ବୈଠକ ସକାରାତ୍ମକ ଥିଲା ବୋଲି ଟ୍ରମ୍ପ କହିଛନ୍ତି। କେତୋଟି ବିଷୟରେ ଦୁହେଁ ସହମତି ଜଣାଇଥିଲେ। କିନ୍ତୁ ଏହି ହାଇପ୍ରୋଫାଇଲ ବୈଠକରେ କୌଣସି ଚୁକ୍ତି ବା ଡିଲ୍ ହୋଇନାହିଁ। ବୈଠକ ସମାରାତ୍ମକ ହୋଇଥିଲେ ମଧ୍ୟ ଅନ୍ତିମ ବୁଝାମଣା ହୋଇନାହିଁ ବୋଲି ଟ୍ରମ୍ପ କହିଛନ୍ତି। ସେହିପରି ୟୁକ୍ରେନ ଯୁଦ୍ଧ ଶେଷ କରିବାକୁ ହେଲେ ତାହାର ଅସଲ କାରଣକୁ ଶେଷ କରିବାକୁ ହେବ ▶ପୃଷ୍ଠା-୭

## ରୁଷଠାରୁ ତୈଳ କ୍ରୟ ଉପରେ କଟକଣା ଲାଗିବନି: ଟ୍ରମ୍ପ

■ **ଆଲାସ୍କା, ୧୬।୮ (ଏଜେନ୍ସି):** ଆଲାସ୍କାରେ ରୁଷ୍ ରାଷ୍ଟ୍ରପତି ଭ୍ଲାଦିମିର ପୁଟିନଙ୍କ ସହ ଆଲୋଚନା ପରେ ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ବଡ଼ ଆଶ୍ୱସ୍ତି ଦେଇଛନ୍ତି। ସେ କହିଛନ୍ତି ଯେ ରୁଷ୍‌ଠାରୁ ତୈଳ କିଣୁଥିବା ଦେଶ ଉପରେ ଏବେ କୌଣସି କଟକଣା ଲଗାଇବାକୁ ବିଚାର କରୁନାହୁଁ। ଦୁଇ ତିନି ସପ୍ତାହ ପରେ ଏହା ଉପରେ ବିଚାର କରିବାକୁ ପଡ଼ିପାରେ। କିନ୍ତୁ ଏ ବିଷୟରେ ଶୀଘ୍ରତା କରିବାର ଆବଶ୍ୟକତା ନାହିଁ। ସେହିପରି ରୁଷ୍ ସହ ତୈଳ ବ୍ୟବସାୟ କରିବାକୁ ନେଇ ଭାରତ ଉପରେ ଅତିରିକ୍ତ ୨୫ ପ୍ରତିଶତ ଶୁଳ୍କ ଲଗାଯାଇଛି। ଏହା ଦ୍ୱାରା ରୁଷ୍ ଏକ ବଡ଼ ତୈଳ ଗ୍ରାହକ ହରାଇଛି। ଚୀନ୍ ଉପରେ ଏଭଳି ଶୁଳ୍କ ଲଗାଇଲେ ରୁଷ୍ ପାଇଁ ବିଧ୍ୱଂସକ ସାବ୍ୟସ୍ତ ହେବ। ଆବଶ୍ୟକ ପଡ଼ିଲେ ଏହି ଶୁଳ୍କ ଲଗାଇବି, କିନ୍ତୁ ଲାଗୁଚି ଏପରି କରିବାକୁ ପଡ଼ିବ ନାହିଁ। ସୂଚନାଯୋଗ୍ୟ ଯେ ରୁଷ ତୈଳ ଏବଂ ଅସ୍ତ୍ରଶସ୍ତ୍ର କିଣିବାକୁ ନେଇ ଗତ ୬ ତାରିଖରେ ଟ୍ରମ୍ପ ଭାରତ ଉପରେ ଅତିରିକ୍ତ ଶୁଳ୍କ ଲଗାଇ ଥିଲେ। ଏହା ୨୭ ତାରିଖରୁ କାର୍ଯ୍ୟକାରୀ ହେବ। ଏହାକୁ ମିଶାଇ ଟ୍ରମ୍ପ ଭାରତ ଉପରେ ମୋଟ ୫୦ ପ୍ରତିଶତ ଶୁଳ୍କ ଲଗାଇଲେଣି। ତେବେ ଟ୍ରମ୍ପଙ୍କ ଧମକ ସତ୍ତ୍ୱେ ରୁଷ୍‌ରୁ ତୈଳ କ୍ରୟ ଉପରେ କୌଣସି କଟକଣା ଲଗା ଯାଇନାହିଁ ବୋଲି ଭାରତ ସ୍ପଷ୍ଟ କରିଛି।

# ୨୮ରେ ନୂଆଁଖାଇ

■ **ସମ୍ବଲପୁର, ୧୬।୮ (ସମିସ):** ନୂଆଁଖାଁଇ ପାଇଁ ଲଗ୍ନ ଧାର୍ଯ୍ୟ ହୋଇଛି। ଆସନ୍ତା ୨୮ ତାରିଖ, ଭାଦ୍ରବ ଶୁକ୍ଲପକ୍ଷ ପଞ୍ଚମୀତିଥି (ଗୁରୁବାର) ପୂର୍ବାହ୍ଣ ୧୦ଟା ୩୩ମିନିଟ୍‌ରୁ ୧୦ଟା ୫୫ମିନିଟ ମଧ୍ୟରେ ପଶ୍ଚିମ ଓଡ଼ିଶାର ଅଧିଷ୍ଠାତ୍ରୀ ଦେବୀ ମା' ସମଲେଶ୍ୱରୀଙ୍କଠାରେ ନବାନ୍ନ ଲାଗି ହେବ। ଏହାପରେ ପରମ୍ପରା ଅନୁସାରେ ସମ୍ବଲପୁର ସମେତ ପଶ୍ଚିମାଞ୍ଚଳବାସୀ ନବାନ୍ନ ଭକ୍ଷଣ କରିବେ। ଏହି କ୍ରମରେ ଶନିବାର ଅପରାହ୍ଣରେ ନନ୍ଦୋତ୍ସବ ଅବସରରେ ଝାଡ଼ୁଆପଡ଼ାସ୍ଥିତ ଶ୍ରୀଶ୍ରୀବ୍ରହ୍ମପୁରା ମନ୍ଦିରରେ ପରମ୍ପରା ଅନୁସାରେ ପଣ୍ଡିତମାନଙ୍କ ବୈଠକରେ ପଶ୍ଚିମ ଓଡ଼ିଶାର ଅଧିଷ୍ଠାତ୍ରୀ ଦେବୀ ମା' ସମଲେଶ୍ୱରୀଙ୍କଠାରେ ନବାନ୍ନ ଅର୍ପଣ ପାଇଁ ଶୁଭଲଗ୍ନ ନିର୍ଣ୍ଣୟ ହୋଇଛି। ପଣ୍ଡିତସଭାରେ ନିରୂପଣ କରାଯାଇଥିବା ଲଗ୍ନ ପତ୍ରକୁ ପଣ୍ଡିତ ଓ ଟ୍ରଷ୍ଟବୋର୍ଡ ସଭ୍ୟମାନେ ସମଲେଶ୍ୱରୀ ମନ୍ଦିରରେ ନେଇ ପହଞ୍ଚାଇଥିଲେ।



**ନିର୍ଦ୍ଧାରଣ ହେଲା ଲଗ୍ନ ୧୦:୩୩ ରୁ ୧୦:୫୫**

ବ୍ରହ୍ମପୁରା ମନ୍ଦିରର ଟ୍ରଷ୍ଟି ଓ ସଦସ୍ୟମାନଙ୍କ ଉପସ୍ଥିତିରେ ଆୟୋଜିତ ଏହି ସଭାରେ ପଣ୍ଡିତ ମହେଶ୍ୱର ନାୟକ, ସୁଧାଂଶୁ ଶେଖର ପାଣିଗ୍ରାହୀ, ଅକ୍ଷୟ ପୁରୋହିତ, ବଂଶୀଧର ଶତପଥୀ, ଗିରିଜା ଶଙ୍କର ପଣ୍ଡା, ଝସକେତନ ହୋତା, ରବିନାରାୟଣ ପଣ୍ଡା, ସଚ୍ଚିଦାନନ୍ଦ ମିଶ୍ର, ପ୍ରଭାକର ତ୍ରିପାଠୀ, ଶଶାଙ୍କ ଶେଖର ମିଶ୍ର, କୃଷ୍ଣଚନ୍ଦ୍ର ପାଣିଗ୍ରାହୀ, ରାକେଶ ମିଶ୍ର, ଚନ୍ଦ୍ରକାନ୍ତ ପାଣିଗ୍ରାହୀ, ବୁଲୁ ପାଢ଼ୀ, ବିନୀତ ପାଣ୍ଡେ, ମନବୋଧ ପାଢ଼ୀ, ଉତ୍ତମ ରଥ, ଜିତେନ୍ଦ୍ର ନନ୍ଦ, ଆଶୁତୋଷ ପାଣିଗ୍ରାହୀ, ଗୋପୀନାଥ ପଣ୍ଡା ପ୍ରମୁଖ ପଣ୍ଡିତମାନେ ଯୋଗ ଦେଇଥିଲେ।

ବ୍ରହ୍ମପୁରା ମନ୍ଦିର ଟ୍ରଷ୍ଟ ସଦସ୍ୟ ସରୋଜ ଦଳପତ, ସୁଶାନ୍ତ ପୁରୋହିତ, ପ୍ରାଣରଞ୍ଜନ ପଣ୍ଡା, ପାର୍ଥସାରଥୀ ମିଶ୍ର, ଅମରନାଥ ସୂପକାର, ଶ୍ରୀମନ୍ତ ମିଶ୍ର, ସଞ୍ଜୟ ମିଶ୍ର, ମନୋଜ ମିଶ୍ର, ସ୍ୱତେନ୍ଦ୍ର ପଣ୍ଡା, ମିଲୁ ପାଣିଗ୍ରାହୀ ଓ ଅଭିଷେକ ମିଶ୍ର ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିବା ବେଳେ ମନ୍ଦିର ପୂଜକ ସନ୍ତୋଷ ପଣ୍ଡା ଓ କୈଳାସ ପଣ୍ଡା ଯୋଗ ଦେଇଥିଲେ। ଭାଦ୍ରବ ଶୁକ୍ଲପକ୍ଷ ପଞ୍ଚମୀ ତିଥି ଆସନ୍ତା ଅଗଷ୍ଟ ୨୮ ତାରିଖ ପଶ୍ଚିମ ଓଡ଼ିଶା ତଥା ପଡ଼ୋଶୀ ଛତିଶଗଡ଼ ଏବଂ ଝାଡ଼ଖଣ୍ଡର ବିଭିନ୍ନ ସ୍ଥାନରେ ନୂଆଁଖାଇ ପର୍ବ ପାଳନ କରାଯିବ। ଇଷ୍ଟଦେବୀମାନଙ୍କ ଲଗ୍ନ ଅନୁଯାୟୀ ନୂଆଁ ଚାଉଳ ଅର୍ପଣ ପରେ ଅଞ୍ଚଳବାସୀ ନବାନ୍ନ ଭକ୍ଷଣ କରିବେ।

## ଶ୍ରୀମନ୍ଦିର ଉପରକୁ ଚଢ଼ିବା ବେଳେ ଧରାପଡ଼ିଲେ ଭକ୍ତ

■ **ପୁରୀ, ୧୬।୮ (ସମିସ):** ପୁଣି ଶ୍ରୀମନ୍ଦିର ସୁରକ୍ଷା ବ୍ୟବସ୍ଥା ନେଇ ଉଠିଲା ପ୍ରଶ୍ନ। ହଜାର ହଜାର ଭକ୍ତଙ୍କ ଭିଡ଼ ମଧ୍ୟରେ ପୁଲିସ କର୍ମୀ ଓ ସେବାୟତଙ୍କ ଆଖିରେ ଧୂଳି ଦେଇ ଶ୍ରୀମନ୍ଦିର ଉପରକୁ ଚଢୁଥିଲେ ଜଣେ ଭକ୍ତ। ବେହେରଣ ଦ୍ୱାର ଦେଇ ଉପରକୁ ଉଠୁଥିବାବେଳେ ଜେଟିପି ତାଙ୍କୁ ଦେଖିଥିଲେ। ପରେ ସମ୍ପୃକ୍ତ ବ୍ୟକ୍ତିଙ୍କୁ ଉଦ୍ଧାର କରାଯାଇ ସୁରକ୍ଷିତ ଭାବେ ତଳକୁ ଅଣାଯାଇଥିଲା। ପରେ ତାଙ୍କୁ ସିଂହଦ୍ୱାର ଥାନା ନିଆଯାଇଥିଲା। ସେଠାରେ ପଚରାଉଚରା କରିଥିଲା ପୁଲିସ। ସମ୍ପୃକ୍ତ ବ୍ୟକ୍ତି ଝାଡ଼ଖଣ୍ଡ ରାଞ୍ଚିର ପଞ୍ଚମ ମହାତୋ ବୋଲି ଜଣାପଡ଼ିଛି। ତେବେ ସେ କାହିଁକି ଚଢୁଥିଲେ, ସେମିତି କିଛି ସ୍ପଷ୍ଟ କାରଣ ଜଣାପଡ଼ିନାହିଁ। ପୁଲିସ ପଚରାଉଚରା କରିବା ପରେ ତାଙ୍କୁ ଛାଡ଼ିଦେଇଛି।



**ସୁରକ୍ଷା ବ୍ୟବସ୍ଥାକୁ ନେଇ ଉଠିଲା ପ୍ରଶ୍ନ**

ଶନିବାର ଥିଲା ନନ୍ଦୋତ୍ସବ। ଏଥିପାଇଁ ଶ୍ରୀମନ୍ଦିରରେ ଭକ୍ତଙ୍କ ପ୍ରବଳ ଭିଡ଼ ହୋଇଥିଲା। ପୂର୍ବାହ୍ଣରେ ଶ୍ରଦ୍ଧାଳୁମାନେ ମହାପ୍ରଭୁଙ୍କୁ ଦର୍ଶନ କରୁଥିଲେ। ଏହି ସମୟରେ ସମ୍ପୃକ୍ତ ବ୍ୟକ୍ତି ବେହେରଣ ଦ୍ୱାର ପଟରୁ ପ୍ରାୟ ୫ରୁ ୭ ଫୁଟ୍ ଚଢ଼ିଯାଇଥିବା ବେଳେ ଜେଟିପି (ଜଗନ୍ନାଥ ଟେମ୍ପୁଲ ପୁଲିସ) ହାତରେ ଧରାପଡ଼ିଲେ। ଏହାପରେ ତାଙ୍କୁ ସିଂହଦ୍ୱାର ଥାନାରେ ପଚରାଉଚରା କରିଥିଲା। କେଉଁ ପରିସ୍ଥିତିରେ ଏବଂ କାହିଁକି ମନ୍ଦିର ଉପରକୁ ଚଢୁଥିଲେ ବୋଲି ପୁଲିସ ତାଙ୍କୁ ପଚାରିଥିଲେ ମଧ୍ୟ କୌଣସି ସନ୍ତୋଷଜନକ ଉତ୍ତର ମିଳିପାରିନାହିଁ। ତେବେ ସେ ଏକୁଟିଆ ଦର୍ଶନ ପାଇଁ ଆସିଥିବା ଜଣାପଡ଼ିଛି।

ଏ ସମ୍ପର୍କରେ ସିଟି ଡିଏସ୍‌ପି ପ୍ରଶାନ୍ତ କୁମାର ସାହୁ କହିଛନ୍ତି, ସମ୍ପୃକ୍ତ ବ୍ୟକ୍ତିଜଣଙ୍କ ମନ୍ଦିର ଉପରକୁ ଚଢୁଥିବା ବେଳେ ତାଙ୍କୁ ସୁରକ୍ଷା କର୍ମୀ ଦେଖି ତଳକୁ ▶ପୃଷ୍ଠା-୭

## ଆସୁଛି ଆଉ ଏକ ଲଘୁଚାପ
## ଆଜିଠୁ ବଢ଼ିବ ବର୍ଷା

■ **ଭୁବନେଶ୍ୱର, ୧୬।୮ (ସମିସ):** ଦକ୍ଷିଣ ଓଡ଼ିଶା ଓ ସଂଲଗ୍ନ ଆନ୍ଧ୍ରପ୍ରଦେଶ ଉପକୂଳରେ ଥିବା ଲଘୁଚାପ କ୍ଷେତ୍ର ସକ୍ରିୟ ହୋଇଛି। ଉପର ବାୟୁ ଘୂର୍ଣ୍ଣିବଳୟ ସମୁଦ୍ର ପତ୍ତନଠାରୁ ୭.୬ କିଲୋମିଟର ଉଚ୍ଚତା ସହିତ ଦକ୍ଷିଣ-ପଶ୍ଚିମ ଆଡ଼କୁ ବିସ୍ତାରିତ ହୋଇଛି। ଏହାର ପ୍ରଭାବରେ ରାଜ୍ୟରେ ପ୍ରବଳ ବର୍ଷା ହେବାର ସମ୍ଭାବନା ରହିଛି। ଆସନ୍ତା ୧୯ ତାରିଖ ଯାଏଁ ପ୍ରବଳ ବର୍ଷା ସହ ଝଡ଼ି ପବନ ଓ ବିଜୁଳି ଘଡ଼ଘଡ଼ି ହେବା ନେଇ ପାଣିପାଗ ବିଭାଗ ୱାର୍ଣ୍ଣିଂ ଜାରି କରିଛି। ଆଗକୁ ଆଉ ଏକ ଲଘୁଚାପ ହେବାର ସମ୍ଭାବନା ରହିଛି। ଆସନ୍ତାକାଲିଠାରୁ ବର୍ଷା ଆହୁରି ବଢ଼ିବ। ପ୍ରବଳ ବର୍ଷା ସାଙ୍ଗକୁ ଝଟ୍‌କା ପବନ ଓ ବିଜୁଳି ଘଡ଼ଘଡ଼ି ପାଇଁ ମାଲକାନଗିରି, କୋରାପୁଟ, ନବରଙ୍ଗପୁର, ରାୟଗଡ଼ା ଓ କଳାହାଣ୍ଡି ଜିଲ୍ଲାକୁ ୟେଲୋ ୱାର୍ଣ୍ଣିଂ ଜାରି କରାଯାଇଛି। ସେହିପରି ହାଲୁକାରୁ ମଧ୍ୟମ ଧରଣର ବର୍ଷା ସହ ପ୍ରବଳ ବଜ୍ରପାତ ଓ ଝଟ୍‌କା ପବନ ହେବା ନେଇ ବରଗଡ଼, ସମ୍ବଲପୁର, ଝାରସୁଗୁଡ଼ା, ବରଗଡ଼, ସୁନ୍ଦରଗଡ଼, କେନ୍ଦୁଝର, ଢେଙ୍କାନାଳ, ଅନୁଗୋଳ, ଗଞ୍ଜାମ, ଗଜପତି, ପୁରୀ, ଖୋର୍ଦ୍ଧା, ନୟାଗଡ଼, କଟକ, ଜଗତସିଂହପୁର, କେନ୍ଦ୍ରାପଡ଼ା, ଯାଜପୁର, ଭଦ୍ରକ, ବାଲେଶ୍ୱର ଓ ମୟୂରଭଞ୍ଜ ଜିଲ୍ଲାକୁ ପାଣିପାଗ ବିଭାଗ ପକ୍ଷରୁ ୟେଲୋ ୱାର୍ଣ୍ଣିଂ ଜାରି କରାଯାଇଛି।



**ଆସନ୍ତାକାଲି ୫ ଜିଲ୍ଲାକୁ ୟେଲୋ ୱାର୍ଣ୍ଣିଂ**



## ଗୁଣି ସନ୍ଦେହରେ ହତ୍ୟା; ୧୩ ଗିରଫ
## ବିଷ ପିଆଇ ଜିଅନ୍ତା ଜାଳିଦେଲେ

■ **ରାୟଗଡ଼ା, ୧୬।୮ (ସମିସ):** ଗୁଣି ସନ୍ଦେହରେ ଜଣେ ଯୁବକଙ୍କୁ ବିଷ ପିଆଇ ନିର୍ଦ୍ଧୁମ୍ ମାଡ଼ ମାରିବା ସହ ଜୀଅନ୍ତା ଜାଳିଦେବା ଭଳି ଏକ ଲୋମଟାଙ୍କୁରା ହତ୍ୟାକାଣ୍ଡ ରାୟଗଡ଼ା ଜିଲ୍ଲାବ୍ୟାପୀ ଚର୍ଚ୍ଚାର ବିଷୟ ହୋଇଛି। ସଦର ବ୍ଲକ୍ ବଡ଼ ଆଲୁବାଡ଼ି ପଞ୍ଚାୟତର ଗୁରୁସୁବାଡି ଗ୍ରାମରେ ଏହି ଘଟଣା ଘଟିଛି। ମୃତକ ହେଲେ, ରାମାରାଓ ଜିଲାକାରା(୪୦)। ଏନେଇ ପରିବାର ପକ୍ଷରୁ ଶେଷଖାଲ ଥାନାରେ ଅଭିଯୋଗ ହେବା ପରେ ପୁଲିସ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ କରିବା ସହ ୧୩ ଅଭିଯୁକ୍ତକୁ ଗିରଫ କରି ପୁଲିସ କୋର୍ଟଚାଲାଣ କରିଛି। ଏହାସହ ଅନ୍ୟ ୨ ଜଣଙ୍କୁ ଥାନାରେ ଅଟକ ରଖି ତଦନ୍ତ ଜାରି ରଖିଛି।

ଗିରଫ ଅଭିଯୁକ୍ତମାନେ ହେଲେ, ଘାସି ମାଣ୍ଡାଙ୍ଗି, ଅନକେସ ମାଣ୍ଡାଙ୍ଗି, ସିଂ ପୁଆଲା, ବୃନ୍ଦାବନ ମାଣ୍ଡାଙ୍ଗି, ବିଜୟ ଜିଲାକାରା, ଦିବା ଜିଲାକାରା, ରମେଶ ମାଣ୍ଡାଙ୍ଗି, ଜ୍ଞାନେୟ ଜିଲାକାରା, ପ୍ରକାଶ ମାଣ୍ଡାଙ୍ଗି, ପ୍ରତାପ ଜିଲାକାରା,ରାଜେଶ ମାଣ୍ଡାଙ୍ଗି, ସଶେୟ ମାଣ୍ଡାଙ୍ଗି, ବମ୍ବେୟ ମାଣ୍ଡାଙ୍ଗି। ଏନେଇ ଥାନାରେ ନଂ ୭୩/୨୦୨୫ରେ ପୁଲିସ ମାମଲା ରୁଜୁ କରି ଅଧିକ ତଦନ୍ତ ଜାରି ରଖିଛି। ଘଟଣାଟି ଗତ ୮ତାରିଖରେ ଘଟିଥିବା ବେଳେ ଅଭିଯୁକ୍ତମାନଙ୍କ ଧମକ ଓ ଭୟ ଯୋଗୁଁ ବିଳମ୍ବରେ ମୃତକଙ୍କ ଭାଇ ଧର୍ମାରାଓ ଜିଲାକାରା ଶେଷଖାଲ ଥାନାରେ ଏତଲା ଦେଇଥିବା ଜଣାପଡ଼ିଛି।

ଉକ୍ତ ଗ୍ରାମରେ ପୂର୍ବରୁ ଗୁଣିଗାରେଡ଼ିକୁ ସନ୍ଦେହ କରି ମୃତ ରାମାରାଓଙ୍କ ପରିବାର ସହ ଗ୍ରାମବାସୀଙ୍କ ବୁଝାମଣାପତ୍ର ସ୍ୱାକ୍ଷର ହୋଇଥିଲା। କିନ୍ତୁ ଉକ୍ତ ପତ୍ରକୁ ଅଣଦେଖା କରି ଗିରଫ ଅଭିଯୁକ୍ତମାନେ ଏହି ହତ୍ୟାକାଣ୍ଡ ଭିଆଇଥିବା ପୁଲିସ କହିଛି। ଧାରା ୧୮୯(୧)(ସି), ୧୯୧(୩), ୧୦୩(୨), ୨୯୬(୬)୨୩୮(ଏ)୩୫୧(୨) ଏବଂ ଭାରତୀୟ ନ୍ୟାୟ ସଂହିତା ୧୯୦ ଅଧାରରେ ଶେଷଖାଲ ଥାନା ପୁଲିସ ଅଭିଯୁକ୍ତମାନଙ୍କୁ କୋର୍ଟ ଚାଲାଣ କରିଛି। ସାଇଣ୍ଟିଫିକ୍ ଟିମ୍ ଘଟଣାସ୍ଥଳରୁ ମୃତକଙ୍କ ପୋଡା ପାଉଁଶ ସଂଗ୍ରହ କରିଥିବା ଶେଷଖାଲ ଥାନା ଅଧିକାରୀ ମୁନି ଆଚାରୀ ପ୍ରକାଶ କରିଛନ୍ତି।

## ରାଜ୍ୟରେ ଗଠନ ହେବ ୧୨ ନୂତନ ଏନ୍‌ଏସି

■ **ଭୁବନେଶ୍ୱର, ୧୬।୮ (ସମିସ):** ରାଜ୍ୟର ୭ ଜିଲ୍ଲାରେ ଆଉ ୧୨ଟି ନୂଆ ବିଜ୍ଞପିତ ଅଞ୍ଚଳ ପରିଷଦ (ଏନ୍‌ଏସି) ଗଠନ ହେବ। ଏନେଇ ଶନିବାର ଗୃହ ଓ ନଗର ଉନ୍ନୟନ ବିଭାଗ ପକ୍ଷରୁ ଚିଠା ବିଜ୍ଞପ୍ତି ପ୍ରକାଶ ପାଇଛି। ବିଜ୍ଞପ୍ତି ଅନୁଯାୟୀ, ମୟୂରଭଞ୍ଜ ଜିଲ୍ଲାରେ ସର୍ବାଧିକ ୩ଟି ଏନ୍‌ଏସି ଗଠନ ହେବାକୁ ଥିବାବେଳେ ବାଲେଶ୍ୱର, ଭଦ୍ରକ ଏବଂ ସମ୍ବଲପୁର ଜିଲ୍ଲାରେ ୨ଟି ଲେଖାଏଁ ଏନ୍‌ଏସି ଗଠନ ହେବ। ସେହିପରି ଅନୁଗୋଳ, ସୁବର୍ଣ୍ଣପୁର ଏବଂ ରାୟଗଡ଼ାରେ ଗୋଟିଏ ଲେଖାଏଁ ଏନ୍‌ଏସି ଗଠନ ହେବ ବୋଲି ବିଜ୍ଞପ୍ତିରେ ଦର୍ଶା ଯାଇଛି। ଅନୁଗୋଳର ପାଲଲହଡ଼ା, ସୋନପୁରର ବୀରମହାରାଜପୁର, ବାଲେଶ୍ୱରର ସିମୁଳିଆ ଓ ବସ୍ତା, ମୟୂରଭଞ୍ଜର ବେତନଟୀ, ଚିତ୍ରଡ଼ା ଓ ବାଙ୍ଗିରିପୋଷି, ରାୟଗଡ଼ାର ବିଷମ କଟକ, ସମ୍ବଲପୁରର ବାମରା ଓ ରେଙ୍ଗାଲି ଏବଂ ଭଦ୍ରକ ଜିଲ୍ଲାର ତିହିଡି ଓ ଧୁଷୁରୀ ନୂଆ ଏନ୍‌ଏସି ତାଲିକାରେ ସ୍ଥାନ ପାଇଛି।

**ନବୀନ ଘୋଷଣା କରିଥିଲେ ୫୬**

**ନୂଆ ସରକାର କମାଇଦେଲେ ୪୪**

ଗତକାଲି ସ୍ୱାଧୀନତା ଦିବସ ଅବସରରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ରାଜ୍ୟରେ ୨୧ ନୂଆ ଏନ୍‌ଏସି ସ୍ଥାପନ ନେଇ ଘୋଷଣା କରିଥିଲେ। ରାଜ୍ୟର ଦ୍ରୁତ ବିକାଶ ଓ ଅଭିବୃଦ୍ଧି ସହିତ ଜନସାଧାରଣଙ୍କର ଆବଶ୍ୟକତାକୁ ଦୃଷ୍ଟିରେ ରଖି ସରକାର ଏହି ନିଷ୍ପତ୍ତି ନେଇଥିବା ମୁଖ୍ୟମନ୍ତ୍ରୀ କହିଥିଲେ। କିନ୍ତୁ ଆଜି ପ୍ରକାଶିତ ଚିଠା ବିଜ୍ଞପ୍ତିରେ ୧୨ଟି ନୂଆ ଏନ୍‌ଏସି ଗଠନ ହେବ ବୋଲି ଦର୍ଶାଯାଇଛି। ଅନ୍ୟପକ୍ଷରେ ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ୨୦୨୪ ମସିହାରେ ଦୁଇଟି ପର୍ଯ୍ୟାୟରେ ରାଜ୍ୟରେ ୫୬ଟି ଏନ୍‌ଏସି ଗଠନ ହେବ ବୋଲି ଘୋଷଣା କରିଥିଲେ। ପ୍ରଥମ ପର୍ଯ୍ୟାୟରେ ୩୪ ଏନ୍‌ଏସି ଗଠନ ହେବ ବୋଲି ୨୪ ଫେବୃଆରୀ ୨୦୨୪ ମସିହାରେ ଘୋଷଣା କରିଥିଲେ। ଏହା ସହ ୫ଟି ଏନ୍‌ଏସିକୁ ମ୍ୟୁନିସିପାଲିଟିରେ ପରିବର୍ତ୍ତନ କରାଯାଇଥାନ୍ତା। ସେହିପରି ୧୩ଟି ଜିଲ୍ଲା ପାଇଁ ୨୨ଟି ଏନ୍‌ଏସି ଗଠନ ହେବ ବୋଲି ମାର୍ଚ୍ଚ ୨୦୨୪ ମସିହାରେ ଘୋଷଣା କରାଯାଇଥିଲା। ସାମାଜିକ ଏବଂ ଅର୍ଥନୈତିକ ଉନ୍ନତି ଏବଂ ଲୋକଙ୍କ ଦାବିକୁ ଦୃଷ୍ଟିରେ ରଖି ଶ୍ରୀ ପଟ୍ଟନାୟକ ଏଭଳି ଘୋଷଣା କରିଥିଲେ।

୨୦୨୪ ମସିହାରେ ୫୬ଟି ଏନ୍‌ଏସି ଘୋଷଣା କରାଯାଇଥିଲା ବେଳେ ଏହାର ଗୋଟିଏ ବର୍ଷ ପରେ ନୂତନ ସରକାର ଏନ୍‌ଏସି ଗଠନର ଡ୍ରାଫ୍ଟ ନୋଟିଫିକେସନ୍ ନେଇ ଆସିଛନ୍ତି। ଏହି ନୋଟିଫିକେସନ ଅନେକଙ୍କୁ ନିରାଶ କରିଛି। ଏଥିରେ ମାତ୍ର ୧୨ଟି ଏନ୍‌ଏସି ଗଠନ ହେବ ବୋଲି ଦର୍ଶାଯାଇଛି। ଅର୍ଥାତ୍ ନୂତନ ସରକାର ରାଜ୍ୟରେ ୪୪ଟି ଏନ୍‌ଏସି ଗଠନ ଉପରେ ନିରବ ରହିଛନ୍ତି। ଏହାକୁ ନେଇ ବିଭିନ୍ନ ମହଲରେ ଅସନ୍ତୋଷ ଦେଖାଦେଇଛି।

## ସନ୍ତାନ ଜନ୍ମ କରିବ ରୋବୋଟ

■ **ବେଜିଂ, ୧୬।୮ (ଏଜେନ୍ସି):** ବିଶ୍ୱରେ ଦ୍ରୁତ ଗତିରେ ରୋବୋଟ ଟେକ୍ନୋଲୋଜିର ବିକାଶ ହେବାରେ ଲାଗିଛି। ଏବେ ଏହି ରୋବୋଟ ମନୁଷ୍ୟ ଭଳି ସନ୍ତାନ ଜନ୍ମ କରିବାକୁ ଯାଉଛି। ଏହା ୧୦ ମାସରେ ସନ୍ତାନ ପ୍ରସବ କରିବ। ଚୀନ୍‌ର କାଇଭା ଟେକ୍ନୋଲୋଜି ଏହି ରୋବୋଟ ନିର୍ମାଣ କରୁଛି। ଏହାର ନାମ 'ପ୍ରେଗ୍ନାନ୍ସି ରୋବୋଟ' ରହିଛି। କମ୍ପାନୀର ସିଇଓ ଝାଙ୍ଗ କିଫେଙ୍ଗ କହିଛନ୍ତି ଯେ ରୋବୋଟ ପେଟରେ ଏକ ଆର୍ଟିଫିସିଆଲ ଗର୍ଭ ରହିବ। ଏଥିରୁ ଭ୍ରୂଣକୁ ପୋଷଣ ମିଳିବ। ଆସନ୍ତା ବର୍ଷ ଏହି ରୋବୋଟକୁ ଲଞ୍ଚ୍ କରାଯିବ। ଏହାର ମୂଲ୍ୟ ଲକ୍ଷେ ୟୁଆନ ଅର୍ଥାତ୍ ୧୧.୬ ଲକ୍ଷ ଟଙ୍କା ରହିବ। ତେବେ ଏହି ରୋବୋଟକୁ ନେଇ କମ୍ପାନୀକୁ ଅନେକ ସମାଲୋଚନା କରୁଛନ୍ତି। ଏହା ଦ୍ୱାରା ଶିଶୁ ଏବଂ ମା' ମଧ୍ୟରେ ଥିବା ନୈସର୍ଗିକ ସମ୍ପର୍କ ଶେଷ ହୋଇଯିବ। ତେବେ ଆଉ କିଛି ବିଶେଷଜ୍ଞ କହିଛନ୍ତି ଯେ ମନୁଷ୍ୟ ଭଳି ସନ୍ତାନ ଜନ୍ମ କରିବା ଏବେ ରୋବୋଟଙ୍କ ପକ୍ଷେ ସମ୍ଭବ ନୁହେଁ।

## ସୋମବାର ଭାରତ ଆସିବେ ଚୀନ୍ ବିଦେଶମନ୍ତ୍ରୀ

ନୂଆଦିଲ୍ଲୀ, ୧୬।୮ (ଏଜେନ୍ସି): ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଶୁଳ୍କ ଧମକ ପରେ ଭାରତ ଏବଂ ଚୀନ୍ ସମ୍ବନ୍ଧକୁ ଅଧିକ ନିବିଡ଼ କରିବାକୁ ପ୍ରୟାସ କରୁଛନ୍ତି। ସୀମା ବିବାଦର ସମାଧାନ ଲାଗି ଚୀନ୍ ବୈଦେଶିକ ମନ୍ତ୍ରୀ ୱାଙ୍ଗ ୟି ସୋମବାର ଭାରତ ଗସ୍ତରେ ଆସୁଛନ୍ତି। ଭାରତୀୟ ବୈଦେଶିକ ମନ୍ତ୍ରାଳୟ ପକ୍ଷରୁ କୁହାଯାଇଛି ଯେ ଚୀନ୍ ମନ୍ତ୍ରୀ ଏନଏସଏ ଅଜିତ ଡୋଭାଲଙ୍କ ସହ ସୀମା ବିବାଦର ସମାଧାନ ଲାଗି ୨୪ତମ ସ୍ୱତନ୍ତ୍ର ପ୍ରତିନିଧିସ୍ତରୀୟ ଆଲୋଚନା କରିବେ। ଏହା ପରେ ୱାଙ୍ଗ ୟି ଏବଂ ବିଦେଶମନ୍ତ୍ରୀ ଜୟଶଙ୍କରଙ୍କ ମଧ୍ୟରେ ଦ୍ୱିପାକ୍ଷିକ ବୈଠକ ଅନୁଷ୍ଠିତ ହେବ। 'ଅପରେସନ ସିନ୍ଦୂର' ସମୟରେ ପାକିସ୍ତାନକୁ ସମର୍ଥନ କରି ଚୀନ୍ ସବୁଦିନିଆ ବନ୍ଧୁ କହିବା ପରେ ପ୍ରଥମ ଥର ପାଇଁ ଏହି ବୈଠକ ବସିବାକୁ ଯାଉଛି। ଭାରତ-ପାକିସ୍ତାନ ସଂଘର୍ଷରେ ଚୀନ୍ ଇସଲାମାବାଦକୁ ସବୁ ପ୍ରକାରର ସହାୟତା ଦେଇଥିଲା। ଗୁଇନ୍ଦାଠାରୁ ନେଇ ଅସ୍ତ୍ରଶସ୍ତ୍ର ବି ଯୋଗାଇ ଥିଲା।

## ବେଙ୍ଗାଲୁରୁ କୋଠାରେ ନିଆଁ; ୫ ରାଜସ୍ଥାନୀ ମୃତ

ବେଙ୍ଗାଲୁରୁ, ୧୬।୮ (ଏଜେନ୍ସି): ବେଙ୍ଗାଲୁରୁ ଷ୍ଟିଲ ମାର୍କେଟ୍‌ସ୍ଥିତ ଏକ କୋଠାରେ ଭୀଷଣ ନିଆଁ ଲାଗିଛି। ଏଥିରେ ରାଜସ୍ଥାନର ୫ ଜଣ ଲୋକ ମୃତ୍ୟୁବରଣ କରିଛନ୍ତି। ମୃତକଙ୍କ ମଧ୍ୟରେ ଜାଲୋର ଜିଲ୍ଲାର ଦୁଇଜଣ ବ୍ୟବସାୟୀ ରହିଛନ୍ତି। ଏହି ଘଟଣାରେ ଭିନମାଲରେ ରହୁଥିବା ଜଣେ ବ୍ୟବସାୟୀ, ତାଙ୍କ ପତ୍ନୀ ଓ ୨ ନାବାଳକ ପୁଅ ମଧ୍ୟ ଜୀବନ ହରାଇଛନ୍ତି। କ୍ଷିପ୍ର ଗତିରେ ନିଆଁ ବ୍ୟାପିଯାଇଥିଲା। ଫଳରେ କୌଣସି ବ୍ୟକ୍ତି ବାହାରକୁ ବାହାରିବାର ସୁଯୋଗ ପାଇ ନ ଥିଲେ। ଶନିବାର ସକାଳ ପର୍ଯ୍ୟନ୍ତ ମଧ୍ୟ ବିଲ୍ଡିଂରେ ନିଆଁ ଜଳୁଥିବାର ସୂଚନା ମିଳିଛି। ଏହି ଘଟଣାରେ ଗୋଦାମରେ କାମ କରୁଥିବା ଦୁଇଜଣ ଯୁବକ ମଧ୍ୟ ମୃତ୍ୟୁବରଣ କରିଛନ୍ତି। ତେବେ ମୃତକଙ୍କ ସଂଖ୍ୟା ନେଇ ପ୍ରଶାସନ ଏପର୍ଯ୍ୟନ୍ତ କିଛି ସ୍ପଷ୍ଟ କରିନାହିଁ। ନିଆଁର ପ୍ରକୋପ ଏତେ ଥିଲା ଯେ, ଶନିବାର ସକାଳ ପର୍ଯ୍ୟନ୍ତ ନିଆଁ ଜଳୁଥିଲା। ଏହି ବିଲ୍ଡିଂ ସଂକୀର୍ଣ୍ଣ ଗଳିରେ ଥିଲା। ଏଥିପାଇଁ ଦମକଳ ଗାଡି ପହଞ୍ଚିବା ପାଇଁ ସମସ୍ୟାର ସମ୍ମୁଖୀନ ହେବା ସହ ବିଳମ୍ବ ହୋଇଥିଲା। ୧୮ଟି ଦମକଳ ଗାଡି ନିଆଁ ଲିଭାଇବାକୁ ପ୍ରୟାସ କରିଥିଲେ।

## ଅନ୍‌ଲାଇନ୍ ସପିଙ୍ଗ୍ କରି ୧୮ ଲକ୍ଷ ଟଙ୍କା ହରାଇଲେ ବୃଦ୍ଧା

ମୁମ୍ବଇ, ୧୬।୮ (ଏଜେନ୍ସି): ମୁମ୍ବଇର ଜଣେ ୭୧ ବର୍ଷୀୟ ମହିଳା ଅନ୍ ଲାଇନ୍ ସପିଙ୍ଗ କରି ୧୮ ଲକ୍ଷ ଟଙ୍କା ହରାଇଛନ୍ତି। ସେ ଏକ ଲିଟର କ୍ଷୀର ଅର୍ଡର କରିଥିଲେ। କିନ୍ତୁ ତାଙ୍କ ବ୍ୟାଙ୍କ ଆକାଉଣ୍ଟରୁ ୧୮.୫ ଲକ୍ଷ ଟଙ୍କା ଚାଲିଯାଇଥିଲା। ବଡାଲାରେ ରହୁଥିବା ଏହି ବୃଦ୍ଧା ଏକ ଅନ୍‌ଲାଇନ୍ ଡେଲିଭରୀ ଆପ୍ ଜରିଆରେ କ୍ଷୀର ଅର୍ଡର କରିବାକୁ ପ୍ରୟାସ କରିଥିଲେ। ତେବେ ମାତ୍ର ଦୁଇଦିନ ମଧ୍ୟରେ ସେ ସଞ୍ଚୟ କରିଥିବା ସବୁ ଅର୍ଥକୁ ଠକ ଲୁଟି ନେଇଥିଲେ। ଯେତେବେଳେ ସେ ଏହା ଜାଣିବାକୁ ପାଇଲେ, ସେ ପୁଲିସରେ ଅଭିଯୋଗ କରିଥିଲେ। ପୁଲିସ ମଧ୍ୟ ଏହି ଘଟଣାରେ ଯାଞ୍ଚ ଆରମ୍ଭ କରିଛି। ଅଗଷ୍ଟ ୪ରେ ଏହି ଘଟଣା ଘଟିଥିଲା। ଜଣେ ବ୍ୟକ୍ତି ଏହି ମହିଳାଙ୍କୁ ଫୋନ୍ କରି ନିଜକୁ ଜଣେ କ୍ଷୀର କମ୍ପାନୀର ଅଧିକାରୀ ବୋଲି ପରିଚୟ ଦେଇଥିଲେ। ସେ ମହିଳାଙ୍କୁ ମୋବାଇଲ ନମ୍ବରକୁ ଏକ ଲିଙ୍କ ସେୟାର କରି କ୍ଷୀର ଅର୍ଡର କରିବାକୁ ବିଭିନ୍ନ ସୂଚନା ମାଗିଥିଲେ। କଲ୍ ନ କାଟି ଲିଙ୍କରେ ଦିଆଯାଇଥିବା ନିର୍ଦ୍ଦେଶ ପାଳନ କରିବାକୁ ଠକ ଜଣକ କହିଥିଲା। ଏହା ପର ଦିନ ମଧ୍ୟ ସେ ମହିଳାଙ୍କୁ ଫୋନ୍ କରି ଆହୁରି ଅଧିକ ସୂଚନା ଦେବାକୁ କହିଥିଲା। ମହିଳାଙ୍କ ନାମରେ ଥିବା ୩ଟି ବ୍ୟାଙ୍କ ଆକାଉଣ୍ଟରୁ ପଇସା ଲୁଟିବାରେ ଏହି ଠକ ସକ୍ଷମ ହୋଇଥିଲେ। ୩ଟି ଆକାଉଣ୍ଟରୁ ମୋଟ୍ ଉପରେ ୧୮.୫ ଲକ୍ଷ ଟଙ୍କା ଗାଏବ ହୋଇଛି ବୋଲି ପୁଲିସ କହିଛି। ମହିଳା ଲିଙ୍କରେ କ୍ଲିକ୍ କରିବା ପରେ ତାଙ୍କ ଫୋନ ହ୍ୟାକ ହୋଇଥିଲା ଓ ସହଜରେ ଲୁଟେରାମାନେ ନିଜର ଲକ୍ଷ୍ୟ ସାଧନ କରିଥିଲେ।

## ଝାଡ଼ଖଣ୍ଡ ଶିକ୍ଷାମନ୍ତ୍ରୀ ରାମଦାସ ସୋରେନଙ୍କ ପରଲୋକ

ରାଞ୍ଚି, ୧୬।୮ (ଏଜେନ୍ସି): ଝାଡଖଣ୍ଡ ଶିକ୍ଷାମନ୍ତ୍ରୀ ରାମଦାସ ସୋରେନ ଶୁକ୍ରବାର ବିଳମ୍ବିତ ରାତିରେ ଦିଲ୍ଲୀସ୍ଥିତ ଆପୋଲୋ ହସ୍ପିଟାଲ୍‌ରେ ପ୍ରାଣତ୍ୟାଗ କରିଛନ୍ତି। ସେ ୬୨ ବର୍ଷ ବୟସ୍କ ଥିଲେ। ମୁଣ୍ଡରେ ଗମ୍ଭୀର ଭାବେ ଲାଗିଥିବା ଆଘାତ କାରଣରୁ ସେ ଅଗଷ୍ଟ ୨ରେ ହସ୍ପିଟାଲରେ ଭର୍ତ୍ତି ହୋଇଥିଲେ ଓ ତାଙ୍କର ଚିକିତ୍ସା ଚାଲିଥିଲା। ଶନିବାର ଜାମସେଦପୁରରେ ତାଙ୍କର ଅନ୍ତିମ ସଂସ୍କାର କରାଯାଇଛି। ତାଙ୍କ ଦେହାନ୍ତରେ ଝାଡଖଣ୍ଡରେ ଦିନିକିଆ ଶୋକ ଘୋଷଣା କରାଯାଇଛି। ରାମଦାସଙ୍କ ପାର୍ଥିବ ଶରୀରକୁ ଦିଲ୍ଲୀରୁ ରାଞ୍ଚି ବିମାନ ବନ୍ଦରକୁ ଆଣାଯାଇଥିଲା ଓ ସେଠାରୁ ଝାଡଖଣ୍ଡ ବିଧାନସଭାକୁ ନିଆଯାଇଥିଲା। ତାଙ୍କୁ ସେଠାରେ ଶ୍ରଦ୍ଧାଞ୍ଜଳି ଦିଆଯାଇଥିଲା। ଏହାପରେ ତାଙ୍କ ପାର୍ଥିବ ଶରୀରକୁ ଘାଟଶିଳା ଓ ପରେ ଜାମସେଦପୁର ନିଆଯାଇଥିଲା। ଶନିବାର ରାତିରେ ଜାମସେଦପୁରସ୍ଥିତ ଘୋଡା ବାନ୍ଧା କ୍ଷେତ୍ରରେ ତାଙ୍କର ଅନ୍ତିମ ସଂସ୍କାର କରାଯାଇଛି। ଗାଧୁଆଘରେ ଗୋଡ ଖସିଯିବା କାରଣରୁ ସେ ପଡ଼ିଯାଇଥିଲେ ଓ ତାଙ୍କ ମୁଣ୍ଡରେ ଗଭୀର ଆଘାତ ଲାଗିଥିଲା। ଫଳରେ ତାଙ୍କୁ ହସ୍ପିଟାଲରେ ଭର୍ତ୍ତି କରାଯାଇଥିଲା। ସେ ୨୦୦୯ ଓ ୨୦୨୯ରେ ଘାଟଶିଳା ବିଧାନସଭାରୁ ନିର୍ବାଚିତ ହୋଇଥିଲେ। ମୃତ୍ୟୁବେଳକୁ ତାଙ୍କ ପାଖରେ ପତ୍ନୀ, ୩ ପୁଅ ଓ ଗୋଟିଏ ଝିଅ ଉପସ୍ଥିତ ଥିଲେ। ୧୯୮୦ରେ ଝାଡଖଣ୍ଡ ମୁକ୍ତିମୋର୍ଚ୍ଚା (ଜେଏମ୍‌ଏମ୍) ରୁ ସେ ରାଜନୈତିକ ଯାତ୍ରା ଆରମ୍ଭ କରିଥିଲେ।

## ଜନ୍ମାଷ୍ଟମୀରେ ଅଘଟଣ: ଦହି ହାଣ୍ଡି ବାନ୍ଧିବା ବେଳେ ଖସିପଡ଼ି ଶ୍ରଦ୍ଧାଳୁ ମୃତ

ମୁମ୍ବଇ, ୧୬।୮ (ଏଜେନ୍ସି): ଜନ୍ମାଷ୍ଟମୀରେ ମୁମ୍ବଇର ମାନଖୁର୍ଦ୍ଦରେ ଶନିବାର ଅପରାହ୍ଣରେ ଦହି ହାଣ୍ଡି ବାନ୍ଧିବା ବେଳେ ତଳକୁ ଖସି ଜଣେ ୩୨ ବର୍ଷୀୟ 'ଗୋବିନ୍ଦା' ମୃତ୍ୟୁବରଣ କରିଛନ୍ତି। ଏହି ବ୍ୟକ୍ତି ଜଣକ ହେଉଛନ୍ତି ଜଗମୋହନ ଶିବକିରନ ଚୌଧୁରୀ। ମହାରାଷ୍ଟ୍ର ନଗରସ୍ଥିତ ନିଜ ଘର ପ୍ରଥମ ତାଲାର ଝରକାରୁ ସେ ରସି ସାହାଯ୍ୟରେ ଦହି ହାଣ୍ଡି ବାନ୍ଧିବାକୁ ପ୍ରୟାସ କରୁଥିବା ବେଳେ ତଳକୁ ଖସି ପଡ଼ିଥିଲେ। ହସ୍ପିଟାଲ ନେବା ପରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ।

## ୭୯ତମ ସ୍ୱାଧୀନତା ଦିବସ ପାଳିତ





**ଲାଲ୍ କିଲ୍ଲାରୁ ପ୍ରଧାନମନ୍ତ୍ରୀଙ୍କ ଉଦବୋଧନ**

# ବିକଶିତ ଭାରତ ରୋଜଗାର ପାଇଁ ଯୋଜନା

ନୂଆଦିଲ୍ଲୀ, ୧୬।୮ (ଏଜେନ୍ସି): ୭୯ତମ ସ୍ୱାଧୀନତା ଦିବସରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଶୁକ୍ରବାର କ୍ରମାଗତ ଦ୍ୱାଦଶଥର ପାଇଁ ଲାଲ୍ କିଲ୍ଲା ଉପରୁ ସବୁଠାରୁ ଦୀର୍ଘ ସମୟ (୧୦୩ ମିନିଟ୍) ଭାଷଣ ଦେଇଛନ୍ତି। ଏହା ଯେକୌଣସି ପ୍ରଧାନମନ୍ତ୍ରୀଙ୍କ ପାଇଁ ଲାଲ କିଲ୍ଲା ଉପରୁ ସବୁଠାରୁ ଦୀର୍ଘ ଭାଷଣ ବୋଲି କୁହାଯାଉଛି। ଏଥିସହ ମୋଦୀ ନିଜ ରେକର୍ଡକୁ ଭାଙ୍ଗିଛନ୍ତି। ୨୦୨୫ରେ ସେ ୮୮ ମିନିଟ୍‌ର ଭାଷଣ ଦେଇ ପ୍ରଥମ ପ୍ରଧାନମନ୍ତ୍ରୀ ପଣ୍ଡିତ ଜବାହରଲାଲ ନେହରୁଙ୍କ ରେକର୍ଡ ଅତିକ୍ରମ କରିଥିଲେ। ୧୯୪୭ରେ ନେହରୁ ୭୨ ମିନିଟ ଭାଷଣ ଦେଇଥିଲେ।

ଅପରେସନ ସିନ୍ଦୂରରୁ ମୋଦୀ ଭାଷଣ ଆରମ୍ଭ କରିଥିଲେ ଓ ଏ ନେଇ ୧୩ ମିନିଟ୍‌ରୁ ଅଧିକ କହିଥିଲେ। ସେ ଆତଙ୍କବାଦ, ସିନ୍ଧୁ ଚୁକ୍ତି, ଆତ୍ମନିର୍ଭରତା, ମେକ୍ ଇନ୍ ଇଣ୍ଡିଆ, ନକ୍ସଲବାଦ୍ ଓ ବେଆଇନ ଅନୁପ୍ରବେଶକୁ ନେଇ ନିଜର ବକ୍ତବ୍ୟ ରଖିଥିଲେ। ସେ ପ୍ରଥମଥର ପାଇଁ ଦୁଇଟି ବଡ଼ ଘୋଷଣା କରିଥିଲେ। ଜିଏସ୍‌ଟି କମାଇବାକୁ ଓ ରୋଜଗାରକୁ ନେଇ ସେ ନୂଆ ଘୋଷଣା କରିଥିଲେ। ସେ କହିଥିଲେ ଯେ ଏଥର ଦୀପାବଳିରୁ ସରକାର ଜିଏସ୍‌ଟି ସଂସ୍କାର ଆଣିବେ। ଏହାଦ୍ୱାରା ଦେଶରେ ସାଧାରଣ ଲୋକଙ୍କ ଉପରେ ଟିକସ ଭାର କମିବ। ସେହିପରି ସେ 'ପ୍ରଧାନମନ୍ତ୍ରୀ ବିକଶିତ ଭାରତ ରୋଜଗାର ଯୋଜନା' ଲାଗୁ କରିବାକୁ ଘୋଷଣା କରିଥିଲେ। ଏହା ଦ୍ୱାରା ୩.୫ କୋଟି ଯୁବକଙ୍କୁ ରୋଜଗାର ମିଳିବ। ବେସରକାରୀ କ୍ଷେତ୍ରରେ ପ୍ରଥମେ ଚାକିରି କରୁଥିବା ଲୋକଙ୍କୁ କେନ୍ଦ୍ର ସରକାର ୧୫ ହଜାର ଟଙ୍କା ପ୍ରଦାନ କରିବେ। ଏହି ଯୋଜନା ଅନୁସାରେ ଯେଉଁ କମ୍ପାନୀ ଅଧିକ ରୋଜଗାର ଦେବା ସେହି କମ୍ପାନୀଗୁଡିକୁ ପ୍ରୋତ୍ସାହନ ରାଶି ପ୍ରଦାନ କରାଯିବ। ଗତ ବଜେଟରେ କେନ୍ଦ୍ର ସରକାର ଏହାର ବ୍ୟବସ୍ଥା କରିଛନ୍ତି।

ସେହିପରି ସେ ଦେଶର କୃଷକ, ପଶୁପାଳକ, କୈବର୍ତ୍ତ ଆମର ସବୁଠାରୁ ବଡ଼ ପ୍ରାଥମିକତା ବୋଲି କହିଥିଲେ। ଏମାନଙ୍କୁ କ୍ଷତି ପହଞ୍ଚାଉଥିବା କୌଣସି ପ୍ରକାର ନୀତିକୁ ସେ ବିରୋଧ କରିବେ ଓ କାନ୍ଥ ଭଳି ଏମାନଙ୍କ ପାଇଁ ଛିଡା ହେବେ ବୋଲି କହିଥିଲେ। ଏମାନଙ୍କୁ ନେଇ କୌଣସି ପ୍ରକାର ସାଲିସ କରାଯିବ ନାହିଁ ବୋଲି ସେ ସ୍ପଷ୍ଟ କରିଥିଲେ। ପ୍ରଧାନମନ୍ତ୍ରୀ ପ୍ରଥମଥର ପାଇଁ ରାଷ୍ଟ୍ରୀୟ ସ୍ୱୟଂ ସେବକ ସଂଘ (ଆରଏସ୍‌ଏସ୍) ବିଷୟରେ କହିଥିଲେ। ୧୦୦ ବର୍ଷ ତଳେ ସୃଷ୍ଟି ହୋଇଥିବା ସଂଗଠନ ରାଷ୍ଟ୍ର ନିର୍ମାଣ ପାଇଁ ସମର୍ପିତ। ଅପରେସନ ସିନ୍ଦୂର ଅବସରରେ ସେନାବାହିନୀକୁ ସମ୍ପୂର୍ଣ୍ଣ ଭାବେ ସ୍ୱାଧୀନତା ଦିଆଯାଇଥିଲା ବୋଲି ସେ କହିଥିଲେ। ସେ ଭାରତୀୟ ସେନାର ସାହସିକତାକୁ ପ୍ରଶଂସା କରିଥିଲେ। ଶତ୍ରୁକୁ ଆମ ସେନା ସେମାନଙ୍କ କଳ୍ପନାଠାରୁ ଅଧିକ ଦଣ୍ଡ ଦେଇଥିଲେ। ସେହିପରି ସିନ୍ଧୁ ଚୁକ୍ତିକୁ ନେଇ ମଧ୍ୟ ସେ ଦେଶର ଆଭିମୁଖ୍ୟ ସ୍ପଷ୍ଟ କରିଥିଲେ ଓ ପାକିସ୍ତାନକୁ କଡ଼ା ବାର୍ତ୍ତା ଦେଇଥିଲେ। ରକ୍ତ ଓ ପାଣି ଏକାସାଥିରେ ବହିପାରିବ ନାହିଁ ବୋଲି କହିଥିଲେ।

ସେହିଭଳି ପ୍ରଧାନମନ୍ତ୍ରୀ ଦେଶରେ ବୃଦ୍ଧି ପାଉଥିବା ଅନୁପ୍ରବେଶ ସମସ୍ୟାକୁ ନେଇ ଉଦବେଗ ପ୍ରକାଶ କରିଥିଲେ। ସେ କହିଥିଲେ ଯେ ବାଂଲାଦେଶ ଆଡୁ ଅନୁପ୍ରବେଶ ବୃଦ୍ଧି ପାଉଥିବାରୁ ସୀମାରେ ଗୁରୁତର ସମସ୍ୟା ସୃଷ୍ଟି ହୋଇଛି। ଏହାର ମୁକାବିଲା ଲାଗି ତାଙ୍କ ସରକାର ଏକ ବଡ଼ ଯୋଜନା ପ୍ରସ୍ତୁତ କରିଥିବା ସେ ସୂଚନା ଦେଇଛନ୍ତି।

**ଉପରାଷ୍ଟ୍ରପତି ନିର୍ବାଚନକୁ ନେଇ ରାଜନୀତି ସରଗରମ**

## ଏନ୍‌ଡିଏ ପ୍ରାର୍ଥୀ ଘୋଷଣା ଆଜି

ନୂଆଦିଲ୍ଲୀ, ୧୬।୮: ଆସନ୍ତା ମାସ ୯ ତାରିଖରେ ହେବାକୁ ଯାଉଥିବା ଉପରାଷ୍ଟ୍ରପତି ନିର୍ବାଚନ ପାଇଁ କ୍ଷମତାସୀନ ଏନ୍‌ଡିଏର ପ୍ରାର୍ଥୀ କିଏ ହେବ, ତାହା ଉପରେ ସମସ୍ତଙ୍କର ନଜର ରହିଛି। ଆସନ୍ତାକାଲି ସନ୍ଧ୍ୟା ବେଳେ ବିଜେପିର ସଂସଦୀୟ ଦଳ ବୈଠକ ହେବାକୁ ଯାଉଛି। ଏହି ବୈଠକରେ ଉପରାଷ୍ଟ୍ରପତି ପ୍ରାର୍ଥୀଙ୍କ ନାମ ଚୂଡ଼ାନ୍ତ ହେବ ବୋଲି ଜଣାପଡ଼ିଛି।

### ସମ୍ଭାବ୍ୟ ତାଲିକାରେ ଅନେକ ରାଜ୍ୟପାଳ

ଉପରାଷ୍ଟ୍ରପତି ପ୍ରାର୍ଥୀ ପାଇଁ ନିଷ୍ପତ୍ତି ନେବାଲାଗି ଏନ୍‌ଡିଏ ନେତାମାନେ ପ୍ରଧାନମନ୍ତ୍ରୀ ମୋଦୀ ଏବଂ ବିଜେପି ସଭାପତି ଜେପି ନଡ୍ଡାଙ୍କୁ ଦାୟିତ୍ୱ ଦେଇଛନ୍ତି। ଏନ୍‌ଡିଏ ପ୍ରାର୍ଥୀଙ୍କୁ ନେଇ ଜାତୀୟ ରାଜନୀତିରେ ଯେଉଁମାନଙ୍କ ନାମକୁ ନେଇ ଚର୍ଚ୍ଚା ଚାଲିଛି ସେମାନଙ୍କ ମଧ୍ୟରେ ଅଛନ୍ତି ଗୁଜରାଟ ରାଜ୍ୟପାଳ ଆଚାର୍ଯ୍ୟ ଦେବବ୍ରତ, ଜମ୍ମୁ-କଶ୍ମୀର ଉପ-ରାଜ୍ୟପାଳ ମନୋଜ ସିହ୍ନା, କର୍ଣ୍ଣାଟକ ରାଜ୍ୟପାଳ ଥାୱରଚନ୍ଦ ଗେହଲଟ, ଦିଲ୍ଲୀ ଉପ-ରାଜ୍ୟପାଳ ଭିକେ ସାକସେନା, ବିହାର ରାଜ୍ୟପାଳ ଆରିଫ ମହମ୍ମଦ ଖାନ, ସିକିମ ରାଜ୍ୟପାଳ ଓମ୍ ମାଥୁର ଏବଂ ରାଜ୍ୟସଭା ଉପାଧ୍ୟକ୍ଷ ହରିବଂଶ ସିଂହ। ଏମାନଙ୍କ ବ୍ୟତୀତ ଆରଏସଏସ୍ ନେତା ସେଶାଦ୍ରୀ ଚାରି ଏବଂ କେନ୍ଦ୍ର ମନ୍ତ୍ରୀ ମନୋହର ଲାଲ ଖଟ୍ଟରଙ୍କ ନାମ ମଧ୍ୟ ଚର୍ଚ୍ଚାରେ ରହିଛି।

ଏନ୍‌ଡିଏ ପ୍ରାର୍ଥୀ ଅଗଷ୍ଟ ୨୧ରେ ନାମାଙ୍କନ ଦାଖଲ କରିବେ। ଏହି ଅବସରରେ ଏନଡିଏ ଶାସିତ ରାଜ୍ୟର ସବୁ ମୁଖ୍ୟମନ୍ତ୍ରୀ ଓ ଉପ- ମୁଖ୍ୟମନ୍ତ୍ରୀ ଉପସ୍ଥିତ ରହିବେ। ଅପରପକ୍ଷରେ ବିରୋଧୀ ଦଳଗୁଡିକ ମଧ୍ୟ ନିଜ ପାର୍ଥୀ ଚୂଡାନ୍ତ କରିବାକୁ ଅଗଷ୍ଟ ୧୮ରେ ବୈଠକରେ ଏକାଠି ହେବେ। ଏ ସଂକ୍ରାନ୍ତରେ କଂଗ୍ରେସ ସଭାପତି ମଲ୍ଲିକାର୍ଜୁନ ଖଡ଼୍‌ଗେ ଇଣ୍ଡିଆ ବ୍ଲକର ସବୁ ନେତାଙ୍କ ସହ କଥା ହୋଇଛନ୍ତି।

ସେପ୍ଟେମ୍ବର ୯ରେ ଉପରାଷ୍ଟ୍ରପତ ନିର୍ବାଚନ ଲାଗି ମତଦାନ ହେବ ଓ ଏହି ଦିନ ହିଁ ମତଗଣନା ହେବ। ନାମାଙ୍କନ ଦାଖଲ ପାଇଁ ଅଗଷ୍ଟ ୨୧ ହେଉଛି ଅନ୍ତିମ ତାରିଖ। ଅଗଷ୍ଟ ୨୫ରେ ନାମାଙ୍କନ ପ୍ରତ୍ୟାହାର ହୋଇପାରିବ। ଉଲ୍ଲେଖଥାଉ କି ଜଗଦୀପ ଧନଖଡ ଜୁଲାଇ ୨୧ ରାତିରେ ଅଚାନକ ଉପରାଷ୍ଟ୍ରପତି ପଦରୁ ଇସ୍ତଫା ଦେଇଥିଲେ। ୭୪ ବର୍ଷୀୟ ଧନଖଡଙ୍କ କାର୍ଯ୍ୟକାଳ ୨୦୨୭ ଅଗଷ୍ଟ ୧୦ରେ ପୂରଣ ହେବାର ଥିଲା।

## ଏନ୍‌ସିଇଆରଟିରେ ନୂଆ ମଡ୍ୟୁଲକୁ ନେଇ ବିବାଦ

ନୂଆଦିଲ୍ଲୀ, ୧୬।୮ (ଏଜେନ୍ସି): ନ୍ୟାସନାଲ କାଉନସିଲ ଅଫ୍ ଏଜୁକେସନାଲ ରିସର୍ଚ୍ଚ ଆଣ୍ଡ ଟ୍ରେନିଂ (ଏନ୍‌ସିଇଆରଟି) ଏହାର ପାଠ୍ୟକ୍ରମରେ କେତୋଟି ପରିବର୍ତ୍ତନ କରିଛି। ଷଷ୍ଠରୁ ୮ମ ଓ ୯ମରୁ ଦ୍ୱାଦଶ ଶ୍ରେଣୀ ପାଇଁ ଦୁଇଟି ମଡ୍ୟୁଲ୍ ଜାରି କରିଛି। ନିୟମିତ ବହିଠାରୁ ଏହି ମଡ୍ୟୁଲ ଭିନ୍ନ। ଏହା ଦେଶ ବିଭାଜନର ବିଭିଷୀକା ଉପରେ ଆଧାରିତ। ଏଥିରେ ପାକିସ୍ତାନର ସ୍ରଷ୍ଟା ମହମ୍ମଦ ଅଲି ଜିନ୍ନା, କଂଗ୍ରେସ ପାର୍ଟି ଓ ଲର୍ଡ ମାଉଣ୍ଟବେଟେନଙ୍କୁ ଦେଶ ବିଭାଜନ ପାଇଁ ଦାୟୀ କରାଯାଇଛି। ଜିନ୍ନା ବିଭାଜନ ପାଇଁ ଦାବି କରିଥିଲେ, କଂଗ୍ରେସ ଏହାକୁ ସ୍ୱୀକାର କରିଥିଲା ଓ ମାଉଣ୍ଟବେଟେନ ଏହାକୁ ଲାଗୁ କରିବା ସହ କାର୍ଯ୍ୟକାରୀ କରିଥିଲେ ବୋଲି ଏଥିରେ ଦର୍ଶାଯାଇଛି। କଂଗ୍ରେସ ନେତା ସର୍ଦ୍ଦାର ବଲ୍ଲଭଭାଇ ପଟେଲ କହିଥିଲେ ଯେ, 'ଆମେ ଏଭଳି ଏକ ସ୍ଥିତିରେ ପହଞ୍ଚିଛୁ ଯେଉଁଠାରେ ଆମକୁ ଦେଶ ବିଭାଜନକୁ ସ୍ୱୀକାର କରବାକୁ ହେବ କିମ୍ବା ନିରନ୍ତର ସଂଘର୍ଷ ଓ ଅରାଜକତାକୁ ସମ୍ନା କରିବାକୁ ହେବ'। ନୂଆ ମଡ୍ୟୁଲରେ କଶ୍ମୀରରେ ଆତଙ୍କବାଦର ମଧ୍ୟ ଉଲ୍ଲେଖ କରାଯାଇଛି। ଏଥିରେ କୁହାଯାଇଛି ଯେ ବିଭାଜନ ହୋଇନଥିଲେ କାଶ୍ମୀର ଆଜି ଆତଙ୍କବାଦର କେନ୍ଦ୍ର ହୋଇନଥାଆନ୍ତା। ଉଲ୍ଲେଖଥାଉ କି ନିୟମିତ ପାଠ୍ୟକ୍ରମରେ ମଡ୍ୟୁଲ ସାମିଲ ହୋଇ ନ ଥାଏ। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ଭାଷଣକୁ ମଧ୍ୟ ଏଥିରେ ସାମିଲ କରାଯାଇଛି। ଗତମାସରେ ଏନ୍‌ସିଇଆରଟିର ନୂଆ ପାଠ୍ୟକ୍ରମରେ ମୋଗଲ ଶାସନ କାର୍ଯ୍ୟକାଳର ନୂଆ ସମୀକ୍ଷାକୁ ସାମିଲ କରାଯାଇଥିଲା। ଏହି ମଡ୍ୟୁଲକୁ ନେଇ ବିବାଦ ସୃଷ୍ଟି ହୋଇଛି। କଂଗ୍ରେସ ଏହାର ପ୍ରତିବାଦ ଜଣାଇଛି। କଂଗ୍ରେସ ମୁଖପାତ୍ର ପବନ ଖେରା କହିଛନ୍ତି ଯେ ଏହି ମଡ୍ୟୁଲରେ ସତ କଥାକୁ ଲୁଚାଇ ରଖାଯାଇଛି।

### ବି-୨ ବମ୍ବରରେ ପୁତିନଙ୍କୁ ସ୍ୱାଗତ.....




ଆଲାସ୍କାରେ ବି୨ ବମ୍ବରରେ ରୁଷିଆ ରାଷ୍ଟ୍ରପତି ପୁତିନଙ୍କୁ ସ୍ୱାଗତ କରିଥିଲେ ରାଷ୍ଟ୍ରପତି ଟ୍ରମ୍ପ। ସେ ରେଡ କାର୍ପେଟ୍ ଉପରେ ଆସିବା ପରେ ଟ୍ରମ୍ପ ତାଳି ବଜାଇ ତାଙ୍କୁ ସ୍ୱାଗତ କରିଥିଲେ। ଏହି ସମୟରେ ଆକାଶରେ ଉଡ଼ିଥିଲା ଆମେରିକାର ବି-୨ ବୋମାବର୍ଷୀ ବିମାନ। ଏହାପରେ ପୁତିନ ଓ ଟ୍ରମ୍ପ ଗୋଟିଏ କାରରେ ବସି ବୈଠକ ପାଇଁ ଯାଇଥିଲେ।

## ଡିଭାଇଡର ଭାଙ୍ଗି ଟ୍ରକ୍‌କୁ ପିଟିଲା ଟ୍ରାଭେଲର; ୪ ମୃତ

ଶିବପୁରୀ, ୧୬।୮: ମଧ୍ୟପ୍ରଦେଶର ଶିବପୁରୀରେ ଶନିବାର ସକାଳେ ଏକ ମର୍ମନ୍ତୁଦ ସଡକ ଦୁର୍ଘଟଣାରେ ୪ ଜଣ ମୃତ୍ୟୁବରଣ କରିଛନ୍ତି। ଏକ ଟ୍ରାଭେଲର ଓ ଟ୍ରକ ମଧ୍ୟରେ ମୁହାଁମୁହିଁ ଧକ୍କା ହୋଇଥିଲା। ମୃତକଙ୍କ ମଧ୍ୟରେ ଜଣେ ଗାୟକ ରହିଛନ୍ତି। ୨୦ ଜଣ ସଙ୍ଗୀତ ପାର୍ଟି କାଶୀ ବିଶ୍ୱନାଥରେ ଆୟୋଜିତ ଏକ ଶିବକଥା କାର୍ଯ୍ୟକ୍ରମରେ ଯୋଗ ଦେଇ ଶୁକ୍ରବାର ସନ୍ଧ୍ୟାରେ ପ୍ରତ୍ୟାବର୍ତ୍ତନ କରୁଥିଲେ। ଏହି ଟିମ୍‌ର ସବୁ ସଦସ୍ୟ ଗୁଜରାଟ୍‌ର ମେହଶାଣା ଓ ସୁରେନ୍ଦ୍ରନଗରରେ ରହୁଥିଲେ।

## ରାଷ୍ଟ୍ରପତିଙ୍କ ପାଇଁ ସମୟ ଧାର୍ଯ୍ୟ କରାଯାଇପାରିବ ନାହିଁ: କେନ୍ଦ୍ର

ନୂଆଦିଲ୍ଲୀ, ୧୬।୮ (ଏଜେନ୍ସି): ସଂସଦ ବା ବିଧାନସଭା ଦ୍ୱାରା ପାସ୍ ହେଉଥିବା ବିଲ୍ ଉପରେ ନିଷ୍ପତ୍ତି ନେବାଲାଗି ରାଷ୍ଟ୍ରପତି ଓ ରାଜ୍ୟପାଳଙ୍କ ପାଇଁ ସମୟସୀମା ଧାର୍ଯ୍ୟ କରାଯାଇପାରିବ ନାହିଁ। ଏହା ଗଣତାନ୍ତ୍ରିକ ବ୍ୟବସ୍ଥାରେ ବିଭ୍ରାଟ ସୃଷ୍ଟି କରିବ। ତାମିଲନାଡୁ ମାମଲାରେ ରାୟ ଶୁଣାଇ ରାଷ୍ଟ୍ରପତି ଓ ରାଜ୍ୟପାଳଙ୍କ ଲାଗି ସୁପ୍ରିମକୋର୍ଟ ଧାର୍ଯ୍ୟ କରିଥିବା ସମୟସୀମାକୁ ବିରୋଧ କରି କେନ୍ଦ୍ର ସରକାର ଏଭଳି ସତର୍କବାଣୀ ଶୁଣାଇଛନ୍ତି। ସଲିସିଟର ଜେନେରାଲ ତୁଷାର ମେହେଟ୍ଟା କହିଛନ୍ତି ଯେ ଗଣତନ୍ତ୍ରର ତିନିଟି ସ୍ତମ୍ଭ ମଧ୍ୟରେ କ୍ଷମତାର ସନ୍ତୁଳନ ପାଇଁ ସମ୍ବିଧାନରେ ବ୍ୟବସ୍ଥା ରହିଛି। ସମ୍ବିଧାନରେ ସେମାନଙ୍କ ଲାଗି ସମୟସୀମା ଧାର୍ଯ୍ୟ କରାଯାଇ ନଥିବା ବେଳେ ସୁପ୍ରିମକୋର୍ଟ ସମ୍ବିଧାନର ପୁନର୍ଲିଖନ କରିପାରିବେ ନାହିଁ। ଏହା ସମ୍ବିଧାନର ଧାରା ୧୪୨କୁ ଉଲ୍ଲଂଘନ କରୁଛି। ସେ କହିଛନ୍ତି ଯେ ଯାହା ବିବାଦ ଦେଖାଯାଉଛି, ତାହାର ସମାଧାନ ସମ୍ବିଧାନର ସୀମାରେ ରହି ରାଜନୈତିକ ଉପାୟରେ କରାଯିବା ଉଚିତ। ଏଥିପାଇଁ କୋର୍ଟ ନିର୍ଦ୍ଦେଶ ଦେବା ଠିକ୍ ନୁହେଁ ବୋଲି ସେ ଯୁକ୍ତି ଦର୍ଶାଇଛନ୍ତି।

## ସନ୍ତାନ ଜନ୍ମ କରିବ ରୋବୋଟ

ବେଜିଂ, ୧୬।୮ (ଏଜେନ୍ସି): ବିଶ୍ୱରେ ଦ୍ରୁତ ଗତିରେ ରୋବୋଟ ଟେକ୍ନୋଲୋଜିର ବିକାଶ ହେବାରେ ଲାଗିଛି। ଏବେ ଏହି ରୋବୋଟ ମନୁଷ୍ୟ ଭଳି ସନ୍ତାନ ଜନ୍ମ କରିବାକୁ ଯାଉଛି। ଏହା ୧୦ ମାସରେ ସନ୍ତାନ ପ୍ରସବ କରିବ। ଚୀନ୍‌ର କାଇଭା ଟେକ୍ନୋଲୋଜି ଏହି ରୋବୋଟ ନିର୍ମାଣ କରୁଛି। ଏହାର ନାମ 'ପ୍ରେଗ୍ନାନ୍ସି ରୋବୋଟ' ରହିଛି। କମ୍ପାନୀର ସିଇଓ ଝାଙ୍ଗ କିଫେଙ୍ଗ କହିଛନ୍ତି ଯେ ରୋବୋଟ ପେଟରେ ଏକ ଆର୍ଟିଫିସିଆଲ ଗର୍ଭ ରହିବ। ଏଥିରୁ ଭ୍ରୂଣକୁ ପୋଷଣ ମିଳିବ। ଆସନ୍ତା ବର୍ଷ ଏହି ରୋବୋଟକୁ ଲଞ୍ଚ୍ କରାଯିବ। ଏହାର ମୂଲ୍ୟ ଲକ୍ଷେ ୟୁଆନ ଅର୍ଥାତ୍ ୧୧.୬ ଲକ୍ଷ ଟଙ୍କା ରହିବ। ତେବେ ଏହି ରୋବୋଟକୁ ନେଇ କମ୍ପାନୀକୁ ଅନେକ ସମାଲୋଚନା କରୁଛନ୍ତି। ଏହା ଦ୍ୱାରା ଶିଶୁ ଏବଂ ମା' ମଧ୍ୟରେ ଥିବା ନୈସର୍ଗିକ ସମ୍ପର୍କ ଶେଷ ହୋଇଯିବ। ତେବେ ଆଉ କିଛି ବିଶେଷଜ୍ଞ କହିଛନ୍ତି ଯେ ମନୁଷ୍ୟ ଭଳି ସନ୍ତାନ ଜନ୍ମ କରିବା ଏବେ ରୋବୋଟଙ୍କ ପକ୍ଷେ ସମ୍ଭବ ନୁହେଁ।

## ତେଜିଲା ଏସ୍‌ଆଇଆର ବିବାଦ, ବିହାରରେ ରାହୁଲଙ୍କ 'ଭୋଟ ଅଧିକାର ଯାତ୍ରା'

ନୂଆଦିଲ୍ଲୀ, ୧୬।୮ (ଏଜେନ୍ସି): ଲୋକସଭାରେ ବିରୋଧୀ ଦଳ ନେତା ତଥା କଂଗ୍ରେସ ସାଂସଦ ରାହୁଲ ଗାନ୍ଧୀ ରବିବାରଠାରୁ 'ବିହାରରେ ଭୋଟ ଅଧିକାର ଯାତ୍ରା' ଆରମ୍ଭ କରିବାକୁ ଯାଉଛନ୍ତି। ସାସାରାମରୁ ଆରମ୍ଭ ହେବାକୁ ଥିବା ଏହି ଯାତ୍ରା ପାଇଁ ରାହୁଲ ୧୬ ଦିନ ପର୍ଯ୍ୟନ୍ତ ବିହାରରେ ରହିବେ। ୧୩୦୦କିମିର ଏହି ଯାତ୍ରାରେ ୨୪ ଜିଲ୍ଲାକୁ ଗସ୍ତ କରିବେ। ଏହି ସବୁ ଜିଲ୍ଲାରେ ୧୧୮ ବିଧାନସଭା କ୍ଷେତ୍ର ରହିଛି। ଏହି ଯାତ୍ରାରେ ଇଣ୍ଡିଆ ମେଣ୍ଟର ସବୁ ଦଳର ବରିଷ୍ଠ ନେତା ଏବଂ କର୍ମୀ ସାମିଲ ହେବେ। ବିହାର ବିରୋଧୀ ଦଳ ନେତା ତେଜସ୍ୱୀ ଯାଦବ ମଧ୍ୟ ଯାତ୍ରାରେ ଯୋଗଦେବେ। ଏଥିପାଇଁ ସମସ୍ତ ପ୍ରସ୍ତୁତି ଶେଷ ହୋଇଯାଇଛି ବୋଲି କଂଗ୍ରେସ ସାଂସଦ ଅଖିଳେଶ ସିଂହ କହିଛନ୍ତି। ଦେଶରେ ଭୋଟ ମଜବୁତ କରିବା ପାଇଁ ରାହୁଲ ଏହି ଯାତ୍ରା କରୁଛନ୍ତି ବୋଲି କଂଗ୍ରେସ ପ୍ରଭାରୀ କୃଷ୍ଣା ଅଲାବାରୁ କହିଛନ୍ତି। ତେବେ ପ୍ରଶାସନ ଏହି ଯାତ୍ରା ପାଇଁ ଅନୁମତି ଦେଉନାହିଁ ବୋଲି ଆରଜେଡି ସାଂସଦ ସୁଧାକର ସିଂହ ଅଭିଯୋଗ ଲଗାଇଛନ୍ତି। ପ୍ରଶାସନ ସରକାରଙ୍କ ଚାପରେ କାମ କରୁଛି। ରାହୁଲଙ୍କ ସଭା ଏବଂ ହେଲିକପ୍ଟରକୁ ଅବତରଣ ପାଇଁ ଅନୁମତି ଦିଆଯାଉନାହିଁ ବୋଲି ସେ ଅଭିଯୋଗ ଲଗାଇଛନ୍ତି। କିନ୍ତୁ ସାସାରାମ ଜିଲ୍ଲାପାଳ ଏହାକୁ ଖାରଜ କରିଦେଇଛନ୍ତି।



ଇତିମଧ୍ୟରେ ନିର୍ବାଚନ କମିସନଙ୍କ ପକ୍ଷରୁ କୁହାଯାଇଛି ଯେ ଭୋଟର ତାଲିକା ସଂଶୋଧନକୁ ନେଇ ରାଜନୈତିକ ଦଳ ଓ ନେତାମାନେ ଯେଉଁସବୁ ଅଭିଯୋଗ ଉଠାଉଛନ୍ତି ତାହା ଭିତ୍ତିହୀନ। ସମସ୍ତ ନିର୍ବାଚନ ପୂର୍ବରୁ ଭୋଟର ସଂଶୋଧନ ତାଲିକା ରାଜନୈତିକ ଦଳମାନଙ୍କୁ ଦିଆଯାଇଥାଏ। କୌଣସି ଆପତ୍ତି କି ଦାବି ଥିଲେ ସେମାନେ ସଂପୃକ୍ତ ଅଞ୍ଚଳର ନିର୍ବାଚନ ଅଧିକାରୀମାନଙ୍କ ସହିତ ଆଲୋଚନା କରିପାରିବେ। ଏହା ନକରି ଅନ୍ୟ ସ୍ତରରେ ଏଭଳି ଅଭିଯୋଗ କରିବା ଠିକ୍ ନୁହେଁ। ଇତିମଧ୍ୟରେ ବିହାର ଭୋଟର ତାଲିକା ସଂଶୋଧନ ବା ଏସଆଇଆର ଏବଂ କର୍ଣ୍ଣାଟକରେ ଭୋଟ୍ ଚୋରିକୁ ନେଇ ରାହୁଲ ଗାନ୍ଧୀ ଯେଉଁ ଅଭିଯୋଗ ଆଣିଛନ୍ତି ତାହା ଉପରେ ସ୍ପଷ୍ଟୀକରଣ ଦେବାଲାଗି ଆସନ୍ତାକାଲି ନିର୍ବାଚନ କମିସନ ପକ୍ଷରୁ ଦିଲ୍ଲୀରେ ସାମ୍ବାଦିକ ସମ୍ମିଳନୀ କରାଯିବ। ଏଥିରେ ସମସ୍ତ ଅଭିଯୋଗର ଉତ୍ତର ଦେବାକୁ ଚେଷ୍ଟା କରିବେ କମିସନ।

### ନିର୍ବାଚନ କମିସନଙ୍କ ସାମ୍ବାଦିକ ସମ୍ମିଳନୀ ଆଜି

# ଆଗାମୀ ଦଶକ ଓଡ଼ିଶାର: ମୁଖ୍ୟମନ୍ତ୍ରୀ



ଭୁବନେଶ୍ୱର,୧୬।୮(ସମିସ): ରାଜ୍ୟସ୍ତରୀୟ ସ୍ୱାଧୀନତା ଦିବସ ସମାରୋହରେ ଉଦ୍‌ବୋଧନ ଦେଇ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଜନସାଧାରଣଙ୍କ ନିକଟରେ ୨୦୩୬ ସୁଦ୍ଧା ବିକଶିତ ଓଡ଼ିଶାର ରୋଡ୍‌ମ୍ୟାପ୍ ରଖିଛନ୍ତି। ଏହି ଅବସରରେ ମୁଖ୍ୟମନ୍ତ୍ରୀ କହିଛନ୍ତି, ରାଜ୍ୟର ମହିଳା, ଅନ୍ନଦାତା, ଗରିବ ଏବଂ ଯୁବ ବର୍ଗ ପାଇଁ ରାଜ୍ୟ ସରକାର ସ୍ୱତନ୍ତ୍ର ଯୋଜନା ପ୍ରସ୍ତୁତ କରିଛନ୍ତି। ଏହାର ରୂପାୟନ କରିବା ପାଇଁ ରାଜ୍ୟ ସରକାର ୪ଟି କ୍ଷେତ୍ର ଯଥା ଜୀବନଜୀବିକା, ଭିତ୍ତିଭୂମି, ସାମାଜିକ ବିକାଶ ଓ ସଶକ୍ତୀକରଣ ଏବଂ ଓଡ଼ିଆ ଅସ୍ମିତାକୁ ପ୍ରାଧାନ୍ୟ ଦେଉଛନ୍ତି। ଆଗାମୀ ଦଶ ବର୍ଷ ଓଡ଼ିଶାର ଦଶକ ହେବାକୁ ଯାଉଛି। ୨୦୩୬ ରେ ସ୍ୱତନ୍ତ୍ର ରାଜ୍ୟ ପ୍ରତିଷ୍ଠାର ଶତ ବାର୍ଷିକୀ ପାଳନ ବେଳକୁ ଆମ ରାଜ୍ୟ ସମୃଦ୍ଧ ଓଡ଼ିଶାରେ ପରିଣତ ହେବା ସହ ଦେଶର ପାଞ୍ଚଗୋଟି ସର୍ବଶ୍ରେଷ୍ଠ ରାଜ୍ୟ ଭିତରେ ସାମିଲ ହୋଇଥିବ ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଦୃଢ଼ୋକ୍ତି ପ୍ରକାଶ କରିଛନ୍ତି।

ନିଜ ଅଭିଭାଷଣରେ ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ସମୃଦ୍ଧ ଓଡ଼ିଶା ଗଠନ ଓଡ଼ିଶାବାସୀଙ୍କ ଏକ ସାମୂହିକ ଓ ସମାବେଶୀ ଯାତ୍ରା। ୨୦୩୬କୁ ଦୃଷ୍ଟିରେ ରଖି ବିଭିନ୍ନ କ୍ଷେତ୍ରର ବିକାଶ ପାଇଁ ଆମେ ୩୬ଟି ସ୍ୱତନ୍ତ୍ର କାର୍ଯ୍ୟକ୍ରମ ପ୍ରସ୍ତୁତ କରାଯାଇଛି। ଆମ ରାଜ୍ୟର ପ୍ରାୟ ୯୨ ପ୍ରତିଶତ ହେଉଛନ୍ତି, କ୍ଷୁଦ୍ର ଏବଂ ନାମମାତ୍ର ଚାଷୀ। ତେଣୁ, କୃଷି ସହିତ ମତ୍ସ୍ୟ, ପ୍ରାଣୀପାଳନ, ଗୋ-ପାଳନ ପ୍ରତି ଦିଗକୁ ସରକାର ବିଶେଷ ଧ୍ୟାନ ଦେଉଛନ୍ତି। ଜୀବନଜୀବିକାର ଆଉ ଏକ ଦିଗ ହେଉଛି ଶିଳ୍ପାୟନ। ଉତ୍କର୍ଷ ଓଡ଼ିଶା-ମେକ୍ ଇନ୍ ଓଡ଼ିଶା କନ୍‌କ୍ଲେଭ ୨୦୨୫ କାର୍ଯ୍ୟକ୍ରମ ପୁଞ୍ଜି ବିନିଯୋଗ କ୍ଷେତ୍ରରେ ଏକ ନୂଆ ଇତିହାସ ସୃଷ୍ଟି କରିଛି। ୧୭ ଲକ୍ଷ କୋଟି ଟଙ୍କାର ପୁଞ୍ଜି ନିବେଶ ପ୍ରସ୍ତାବ ଏବଂ ୧୩ ଲକ୍ଷ ନିଯୁକ୍ତି ସୁଯୋଗ ସହିତ, ଏହି କାର୍ଯ୍ୟପୂର୍ବର ସବୁ ରେକର୍ଡକୁ ଭାଙ୍ଗି ଦେଇଛି।

ମୁଖ୍ୟମନ୍ତ୍ରୀ ଆହୁରି ମଧ୍ୟ କହିଛନ୍ତି ଯେ ନୂଆ ସରକାର ଆସିବା ପରଠାରୁ ରାଜ୍ୟରେ ୨୮ ହଜାର ୩୯୨ଟି ପଦବୀ ପୂରଣ ହୋଇ ସାରିଛି। ଏହା ସହିତ ୩୪ ହଜାର ୫୦୦ଟି ପଦବୀ ପୂରଣ ପାଇଁ ନିଯୁକ୍ତି ପ୍ରକ୍ରିୟା ବିଭିନ୍ନ ଆୟୋଗ ପକ୍ଷରୁ ଜାରି ରହିଛି। ଆହୁରି ମଧ୍ୟ ୨୨,୮୯୬ଟି ଖାଲି ପଦବୀ ପୂରଣ ପାଇଁ ମଧ୍ୟ ଖୁବ୍‌ଶୀଘ୍ର ଅନୁମତି ପ୍ରଦାନ କରାଯିବ। ୨ ବର୍ଷରେ ୮୫ ହଜାର ପଦ ପୂରଣ ହେବାକୁ ଯାଉଛି।

ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ରାଜ୍ୟର ବିଭିନ୍ନ ଚିକିତ୍ସାଳୟର ଭିତ୍ତିଭୂମିଗୁଡ଼ିକର ଉନ୍ନତିକରଣ କରାଯାଇ ସେଥିରେ ସମସ୍ତ ଆଧୁନିକ ଚିକିତ୍ସା ବ୍ୟବସ୍ଥା କରାଯାଉଛି।

**୨୨,୮୯୬ ଖାଲି ପଦ ପୂରଣ ଅନୁମତି ଖୁବ୍‌ଶୀଘ୍ର**

**ରାଜ୍ୟରେ ପ୍ରତିଷ୍ଠା ହେବ ଆଉ ୪ ମେଡିକାଲ କଲେଜ**

**ବ୍ରହ୍ମପୁର ମେଡିକାଲ କଲେଜକୁ ଏମ୍ସ ପ୍ଲସ୍ କରାଯିବ**

**ଇଞ୍ଚୁଡ଼ି, ବାହୁଦା, ସୁବର୍ଣ୍ଣରେଖା , ଅସ୍ତରଙ୍ଗରେ ବନ୍ଦର**

**୧୧ଟି ଜିଲ୍ଲାକୁ ଅତିରିକ୍ତ ୫ କେଜି ମାଗଣା ଚାଉଳ**

ଓଡ଼ିଶାରେ ବର୍ତ୍ତମାନ ୧୭ଟି ସରକାରୀ ମେଡିକାଲ କଲେଜ ଥିବାବେଳେ ଢେଙ୍କାନାଳ, ଜଗତସିଂହପୁର, ଭଦ୍ରକ ଓ ନବରଙ୍ଗପୁରଠାରେ ସରକାରୀ ମେଡିକାଲ କଲେଜ ଖୋଲାଯିବ। ବ୍ରହ୍ମପୁର ମେଡିକାଲ କଲେଜର ଉନ୍ନତି କରାଯାଇ ତାକୁ ଏମ୍ସ ପ୍ଲସ କରାଯିବା ପ୍ରସ୍ତାବକୁ ଖୁବ୍‌ଶୀଘ୍ର କାର୍ଯ୍ୟକାରୀ କରାଯିବ। ରାଜ୍ୟର ତିନିଗୋଟି ବୃହତ୍ତମ ମେଡିକାଲ କଲେଜ ଓ ହସ୍ପିଟାଲରେ ରୋଗୀଙ୍କ ସହିତ ଆସୁଥିବା ପରିଜନଙ୍କ ପାଇଁ ରାଜ୍ୟ ସରକାର ସୁଲଭ ମୂଲ୍ୟରେ ରହଣି ବ୍ୟବସ୍ଥା କରିବାକୁ ଯାଉଛନ୍ତି। ଏଥିପାଇଁ ପ୍ରାୟ ୨ ହଜାର ୨୫୦ ଶଯ୍ୟାର ସୁବିଧା କରାଯାଉଛି।

ମୁଖ୍ୟମନ୍ତ୍ରୀ କହିଛନ୍ତି, ଗରିବ ଲୋକଙ୍କ କଲ୍ୟାଣ ପାଇଁ ପ୍ରଧାନମନ୍ତ୍ରୀ ଗରିବ କଲ୍ୟାଣ ଅନ୍ନ ଯୋଜନାରେ ୮ଟି କେବିକେ ଜିଲ୍ଲା ସହିତ ବୌଦ୍ଧ, ଗଜପତି ଓ କନ୍ଧମାଳ- ସମୁଦାୟ ୧୧ଟି ଜିଲ୍ଲାର ପ୍ରାୟ ୨୭ ଲକ୍ଷରୁ ଉର୍ଦ୍ଧ୍ୱ ହିତାଧିକାରୀ ପରିବାରଙ୍କୁ ତିନି ମାସ ପାଇଁ ମାସିକ ୫ କିଲୋଗ୍ରାମ ଅତିରିକ୍ତ ଚାଉଳ, ମାଗଣାରେ ଯୋଗାଇ ଦେବା ପାଇଁ ନିର୍ଣ୍ଣୟ କରାଯାଇଛି। ଏଥିରେ ସମୁଦାୟ ୪୧,୦୮୨ ମେଟ୍ରିକ ଟନ୍ ଅତିରିକ୍ତ ଚାଉଳ ବଣ୍ଟନ କରାଯିବ। ଏ ବାବଦରେ ରାଜ୍ୟ ସରକାର ନିଜସ୍ୱ ପାଣ୍ଠିରୁ ପ୍ରାୟ ୧୮୦ କୋଟି ଟଙ୍କା ବହନ କରିବେ ବୋଲି ଶ୍ରୀ ମାଝୀ କହିଛନ୍ତି।

ମୁଖ୍ୟମନ୍ତ୍ରୀ କହିଛନ୍ତି, ବିମାନ ବନ୍ଦର ଭିତ୍ତିଭୂମିରେ ମଧ୍ୟ ଉନ୍ନତିକରଣ କରାଯାଇ ଦେଶବିଦେଶର ନୂଆ ନୂଆ ଗନ୍ତବ୍ୟ ସ୍ଥଳକୁ ବିମାନ ଚଳାଚଳର ସୁବିଧା କରାଯାଇଛି। ରାଜ୍ୟର ବନ୍ଦର ଭିତ୍ତିଭୂମିର ବିକାଶ ପାଇଁ ମଧ୍ୟ ଉଦ୍ୟମ ଜାରି ରହିଛି। ରାଜ୍ୟରେ ତିନୋଟି ପ୍ରମୁଖ ବନ୍ଦର ଥିବାବେଳେ ଆମେ ଇଞ୍ଚୁଡ଼ି, ବାହୁଦା, ସୁବର୍ଣ୍ଣରେଖା ଓ ଅସ୍ତରଙ୍ଗଠାରେ ଆଉ ୪ଟି ନୂତନ ବନ୍ଦର ନିର୍ମାଣ କରିବାର ଲକ୍ଷ୍ୟ ରଖିଛୁ ବୋଲି ମୁଖ୍ୟମନ୍ତ୍ରୀ କହିଥିଲେ।

# ୨୨୭ଟି ଗାଡ଼ିର ଫିଟନେସ୍ ପ୍ରମାଣପତ୍ର ରଦ୍ଦ

**ରେଟ୍ରୋ ରିଫ୍ଲେକ୍ଟିଭ୍ ଟେପ୍ ଲଗାଇନଥିଲେ**

**ରାଜ୍ୟବ୍ୟାପୀ ପରିବହନ ବିଭାଗର ଯାଞ୍ଚ**

କଟକ,୧୬।୮(ସମିସ): ସଡକ ନିରାପତ୍ତା ଦୃଷ୍ଟିରୁ ମାଲବାହୀ ଗାଡ଼ିରେ ରେଟ୍ରୋ ରିଫ୍ଲେକ୍ଟିଭ୍ ଟେପ୍ ଲଗାଯିବା ବାଧ୍ୟତାମୂଳକ। ତେବେ ଏହାକୁ ଉଲ୍ଲଙ୍ଘନ କରାଯାଉଥିବା ପରିବହନ ବିଭାଗର ଦୃଷ୍ଟିକୁ ଆସିବା ପରେ ରାଜ୍ୟବ୍ୟାପୀ ଯାଞ୍ଚ ଅଭିଯାନ କରାଯାଇଛି। ରେଟ୍ରୋ ରିଫ୍ଲେକ୍ଟିଭ୍ ଟେପ୍ ଲଗାଉନଥିବା ୨୨୭ଟି ଗାଡ଼ିର ଫିଟନେସ ପ୍ରମାଣପତ୍ର ରଦ୍ଦ କରାଯାଇଛି। ସଡ଼କ ସୁରକ୍ଷା ନିୟମ ଉଲ୍ଲଙ୍ଘନ ବିରୋଧରେ ରାଜ୍ୟ ପରିବହନ ପ୍ରାଧିକରଣ ନିର୍ଦ୍ଦେଶରେ ରାଜ୍ୟର ସମସ୍ତ ଆଞ୍ଚଳିକ ପରିବହନ କାର୍ଯ୍ୟାଳୟ(ଆରଟିଓ) ଦ୍ୱାରା କଡ଼ାକଡ଼ି ଏନଫୋର୍ସମେଣ୍ଟ ଜାରି ରହିଛି। ଏହି ସ୍ୱତନ୍ତ୍ର ଏନଫୋର୍ସମେଣ୍ଟ ଗତ ଦୁଇ ଦିନ ଧରି କରାଯାଇଥିଲା । ଆରଟିଓ ମାନଙ୍କ ଦ୍ୱାରା ଗଠିତ ସ୍ୱତନ୍ତ୍ର ଏନଫୋର୍ସମେଣ୍ଟ ଟିମ୍ ବିଭିନ୍ନ ରାଜପଥରେ ଉଭୟ ମାଲବାହୀ ଓ ଯାତ୍ରୀବାହୀ ଗାଡ଼ି ଗୁଡ଼ିକୁ ଯାଞ୍ଚ କରିଥିଲେ। ଜଗତସିଂହପୁର ଆରଟିଓ ଦ୍ୱାରା ସର୍ବାଧିକ ୨୭, ଝାରସୁଗୁଡ଼ା ଆରଟିଓରେ ୨୬, ଭୁବନେଶ୍ୱର-୧ ଆରଟିଓ ୧୫, ରାଉରକେଲା ଆରଟିଓ ୧୩, କେନ୍ଦୁଝର ଆରଟିଓ ୧୨, କଟକ ଓ ଚଣ୍ଡିଖୋଲ ଆରଟିଓରେ ୯ ଲେଖାଏଁ, ଭୁବନେଶ୍ୱର-୨ ଆରଟିଓ ୮, ଗଞ୍ଜାମ ଆରଟିଓ ୭, ବଲାଙ୍ଗିର, ତାଳଚେର ଓ କେନ୍ଦ୍ରାପଡ଼ା ଆରଟିଓରେ ୬ ଲେଖାଏଁ, ଭଦ୍ରକ ଓ ସୋନପୁରରେ ୫ ଲେଖାଏଁ ଗାଡ଼ିର ଫିଟନେସ ରଦ୍ଦ କରାଯାଇଛି । ସେହିଭଳି ଢେଙ୍କାନାଳ, ଫୁଲବାଣୀ, ନୂଆପଡ଼ା, ବୌଦ୍ଧ, ଯାଜପୁର, ରାୟଗଡ଼ା ଆରଟିଓ ଓ ଖୋର୍ଦ୍ଧା ଏଆରଟିଓରେ ୪ଟି ଲେଖାଏଁ ଗାଡ଼ିର ଫିଟନେସ ରଦ୍ଦ କରାଯାଇଛି । ସେହି ଗାଡ଼ି ଗୁଡ଼ିକ ପୁଣି ଫିଟନେସ ପାଇବାକୁ ନିୟମ ଅନୁଯାୟୀ ଟେପ୍ ଲଗାଇ ଆବେଦନ କରିବାକୁ କୁହାଯାଇଛି । ମୋଟର ଯାନ ଆଇନ ଅନୁଯାୟୀ ସମସ୍ତ ବାଣିଜ୍ୟିକ ଯାନର ପଛପଟେ ନାଲି, ଉଭୟ ପାର୍ଶ୍ୱରେ ହଳଦିଆ ଏବଂ ଆଗରେ ଧଳା ଟେପ୍ ଲଗାଯାଏ । ଏହାଦ୍ୱାରା ଅନ୍ୟ ସଡ଼କ ବ୍ୟବହାରକାରୀ ଗାଡ଼ିକୁ ଅନ୍ଧାର କିମ୍ବା କମ୍ ଆଲୁଅରେ ଦେଖିପାରନ୍ତି। ଯାହା ଦୁର୍ଘଟଣାକୁ ହ୍ରାସ କରିବାରେ ସହାୟକ ହୋଇଥାଏ। ଏଭଳି ସ୍ୱତନ୍ତ୍ର ଏନଫୋର୍ସମେଣ୍ଟ ନିୟମିତ ଭାବରେ ଜାରି ରହିବ ବୋଲି ବିଭାଗ ପକ୍ଷରୁ କୁହାଯାଇଛି।

■ କାର୍ଯ୍ୟରେ ଅବହେଳା

# ଦୁଇ ଜଣ ଇନ୍ସପେକ୍ଟରଙ୍କୁ ନିଲମ୍ବିତ କଲେ ଡିଜିପି

ଭୁବନେଶ୍ୱର,୧୬।୮(ସମିସ): କାର୍ଯ୍ୟରେ ଅବହେଳା ଅଭିଯୋଗରେ ୨ଜଣ ଇନ୍ସପେକ୍ଟରଙ୍କୁ ପୁଲିସ ଡିଜି ନିଲମ୍ବିତ କରିଛନ୍ତି। ଗତକାଲି ପୁରୀଜିଲ୍ଲା ଅସ୍ତରଙ୍ଗ ଥାନା ଅଧିକାରୀ ରାଜେଶ ବଳିୟାରସିଂଙ୍କୁ ନିଲମ୍ବିତ କରାଯାଇଥିବା ବେଳେ ଆଜି ଛତ୍ରପୁର ଥାନା ଅଧିକାରୀ ଦେବାଶିଷ ମହାନ୍ତିଙ୍କୁ ନିଲମ୍ବିତ କରାଯାଇଛି।

ଅସ୍ତରଙ୍ଗ ଥାନା ଅଧିକାରୀ ରାଜେଶ ବଳିୟାରସିଂ କୋରାପୁଟ ଜିଲ୍ଲା ଜୟପୁର ଟାଉନ ଥାନାରେ ଥିଲାବେଳେ ଗଞ୍ଜେଇ ଚୋରା ଚାଲାଣରେ ଅଭିଯୁକ୍ତମାନଙ୍କ ସହିତ ସମ୍ପୃକ୍ତ ଥିବାର ବିଭାଗ ପାଖରେ ଅଭିଯୋଗ ପହଞ୍ଚିଥିଲା। ୨୦୨୩ ଅଗଷ୍ଟ ୨୧ରେ ଅସ୍ତରଙ୍ଗ ଥାନାରେ ଯୋଗ ଦେଇଥିବା ରାଜେଶ ବଳିୟାରସିଂ ୫ଦିନ ଛୁଟିନେଇ ନିଜ ପରିବାର ସହ ଭୁବନେଶ୍ୱରରେ ରହୁଥିଲାବେଳେ ତାଙ୍କୁ ଜୟପୁର ପୁଲିସ୍ ଡାକି ପଚରାଉଚରା କରିଥିଲା। ଜୟପୁର ଟାଉନ୍ ଥାନା ଏକ ମାମଲାରେ ପଚରାଉଚରା ବେଳେ ସେ ଫେରାର୍ ହୋଇଯିବା ଖବର ମିଳିଥିଲା। ପରେ ତାଙ୍କ ଉପରେ ବିଭାଗ ପକ୍ଷରୁ ଶୃଙ୍ଖଳାଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରି ନିଲମ୍ବିତ କରାଯାଇଛି।

ସେହିପରି ଛତ୍ରପୁର ଥାନା ଅଧିକାରୀ ଦେବାଶିଷ ମହାନ୍ତି ଥାନାକୁ ଯାଉଥିବା ଲୋକଙ୍କୁ ଉତ୍ତମ ବ୍ୟବହାର ଦେଖାଉ ନ ଥିବା ଏବଂ ବେଆଇନ କାର୍ଯ୍ୟରେ ଲିପ୍ତ ରହି ନିଜର ଫାଇଦା ଉଠାଉଥିବା ଡିଜିପିଙ୍କ ନିକଟରେ ଅଭିଯୋଗ ପହଞ୍ଚିଥିଲା। ଏହାର ସତ୍ୟାସତ ଜଣାପଡ଼ିବା ପରେ ତାଙ୍କୁ ନିଲମ୍ବିତ କରାଯାଇଛି। ନିଲମ୍ବନ ସମୟରେ ସେ ଆଇଜି ଅଫିସ୍‌ରେ ରିପୋର୍ଟ କରିବାକୁ କୁହାଯାଇଛି।

# ସମ୍ପତ୍ତି ପାଇଁ ପୁଅକୁ ପୋଡ଼ି ମାରିଦେଲେ

**ବାପା, ସାବତ ମା’ ଏବଂ ସାବତ ଭାଇ ଗିରଫ**

**ମୃତ୍ୟୁକାଳୀନ ବୟାନରେ ଅଭିଯୁକ୍ତଙ୍କ ନାଁ କହିଲେ**



ଭୁବନେଶ୍ୱର, ୧୬।୮(ସମିସ): ସମ୍ପତ୍ତି ପାଇଁ ପୁଅକୁ ପୋଡ଼ି ମାରିଦେଲେ। ବାଲିପାଟଣା ବ୍ଲକ ସରିପୁର ଗାଁରେ ଗତ ଶୁକ୍ରବାର ଏଭଳି ଏକ ଆପରାଧିକ ଘଟଣା ଘଟିଛି। ମୃତକ ହେଲେ, ଜ୍ୟୋତିରଞ୍ଜନ ମଠିଆ। ଏହି ଘଟଣାରେ ବାଲିପାଟଣା ପୁଲିସ୍ ଅଭିଯୁକ୍ତ ବାପା ସୁରେନ୍ଦ୍ରନାଥ ମଠିଆ, ସାବତ ମାଆ ପ୍ରଭାତୀ ମଠିଆ ଓ ସାନ ଭାଇ ପ୍ରଶାନ୍ତ ମଠିଆଙ୍କୁ ଗିରଫ କରିଛି। ଜ୍ୟୋତିରଞ୍ଜନଙ୍କ ମୃତ୍ୟୁକାଳୀନ ବୟାନ ଆଧାରରେ ସେମାନଙ୍କୁ ଗିରଫ କରାଯାଇଛି। ଅଧିକ ପଚରାଉଚରା ପାଇଁ ସେମାନଙ୍କୁ ରିମାଣ୍ଡରେ ଅଣାଯିବ ବୋଲି ପୁଲିସ କହିଛି। ଅଭିଯୁକ୍ତଙ୍କ ବିରୁଦ୍ଧରେ ପୁଲିସ୍ବି ଏନ୍‌ଏସ୍ ଦଫା ୧୧୮(୨), ୧୦୯, ୧୦୩/୩(୫)ରେ ଦଫା ଲଗାଇ କୋର୍ଟଚାଲାଣ କରାଯାଇଛି। ଜୋନ୍-୪ ଏସିପି ଅଭିମନ୍ୟୁ ନାୟକ ଆଜି ଏକ ସାମ୍ବାଦିକ ସମ୍ମିଳନୀରେ ସୂଚନା ଦେଇଛନ୍ତି।

ପୁଲିସ୍ ସୂଚନାନୁଯାୟୀ, ଛୋଟ ବେଳେ ଜ୍ୟୋତିରଞ୍ଜନଙ୍କ ମା’ଙ୍କର ମୃତ୍ୟୁ ପରେ ବାପା ସୁରେନ୍ଦ୍ରନାଥ ଦ୍ୱିତୀୟ ବିବାହ କରିଥିଲେ। କିନ୍ତୁ ସାବତ ମା’ ଘରେ ପାଦ ଦେବା ପରଠାରୁ ଜ୍ୟୋତିଙ୍କ ଉପରେ ଅତ୍ୟାଚାର ଆରମ୍ଭ ହୋଇଯାଇଥିଲା। ଏପରିକି, ଶେଷରେ ସୁରେନ୍ଦ୍ରନାଥ ନିଜର ସବୁ ସମ୍ପତ୍ତି ସାନପୁଅ ନାଁରେ କରିଦେଇଥିଲେ। ପରେ ୩ଜଣ ଯାକ ମିଶି ଜ୍ୟୋତିଙ୍କୁ ସେ ଘରେ ରହିବାକୁ ଦେଇ ନଥିଲେ। ତେଣୁ ଜ୍ୟୋତି ତାଙ୍କ ସ୍ତ୍ରୀ ସହ ପାଖରେ ଥିବା ଏକ ଆଜବେଷ୍ଟସ୍ ଘରେ ଅତି ଶୋଚନୀୟ ଅବସ୍ଥାରେ ରହୁଥିଲେ। ତେବେ ଏହା ଭିତରେ ଜ୍ୟୋତି ନିଜର ହକ୍ ପାଇଁ ଲଢ଼େଇ କରିଥିଲେ। ଜାଗାବାଡ଼ିକୁ ନେଇ ସେ ନିଜ ହକ୍ ମାଗିଆସୁଥିଲେ। ଦିନକୁ ଦିନ ଏହି ବିବାଦ ଉଗ୍ର ହେବାରୁ ଜ୍ୟୋତିଙ୍କ ରାସ୍ତାରୁ ହଟାଇବା ପାଇଁ ବାପା, ସାବତ ମା’ ଓ ସାବତ ଭାଇ ଷଡ଼୍‌ଯନ୍ତ୍ର ରଚିଥିଲେ। ଗତକାଲି ସେମାନେ ଜ୍ୟୋତିଙ୍କ ଉପରେ ପେଟ୍ରୋଲ ଢାଳି ନିଆଁ ଲଗାଇ ଦେଇଥିଲେ। ଗୁରୁତର ଜ୍ୟୋତିରଞ୍ଜନଙ୍କୁ ପ୍ରଥମେ ଅଠାନ୍ତର ଡାକ୍ତରଖାନାରେ ଭର୍ତ୍ତି କରାଯାଇଥିଲା। ଏ ସଂପର୍କରେ ତାଙ୍କ ପତ୍ନୀ ବିଜୟଲକ୍ଷ୍ମୀ ବେହେରା ଅଭିଯୋଗ କରିବାରୁ ପୁଲିସ୍ ହସ୍ପିଟାଲରେ ପହଞ୍ଚି ଜ୍ୟୋତିଙ୍କ ମୃତ୍ୟୁକାଳୀନ ଜମାନବନ୍ଦୀ ରେକର୍ଡ କରିଥିଲା। ସେଥିରେ ସେ କହିଥିଲେ ଯେ ତାଙ୍କ ବାପା, ସାବତ ମାଆ ଓ ସାବତ ଭାଇ ତାଙ୍କ ଉପରେ ପେଟ୍ରୋଲ ଢାଳି ନିଆଁ ଲଗାଇ ଦେଇଥିଲେ। ପରେ ତାଙ୍କ ଅବସ୍ଥା ଅଧିକ ବିଗିଡ଼ିବାରୁ ତାଙ୍କୁ ଭୁବନେଶ୍ୱର ଏମ୍ସକୁ ସ୍ଥାନାନ୍ତର କରାଯାଇଥିଲା। ସେଠାରେ ଚିକିତ୍ସାଧୀନ ଅବସ୍ଥାରେ ଆଜି ତାଙ୍କର ମୃତ୍ୟୁ ଘଟିଥିଲା।

ଜ୍ୟୋତିଙ୍କ ସ୍ତ୍ରୀ ବିଜୟଲକ୍ଷ୍ମୀ କହିଛନ୍ତି ଯେ ଜମିବାଡ଼ି ଓ ସମ୍ପତ୍ତି ପାଇଁ ବାପା, ସାବତ ମା’ ଓ ଭାଇ ମାରିଛନ୍ତି। ପୂର୍ବରୁ ମାରପିଟ୍ ଘଟଣା ନେଇ ସେ ଥାନାର ଦ୍ୱାରସ୍ଥ ହୋଇଥିଲେ। ଏପରିକି, ବିଜୟଲକ୍ଷ୍ମୀଙ୍କ ମୁଣ୍ଡ ଫଟାଇ ଦେଇଥିଲେ ପ୍ରଭାତୀ। କିନ୍ତୁ ଅଭିଯୋଗ ପରେ ବି ହୋଇନଥିଲା କାର୍ଯ୍ୟାନୁଷ୍ଠାନ। ନିଜ ଘରେ ରହିବାକୁ ଭଡ଼ାଟିଆ ଭଳି ଭଡ଼ା ଦେଉଥିଲେ ମୃତ ଜ୍ୟୋତିରଞ୍ଜନ। ବାପା ଏବଂ ସାବତ ମା’ ସାନ ପୁଅ ନାମରେ ସବୁ ସମ୍ପତ୍ତି କରିଦେଇଥିଲେ। ଏପରିକି, ସେମାନେ କୋଠା ଘରେ ରହୁଥିବା ବେଳେ ତାଙ୍କୁ ଏକ ଆଉଟ୍‌ହାଉସ୍ ଭଳି ଆଜବେଷ୍ଟସ୍ ଘର ରହିବାକୁ ଦେଇଥିଲେ। ତାହାର ମଧ୍ୟ ଭଡ଼ା ନେଉଥିଲେ ବୋଲି ପତ୍ନୀ ବିଜୟଲକ୍ଷ୍ମୀ କହିଛନ୍ତି। କେବଳ ସେତିକି ନୁହଁ ଭଡ଼ା ସାଙ୍ଗକୁ ଦେଉଥିଲେ ବାପାଙ୍କ ପ୍ରତିପୋଷଣର ଖର୍ଚ୍ଚ।

## ସାତକୋଶିଆରେ ଆଉ ଏକ ହାତୀର ଗଳିତ ଶବ ଠାବ

ଅନୁଗୋଳ,୧୬।୮(ସମିସ): ସାତକୋଶିଆ ଅଭୟାରଣ୍ୟର ବାଘମୁଣ୍ଡା ସେକ୍ସନ ଅଞ୍ଚଳରେ ଆଉ ଏକ ହାତୀର ଗଳିତ ଶବ ଠାବ ହୋଇଛି। କିଛି ଦିନ ପୂର୍ବରୁ ୪୦/୫୦ବର୍ଷ ବୟସ୍କ ଏହି ହାତୀର ମୃତ୍ୟୁ ହୋଇଥିଲେ ମଧ୍ୟ ବନ ବିଭାଗ ଡେରିରେ ଏହି ଖବର ପାଇଥିଲା। ଘଟଣାସ୍ଥଳକୁ ସାତକୋଶିଆ ବନଖଣ୍ଡର ନବନିଯୁକ୍ତ ଅଧିକାରୀ ଗଦାଧର ପାତ୍ର ଯାଇଥିବା ତଦନ୍ତ କରିଛନ୍ତି।

ଚିନ୍ତାର ବିଷୟ ହେଲା, ସାତକୋଶିଆ ଅଭୟାରଣ୍ୟ ଓ ଏହାର ପାର୍ଶ୍ୱବର୍ତ୍ତୀ ଅଞ୍ଚଳରେ ଗତ କିଛି ବର୍ଷ ମଧ୍ୟରେ ହାତୀ ମୃତ୍ୟୁ ଘଟଣା ଆଶାତୀତ ଭାବେ ବଢ଼ି ଚାଲିଛି। ଏପରି ଜାରି ରହିଲେ ସାତକୋଶିଆ ଖୁବଶୀଘ୍ର ହାତୀଶୂନ୍ୟ ହୋଇଯିବା ଆଶଙ୍କା ପ୍ରକାଶ ପାଇଛି। ବନ ବିଭାଗ ଏଠି ସମ୍ପୂର୍ଣ୍ଣ ରୂପେ ବିଫଳ ବୋଲି ବିଭିନ୍ନ ସ୍ତରରେ ଚର୍ଚ୍ଚା ହେଉଛି। ସାତକୋଶିଆ ବନବିଭାଗ ନିଜ କାର୍ଯ୍ୟଶୈଳୀର ଆତ୍ମସମୀକ୍ଷା କରିବାର ସମୟ ଆସିଛି। ଏଠାରୁ ପୂର୍ବତନ ବିବାଦୀୟ ବନଖଣ୍ଡ ଅଧିକାରୀ ବଦଳି ହୋଇ ଗଲା ପରେ, ନୂତନ ଭାବେ ଡିଏଫ୍‌ଓ ଭାବେ ଗଦାଧର ପାତ୍ର ଦାୟିତ୍ୱ ଗ୍ରହଣ କରିଛନ୍ତି। ସାତକୋଶିଆ ଅଭୟାରଣ୍ୟ ବନ ବିଭାଗ କର୍ତ୍ତୃପକ୍ଷଙ୍କ ନିକଟରେ ବହୁମାତ୍ରାରେ ଅତ୍ୟାଧୁନିକ ଗାଡ଼ି ସବୁ ରହିଛି। ସୁରକ୍ଷା ପାଇଁ ଅବସରପ୍ରାପ୍ତ ସୈନିକ ମଧ୍ୟ ନିଯୁକ୍ତ ହୋଇଛନ୍ତି। ବିଭାଗରେ ଅନ୍ୟ କର୍ମଚାରୀ ମଧ୍ୟ ଅଛନ୍ତି। ତେବେ ଏତେ ସବୁ ସତ୍ତ୍ୱେ କାହିଁକି ବନବିଭାଗ ବନ୍ୟପ୍ରାଣୀଙ୍କ ଜୀବନରକ୍ଷାରେ ବିଫଳ, ତାହା ସମସ୍ତଙ୍କୁ ଅଶ୍ଚର୍ଯ୍ୟାନ୍ୱିତ କରିଛି। ବନବିଭାଗ ଓ ସାତକୋଶିଆବାସୀଙ୍କ ମଧ୍ୟରେ ଉତ୍ତମ ସମ୍ପର୍କ ଓ ସଚେତନା କାର୍ଯ୍ୟକ୍ରମ ମାଧ୍ୟମରେ ଏହାର ସମାଧାନର ସୂତ୍ର ବାହାରି ପାରିବ। ତେଣୁ, ବୁଦ୍ଧିଜୀବୀ, ପରିବେଶ ଓ ପଶୁପ୍ରେମୀ, ତଥା ସାତକୋଶିଆବାସୀ ଏହା ଉପରେ ନୂତନ ଡିଏଫ୍‌ଓଙ୍କ ଦୃଷ୍ଟି ଆକର୍ଷଣ କରିଛନ୍ତି।

# ସପ୍ତାହକ ମଧ୍ୟରେ ଗଠନ ହେବ ଶ୍ରୀମନ୍ଦିର ପରିଚାଳନା କମିଟି

ପୁରୀ,୧୬।୮(ସମିସ): ଆଉ ଦିନ କେଇଟା ପରେ ବର୍ଷେ ପୂରିବ ବିନା ପରିଚାଳନା କମିଟିରେ ଚାଲିଛି ଶ୍ରୀମନ୍ଦିର ପରିଚାଳନା। ଗତବର୍ଷ ସେପ୍ଟେମ୍ବର ୧୪ରେ ପରିଚାଳନା କମିଟିର କାର୍ଯ୍ୟକାଳ ଶେଷ ହୋଇଥିଲା। ଏବେ ପୁଣି ସେପ୍ଟେମ୍ବର ହେବାକୁ ଯାଉଛି। ହେଲେ ଶ୍ରୀମନ୍ଦିର ପରିଚାଳନା କମିଟି ଗଠନ ହୋଇପାରିନାହିଁ। ବିନା ପରିଚାଳନା କମିଟିରେ ରଥଯାତ୍ରା ସମେତ ବିଭିନ୍ନ ପର୍ବପର୍ବାଣୀ ଅନୁଷ୍ଠିତ ହେଉଛି। ଏହାକୁ ନେଇ ଶ୍ରୀମନ୍ଦିର ପ୍ରଶାସନ ଏବଂ ରାଜ୍ୟ ସରକାରଙ୍କୁ ବିଭିନ୍ନ ସମୟରେ ଟାର୍ଗେଟ କରାଯାଉଛି। ହେଲେ ଏପର୍ଯ୍ୟନ୍ତ ପରିଚାଳନା କମିଟି ଗଢ଼ାଯାଇପାରି ନାହିଁ। ତେବେ ଏହାରି ଭିତରେ ପରିଚାଳନା କମିଟିକୁ ନେଇ ବଡ଼ ଘୋଷଣା କରିଛନ୍ତି ଆଇନ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ। ସପ୍ତାହେ ମଧ୍ୟରେ ଶ୍ରୀମନ୍ଦିର ପରିଚାଳନା କମିଟି ଗଠନ ହେବ ହେବ ବୋଲି ଶୁକ୍ରବାର ପୁରୀରେ ସ୍ୱାଧୀନତା ଦିବସ ସମାରୋହ କାର୍ଯ୍ୟକ୍ରମରେ ଯୋଗଦେବା ଅବସରରେ ଘୋଷଣା କରିଛନ୍ତି। ରାଜ୍ୟ ସରକାରଙ୍କ ପକ୍ଷରୁ ପରିଚାଳନା କମିଟି ଗଠନ ନେଇ ସମସ୍ତ ପ୍ରକ୍ରିୟା ଶେଷ ହୋଇଛି। କମିଟି ଗଠନ ପରେ ବୈଠକ ବସି ଅନୁମୋଦନ ପରେ ରତ୍ନଭଣ୍ଡାରର ଅଳଙ୍କାର ଗଣତି ମଣତି କରାଯିବ। ରିଜର୍ଭ ବ୍ୟାଙ୍କ ଅଫ୍ ଇଣ୍ଡିଆ (ଆର୍‌ବିଆଇ)ର ଦୁଇଜଣ ଅଧିକାରୀ ନିୟୋଜିତ ହୋଇସାରିଛନ୍ତି। ସେମାନଙ୍କ ଉପସ୍ଥିତିରେ ଗଣତି ମଣତି ହେବ। ରାଜ୍ୟ ସରକାର ପ୍ରସ୍ତୁତ କରିଥିବା ଏସ୍‌ଓପି ଆଧାରରେ ରତ୍ନ ଅଳଙ୍କାର ଗଣତି ମଣତି ହେବ ବୋଲି ସୂଚନା ଦେଇଛନ୍ତି ମନ୍ତ୍ରୀ। ସେହିପରି ଆସନ୍ତା ୧୯ ତାରିଖରେ ରଥଯାତ୍ରା ପରବର୍ତ୍ତୀ ସମୀକ୍ଷା ବୈଠକ ଅନୁଷ୍ଠିତ ହେବ ବୋଲି କହିଛନ୍ତି ଆଇନ ମନ୍ତ୍ରୀ ଶ୍ରୀ ହରିଚନ୍ଦନ।

# ହୀରାକୁଦ ଜଳସ୍ତର ୬୧୩.୪୧ ଫୁଟ୍

ସମ୍ବଲପୁର, ୧୬।୮ (ସମିସ): ଶନିବାର ସନ୍ଧ୍ୟା ୬ଟା ସମୟରେ ହୀରାକୁଦ ଜଳଭଣ୍ଡାରର ଜଳସ୍ତର ୬୧୩.୪୧ ଫୁଟ୍ ରହିଛି। ନଦୀବନ୍ଧର ସମସ୍ତ ଗେଟ୍ ବନ୍ଦ ରହିଛି। ଜଳଭଣ୍ଡାରକୁ ସେକେଣ୍ଡ ପ୍ରତି ୩୬,୬୩୮ ଘନଫୁଟ ଜଳ ପ୍ରବେଶ କରୁଥିବା ବେଳେ ପାୱାର ଚ୍ୟାନେଲ, ଶିଳ୍ପାନୁଷ୍ଠାନ, କେନାଲ ଆଦି ଦେଇ ସମାନ ପରିମାଣର ଜଳ ନିଷ୍କାସିତ ହେଉଛି। ସ୍ପିଲୱେ ଦେଇ କୌଣସି ଜଳ ନିଷ୍କାସନ ହେଉନାହିଁ। ପାୱାର ଚ୍ୟାନେଲ ଦେଇ ୩୧,୯୮୬ ଘନଫୁଟ, ଶିଳ୍ପାନୁଷ୍ଠାନ ସକାଶେ ୨୧୪ ଘନଫୁଟ, କେନାଲ ପାଇଁ ୪,୪୩୮ ଘନଫୁଟ ଜଳ ନିଷ୍କାସିତ ହେଉଛି। ହୀରାକୁଦ ନଦୀବନ୍ଧର ଉପରମୁଣ୍ଡରେ ୮.୦୬ ମିମି ବର୍ଷା ହୋଇଥିବା ବେଳେ ତଳମୁଣ୍ଡରେ ୪.୩୭ମିମି ବର୍ଷା ହୋଇଥିବା ସୂଚନା ମିଳିଛି। ଗତବର୍ଷ ଆଜିର ଦିନରେ ହୀରାକୁଦ ଜଳଭଣ୍ଡାରର ଜଳସ୍ତର ୬୧୫.୩୭ ଫୁଟ୍ ରହିଥିଲା।

■ ମାଟ୍ରିକ୍ ସପ୍ଲିମେଣ୍ଟାରୀ ପରୀକ୍ଷା ଫଳ ପ୍ରକାଶିତ

# ପାସ୍ ହାର ୫୬.୨୩ ପ୍ରତିଶତ

କଟକ, ୧୬।୮ (ସମିସ): ଚଳିତବର୍ଷର ମାଟ୍ରିକ୍ ସପ୍ଲିମେଣ୍ଟାରୀ ପରୀକ୍ଷା ଫଳ ଆଜି ପ୍ରକାଶ ପାଇଛି। ଉଭୟ ହାଇସ୍କୁଲ ସାର୍ଟିଫିକେଟ୍ ସପ୍ଲିମେଣ୍ଟାରୀ ପରୀକ୍ଷା ଏବଂ ରାଜ୍ୟ ମୁକ୍ତ ବିଦ୍ୟାଳୟ ସାର୍ଟିଫିକେଟ୍ ପରୀକ୍ଷାର ଫଳାଫଳ ବୋର୍ଡ ପକ୍ଷରୁ www.bseodisha.ac.in ୱେବସାଇଟ୍‌ରେ ଅପରାହ୍ଣ ୨ଟା ପରଠାରୁ ଉପଲବ୍ଧ ହୋଇଛି। ସପ୍ଲିମେଣ୍ଟାରୀ ପରୀକ୍ଷା ପାସ ହାର ଗତ ବର୍ଷ ତୁଳନାରେ ବୃଦ୍ଧି ପାଇଛି। ଗତବର୍ଷ ସପ୍ଲିମେଣ୍ଟାରୀ ପାସ ହାର ୫୨.୨୧ ପ୍ରତିଶତ ଥିବା ବେଳେ ଏଥର ଏହା ୫୬.୨୩ପ୍ରତିଶତ ହୋଇଛି। ଅନ୍ୟପଟରେ ମୁକ୍ତ ବିଦ୍ୟାଳୟ ସାର୍ଟିଫକେଟ ପରୀକ୍ଷା ପାସ ହାର ଗତ ବର୍ଷ ୫୫ ପ୍ରତିଶତ ଥିବା ବେଳେ ଏଥର ବୃଦ୍ଧି ପାଇ ୫୫.୨୬ ପ୍ରତିଶତ ହୋଇଥିବା ବୋର୍ଡ ପକ୍ଷରୁ ଆୟୋଜିତ ଏକ ସାମ୍ବାଦିକ ସମ୍ମିଳନୀରେ ସୂଚନା ଦେଇଛନ୍ତି ସଭାପତି ଶ୍ରୀକାନ୍ତ ତରାଇ।

ଚଳିତ ହାଇସ୍କୁଲ ସାର୍ଟିଫିକେଟ୍ ସପ୍ଲିମେଣ୍ଟାରୀ ପରୀକ୍ଷା ପାଇଁ ସମୁଦାୟ ୩୪୫୭ ଜଣ ପରୀକ୍ଷାର୍ଥୀ ଫର୍ମ ପୂରଣ କରିଥିବା ବେଳେ ୪୭୪ଜଣ ପରୀକ୍ଷାରେ ଅନୁପସ୍ଥିତ ରହିଥିଲେ। ଏହି ପରୀକ୍ଷାରେ ମୋଟ ୧୯୪୪ ଜଣ ପରୀକ୍ଷାର୍ଥୀ ପାସ୍ କରିଛନ୍ତି। ଚଳିତବର୍ଷର ପାସ ହାର ୫୬.୨୩ପ୍ରତିଶତ ରହିଛି। ଏ-୨ରେ ୩ଜଣ, ବି-୧ରେ ୧୪ଜଣ, ବି-୨ରେ ୩୯ଜଣ, ସି’ରେ ୧୧୩ଜଣ, ଡିରେ ୨୭୬ଜଣ, ଇ ଗ୍ରେଡରେ ୫୨୩ଜଣ ଓ କମ୍ପାର୍ଟମେଣ୍ଟାଲରେ ୯୭୬ ଜଣ ପରୀକ୍ଷାର୍ଥୀ ଉତ୍ତୀର୍ଣ୍ଣ ହୋଇଛନ୍ତି। ସେହିଭଳି ୧୦୩୮ ଜଣ ପରୀକ୍ଷାରେ ଅକୃତକାର୍ଯ୍ୟ ହୋଇଥିବା ବେଳେ ଏହି ପରୀକ୍ଷାରେ କପି କରି ଜଣେ ମାଲପ୍ରାକ୍ଟିସ ହୋଇଥିବା ବୋର୍ଡ ପକ୍ଷରୁ କୁହାଯାଇଛି।

ସେହିପରି ରାଜ୍ୟ ମୁକ୍ତ ବିଦ୍ୟାଳୟ ପରୀକ୍ଷା ପାଇଁ ମୋଟ ୧୦ ହଜାର ୮୦୯ ଜଣ ଫର୍ମ ପୂରଣ କରିଥିଲେ। ସେମାନଙ୍କ ମଧ୍ୟରୁ ୫ହଜାର ୯୭୩ ଜଣ ପରୀକ୍ଷାର୍ଥୀ କୃତକାର୍ଯ୍ୟ ହୋଇଛନ୍ତି। ପାସ୍ ହାର ୫୫.୨୬ ପ୍ରତିଶତ ରହିଛି। ଏ-୨ରେ ୧୩ଜଣ, ବି-୧ରେ ୨୩୨ଜଣ, ବି-୨ରେ ୭୨୩ଜଣ, ସି’ରେ ୧୭୩୮ ଜଣ, ଡି’ ଗ୍ରେଡ୍‌ରେ ୨୦୭୫ଜଣ ଓ ଇ-ଗ୍ରେଡରେ ୧୧୯୨ଜଣ ଉତ୍ତୀର୍ଣ୍ଣ ହୋଇଥିବା ଜଣାପଡ଼ିଛି। ସେହିଭଳି ୪୧୪୦ଜଣ ପରୀକ୍ଷାରେ ଅକୃତକାର୍ଯ୍ୟ ହୋଇଥିବା ବେଳେ ୬୨୫ଜଣ ପରୀକ୍ଷା ଦେଇନଥିଲେ। ଏହି ପରୀକ୍ଷାରେ କପି କରି ୪୬ଜଣ ମାଲପ୍ରାକ୍ଟିସ ହୋଇଥିବା ଜଣାପଡ଼ିଛି। ପରୀକ୍ଷାର୍ଥୀମାନେ ସେମାନଙ୍କ ଡିଜିଟାଇଜ ସାର୍ଟିଫିକେଟ୍‌କୁ ଆସନ୍ତା ୧୮ ତାରିଖରୁ ବୋର୍ଡ ୱେବସାଇଟରୁ ଡାଉନଲୋଡ କରିପାରିବେ ବୋଲି କୁହାଯାଇଛି। ଟାବୁଲେସନ୍ ରେଜିଷ୍ଟ୍ରରଗୁଡ଼ିକ ବୋର୍ଡ ୱେବସାଇଟରୁ ବିଦ୍ୟାଳୟ ପ୍ରଧାନଶିକ୍ଷକମାନେ ଡାଉନଲୋଡ କରି ପିଲା ମାନଙ୍କୁ ପ୍ରଦାନ କରିପାରିବେ। ଗତ ଜୁଲାଇ ୧ରୁ ୧୦ତାରିଖ ପର୍ଯ୍ୟନ୍ତ ସପ୍ଲିମେଣ୍ଟାରୀ ପରୀକ୍ଷା ଅନୁଷ୍ଠିତ ହୋଇଥିଲା। ଉତ୍ତୀର୍ଣ୍ଣ ହୋଇଥିବା ପରୀକ୍ଷାର୍ଥୀମାନେ ସାମସ୍ ଜରିଆରେ ଚଳିତ ବର୍ଷର ଯୁକ୍ତ ଦୁଇ ନାମଲେଖା ପାଇଁ ଆବେଦନ କରିପାରିବେ ବୋଲି ବୋର୍ଡ ପକ୍ଷରୁ ସୂଚନା ଦିଆଯାଇଛି।

**ରାଜ୍ୟରେ ସ୍ୱାସ୍ଥ୍ୟସେବା ଅବ୍ୟବସ୍ଥା ନେଇ ବିରୋଧୀଙ୍କ କଟାକ୍ଷ**

# ଶ୍ମଶାନ ଯୋଜନାରେ ପରିଣତ ହୋଇଛି ‘ଆୟୁଷ୍ମାନ୍’

**ଆୟୁଷ୍ମାନଠାରୁ ବିଏସକେୱାଇ ଭଲ ଥିଲା : ଶ୍ରୀକାନ୍ତ**

**ରାଜନୀତିକୁ ପଛ କରି ସରକାର ହୋସକୁ ଆସନ୍ତୁ: ଅରୁଣ**





ଭୁବନେଶ୍ୱର,୧୬।୮(ସମିସ): ରାଜ୍ୟରେ ସ୍ୱାସ୍ଥ୍ୟବସ୍ଥାର ଦୁରାବସ୍ଥା ସମ୍ପର୍କିତ ଏକ ଗୋଲ ଟେବୁଲ ବୈଠକରେ ରାଜ୍ୟ ସରକାରଙ୍କୁ ପ୍ରବଳ ସମାଲୋଚନା କରିଛନ୍ତି ବିରୋଧୀ। ଆୟୁଷ୍ମାନ ଯୋଜନା ବର୍ତ୍ତମାନ ଶ୍ମଶାନ ଯୋଜନାରେ ପରିଣତ ହୋଇଛି ବିରୋଧୀ କଟାକ୍ଷ କରିଛନ୍ତି। ସେହିପରି ଆୟୁଷ୍ମାନ ଭାରତ ତୁଳନାରେ ବିଜେଡି ସରକାରଙ୍କ ବିଜୁ ସ୍ୱାସ୍ଥ୍ୟ କଲ୍ୟାଣ ଯୋଜନା ଭଲ ଥିଲା ବୋଲି ମତ ଦେଇଛନ୍ତି କଂଗ୍ରେସର ବରିଷ୍ଠ ନେତା ଶ୍ରୀକାନ୍ତ ଜେନା ।

ବରିଷ୍ଠ ନେତା ଶ୍ରୀକାନ୍ତ ଜେନା କହିଛନ୍ତି ଯେ ଏହି ଆଲୋଚନାରେ ସରକାରଙ୍କ ପକ୍ଷରୁ ସ୍ୱାସ୍ଥ୍ୟମନ୍ତ୍ରୀ ଉପସ୍ଥିତ ରହିବା ଆବଶ୍ୟକ ଥିଲା। ସ୍ୱାସ୍ଥ୍ୟ ପ୍ରସଙ୍ଗ ଏକ ରାଜନୈତିକ ପ୍ରସଙ୍ଗ ନୁହେଁ। ତେଣୁ ସାମୂହିକ ଭାବେ ବସି ଏହି ପ୍ରସଙ୍ଗ ଆଲୋଚନା କରିବା କଥା। ଲୋକେ କହୁଛନ୍ତି ପୂର୍ବ ସରକାର ସମୟରେ ବିଏସକେୱାଇ ଆୟୁଷ୍ମାନ ତୁଳନାରେ ଭଲ ଯୋଜନା ଥିଲା। ଯଦି ନାଁ ରେ ସମସ୍ୟା ଥିଲେ ନାଁ କୁ ବଦଳାଇ ଦିଆଯାଇ ପାରିଥାନ୍ତା। ମାତ୍ର ଯୋଜନାକୁ ବଦଳାଇବାର ଆବଶ୍ୟକତା କଣ ଥିଲା ବୋଲି ଶ୍ରୀ ଜେନା ପ୍ରଶ୍ନ କରିଛନ୍ତି। ଲୋକଙ୍କ ସ୍ୱାର୍ଥ ପାଇଁ ରାଜ୍ୟର ସ୍ୱାସ୍ଥ୍ୟ ଭିତ୍ତିଭୂମି ସଜାଡ଼ିବାକୁ ଶ୍ରୀ ଜେନା ଆହ୍ୱାନ ଦେଇଛନ୍ତି।

କାର୍ଯ୍ୟକ୍ରମରେ ଭାଗ ନେବା ଅବସରରେ ବିଜେଡି ବିଧାୟକ ଡ. ସାହୁ କହିଛନ୍ତି ଯେ ବିଜୁ ସ୍ୱାସ୍ଥ୍ୟ କଲ୍ୟାଣ ଯୋଜନା ଉପରେ ଲୋକଙ୍କ ଭରସା ଥିଲା। ଏହି ଯୋଜନାରେ ରାଜ୍ୟ ସରକାର ସମସ୍ତ ଖର୍ଚ୍ଚ ବହନ କରୁଥଲେ। କିନ୍ତୁ ଆୟୁଷ୍ମାନ ଭାରତ ଯୋଜନା ଏକ ବୀମା ଉପରେ ପର୍ଯ୍ୟବେସିତ ଯୋଜନା। ରୋଗୀ ନିଜର ଚିକିତ୍ସା କରିବା ପରେ ଏଥିରେ ଅର୍ଥ ମିଳିବ। ସେହିପରି ଲୋକେ ଏହି ଯୋଜନା ଅଧିନରେ ସ୍ୱାସ୍ଥ୍ୟସେବା ପାଇବାରେ ବହୁ ଜଟିଳତା ରହୁଛି। ଏଥିରେ ଆଠ ପ୍ରକାର ଓଟିପି ଆସୁଛି। ଡାକ୍ତରଙ୍କ ଫଟୋ ଅପଲୋଡ଼ ହେଉଛି। ଡାକ୍ତର ଓଟି ଭିତରେ ଥିଲେ ଗୁରୁତର ରୋଗୀ କଣ ଅପେକ୍ଷା କରି ବସିବ କି ବୋଲି ଡ. ସାହୁ ପ୍ରଶ୍ନ କରିଛନ୍ତି। ସେ ଆହୁରି ମଧ୍ୟ କହିଛନ୍ତି ଯେ ୨୦୧୭ ମସିହାରେ ଯେତେବେଳେ ବିଏସକେୱାଇ ଆରମ୍ଭ ହେଲା ସେତେବେଳେ ପ୍ରାରମ୍ଭିକ ଭାବେ ୩୦୦- ୪୦୦ କୋଟି ଖର୍ଚ୍ଚ ହେଉଥିଲା। ତେବେ ୨୦୨୩-୨୪ ବେଳକୁ ଏହା ୪ ହଜାର କୋଟିରେ ପହଞ୍ଚିଥିଲା। ମାତ୍ର ଆୟୁଷ୍ମାନ ଭାରତରେ ସାରା ଦେଶରେ ମାତ୍ର ୫ ହଜାରରୁ ୬ ହଜାର କୋଟି ଟଙ୍କା ଖର୍ଚ୍ଚ ହେଉଛି। ତାହେଲେ ଆୟୁଷ୍ମାନ ଭାରତରେ ଓଡ଼ିଶାର ଭାଗ କେତେ ଓ ରୋଗୀ ଏଥିରୁ କ’ଣ ପାଇବେ? ତେଣୁ ସରକାର ଭୋଟ ରାଜନୀତି ନ କରି ଟିକେ ହୋସକୁ ଆସନ୍ତୁ। ଲୋକଙ୍କ ପାଇଁ ଚିନ୍ତା କରନ୍ତୁ। ସିଧାସଳଖ ଓଡ଼ିଶାବାସୀ ଯେଉଁ ସୁବିଧା ପାଇଥିଲେ ତାକୁ ସୁନିଶ୍ଚିତ କରନ୍ତୁ। ନହେଲେ ସରକାରଙ୍କୁ ଲୋକଙ୍କ ଚରମ ଆକ୍ରୋଶର ଶିକାର ହେବାକୁ ପଡ଼ିବ ବୋଲି ସେ କହିଛନ୍ତି।

# ପୋଖରୀରେ ବୁଡ଼ି ବୃଦ୍ଧଙ୍କ ମୃତ୍ୟୁ

ସୋର, ୧୬।୮ (ସମିସ): ଔପଦା ବ୍ଲକ ତରତୁଆ ଗ୍ରାମର ଜଣେ ବୃଦ୍ଧ ପୋଖରୀରେ ବୁଡି ଯାଇଥିବା ବେଳେ ସୋର ମେଡିକାଲରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଛନ୍ତି। ଏହି ଗ୍ରାମର ଶ୍ୟାମସୁନ୍ଦର ମହାନ୍ତି ଗତକାଲି ମଧ୍ୟାହ୍ନରେ ଘର ନିକଟସ୍ଥ ପୋଖରୀକୁ ଗାଧୋଇବାକୁ ଯାଇ ଘରକୁ ଫେରି ନ ଥିଲେ। ପରିବାର ଲୋକେ ତାଙ୍କୁ ବିଭିନ୍ନ ସ୍ଥାନରେ ଖୋଜାଖୋଜି କରି ପୋଖରୀ ହୁଡାରେ ତାଙ୍କ ଗାମୁଛା ପଡ଼ିଥିବା ଦେଖି ପୋଖରୀରେ ଖୋଜାଖୋଜି କରିବା ସହିତ ସୋର ଅଗ୍ନିଶମ ବିଭାଗକୁ ଖବର ଦେଇଥିଲେ। ସୋରରୁ ଏକ ଦମକଳ ସେଠାରେ ପହଞ୍ଚି ପୋଖରୀରୁ ତାଙ୍କୁ ଉଦ୍ଧାର କରି ସନ୍ଧ୍ୟାରେ ସୋର ମେଡିକାଲକୁ ଆଣିଥିଲେ। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ଖବରପାଇ ସୋର ପୁଲିସ ମେଡିକାଲରେ ପହଞ୍ଚି ଶବ ଜବତ କରି ବ୍ୟବଚ୍ଛେଦ ପାଇଁ ରଖିଥିଲେ। ଆଜି ପୂର୍ବାହ୍ନରେ ଈଶ୍ୱରପୁର ଫାଣ୍ଡି ପୁଲିସ ସୋର ମେଡିକାଲରେ ପହଞ୍ଚି ଏକ ମାମଲା ରୁଜୁ କରି ଶବ ବ୍ୟବଚ୍ଛେଦ କରି ପରିବାର ଲୋକଙ୍କୁ ହସ୍ତାନ୍ତର କରି ଘଟଣାର ତଦନ୍ତ ଆରମ୍ଭ କରିଛି।

# ବେଆଇନ ପଥର ବୋଝେଇ ଡମ୍ପର ଜବତ

ସୋର, ୧୬।୮ (ସମିସ): ସୋର ତହସିଲ ପକ୍ଷରୁ ଏକ ପଥର ବୋଝେଇ ଡମ୍ପର ଜବତ କରାଯାଇ ଖଣି ବିଭାଗକୁ ହସ୍ତାନ୍ତର କରାଯାଇଛି। ଗତ ୧୪ ତାରିଖ ବିଳମ୍ବିତ ରାତିରେ ସୋର ବାଗୁଡି ରାସ୍ତାରେ ବେଧଡକ ପଥର ଚାଲାଣ ହେଉଥିବା ଖବର ପାଇ ସୋର ତହସିଲଦାର ଦୈତାରି ମଲିକ ଚଢ଼ାଉ କରିଥିଲେ। ଏହି ସମୟରେ ବାଗୁଡି ଖଦାନରୁ ବେଆଇନ ଭାବେ ପଥର ବୋଝେଇ କରି ଆସୁଥିବା ଓ ୧୧ ଭି ୪୬୩୧ ନମ୍ବର ବିଶିଷ୍ଟ ଡ଼ମ୍ପରକୁ ଜବତ କରି ଥାନା ପରିସରରେ ରଖିବା ସହ ଖଣି ବିଭାଗକୁ ହସ୍ତାନ୍ତର କରିଥିଲେ। ଚଢ଼ାଉ ହେଉଥିବା ଜାଣିପାରି ୬୦ ରୁ ଉର୍ଦ୍ଧ୍ୱ ଗାଡି ପଥର ଢାଳି ଚମ୍ପଟ ମାରିଥିଲେ। ଏଠାରେ ପୂର୍ବରୁ ବସାଯାଇଥିବା ପୁଲିସ କ୍ୟାମ୍ପକୁ ପୁନଶ୍ଚ ବସାଇ ପଥର ଲୁଟ ରୋକିବାକୁ ଦାବି ହୋଇଛି।

# ରାଧାକୃଷ୍ଣ ବେଶ ପ୍ରତିଯୋଗିତା ଓ ଭାଗବତ ପାଠ



ଖଇରା,୧୬।୮ (ସମିସ): ଖଇରା ବ୍ଲକ ଅଧୀନ ବିଭିନ୍ନ ସରସ୍ୱତୀ ଶିଶୁ ମନ୍ଦିର ଓ ସରସ୍ୱତୀ ବିଦ୍ୟା ମନ୍ଦିରରେ ପବିତ୍ର ଜନ୍ମାଷ୍ଟମୀ ଆଧ୍ୟାତ୍ମିକ ପରିବେଶରେ ପାଳିତ ହୋଇଯାଇଛି। ପିଲା ମାନଙ୍କ ମଧ୍ୟରେ ରାଧାକୃଷ୍ଣ ବେଶ ପ୍ରତିଯୋଗିତା ସାଙ୍ଗକୁ ଭାଗବତ ଆଲୋଚନା ଅନୁଷ୍ଠିତ ହୋଇ ଯାଇଛି। ସାରଡାଙ୍ଗ ପଞ୍ଚାୟତ ଅଧୀନ ଅଲିପୁର ସରସ୍ୱତୀ ଶିଶୁ ମନ୍ଦିରରେ ଆୟୋଜିତ ଆଧ୍ୟାତ୍ମିକ ଆଲୋଚନାରେ ପରିଚାଳନା କମିଟି ସଭାପତି ନିରଞ୍ଜନ ସାମଲ ଅଧ୍ୟକ୍ଷତା କରିଥିଲେ। ସଂସ୍କୃତ ବିଶାରଦ ତଥା ଖଇରା ମହାବିଦ୍ୟାଳୟର ପ୍ରାକ୍ତନ ଅଧ୍ୟକ୍ଷ ନିରଞ୍ଜନ ପଣ୍ଡା ମୁଖ୍ୟବକ୍ତା ଦେଇ କୃଷ୍ଣ ଚରିତ ଶୁଣାଇବା ଅବସରରେ ରାଧାକୃଷ୍ଣ ନାମ ଉଚ୍ଚାରଣରେ କୋଟିଏ ଜନ୍ମର ପାପ କ୍ଷୟ ହୋଇଥାଏ ବୋଲି କହିଥିଲେ। ଡା ଉପେନ୍ଦ୍ର ପ୍ରସାଦ ଖଟୁଆ ମୁଖ୍ୟଅତିଥି, ଲମ୍ବୋଦର ନନ୍ଦ ସମ୍ମାନନୀୟ ବକ୍ତା, ମଧୁସୁଦନ ମହାନ୍ତି ସମ୍ମାନନୀୟ ଅତିଥି ଭାବେ ଯୋଗ ଦେଇଥିଲେ। ପରିଚାଳନା କମିଟି ସାଧାରଣ ସମ୍ପାଦକ ଦିଲ୍ଲିପ କୁମାର ତ୍ରିପାଠୀ, ସହ ସମ୍ପାଦକ ସୁଦାମ କୁଣ୍ଡୁ ପ୍ରମୁଖ ଉପସ୍ଥିତ ଥିଲେ। ପ୍ରଧାନଚାର୍ଯ୍ୟ ଜୟନ୍ତ କୁମାର ମାଝୀ ମଞ୍ଚ ପରିଚାଳନା କରିଥିଲେ। ଏହାଛଡା ନଟାପଡା ଛକସ୍ଥିତ ସରସ୍ୱତୀ ଶିଶୁ ମନ୍ଦିର, ବାଣପୁର ସରସ୍ୱତୀ ଶିଶୁ ମନ୍ଦିର, କ୍ଷିରିପଦା ସରସ୍ୱତୀ ଶିଶୁ ମନ୍ଦିର, ଖଇରା ଶିଶୁ ବିଦ୍ୟାମନ୍ଦିରରେ ମଧ୍ୟ ବିଭିନ୍ନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇ ଯାଇଛି।

# ଭତ୍ତା ନେବାକୁ ଆସି ବୃଦ୍ଧ ନିଖୋଜ

ନୀଳଗିରି, ୧୬।୮ (ସମିସ): ଜଣେ ୬୬ବର୍ଷୀୟ ବୃଦ୍ଧ ଭତ୍ତା ଟଙ୍କା ନେଇ ଏଯାବତ୍ ଘରକୁ ନ ଫେରିବାରୁ ପରିବାର ଲୋକେ ବହୁ ଖୋଜା ଖୋଜି କଲା ପରେ ବି ବୃଦ୍ଧର ସନ୍ଧାନ ନମିଳିବାରୁ ଶେଷରେ ତାଙ୍କ ପୁଅ ନୀଳଗିରି ଥାନାରେ ଅଭିଯୋଗ କରିଛନ୍ତି। ଜାମୁଡ଼ିହା ପଞ୍ଚାୟତର ବାଘମରା ଗ୍ରାମର ମୁକୁନ୍ଦ ସିଂ(୬୬) ନିଜର ବାର୍ଦ୍ଧକ୍ୟ ଭତ୍ତା ଆଣିବା ପାଇଁ ଗତ ୧୪ତାରିଖ ଦିନ ୧୧ଟା ସମୟରେ ଚାଲି ଚାଲି ଜାମୁଡିହା ପଞ୍ଚାୟତ ଅଫିସ୍‌କୁ ଯାଇଥିଲେ। ସେଠାରୁ ଭତ୍ତା ନେଇ ଫେରିଥିବା କିଛି ଲୋକେ ଦେଖିଥିଲେ। ମାତ୍ର ସନ୍ଧ୍ୟା ପରେ ଘରକୁ ମୁକୁନ୍ଦ ନ ଫେରିବାରୁ ପରିବାର ଲୋକେ ବ୍ୟସ୍ତ ହୋଇ ବନ୍ଧୁବାନ୍ଧବ ଘରେ ଖୋଜା ଖୋଜି କରିବା ସହ ନିକଟସ୍ଥ କେନାଲରେ ମଧ୍ୟ ଖୋଜା ଖୋଜି କଲା ପରେ ବି ସନ୍ଧାନ ପାଇ ନ ଥିଲେ। ଶେଷରେ ନିରୁପାୟ ହୋଇ ପୁଅ ଅକ୍ଷୟ ସିଂ ଶନିବାର ଦିନ ଥାନାରେ ଅଭିଯୋଗ କରିଛନ୍ତି।

# ଦୁର୍ଘଟଣାରେ ବାଇକ ଚାଳକ ମୃତ

ବାଲେଶ୍ୱର,୧୬।୮ (ସମିସ): ବାଲେଶ୍ୱର ସଦର ଥାନା ଅର୍ନ୍ତଗତ ମେଘଡମ୍ବରୁ ନିକଟସ୍ଥ ଡିଆରଡିଓ ରାସ୍ତାରେ ଏକ ସଡ଼କ ଦୁର୍ଘଟଣା ଘଟିଛି। ଏଥିରେ ଜେଣ ବାଇକ ଆରୋହୀଙ୍କର ମୃତ୍ୟୁ ଘଟିଛି। ମୃତକ ଜଣଙ୍କ ହେଉଛନ୍ତି ସଦର ଥାନା ଅର୍ନ୍ତଗତ ବାରିଙ୍ଗିଆ ଅଂଚଳର ବାପୁନ ସିଂ(୨୨)। ଆଜି ସକାଳେ ବର୍ଷା ହେଉଥିବା ସମୟରେ ମେଘଡମ୍ବରୁ ନିକଟସ୍ଥ ଡିଆରଡିଓ ରାସ୍ତାରେ ସେ ଏକ ବାଇକ ଯୋଗେ ଆସୁଥିଲା। ଏହି ସମୟରେ ରାସ୍ତା କଡରେ ଛିଡା ହୋଇଥିବା ଏକ ପିକଅପ ଭ୍ୟାନକୁ ଭାରସାମ୍ୟ ହରାଇ ପିଟିଦେଇଥିଲା। ଫଳରେ ସେ ଗୁରୁତର ହୋଇପଡ଼ିଥିଲା। ଏଣୁ ତୁରନ୍ତ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ନିଆଯାଇଥିଲା। ହେଲେ ଡାକ୍ତର ସେଠରେ ତାଙ୍କୁ ମୃତ ଘୋଷଣା କରିଥିଲେ। ଖବରପାଇ ସଦର ପୁଲିସ ଘଟଣା ସ୍ଥଳରେ ପହଁଚି ବାଇକଟିକୁ ଜବତ କରିବା ସହ ମୃତ ଦେହକୁ ଜବତ କରି ବ୍ୟବଚ୍ଛେଦ କରାଇଛି। ଏ ନେଇ ଏକ ମାମଲା ରୁଜୁ କରି ତଦନ୍ତ ମଧ୍ୟ ଚଳାଇଛି।

**ବହୁ ପ୍ରତୀକ୍ଷାର ଅନ୍ତଃ**

# ବସ୍ତାକୁ ଏନ୍‌ଏସି ଘୋଷଣା, କାର୍ଯ୍ୟକାରିତାକୁ ଅପେକ୍ଷା

ବସ୍ତା ବ୍ଲକ, ୧୬।୮ (ସମିସ)




ସ୍ୱାଧୀନତା ଦିବସର ପରଦିନ ବାଲେଶ୍ୱର ଜିଲ୍ଲାର ବସ୍ତାକୁ ଏନ୍‌ଏସି ଘୋଷଣା କରିଛନ୍ତି ରାଜ୍ୟ ସରକାର। ଶନିବାର ୧୨ଟି ଏନ୍‌ଏସି ଘୋଷଣା ହୋଇଛି ସେଥି ମଧ୍ୟରେ ବସ୍ତା ରହିଛି। ଗତ ସାଧାରଣ ନିର୍ବାଚନ ପୂର୍ବରୁ ବିଜେଡି ସରକାର ବସ୍ତାକୁ ଏନ୍‌ଏସି ଘୋଷଣା କରିଥିଲେ। ମାତ୍ର ନିର୍ବାଚନ ପରେ ସରକାର ପରିବର୍ତ୍ତନ ହେବା ପରେ ଏହି ଏନ୍‌ଏସି ଘୋଷଣା ରେ ସୀମିତ ହୋଇ ରହି ଯାଇଥିଲା। ଯାହାକୁ ନେଇ ବସ୍ତାବାସୀଙ୍କ ମଧ୍ୟରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଥିଲା। ବସ୍ତାକୁ ଏନ୍‌ଏସି ଘୋଷଣା ପାଇଁ ଦାବି ଜୋର ଧରିଥିଲା। ଏ ନେଇ ବସ୍ତା ବିଜେପି ନେତୃମଣ୍ଡଳୀ ପକ୍ଷରୁ ବିଭାଗୀୟ ମନ୍ତ୍ରୀ ଡ. କୃଷ୍ଣଚନ୍ଦ୍ର ମହାପାତ୍ରଙ୍କୁ ଭେଟି ବସ୍ତା କୁ ଏନ୍ ଏ ସି ଘୋଷଣା ପାଇଁ ଦାବି କରିବା ପରେ ଖୁବ୍‌ଶୀଘ୍ର ଏନ୍‌ଏସି ଘୋଷଣା କରାଯିବ ବୋଲି ପ୍ରତିଶ୍ରୁତି ଦେଇଥିଲେ। ସବୁ ପ୍ରତୀକ୍ଷାର ଅନ୍ତ ଘଟାଇ ଶନିବାର ଏନ୍ ଏ ସି ଘୋଷଣା ହୋଇଛି। ଏହି ଘୋଷଣା ପରେ ବସ୍ତା ବାସୀଙ୍କ ମଧ୍ୟରେ ଖୁସିର ଲହରୀ ଖେଳି ଯାଇଥିବା ବେଳେ ଏହା କେବେ କାର୍ଯ୍ୟକାରିତା ହେବ ତାକୁ ନେଇ ବଡ଼ ପ୍ରଶ୍ନବାଚୀ ସୃଷ୍ଟି କରିଛି। ବସ୍ତା ରେ ଜନସଂଖ୍ୟା ବଢ଼ିଥିବା ବେଳେ ସେହି ତୁଳନା ରେ ବିକାଶର ଅନେକ ଆବଶ୍ୟକତା ରହିଛି। ଏନ୍ ଏ ସି କାର୍ଯ୍ୟକାରୀ ହେଲେ ରାସ୍ତା ସମ୍ପ୍ରସାରଣ, ଆଲୋକି କରଣ, ବ୍ୟବସାୟୀଙ୍କ ପାଇଁ ମଣ୍ଡି, ମାର୍କେଟ କମ୍ପ୍ଲେକ୍ସ, ସହିତ ପାଣି, ବିଦ୍ୟୁତ୍, ସ୍ୱାସ୍ଥ୍ୟ ସେବା, ଶିକ୍ଷା ର ଉନ୍ନତି ହେବ ବୋଲି ଲୋକେ ଆଶା ବାନ୍ଧିଛନ୍ତି।

▸ ବସ୍ତା ଏବେ ବିକାଶ ର ନୂଆ ଫର୍ଦ୍ଦ ଯୋଡି ହେବ। ବସ୍ତା ବାସୀଙ୍କ ଦୀର୍ଘ ଦିନର ଦାବି ପୂରଣ ହେବାକୁ ଯାଉଛି। ଏ ନେଇ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, ବାଲେଶ୍ୱର ସାଂସଦ ପ୍ରତାପ ଚନ୍ଦ୍ର ଷଡଙ୍ଗୀ ଓ ମନ୍ତ୍ରୀ କୃଷ୍ଣଚନ୍ଦ୍ର ମହାପାତ୍ରଙ୍କୁ କୃତଜ୍ଞତା ଜଣାଉଛି।
**ପ୍ରଦୀପ କୁମାର ପଣ୍ଡା ( ଜିଲ୍ଲା ସଭାପତି, ଉତ୍ତର)**

▸ ପୂର୍ବ ସରକାରଙ୍କ ଘୋଷଣା ବାସ୍ତବ ରୂପ ନେବାକୁ ଯାଉଛି। ଏହା ଦ୍ୱାରା ବସ୍ତା ର ବିକାଶ ସହିତ ଲୋକେ ଅନେକ ସୁବିଧା ସୁଯୋଗ ପାଇ ପାରିବେ।
**ସୁବାସିନୀ ଜେନା, ବିଧାୟିକା ବସ୍ତା**

▸ ବସ୍ତା ଏନ୍‌ଏସି ଘୋଷଣା ଏକ ସ୍ୱାଗତ ଯୋଗ୍ୟ ପଦକ୍ଷେପ। ଏହି ଘୋଷଣା ପୂର୍ବରୁ ଥରେ ବିଜେଡି ସରକାର କରିଥିବା ବେଳେ ଏଥର ବିଜେପି ସରକାର କରିଛି। ଦେଖିବାକୁ ରହିଲା କେତେ ଶୀଘ୍ର ଏହା କାର୍ଯ୍ୟକାରୀ ହେଉଛି।
**ସତ୍ୟ ନାରାୟଣ ଗୁପ୍ତା, କଂଗ୍ରେସ ବ୍ଲକ ସଭାପତି**

▸ ଦୀର୍ଘ ବର୍ଷ ଧରି ଜେଏମଏମ ବସ୍ତାକୁ ଏନ୍‌ଏସି ଘୋଷଣା ପାଇଁ ଦାବି କରି ଆସିଛି। ଏହି ଘୋଷଣା ଏକ ସ୍ୱାଗତ ଯୋଗ୍ୟ ପଦକ୍ଷେପ। ଏହା ଘୋଷଣାରେ ସୀମିତ ନ ରହି ତୁରନ୍ତ କାର୍ଯ କାରୀ ହେବା ଦରକାର। କାରଣ ଅନେକ ବର୍ଷ ଧରି ବସ୍ତା ବିକାଶଠାରୁ ବହୁ ଦୂରରେ ଅଛି।
**କମଲ ଲୋଚନ ବାରିକ, ଜେଏମଏମ ରାଜ୍ୟ ସଭାପତି**

# ଉଚ୍ଚ ନ୍ୟାୟାଳୟ ବିଚାରପତିଙ୍କ ଜଳେଶ୍ୱର କୋର୍ଟ ଗସ୍ତ



ଜଳେଶ୍ୱର,୧୬।୮ (ସମିସ) : ବାଲେଶ୍ୱର ଜିଲ୍ଲା ପ୍ରଶାସନିକ ଦାୟିତ୍ୱରେ ଥିବା ଉଚ୍ଚ ନ୍ୟାୟାଳୟର ବିଚାରପତି କୃଷ୍ଣ ରାମ ମହାପାତ୍ର ଶନିବାର ପୂର୍ବାହ୍ନରେ ଜଳେଶ୍ୱର କୋର୍ଟ ଗସ୍ତରେ ଆସିଥିଲେ। ପରିସରରେ ଏକ ବର୍ଷଧରି ନିର୍ମାଣାଧୀନ ଥିବା ୧୦ କୋଟି ଟଙ୍କାର କୋର୍ଟ ଗୃହ କାର୍ଯ୍ୟର ଅଗ୍ରଗତି ସମ୍ପର୍କରେ ସମୀକ୍ଷା କରିବା ସହିତ କୋର୍ଟ ପରିସର ପରିଦର୍ଶନ କରିଥିଲେ। ପରେ ବାର ହଲ୍ ରେ ଆୟୋଜିତ ସମ୍ବର୍ଦ୍ଧନା ସଭାରେ ଓକିଲ ସଂଘ ସଭାପତି କୁଞ୍ଜବିହାରୀ ଦାସ ମଞ୍ଚ ପରିଚାଳନା କରିଥିଲେ। ଉଚ୍ଚ ନ୍ୟାୟାଳୟର ବିଚାରପତି କୃଷ୍ଣରାମ ମହାପାତ୍ର, ବାଲେଶ୍ୱର ଜିଲ୍ଲା ଜଜ୍ ସତ୍ୟ ନାରାୟଣ ମିଶ୍ର, ସିଜିଏମ ଜନକ ରାଉତଙ୍କୁ ଓକିଲ ସଂଘ ପକ୍ଷରୁ ସ୍ୱାଗତ କରିବା ସହିତ ବିପୁଳ ସମ୍ବର୍ଦ୍ଧନା ଦିଆଯାଇଥିଲା। ପ୍ରାକ୍ତନ ବାର ସଭାପତି ଅନିଲ କୁମାର ପରିଡା ଅତିଥି ପରିଚୟ, ଉଦ୍ଦେଶ୍ୟ ଜ୍ଞାପନ ସହିତ ମହକିଲ ଓ ଓକିଲଙ୍କ ସମସ୍ୟା ସମ୍ପର୍କରେ ଅବଗତ କରାଇଥିଲେ। ଜଳେଶ୍ୱର ରେ ସିଭିଲ ଜର୍ଜ କମ୍ ଜେଏମଏଫସି କୋର୍ଟ ନିକଟରେ ଖୋଲିବାକୁ ଥିବା ବେଳେ ଫ୍ୟାମିଲି କୋର୍ଟ ଓ ଅନୁସୂଚିତ ଜାତି ଓ ଜନଜାତିଙ୍କ ମାମଲାର ବିଚାର ଜଳେଶ୍ୱର କୋର୍ଟରେ କରିବା ଲାଗି ଅବଗତ କରାଯାଇଛି। ଏହା ସହିତ ଆଇନଜୀବୀ ଓ ଲୋକଙ୍କ ଲାଗି ପାର୍କିଂର ସୁବ୍ୟବସ୍ଥା କରିବାକୁ ଓକିଲ ସଂଘ ପକ୍ଷରୁ ଜଣାଯାଇଛି। ପୂର୍ତ୍ତ ବିଭାଗ ଅଧିକ୍ଷଣ ଯନ୍ତ୍ରୀ ଙ୍କ ପିନାକୀ ସ୍ୱାଇଁ, ଜେଇ ଅନିଲ ଦାସ, ସ୍ଥାନୀୟ ତହସିଲଦାର ସତ୍ୟଜିତ ମହାନ୍ତି, ପୂର୍ତ୍ତବିଭାଗ ଏସଡିଓ ଅବିନାଶ ବେହେରା ପ୍ରମୁଖ ଲେ ଆଉଟ୍ ସମୀକ୍ଷା କରିଥିଲେ। ମାର୍ଚ୍ଚ ୩୧ ତାରିଖ ସୁଦ୍ଧା ନୂତନ କୋର୍ଟ ଗୃହର କାର୍ଯ୍ୟ ସମ୍ପୂର୍ଣ୍ଣ ହେବ ବୋଲି ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି। ବରିଷ୍ଠ ଆଇନଜୀବି ଚନ୍ମୟ ଦାସ, ସତ୍ୟ ସୁନ୍ଦର ଦାସ, ଜିତାଂଶୁ ନନ୍ଦୀ, ଅବଧୁତ ଜେନା, ସୁଶାନ୍ତ ଦାସ, ଗିରିଜା ଶଙ୍କର ଦାସ, ପ୍ରବିର ରାଉଳ, ଇଶାକ୍ ବେଗ୍,ଦେବ କାନ୍ତ କାସ୍ତ, ସିଦ୍ଧାର୍ଥ ଦାସ, ରାଜେଶ ପାତ୍ର,ସତ୍ୟ ନାରାୟଣ ଦାସ, ଶ୍ରୀକୃଷ୍ଣ ଗୁପ୍ତା, ସବ୍ୟସାଚୀ ଦାସ, ପତିତପାବନ ପ୍ରଧାନ ପ୍ରମୁଖ ଆଇନଜୀବୀ ଉପସ୍ଥିତ ଥିଲେ।

# ଭୋଗରାଇ ଗ୍ରାମ୍ୟ ନ୍ୟାୟାଳୟ ପରିଦର୍ଶନରେ ହାଇକୋର୍ଟ ବିଚାରପତି

ଭୋଗରାଇ,୧୬।୮ (ସମିସ): ଭୋଗରାଇ ବ୍ଲକସ୍ଥିତ ଭୋଗରାଇ ଗ୍ରାମ୍ୟ ନ୍ୟାୟଳୟ ତଥା ଜେଏମଏଫସି କୁ ଓଡ଼ିଶା ହାଇକୋର୍ଟର ବରିଷ୍ଠ ବିଚାରପତି କୃଷ୍ଣରାମ ମହାପାତ୍ର ଆସି ପରିଦର୍ଶନ କରି ଫେରିଛନ୍ତି। ତାଙ୍କ ସହିତ ବାଲେଶ୍ୱର ଜିଲ୍ଲା ମୁଖ୍ୟ ବିଚାରପତି ସତ୍ୟନାରାୟଣ ମିଶ୍ର,ସି ଜେ ଏମ୍ ଜନକ ରାଉତ,କୋର୍ଟ ମ୍ୟାନେଜର ପ୍ରିୟଙ୍କା ମିଶ୍ର, ଏଡିଏମ୍ ସୁଧାକର ନାୟକ ଉପସ୍ଥିତ ହୋଇ କୋର୍ଟର ଭିତ୍ତି ଭୂମି ପରିଦର୍ଶନ କରିଛନ୍ତି।



ଏହି ଅବସରରେ କୋର୍ଟ ପରିସରରେ ବୃକ୍ଷରୋପଣ କରାଯାଇଥିଲା। ସେହିପରି କୋର୍ଟ ପରିସରରେ ଅନୁଷ୍ଠିତ ଏକ ବୈଠକରେ ବାର ଏସୋସିଏସନ ର ସଭାପତି କୁଞ୍ଜବିହାରୀ ଦାସ ସଭାପତିତ୍ୱ କରିଥିଲେ। ମୁଖ୍ୟ ଅତିଥି ଭାବରେ ହାଇକୋର୍ଟର ବରିଷ୍ଠ ବିଚାରପତି ଶ୍ରୀ ମହାପାତ୍ର,ମୁଖ୍ୟବକ୍ତା ଭାବ ଜିଲ୍ଲା ବିଚାରପତି ଶ୍ରୀ ମିଶ୍ର,ସମ୍ମାନିତ ଅତିଥି ,ସି ଜେ ଏମ୍ ଶ୍ରୀ ରାଉତ ପ୍ରମୁଖ ଉପସ୍ଥିତ ହୋଇ ବିଭିନ୍ନ ସମସ୍ୟା ସଂପର୍କରେ ଆଲୋଚନା କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ବାର ଏସୋସିଏସନ ର ସମ୍ପାଦକ ବିଜନ କୁମାର ଦେ,ମଦନ ପଣ୍ଡା,ରାଜ କୁମାର ଦାସ, ମୃତ୍ୟୁଞ୍ଜୟ ଦାସ,ତାରାପଦ ଜେନା,ସୁଖେନ୍ଦୁ ବାରିକ,ମଦନ ମୋହନ ରାଉଳ,ଜୟକୃଷ୍ଣ ମହାନ୍ତି,ଚନ୍ଦନ ଜେନା,ପ୍ରଦୀପ ଜେନା,କମଳ ମହାନ୍ତି,ନନ୍ଦଦୁଲାଲ ଜେନା,ଅରୂପ ଜେନା ପ୍ରମୁଖ ଉପସ୍ଥିତ ଥିଲେ।

**■ ମୋହରିର ସଂଘ ପକ୍ଷରୁ ଆନ୍ଦୋଳନ ଜାରି**

# ଗୋଟିଏ ଦିନରେ କୋଟିଏ ରାଜସ୍ୱହାନୀ

ବାଲେଶ୍ୱର,୧୬।୮ (ସମିସ): ରାଜ୍ୟ ସରକାରଙ୍କ କୌଣସି ଲିଖିତ ନିର୍ଦ୍ଦେଶ ନଥିବା ସତ୍ୱେ ଜିଲ୍ଲା ସବ ରେଜିଷ୍ଟ୍ରାର ମନମୁଖୀ ଭାବେ ବିଭିନ୍ନ ପ୍ରକାର ଦଲିଲକୁ ଗ୍ରହଣ ନ କରି ଫେରାଇ ଦେଉଥିବାରୁ ସାଧାରଣ ଲୋକେ ବହୁ ଅସୁବିଧାରେ ସମ୍ମୁଖିନ ହେଉଛନ୍ତି। ଏ ନେଇ ଗତ ୧୧ତାରିଖରେ ଜିଲ୍ଲା ମୋହରିର ସଂଘ ପକ୍ଷରୁ୧୬ଦଫା ଦାବି କରାଯାଇ ସବରେଜିଷ୍ଟ୍ରାରଙ୍କ କାର୍ଯ୍ୟାଳୟ ସମ୍ମୁଖରେ ବିକ୍ଷୋଭ ପ୍ରଦର୍ଶନ କରିବା ସହ ଅନିର୍ଦ୍ଦିଷ୍ଟ କାଳ ପର୍ଯ୍ୟନ୍ତ କାର୍ଯ୍ୟବନ୍ଦ ଆନ୍ଦୋଳନ କରାଯାଇଛି। ଏହି ଆନ୍ଦୋଳନ ଆଜି ୬ଦିନରେ ପହଁଚିଛି। ଏହି ଆନ୍ଦୋଳନରେ ଆଜି ମୋରିର ସଂଘର ରାଜ୍ୟ ସଭପତି ଗଣପତି ସ୍ୱାଇଁ ଯୋଗଦେଇ ଆନ୍ଦୋଳନ କାରୀଙ୍କ ଦାବିକୁ ଯଥାର୍ଥ ବୋଲି କହିବା ସହ ଗୋଟିଏ ଦିନରେ ରାଜ୍ୟ ସରକାର କୋଟିଏରୁ ଅଧିକ ଟଙ୍କା ରାଜସ୍ୱ ହରାଉଛନ୍ତି। ତେବେ ଆନ୍ଦୋଳନକୁ ୬ଦିନ ହୋଇଯାଇଥିବା ବେଳେ ପାଖାପାଖି ୬କୋଟିରୁ ଅଧିକ ଟଙ୍କା ରାଜସ୍ୱ ହରାଇସାରିଲେଣି। ଏଣୁ ସରକାର ମୋହରିର ସଂଘର ଏହି ଦାବିକୁ ପୂରଣ କରିବା ସହ କାର୍ଯ୍ୟ ବନ୍ଦ ଆନ୍ଦୋଳନ କରାଯାଇଥିବା ଫଳରେ ଲୋକମାନେ ବହୁ ଅସୁବିଧାରେ ସମ୍ମୁଖିନ ହେଉଛନ୍ତି ତାକୁ ଦୃଷ୍ଟିଦେବାର ଆବଶ୍ୟକତା ରହିଛି ବୋଲି କହିଛନ୍ତି। ଏହାଛଡା ସାଧାରଣ ଲୋକେ ତାଙ୍କର କୌଣସି ଜରୁରୀ କାର୍ଯ୍ୟ କରିପାରୁ ନାହାନ୍ତି ବୋଲି ମଧ୍ୟ ଅଭିଯୋଗ କରିଛନ୍ତି। ସୂଚନା ଯୋଗ୍ୟ ଯେ, ପୈତୃକ ସମ୍ପତିରେ ନବାଳକର ଅବିଭକ୍ତ ସମ୍ପତିକୁ ହସ୍ତାନ୍ତର ଦଲିଲ ଜିଲ୍ଲା ଜଜଙ୍କ ଅନୁମତି ବିନା ରେଷ୍ଟ୍ରୀ କରୁ ନାହାନ୍ତି, ଓଡ଼ିଶା ହାଇକୋର୍ଟ ଡବ୍ଲ୍ୟପି(ସି) ମକଦ୍ଦମାର ନିର୍ଦ୍ଦେଶକୁ ଅମାନ୍ୟ କରି ଅବିଭକ୍ତ ସମ୍ପତି ମଧ୍ୟରୁ ଗଣେ ଅଂଶୀଦାର ତାର ଅଂଶ ବାବଦ ସମ୍ପତିକୁ ଅସ୍ତାନ୍ତର କରିବା ଦଲିଲ ରେଜେଷ୍ଟ୍ରି କରାଯାଉ ନାହିଁ, ଜଣେ ଖତିଆନ ପ୍ରଭା ମୃତ୍ୟୁ ପରେ ରେଭେନ୍ୟୁ ଅଫିସରଙ୍କ ଠାରୁ ହାସଲ କରିଥିବା ଉତ୍ତରାଧିକାରୀ ସାର୍ଟିଫିକେଟ ପାଂଚ ବର୍ଷର ପୁରଣା ହେଲେ ତାହାକୁ ଗ୍ରହଣ କରୁ ନାହାନ୍ତି,ରେଜିଷ୍ଟ୍ରେସନଆଇନ ଅନୁସାରେ ଜରୁରୀ ପରିସ୍ଥିତିରେ ଭିଜିଟ ଦଲିଲ ରେଜେଷ୍ଟ୍ରି କରୁ ନାହାନ୍ତି କିମ୍ବା ପାର୍ଟ ଭିଜିଟ ମଧ କରୁ ନାହନ୍ତି। ଏପରି ୧୬ଦଫା ଦାବି ଉପସ୍ଥାପନ କରାଯାଇଛି। ଏପରିକି ସଂଘ ପକ୍ଷରୁ ଜିଲ୍ଲାପ୍ରଶାସନକୁ ଦାବିପତ୍ର ପ୍ରଦାନ କରାଯାଇଥିବା ବେଳେ ଆଜି ପର୍ଯ୍ୟନ୍ତ ଜିଲ୍ଲା ପ୍ରଶାସନ ପକ୍ଷରୁ ସେମାନଙ୍କ କୌଣସି ଆଲୋଚନା ମଧ୍ୟ କରାଯାଉ ନାହିଁ। ଏହି ଧାରଣାରେ ରାଜ୍ୟ ସମ୍ପାଦକ ଅଜୟ ପରିଜା,ରାଜ୍ୟ ଉପସଭାପତି ଗିରିଶ ଦତ୍ତ, ଜିଲ୍ଲା ସଭାପତି ନିରାକାର ରାଉତ, ଜିଲ୍ଲା ଉପସଭାପତି ପୂର୍ଣ୍ଣଚନ୍ଦ୍ର ବେହେରା, ସମ୍ପାଦକ ରମାକାନ୍ତ ଦାସ, ଗଦାଧର ବେହେରା, ନିଗମାନନ୍ଦ ରଥ, ସଂଗ୍ରାମ ପାତ୍ର, ହରେକୃଷ୍ଣ ମହାନ୍ତିଙ୍କ ସମେତ ଅନ୍ୟ ସଭ୍ୟମାନେ ଉପସ୍ଥିତ ଥିଲେ।




# ପୋଲରୁ ଡେଇଁ ମହିଳାଙ୍କ ଆତ୍ମହତ୍ୟା ଉଦ୍ୟମ

ରାଜଘାଟ, ୧୬।୮ (ସମିସ): ବସ୍ତା ଥାନା ୧୬ ନମ୍ବର ଜାତୀୟ ରାଜପଥର ରାଜଘାଟ ସୁବର୍ଣ୍ଣରେଖା ନଦୀପୋଲ ନିକଟରେ ଜୈନିକା ମହିଳା ପୋଲରୁ ଡେଇଁ ଆତ୍ମହତ୍ୟା ଉଦ୍ୟମ କରୁଥିବା ସମୟରେ ଜାତୀୟ ରାଜପଥ ପହରା ପୁଲିସ ଦ୍ୱାରା ମହିଳା ଜଣଙ୍କୁ ଉଦ୍ଧାର କରାଯାଇଛି। ମହିଳା ଜଣକ ଶୁକ୍ରବାର ଅପରାହ୍ଣରେ ଉକ୍ତ ନଦୀପୋଲ ଉପରେ ଏକୁଟିଆ ଭାବେ ଛିଡ଼ା ହୋଇଥିଲେ। ତେବେ ମହିଳା ଜଣକର ଗତିବିଧିକୁ ଦେଖି ଜାତୀୟ ରାଜପଥ ପହରା ପୁଲିସଙ୍କର ସନ୍ଦେହ ହୋଇଥିଲା। ପଚାରିବାରୁ ଉକ୍ତ ନଦୀକୁ ଡେଇଁ ମହିଳା ଜଣକ ଆତ୍ମହତ୍ୟା କରିବେ ବୋଲି କହିଥିଲେ। ଫଳରେ ପୁଲିସ କର୍ମଚାରୀ ମାନେ ତାଙ୍କୁ ଉଦ୍ଧାର କରି ଜଳେଶ୍ୱର ଥାନାରେ ଜିମା ଦେଇଥିଲେ। ମହିଳା ଜଣକ ବାଲେଶ୍ୱର ଜିଲା ରାଇବଣିଆ ଥାନା ଅନ୍ତର୍ଗତ ଟାପରା କେନ୍ଦୁଖୁଣ୍ଟା ଗ୍ରାମର ବୋଲି ଜଣା ପଡ଼ିଛି।

**କୋର୍ଟ ନିର୍ଦ୍ଦେଶକୁ ଅବମାନନା**

# ସିଲ୍ ହେଲା ବେଆଇନ ଦୋକାନ ଗୃହ

ନୀଳଗିରି, ୧୬।୮ (ସମିସ)

ବାଲାଜୀ ହନୁମାନମନ୍ଦିର ଭାଙ୍ଗି ଦେବୋତ୍ତର ଜମିରେ ବେଆଇନ ଦୋକାନ ଗୃହ କରିବା, ଏବଂ ଉଚ୍ଚ ନ୍ୟାୟାଳୟ ନିର୍ଦ୍ଦେଶକୁ ଅବମାନନା କରିବା ଏବଂ ନିଜ ଜିଦ୍ ରେ ଅଟଳରହିବା ଫଳରେ ଶେଷରେ ଦୋକାନଗୃହ ଗୁଡିକରେ ପ୍ରଶାସନ ତରଫରୁ ତାଲା ଲଗାଯାଇ ସିଲ କରାଯାଇଛି। କିଛି ନ୍ୟସ୍ତସ୍ୱାର୍ଥ ବ୍ୟକ୍ତି ଚକ୍ରାନ୍ତ କରି ନୀଳଗିରି ଗୁଣ୍ଡିଚାମନ୍ଦିର ପାଶ୍ୱର୍ରେ ବାଲାଜୀ ହନୁମାନଙ୍କ ମନ୍ଦିର କଡ଼ରେ ପୁରୁଣାମନ୍ଦିର ଭାଙ୍ଗି ନୂତନ ମନ୍ଦିର ନିର୍ମାଣ ବାହାନାରେ ଦୁଇମହଲା କୋଠା କରି ଦୋକାନଗୃହ କରି ଫାଇଦା ନେଉଥିଲେ। ଏହାକୁ ବିରୋଧ କରି ବାଲିଗୋହିରୀ ଅଞ୍ଚଳର ଜଗବନ୍ଧୁ ମୁନି ନାମକ ଜୈନିକ ବ୍ୟକ୍ତି ଉଚ୍ଚ ନ୍ୟାୟାଳୟରେ ଜନସ୍ୱାର୍ଥ ମାମଲା ରୁଜୁ କରିଥିଲେ। ସୂଚନାଯୋଗ୍ୟ, ରାଜ୍ୟ ଦେବୋତ୍ତରବିଭାଗ ଅଧୀନରେ ନୀଳଗିରିରେ ଥିବା ବାଲାଜୀ ମଠ ବା ହନୁମାନ ମଠରେ ୨୦୦୪/୦୫ ମସିହାଠାରୁ ଟ୍ରଷ୍ଟ ବୋଡର୍ ପୁନଃ କାର୍ଯ୍ୟକ୍ଷମ ହୋଇନଥିଲା। ଉଲ୍ଲେଖ କରାଯାଇଥିଲା ଯେ, ଦେବୋତ୍ତର ବିଭାଗର



ବିନା ଅନୁମତିରେ ପ୍ଲଟ ନଂ ୯୫, ଖାତା ନଂ ୧୨୯/୧ ସାନଅତା ମୌଜାରେ ଥିବା ଠାକୁର ସମ୍ପତ୍ତିକୁ ଭଙ୍ଗାଯାଇ ସେଠାରେ ଦୁଇ ମହଲା କୋଠାନିର୍ମାଣ ପାଇଁ ପୁରୁଣା ମନ୍ଦିରକୁ ଭାଙ୍ଗି ନୂତନମନ୍ଦିର କରାଯିବା ସହ ସେଠାକୁ ଠାକୁରଙ୍କୁ ସ୍ଥାନାନ୍ତର କରାଯାଇଛି। ଏପରିକି ବ୍ୟାବସାୟିକ ମନୋବୃତ୍ତିରେ ଦୁଇମହଲା କୋଠା କରାଯାଇ ଲୋକଙ୍କ ଠାରୁ ବେଆଇନ ଭାବେ ମୋଟାଅଙ୍କର ଅର୍ଥନେଇ ଘର ଦେଇଥିଲେ।ଯାହା ଦେବୋତ୍ତର ବିଭାଗର ଅଗୋଚରରେ ହୋଇଛି। ଗୃହ ନିର୍ମାଣରେ ଅନୁମୋଦନ ପତ୍ର, ପ୍ଲାନ ଏଷ୍ଟିମେଣ୍ଟ, ଏମ.ବି. ବ୍ହି, ଗୃହ ନିର୍ମାଣରେ ଟ୍ରଷ୍ଟବୋଡର୍ ପଞ୍ଜିକରଣ କାଗଜପତ୍ର ପ୍ରଭୃତି ଦାଖଲ କରାଯାଇନଥିଲା। ତରବରିଆ ଭାବେ ଏଠାରେ ଗୋଟିଏ ଔଷଧ ଦୋକାନ, ୨ଟି କୋଠରୀରେ ପଥର ବାସନ ଦୋକାନ, ଗୋଟିଏରେ ହାର୍ଡୱେର ଷ୍ଟୋର, ୧୨ଟି ଦୋକାନ ଏବଂ ଉପର ଓ ତଳମହଲାରେ କେତେ ଜଣ ମୁଷ୍ଟିମେୟ ଲୋକଙ୍କ ନାଁରେ ଚୁକ୍ତିଭିତ୍ତିକ କୋଠରୀ ଦାଖଲ କରାଯାଇଛି। ବାଦବିବାଦ ପରେ ଗତ ଜୁଲାଇ୨୪ ତାରିଖ ଦେବୋତ୍ତର କମିଶନର ଏବଂ ସହକାରୀ କମିଶନର ଉକ୍ତ ଦୁଇମହଲା କୋଠା ନିକଟରେ ପହଞ୍ଚି ଅନୁଧ୍ୟାନ କରିବାସହ ନୀଳଗିରି ଉପଜିଲ୍ଲାପାଳଙ୍କୁ ରିପୋର୍ଟ ପ୍ରଦାନ କରିବା ସହିତ କାର୍ଯ୍ୟାନୁଷ୍ଠାନ ନେବାକୁ ନିର୍ଦ୍ଦେଶ ଦେଇଥିଲେ। ୧୬/୮/୨୫ରିଖ ଅପରାହ୍ନ୧, ୩୦ମିନିଟ ସୁଦ୍ଧା ଦୋକାନ ଗୃହରୁ ସମସ୍ତ ଆସବାବପତ୍ର କାଢ଼ି ନେବାକୁ ବିଚାରପତି କେ.ଆର ମହାପାତ୍ର ଓ ସାବିତ୍ରୀ ରଥ ନିର୍ଦ୍ଦେଶ ଦେଇଥିଲେ। ଦେବୋତ୍ତର କମିଶନରଙ୍କ ନିର୍ଦ୍ଦେଶରେ ଗତ ଅଗଷ୍ଟ ୭ତାରିଖ ବାଲେଶ୍ୱର, ଭଦ୍ରକ ଓ ମୟୂରଭଞ୍ଜର ଦେବୋତ୍ତର ଇନ୍ସପେକ୍ଟର ଦେବବ୍ରତ ବିଶ୍ୱାଳ ନୀଳଗିରିରେ ପହଁଚି ୧୨ଟି ବେଆଇନ ଦୋକାନ କରିଥିବା ମାଲିକଙ୍କ ମଧ୍ୟରୁ ୯ନୋଟିସ ନେଇଥିଲା ବେଳେ ୩ଜଣ ନୋଟିସ ନନେବାରୁ ତାଙ୍କ ଦୋକାନଗୃହରେ ନୋଟିସ ଟଙ୍ଗା ଯାଇଥିଲା। ଶେଷରେ କଣ୍ଟ ପୁରିଲା। ଶନିବାର ୧୬ତାରିଖ ୧.୩୦ପରେ ଉକ୍ତ ଗୃହରେ ପ୍ରଶାସନ ସିଲ୍ କରିଥିବା ଜଣାଯାଇଛି। ଏହି କାର୍ଯ୍ୟାନୁଷ୍ଠାନ ସମୟରେ ଦେବୋତ୍ତର ବିଭାଗର ସହକାରୀ କମିଶନର ପ୍ରକାଶ କର, ଦେବବ୍ରତ ବିଶ୍ୱାଳ, ଡିଭିଜନାଲ ଇନ୍ସପେକ୍ଟର ଦେବଦର୍ଶୀ ପଟ୍ଟନାୟକ, ସ୍ଥାନୀୟ ଉପଜିଲ୍ଲାପାଳ ଡ଼. ମଧୁସ୍ମିତା ସାମନ୍ତରାୟ, ତହସିଲଦାର ସୋନମ୍ ଦାସ, ନୀଳଗିରି ଆଇଆଇସି ଗୋବର୍ଦ୍ଧନ ନାୟକ, ଏଏସଆଇ ଶ୍ରୀନିବାସ ରାଉତଙ୍କ ଏକ ପ୍ଲାଟୁନ ପୋଲିସ ଫୋର୍ସ ମୁତୟନ କରାଯାଇ ଏହି ସିଲ୍ କରାଯାଇଛି।



## ଜିଲ୍ଲାବ୍ୟାପୀ ହର୍ଷୋଲ୍ଲାସର ସହିତ ପାଳନ ହେଲା ୭୯ତମ ସ୍ୱାଧୀନତା ଦିବସ

# ସ୍ୱାଧୀନତା ସଂଗ୍ରାମରେ ମୟୂରଭଞ୍ଜର ଅବଦାନ ଅତୁଳନୀୟ



ବାରିପଦା, ୧୬।୮ (ସମିସ): ଶୁକ୍ରବାର ମୟୂରଭଞ୍ଜ ଜିଲ୍ଲା ସଦର ମହକୁମା ବାରିପଦାଠାରେ ଜିଲ୍ଲାସ୍ତରୀୟ ୭୯ତମ ସ୍ୱାଧୀନତା ଦିବସ ପାଳିତ ହୋଇଯାଇଛି। ରିଜର୍ଭ ପୁଲିସ ପଡ଼ିଆରେ ଆୟୋଜିତ କାର୍ଯ୍ୟକ୍ରମରେ ଶିଳ୍ପ, ଦକ୍ଷତା ବିକାଶ ଓ ବୈଷୟିକ ଶିକ୍ଷା ବିଭାଗ ମନ୍ତ୍ରୀ ସମ୍ପଦଚନ୍ଦ୍ର ସ୍ୱାଇଁ ମୁଖ୍ୟଅତିଥି ଭାବେ ଯୋଗଦେଇ ଜାତୀୟ ପତାକା ଉତ୍ତୋଳନ କରିବା ସହିତ ସମ୍ମିଳିତ ପରେଡର ଅଭିବାଦନ ଗ୍ରହଣ କରି ସହିତ ସ୍ୱାଧୀନତା ସଂଗ୍ରାମୀଙ୍କ ଅମର ଆତ୍ମା ପ୍ରତି ଭକ୍ତିପୂତ ଶ୍ରଦ୍ଧାଞ୍ଜଳି ଜ୍ଞାପନ କରିଥିଲେ। ଜିଲ୍ଲାବାସୀଙ୍କୁ ପବିତ୍ର ଦିବସ ପାଳନ ଉପଲକ୍ଷେ ଅଭିନନ୍ଦନ ଜଣାଇ ତା'ଙ୍କ ଅଭିଭାଷଣରେ ଦେଶ, ରାଜ୍ୟ ତଥା ମୟୂରଭଞ୍ଜ ଜିଲ୍ଲାର ବିପ୍ଳବୀ-ବୀର ସ୍ୱାଧୀନତା ସଂଗ୍ରାମୀ ଓ ରାଷ୍ଟ୍ରନୀତିଜ୍ଞଙ୍କ ସ୍ମୃତିଚାରଣ କରିଥିଲେ। ସ୍ୱାଧୀନତା ସଂଗ୍ରାମରେ ମୟୂରଭଞ୍ଜବାସୀଙ୍କ ଦେଶପ୍ରେମ ଓ ଅତୁଳନୀୟ ବଳିଦାନ ବିଷୟରେ ଆଲୋକପାତ କରିଥିଲେ। ଏହି ଅବସରରେ ମନ୍ତ୍ରୀ ସରକାରଙ୍କ ବିଭିନ୍ନ ଜନ କଲ୍ୟାଣକାରୀ ଯୋଜନା ଓ ଉନ୍ନୟନ ପ୍ରକଳ୍ପ ବିଷୟରେ ଉଲ୍ଲେଖ କରିଥିଲେ। ପରେଡରେ ୪୫ଟି ଦଳ ଅଂଶ ଗ୍ରହଣ କରିଥିଲେ। ଏହାପରେ ମୁଖ୍ୟ ଅତିଥି ବରିଷ୍ଠ ସ୍ୱାଧୀନତା ସଂଗ୍ରାମୀ ଚକ୍ରଧର ପ୍ରଧାନଙ୍କୁ ଉତ୍ତରୀୟ ପରିଧାନ ପୂର୍ବକ ପୁଷ୍ପଗୁଚ୍ଛ ପ୍ରଦାନ କରି ସମ୍ବର୍ଦ୍ଧିତ କରିଥିଲେ। ସେହିପରି ପରେଡରେ ଶ୍ରେଷ୍ଠ ପ୍ରଦର୍ଶନ କରିଥବା ଏନସିସିରେ ଏମକେସି ହାଇସ୍କୁଲ (ବାଳିକା), ସ୍କାଉଟ- ଗାଇଡ଼ରେ ଏମପିକେ ଗାର୍ଲସ ହାଇସ୍କୁଲ (ଗାଇଡ଼), ଜୁନିଅର ରେଡ଼କ୍ରସରେ ବଳାଙ୍ଗୀ ଗାର୍ଲସ ହାଇସ୍କୁଲ ଏବଂ ସିଭିଲିଆନରେ ସେଣ୍ଟ ମେରୀ କନଭେଣ୍ଟ ସ୍କୁଲ (ବାଳକ) ଦଳଙ୍କୁ ମନ୍ତ୍ରୀ ସିଲ୍ଡ୍ ପ୍ରଦାନ କରି ପୁରସ୍କୃତ କରିଥିଲେ। ସମସ୍ତ କାର୍ଯ୍ୟକ୍ରମ ଜିଲ୍ଲାପାଳ ହେମକାନ୍ତ ସଏ ଓ ଏସ୍‌ପି ବରୁଣ ଗୁଣ୍ଟୁପାଲ୍ଲୀଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଅନୁଷ୍ଠିତ ହୋଇଥିଲା। କାର୍ଯ୍ୟକ୍ରମରେ ମହାରାଜା ପ୍ରବୀଣଚନ୍ଦ୍ର ଭଞ୍ଜଦେଓ, ମହାରାଣୀ ରଶ୍ମି-ରାଜ୍ୟଲକ୍ଷ୍ମୀ ଭଞ୍ଜଦେଓ, ରାଜକୁମାରୀ ମୃଣାଳିକା ମଞ୍ଜରୀ ଭଞ୍ଜଦେଓ, ଅତିରିକ୍ତ ଜିଲ୍ଲାପାଳ ନେତ୍ରାନନ୍ଦ ମଲ୍ଲିକ, ଈଶ୍ୱର ଚନ୍ଦ୍ର ନାଏକ, ଆଇଏଏସ (ପ୍ରବେସନର) କାଶୀଷ ବକ୍ସି, ଜିଲ୍ଲାପରିଷଦର ମୁଖ୍ୟ ଉନ୍ନୟନ ଅଧିକାରୀ ଧର୍ମାନନ୍ଦ ବେହେରା ପ୍ରମୁଖଙ୍କ ସମେତ ଜିଲ୍ଲାସ୍ତରୀୟ ବିଭିନ୍ନ ବିଭାଗୀୟ ପଦାଧିକାରୀ ଉପସ୍ଥିତ ଥିଲେ। ଚଳିତ ବର୍ଷର ହାଇସ୍କୁଲ ପରୀକ୍ଷାରେ ଜିଲ୍ଲାରେ ସର୍ବୋଚ୍ଚ ନମ୍ବର ରଖିଥିବା ବାରିପଦା ସରସ୍ୱତୀ ଶିଶୁ ମନ୍ଦିର ଛାତ୍ରୀ ଭୂମିକା ପ୍ରିୟଦର୍ଶିନୀ (୫୭୫) ଓ ଟିକରପଡ଼ା ଉଚ୍ଚ ବିଦ୍ୟାଳୟର ଛାତ୍ର ହିମାଂଶୁ ହିରନମୟ ଧୀର (୫୭୫) ଓ ବାଳିକା ବର୍ଗରେ ୪୧୭ ନମ୍ବର ରଖି ଉଦଳା ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟର ସୁମନ ମହାପାତ୍ର, ବାଳକ ବର୍ଗରେ ୪୨୭ ନମ୍ବର ରଖି ରାଢ଼ ନୂତନ ସରକାରୀ ଉଚ୍ଚ ବିଦ୍ୟାଳୟର ଆୟୁଷ୍ମାନ ବେହେରା, କୁଳିଅଣାର ସରକାରୀ ଅନୁସୂଚିତ ଜାତି ତଥା ଜନଜାତି ବିଦ୍ୟାଳୟର ଛାତ୍ରୀ ଦଲାଣୀ ମୁର୍ମୁ ୮୮. ୮୩ ପ୍ରତିଶତ ନମ୍ବର ରଖି ପୁରସ୍କୃତ ହୋଇଛନ୍ତି। ରଗବୀ ଚାମ୍ପିଅନରେ ଲୀଲମୁନି ହାଁସଦା, ଫୁଟବଲ ସାହାଣି କପରେ ରନର୍ସ ଅପ ନୀଲେଶ ତିଗା, ସନ୍ତରଣରେ ରଞ୍ଜନ ହାଁସଦାଙ୍କୁ ଶ୍ରେଷ୍ଠ ଖେଳାଳି ପୁରସ୍କୃତ କରାଯାଇଥିଲା। ସେହିପରି ଅନୁ ରଞ୍ଜନ ସ୍ୱାଇଁ, ଦୀପ୍ତାଂଶୁ ବେହେରା ଓ ଦେବର୍ଶୀ ବେହେରାଙ୍କୁ ମଧ୍ୟ ମହତ ସେବା ପାଇଁ ପ୍ରଶାସନ ତରଫରୁ ପୁରସ୍କୃତ କରାଯାଇଥିଲା। ମୁଖ୍ୟ ଅତିଥିଙ୍କ ଦ୍ୱାରା ମଣ୍ଡଳ କାରାଗାର, ବାରିପଦା ଲକ୍ଷ୍ମୀପୋଷୀ ସ୍ୱତନ୍ତ୍ର ଭିନ୍ନକ୍ଷମ ବିଦ୍ୟାଳୟ ଛାତ୍ରଛାତ୍ରୀଙ୍କୁ ଫଳ ଓ ବିସ୍କୁଟ ବଣ୍ଟନ ହୋଇଥିଲା। ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀଙ୍କ ତରଫରୁ ଗୋପବନ୍ଧୁ ବାଳାଶ୍ରମରେ ଅନ୍ତେବାସୀଙ୍କୁ ଜିଲ୍ଲା ଜରୁରୀକାଳୀନ ଅଧିକାରୀ (ରେଡ଼କ୍ରସ ଶାଖା)ଙ୍କ ତରଫରୁ ଓ ଇନର ହୁଇଲ ବାରିପଦାଙ୍କ ତରଫରୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଫଳ ଓ ବିସ୍କୁଟ ବଣ୍ଟନ ହୋଇଥିଲା। ଏହାପରେ ମୁଖ୍ୟଅତିଥି ତକତପୁର ସ୍ଥିତ ଶିଳ୍ପ ତାଲିମ କେନ୍ଦ୍ରକୁ ପରିଦର୍ଶନ କରିଥିଲେ। ବାରିପଦା ଷ୍ଟାଡିଅମ ପଡ଼ିଆଠାରେ ମୟୂରଭଞ୍ଜ ଆଥଲେଟିକ ଆସୋସିଏସନ ତରଫରୁ ଜିଲ୍ଲାପାଳ ଏକାଦଶ ଏବଂ ମୟୂରଭଞ୍ଜ ଆଥେଲେଟିକ ଆସୋସିଏସନ ମଧ୍ୟରେ ଏକ ବନ୍ଧୁତ୍ୱପୂର୍ଣ୍ଣ ଫୁଟବଲ ମ୍ୟାଚ ଅନୁଷ୍ଠିତ ହୋଇଥିଲା। ସନ୍ଧ୍ୟାରେ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କାର ବିତରଣ କରାଯାଇଥିଲା। ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ବିକାଶ ରଞ୍ଜନ ମହାନ୍ତି ଏବଂ ଜିଲ୍ଲା ସଂସ୍କୃତି ଅଧିକାରୀ ସୁଭାଶିଷ ନାୟକ କାର୍ଯ୍ୟକ୍ରମ ପରିଚାଳାନ କରିଥିଲେ।



**ବାରିପଦା**, କ୍ଷେତ୍ରପାଟଣାସ୍ଥିତ ଅମୃତ ବିହାର କଲୋନୀରେ ୭୮ତମ ସ୍ୱାଧୀନତା ଦିବସ ପାଳିତ ହୋଇଯାଇଛି। ଏଥିରେ ମୁଖ୍ୟଅତିଥି କମିଟିର ପରାମର୍ଶଦାତା ତଥା ମୟୂରଭଞ୍ଜ ସିଟିଜେନସ୍ ଫୋରମ୍‌ର ଅଧ୍ୟକ୍ଷ ପୂର୍ଣ୍ଣଚନ୍ଦ୍ର ବୁଗୁଡେଇ ଯୋଗଦେଇ ପତାକା ଉତ୍ତୋଳନ କରିଥିଲେ। କମିଟିର ସଭାପତି କୁଞ୍ଜ ବିହାରୀ ପୂର୍ତ୍ତି, ସମ୍ପାଦକ ସୁବାଷ ଚନ୍ଦ୍ର ପାଲ, କୋଷାଧ୍ୟକ୍ଷ ଦିଲ୍ଲୀପ କୁମାର ଆଚାର୍ଯ୍ୟ ଓ କମିଟିର ଅନ୍ୟାନ୍ୟ ସଦସ୍ୟମାନେ ସହଯୋଗ କରିଥିଲେ। କମିଟିର ଉପସଭାପତି ଭୈରବ ଚନ୍ଦ୍ର ମହାନ୍ତ ଧନ୍ୟବାଦ ଅର୍ପଣ କରିଥିଲେ।



**ବାରିପଦା:** ମୟୂରଭଞ୍ଜ କଲେଜ ଅଫ୍ ଇଞ୍ଜିନିୟରିଂ ପ୍ରାଙ୍ଗଣରେ ଶୁକ୍ରବାର ୭୯ତମ ସ୍ୱାଧୀନତା ଦିବସ ପାଳିତ ହୋଇଯାଇଛି। ଓଡ଼ିଶା ସ୍ୱତନ୍ତ୍ର ସଶସ୍ତ୍ର ପୁଲିସ, ୫ମ ବାଟାଲିୟନର ମୁଖ୍ୟ କମାଣ୍ଡାଣ୍ଟ ପ୍ରଶାନ୍ତ କୁମାର ନାୟକ ମୁଖ୍ୟଅତିଥି ଭାବରେ ଯୋଗଦେଇ ପତାକା ଉତ୍ତୋଳନ ପୂର୍ବକ ଅଭିବାଦନ ଗ୍ରହଣ କରିଥିଲେ। ଅନୁଷ୍ଠାନର ପ୍ରତିଷ୍ଠାତା ପୂର୍ଣ୍ଣଚନ୍ଦ୍ର ବୁଗୁଡେଇ ଓ ପରିଚାଳନା ପରିଷଦର ସଦସ୍ୟ ବିପ୍ଳବ ଭଞ୍ଜନ ବୁଗୁଡେଇ ପାଳନ ଉତ୍ସବରେ ଯୋଗଦେଇଥିଲେ। ସମ୍ପାଦକ ଧରମବୀର ବୁଗୁଡେଇଙ୍କ ପୌରୋହିତ୍ୟରେ ଛାତ୍ରୀମାନେ ଯବାନମାନଙ୍କୁ ରାକ୍ଷୀ ବାନ୍ଧି ସମ୍ବର୍ଦ୍ଧିତ କରିଥିଲେ।



**ବାରିପଦା:** ବାରିପଦା ପାଲବଣିଠାରେ ବାରିପଦା ପୌରାଞ୍ଚଳ ପଟ୍ଟାବିହୀନ ସଂଘ ନିର୍ମାଣ ଶ୍ରମିକ ସଂଘର ମିଳିତ ଆନୁକୂଲ୍ୟରେ ୭୯ତମ ସ୍ୱାଧୀନତା ଦିବସ ପାଳିତ ହୋଇଯାଇଛି। ନନ୍ଦ କୁମାର ମହାପାତ୍ର ପତାକା ଉତ୍ତୋଳନ କରିଥିଲେ। କାହ୍ନୁଚରଣ ବେହେରା ସଂଯୋଜନା କରିଥିଲେ। ଅଧ୍ୟାପକ ଗୋପବନ୍ଧୁ ମହାନ୍ତ, ମହେଶ୍ୱର ବେହେରା, ପ୍ରଫୁଲ୍ଲ ମହାନ୍ତି, ଶ୍ରୀକାନ୍ତ ବୋଷ ପ୍ରମୁଖ ଉପସ୍ଥିତ ଥିଲେ।



**ଠାକୁରମୁଣ୍ଡା**, ୧୬।୮ (ସମିସ): ଠାକୁରମୁଣ୍ଡା ଉଚ୍ଚ ବିଦ୍ୟାଳୟ ପଡ଼ିଆରେ ଶୁକ୍ରବାର ସ୍ୱାଧୀନତା ଦିବସ ପାଳିତ ହୋଇଛି। ଏଥିରେ ମୁଖ୍ୟ ଅତିଥି ଭାବେ କରଞ୍ଜିଆ ବିଧାୟକ ପଦ୍ମଚରଣ ହାଇବୁରୁ ଯୋଗଦେଇ ପତାକା ଉତ୍ତୋଳନ କରିବା ସହ ପରେଡରେ ଅଭିବାଦନ ଗ୍ରହଣ କରି ସ୍ୱାଧୀନତା ସଂଗ୍ରାମୀଙ୍କ ସ୍ମୃତିଚାରଣ କରିଥିଲେ। ଏହି ଅବସରରେ ଦେଶର ଅଖଣ୍ଡତା, ଜାତୀୟତା ଓ ସଂହତିକୁ ସୁରକ୍ଷିତ ରଖିବାକୁ ଆହ୍ୱାନ ଦେଇଥିଲେ। ବିଡ଼ିଓ ସ୍ୱପ୍ନେଶ୍ୱର ବେହେରାଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ସମ୍ମାନିତ ଅତିଥି ଭାବେ ବ୍ଲକ ଶିକ୍ଷା ଅଧିକାରୀ କୁଞ୍ଜବିହାରୀ ପ୍ରଧାନ, ସମାଜସେବୀ ବସନ୍ତ କୁମାର ପୈବର୍ତ୍ତି, ଥାନା ଅଧିକାରିଣୀ ସାବିତ୍ରୀ ଦଲେଇ ମଞ୍ଚାସୀନ ଥିଲେ।



**କୁଳିଅଣା :** କୁଳିଅଣାଠାରେ ବିଭିନ୍ନ ଅନୁଷ୍ଠାନ ପକ୍ଷରୁ ୭୯ତମ ସ୍ୱାଧୀନତା ଦିବସ ପାଳିତ ହୋଇଛି। ଅବସରପ୍ରାପ୍ତ ସରକାରୀ କର୍ମଚାରୀ ସଙ୍ଘ କାର୍ଯ୍ୟାଳୟ ପରିସରରେ ସଭାପତି ବନବିହାରୀ ବେହେରା ଜାତୀୟ ପତାକା ଉତ୍ତୋଳନ କରିଥିଲେ। ସେହିପରି କୁଳିଅଣା ଲ୍ୟାମ୍ପରେ ପରିଚାଳନା ନିର୍ଦ୍ଦେଶକ ଆନନ୍ଦ ଶଙ୍କର ଦେ'ଙ୍କ ତତ୍ତ୍ୱାବଧାନରେ ବରିଷ୍ଠ ସମବାୟବିତ ସୁଧାଂଶୁ କୁମାର ପାଣିଗ୍ରାହୀ ପତାକା ଉତ୍ତୋଳନ କରିଥିଲେ। ଲ୍ୟାମ୍ପର ସଭାପତି ଶରତ ଚନ୍ଦ୍ର ନାଏକ, ପରିଚାଳନା ପରିଷଦର ସମସ୍ତ ସଭ୍ୟ ଉପସ୍ଥିତ ଥିଲେ। ସେହିପରି କୁଳିଅଣା ଥାନାରେ ଆଇଆଇସି ମଧୁମିତା ମହାନ୍ତି, ପଞ୍ଚାୟତ କାର୍ଯ୍ୟାଳୟରେ ସରପଞ୍ଚ ଅହଲ୍ୟା ନାଏକ ପତାକା ଉତ୍ତୋଳନ କରିଥିଲେ। ସେହିପରି ସରକାରୀ ବେସରକାରୀ ସ୍କୁଲ ବ୍ୟାଙ୍କ, ତହସିଲ, ଅବକାରୀ କାର୍ଯ୍ୟାଳୟ, ପୋଷ୍ଟ ଅଫିସ, ବିଭିନ୍ନ ସରକାରୀ କାର୍ଯ୍ୟାଳୟରେ ମଧ୍ୟ ସ୍ୱାଧୀନତା ଦିବସ ପାଳିତ ହୋଇଛି।



**ଶରତ :** ଶରତ ନିକଟ ଗାଣ୍ଡାପୋଖରୀ ଉଚ୍ଚ ବିଦ୍ୟାଳୟରେ ସ୍ୱାଧୀନତା ଦିବସ ପାଳିତ ହୋଇଛି। ପ୍ରଧାନ ଶିକ୍ଷୟିତ୍ରୀ କୁନ୍ତଳା ମହାନ୍ତ ପତାକା ଉତ୍ତୋଳନ କରି ଭାରତ ଏକ ନୂଆ ଭାରତ ରୂପେ ଉଭା ହେବ ବୋଲି ଦେଶ ସଂକଳ୍ପବଦ୍ଧ ହୋଇଛି ବୋଲି କହିଥିଲେ। ଏହି ଅବସରରେ ପିଲାମାନଙ୍କୁ ପୁରସ୍କୃତ କରାଯାଇଥିଲା ଏବଂ ମିଷ୍ଟାନ୍ନ ବଣ୍ଟନ କରାଯାଇଥିଲା। ସ୍ୱଚ୍ଛତା ପାଇଁ ବିଦ୍ୟାଳୟର ରାନ୍ଧୟ ସିଂଙ୍କୁ ପୁରସ୍କୃତ କରାଯାଇଥିଲା।



**ଉଦଳା :** ଉଦଳା ହାଇସ୍କୁଲ ପଡ଼ିଆରେ ଉପଖଣ୍ଡସ୍ତରୀୟ ସ୍ୱାଧୀନତା ଦିବସ ପାଳିତ ହୋଇଯାଇଛି। ସକାଳ ୭.୩୦ ମିନିଟ୍ ମଧ୍ୟରେ ବିଭିନ୍ନ ଶିକ୍ଷାନୁଷ୍ଠାନ, ସରକାରୀ, ବେସରକାରୀ ଅନୁଷ୍ଠାନ ଏବଂ ବାସଗୃହରେ ପତାକା ଉତ୍ତୋଳନ କରାଯାଇଥିଲା। ଉପଖଣ୍ଡ ସୂଚନା ଓ ଲୋକସମ୍ପର୍କ ଅଧିକାରୀ ସରୋଜ କୁମାର ପ୍ରଧାନ ମୁଖ୍ୟ ଅତିଥିଙ୍କୁ ଉତ୍ତରୀୟ ଓ ପୁଷ୍ପଗୁଚ୍ଛ ଦେଇ ମଞ୍ଚକୁ ସ୍ୱାଗତ କରିଥିଲେ। ଉପଜିଲ୍ଲାପାଳ ସୁଶାନ୍ତ କୁମାର ବାରିକ ମୁଖ୍ୟ ଅତିଥି ଭାବେ ଯୋଗଦେଇ ଜାତୀୟ ପତାକା ଉତ୍ତୋଳନ କରିଥିଲେ। ସ୍ୱାଧୀନତା ପାଇଁ ବଳିଦାନ ଦେଇଥିବା ମହାମନିଷୀଙ୍କ ତ୍ୟାଗ ସହିତ ମୟୂରଭଞ୍ଜ ଏବଂ ବିଶେଷକରି କପ୍ତିପଦା ଉପଖଣ୍ଡର ସ୍ୱାଧୀନତା ସଂଗ୍ରାମୀଙ୍କ ବିଷୟରେ ଶ୍ରୀ ବାରିକ ବକ୍ତବ୍ୟ ରଖିଥିଲେ। ଏହି ଅବସରରେ ସ୍ୱା।ଧୀନତା ସଂଗ୍ରାମୀ ଉମାକାନ୍ତ ଜେନା, ଲୋକନାଥ ପାଣ୍ଡିଆ, ଗୋପୀନାଥ ବାରିକ ଏବଂ ସମାଜସେବୀ ଭାବେ ଅବସରପ୍ରାପ୍ତ ଶିକ୍ଷକ ବସନ୍ତ ଶତପଥୀଙ୍କୁ ମଧ୍ୟ ସମ୍ବର୍ଦ୍ଧିତ କରାଯାଇଥିଲା। ସଂଗ୍ରାମୀ ଉମାକାନ୍ତ ଜେନା ଶାରୀରିକ ଅସୁସ୍ତତା ଯୋଗୁଁ ଅନୁପସ୍ଥିତ ଥିବାରୁ ତାଙ୍କର ସମ୍ବର୍ଦ୍ଧନା ତାଙ୍କ ନିକଟକୁ ପଠାଯିବା ପାଇଁ ଘୋଷଣା କରାଯାଇଥିଲା। ସେହିପରି ୮ଟି ବିଦ୍ୟାଳୟକୁ ସାଇସାଧନା ଟ୍ରଷ୍ଟ ତରଫରୁ ପୁରସ୍କାର ଓ ପ୍ରମାଣପତ୍ର ପ୍ରଦାନ କରାଯାଇଥିଲା। ହାଇସ୍କୁଲ ବୋର୍ଡ ପରୀକ୍ଷାରେ ଉପଖଣ୍ଡରେ ପ୍ରଥମ ସ୍ଥାନ ଅଧିକାର କରିଥିବା ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିର ଉଦଳାର ଛାତ୍ର କୁମାର ସାଇସାର୍ଥକ ମତୁଆଳଙ୍କୁ ପୂର୍ବତନ ବିଧାୟକ ଗୋଲକ ବିହାରୀ ନାଏକଙ୍କ ସ୍ମୃତିରେ ସୁବାସିନୀ ନାଏକଙ୍କ ପ୍ରଦତ୍ତ ଟ୍ରଫି ଓ ମାନପତ୍ର, ସାଇସାଧନା ଟ୍ରଷ୍ଟଙ୍କ ପ୍ରଦତ୍ତ ୩ ହଜାର ଟଙ୍କାର ଚେକ୍ ଓ ମାନପତ୍ର, ହରିଶ ଚନ୍ଦ୍ର ଦାସଙ୍କ ସ୍ମୃତିରେ ସ୍ମିତା ଦାସଙ୍କ ପ୍ରଦତ୍ତ ୨ ହଜାର ଟଙ୍କା ଅର୍ଥରାଶି ଓ ମାନପତ୍ର, ଦ୍ୱିତୀୟ ସ୍ଥାନ ଅଧୁକାର କରିଥିବା ୩ ଜଣ ବିଦ୍ୟାର୍ଥୀ ଛାତ୍ର ପ୍ରଘ୍ନାଙ୍କ ବାରିକ, ସମ୍ଭବ ମହାନ୍ତି ଏବଂ ଛାତ୍ରୀ ଦିପସିତା ମିଶ୍ରଙ୍କୁ ୨ ହଜାର ଟଙ୍କା ଲେଖାଏଁ ଚେକ୍ ଓ ମାନପତ୍ର, ତୃତୀୟ ସ୍ଥାନ ଅଧୁକାର କରିଥିବା ବାପୁଜୀ ହାଇସ୍କୁଲ, ସାନବେଲାକୁଟିର ଛାତ୍ର ଦୀପଙ୍କର ବେହେରାଙ୍କୁ ୧ ହଜାର ଟଙ୍କାର ଚେକ୍ ଓ ମାନପତ୍ର ସାଇସାଧନା ଟ୍ରଷ୍ଟ ତରଫରୁ ପ୍ରଦାନ କରାଯାଇଥିଲା। ଯୁକ୍ତ ୨ ବିଜ୍ଞାନ ମେଧା ସମ୍ମାନ ସ୍ୱରୁପ କପ୍ତିପଦା ଉପଖଣ୍ଡସ୍ତରରେ ପ୍ରଥମ, ଦ୍ୱିତୀୟ ଏବଂ ତୃତୀୟ ସ୍ଥାନ ଅଧିକାର କରିଥିବା କପ୍ତିପଦା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ, କପ୍ତିପଦାର ବିଦ୍ୟାର୍ଥୀ ରାଧାକୃଷ୍ଣ ପରିଜା, ଲିପ୍‌ସା ବେହେରା ଏବଂ ସାଇଗୋପାଲ କୁହାରିଙ୍କୁ ଯଥାକ୍ରମେ ୫ ହଜାର, ୩ହଜାର ଏବଂ ୨ ହଜାର ଟଙ୍କା ଅର୍ଥରାଶି ଓ ଟ୍ରଫି ସହିତ ମାନପତ୍ର ତୁଳସୀ ଦାସ ସଦୁଆଳଙ୍କ ସ୍ମୃତିରେ ପତ୍ନୀ ସ୍ନେହଲତା ସଦୁଆଳଙ୍କ ତରଫରୁ ପ୍ରଦାନ କରାଯାଇଥିଲା।



**କୁଆମରା :** ଗୋପବନ୍ଧୁନଗର ବ୍ଲକର ବିଭିନ୍ନ ସରକାରୀ ଓ ବେସରକାରୀ ଅନୁଷ୍ଠାନରେ ଶୁକ୍ରବାର ୭୯ତମ ସ୍ୱାଧୀନତା ଦିବସ ପାଳିତ ହୋଇଛି। ଖୁଣ୍ଟା ମିନି ଷ୍ଟାଡିୟମରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଉଦଳା ବିଧାୟକ ଭାସ୍କର ଚନ୍ଦ୍ର ମଢେଇ ମୁଖ୍ୟ ଅତିଥିଭାବେ ଯୋଗଦେଇ ଜାତୀୟ ପତାକା ଉତ୍ତୋଳନ କରିବା ସହିତ ସମ୍ମିଳିତ ପରେଡରେ ଅଭିବାଦନ ଗ୍ରହଣ କରିଥିଲେ। ବିଡ଼ିଓ ପୃଥିରାଜ ପରିଡ଼ା, ବ୍ଲକ ଉପାଧ୍ୟକ୍ଷା ରଶ୍ମିତା ଚୈଧୁରୀ, ବ୍ଲକ ଶିକ୍ଷା ଅଧିକାରୀ ଡ଼ଃ ଅଭିମନ୍ୟୁ ସେଠୀ, ସହକାରୀ ଯନ୍ତ୍ରୀ ଅଭିଷେକ କାପୁଣ୍ଡିଆ, ସାନଖୁଣ୍ଟା ସରପଞ୍ଚ ସୁମି ହାଁସଦା, ସମିତି ସଭ୍ୟ ରଞ୍ଜନ ମହାନ୍ତି, ଖୁଣ୍ଟା ଥାନା ଅଧିକାରୀ ପଞ୍ଚାନନ ମହାନ୍ତି, ଏବିଇଓ କୁଳମଣି ନାଏକ, ଖୁଣ୍ଟା ଅଗ୍ନିଶମ ବିଭାଗ ଅଧିକାରୀ ସୀତାକାନ୍ତ ମହାନ୍ତ, ସୁବାଷ ବୋଷ ଯୁବକ ସଂଘର ସଭାପତି ପ୍ରଣୟ ଚୈଧୁରୀ ପ୍ରମୁଖ ଅତିଥି ଭାବେ ଯୋଗଦେଇ ଥିଲେ। ଏହି ଅବସରରେ ବରିଷ୍ଠ ବିଭାଗର ଖୁଣ୍ଟା ଉଚ୍ଚ ବିଦ୍ୟାଳୟ ଓ କନିଷ୍ଠ ବିଭାଗର୍ ବାଲଡିହା ଆଶ୍ରମ ସ୍କୁଲ୍ ଶ୍ରେଷ୍ଠ ବିବେଚିତ ହୋଇ ପୁରସ୍କୃତ ହୋଇଛି। ସେହିପରି ଗୋପବନ୍ଧୁନଗର ବ୍ଲକର ବିଭିନ୍ନ ସ୍ୱାସ୍ଥ୍ୟକେନ୍ଦ୍ର, ବଣିକ ସଂଘ, ବନବିଭାଗ, ରାଜସ୍ୱ ବିଭାଗ ଆଦି ସ୍ଥାନରେ ୭୯ତମ ସ୍ୱାଧୀନତା ଦିବସ ପାଳନ ହୋଇଯାଇଛି। ପ୍ରଧାନ ଶିକ୍ଷକ ନରେଶ କୁମାର ବେହେରା ଅତିଥି ଭାବେ ଯୋଗଦେଇ ପତାକା ଉତ୍ତୋଳନ କରିଥିଲେ। ଅନ୍ୟତମ ଅତିଥି ଭାବେ ରାଜସ୍ୱ ବିଭାଗର ଅବସରପ୍ରାପ୍ତ ଅଧିକାରୀ ଗୌରହରି ସିଂ ଯୋଗ ଦେଇ ନିଶାଠାରୁ ଦୂରେଇ ରହିବାକୁ ପରାମର୍ଶ ଦେଇଥିଲେ। ସେହିପରି ପୁରୁଣା ବାରିପଦା ବିବେକାନନ୍ଦ ଶିକ୍ଷା କେନ୍ଦ୍ରରେ ପ୍ରଧାନ ଆଚାର୍ଯ୍ୟ ବ୍ରହ୍ମାନନ୍ଦ ବେହେରା ଜାତୀୟ ପତାକା ଉତ୍ତୋଳନ କରିବା ସହ ଉଦବୋଧନ ଦେଇଥିଲେ। ଜୟପୁର ସ୍ଥିତ କ୍ରାନ୍ତିପୀଠରେ ସ୍ୱାଧୀନତା ସଂଗ୍ରାମୀ ସ୍ୱର୍ଗତ ଗିରିଶ ଚନ୍ଦ୍ର ରାୟଙ୍କ ଦାୟାଦ ମାନବେନ୍ଦ୍ର ରାୟ ଓ ହିରେନ ରାୟଙ୍କ ତତ୍ତ୍ୱାବଧାନରେ ସମାଜସେବୀ ପ୍ରଦୀପ କୁମାର ସେଠୀ ଅତିଥି ଭାବେ ଯୋଗଦେଇ ପତାକା ଉତ୍ତୋଳନ କରିଥିଲେ।

**ବୈଶିଙ୍ଗା:** ବେତନଟୀ ବ୍ଲକ ଅନ୍ତର୍ଗତ ଅଁଳା ପଞ୍ଚାୟତ ରାଇକମା ରଘୁନାଥ ଉଚ୍ଚ ବିଦ୍ୟାଳୟରେ ୭୯ତମ ସ୍ୱାଧୀନତା ଦିବସ ପାଳିତ ହୋଇଯାଇଛି। ପୂର୍ବତନ ପ୍ରଧାନ



ଶିକ୍ଷକ ଅତୁଲ କୁମାର ମିଶ୍ର ମୁଖ୍ୟ ଅତିଥି ଭାବରେ ଯୋଗଦେଇ ଜାତୀୟ ପତାକା ଉତ୍ତୋଳନ କରି ପରେଡରେ ଅଭିବାଦନ ଗ୍ରହଣ କରିଥିଲେ। ପରେ ପ୍ରଧାନ ଶିକ୍ଷକ ଅଜିତ କୁମାର ଜେନାଙ୍କ ପୌରୋହିତ୍ୟରେ ଆୟୋଜିତ ଏକ ସଭାରେ ଉପସ୍ଥିତ ଅତିଥିମାନେ ଭାରତ ସ୍ୱାଧୀନତା ଆନ୍ଦୋଳନର ବରପୁତ୍ରଙ୍କ ଫଟୋ ଚିତ୍ରରେ ମାଲ୍ୟାର୍ପଣ କରିଥିଲେ। ସ୍ୱାଧୀନତା ସଂଗ୍ରାମୀଙ୍କ ଆଦର୍ଶରେ ଅନୁପ୍ରାଣୀତ ହୋଇ ଦେଶ ମାତୃକାର ସେବା କରିବାକୁ ଶପଥ ନେବାକୁ ଅତିଥିଗଣ ଆହ୍ୱାନ ଦେଇ ଥିଲେ। ବରିଷ୍ଠ ଶିକ୍ଷକ ରାଜକିଶୋର ଦାସ, ପ୍ରଫୁଲ୍ଲ କୁମାର ମିଶ୍ର, ନିରଞ୍ଜନ ବାରିକ, ତରଣି କାନ୍ତ ମହାନ୍ତ, ହରେକୃଷ୍ଣ ମହାନ୍ତ, ଶୁଭାଶିଷ ପଣ୍ଡା ନିଜ ନିଜର ବକ୍ତବ୍ୟ ରଖି ଦେଶ ମାତୃକାର ସେବା ହିଁ ଶ୍ରେଷ୍ଠ ସେବା ବୋଲି କହିଥିଲେ। ଶେଷରେ କୃତୀ ପ୍ରତିଯୋଗୀଙ୍କୁ ମୁଖ୍ୟ ଅତିଥି ପୁରସ୍କୃତ କରିଥଲେ।

Institute of Medical Science and Research
IMSR ESTD. 2020
Affiliated by : Odisha University of Health Science
Approved by : ONMRC, DMET &Department of Health & Family Welfare Govt. of Odisha

Announcing Admission for
B.Sc. Nursing
ANM • GNM
Contact : 9178 69 8272 / 7381 45 9965 / 7978 01 7254
Kalidaspur, Near Utkal Vani, Opposite of Hotel Chandravaga
Balasore-756 003, Odisha
Email : imsrodisha@gmail.com, Visit : www.imsr.co.in

CAD-1496
ଓଡ଼ିଶା ସ୍ଥାବର ସମ୍ପତ୍ତି ନିୟାମକ ପ୍ରାଧିକରଣ
ORERA
Odisha Real Estate Regulatory Authority
ଆପଣ ଜାଣନ୍ତି କି ?
- କୌଣସି ପ୍ଲଟେଡ ସ୍କିମ୍ ୫୦୦ ବର୍ଗ ମିଟରରୁ ଅଧିକ ହୋଇଥିଲେ ରେରା ଅଧୀନରେ ପଞ୍ଜୀକୃତ ହେବା ବିଧେୟ।
- ଉଭୟ ସହରାଞ୍ଚଳ ଓ ଗ୍ରାମାଞ୍ଚଳରେ କରାଯାଉଥିବା ପ୍ଲଟେଡ ସ୍କିମ୍ ପାଇଁ ଏହି ନିୟମ ପ୍ରଯୁଜ୍ୟ।
- ରେରା ପଞ୍ଜୀକରଣ ପୂର୍ବରୁ ଏହା ସ୍ଥାନୀୟ ପ୍ଲାନିଂ ଅଥରିଟିଙ୍କର ଅନୁମୋଦନ ଲାଭ କରିବା ବାଞ୍ଛନୀୟ।
- ରେରା ପଞ୍ଜୀକରଣ ନ ଥିଲେ କୌଣସି ପ୍ଲଟେଡ ସ୍କିମ୍‌ର ବିଜ୍ଞାପନ କିମ୍ବା ବିକ୍ରି ଏବଂ ଖର୍ଦ୍ଦି କରନ୍ତି ତେବେ ତାହା ଆଇନତଃ ଦଣ୍ଡନୀୟ। ଏଥିପାଇଁ ରେରା ଆଇନରେ ପ୍ରକଳ୍ପ ମୂଲ୍ୟର ସର୍ବୋଚ୍ଚ ୧୦% ପର୍ଯ୍ୟନ୍ତ ଜରିମାନାର ବ୍ୟବସ୍ଥା ରହିଛି।
- କୌଣସି ପ୍ରଲୋଭନର ବଶବର୍ତ୍ତୀ ହୋଇ ଅଣପଞ୍ଜୀକୃତ ପ୍ରକଳ୍ପରେ ସର୍ବଦା ଜମି କିଣିବାରୁ କ୍ଷାନ୍ତ ରୁହନ୍ତୁ।

ଆପଣଙ୍କ ଅଞ୍ଚଳରେ ଯଦି ଏପରି ପ୍ରକଳ୍ପ ନଜରରେ ଆସେ
ତେବେ ସେ ସଂକ୍ରାନ୍ତ ତଥ୍ୟ ରେରା କର୍ତ୍ତୃପକ୍ଷଙ୍କୁ ନିମ୍ନ ଠିକଣାରେ ଜଣାନ୍ତୁ।
Secretary, Odisha RERA
Block-A1, 3rd Floor, Toshali Bhawan, Satya Nagar, Bhubaneswar-751007
Email: reraodisha@gmail.com
ନିଜ ସ୍ୱପ୍ନର ଘର କିମ୍ବା ଜାଗା ସମ୍ପର୍କରେ ଅଧିକ ଜାଣିବା ପାଇଁ ଲଗଇନ କରନ୍ତୁ
https://rera.odisha.gov.in
"ଆପଣଙ୍କର ଅଧିକାର, ଆମ ଦାୟିତ୍ୱ"
OIPR-13223/11/0014/2526



# ଆତ୍ମଦାହ

ମହମ୍ମଦ ହିଫଜୁର ରହେମାନ



ବୁଢ଼ା ଲୋକଟି । ବୟସ ପାଖାପାଖି ୭୦ ହେବ । ହାତରେ ବାଡ଼ି ଓ ଖଣ୍ଡିଆ ସାଇକଲ ଧରି ସବୁଦିନ କଲେଜ ସାମ୍ନାରେ ଥିବା ଆମ୍ବଗଛ ମୂଳେ ବସନ୍ତି । ସକାଳୁ ସନ୍ଧ୍ୟା ଯାଏଁ ସେଠି ବସନ୍ତି । ସୂର୍ଯ୍ୟ ନଇଁଲେ ଚୁପଚାପ୍ ପୁଣି ଗାଁ ଘରକୁ ଫେରି ଯାଆନ୍ତି । କି ଖରା, କି ବର୍ଷା, କି ଶୀତ, ୬-୭ ବର୍ଷ ହେଲା ଏହା ତାଙ୍କ ଅଭ୍ୟାସରେ ପରିଣତ ହୋଇଯାଇଛି । ଧୋତି, ପଞ୍ଜାବୀ, ଗାମୁଛା, ସଅଁପ, ତକିଆ ହେଉଛି ତାଙ୍କର ମୋଟ୍ ସଂପତ୍ତି । କିନ୍ତୁ ଗାଁ ଲୋକ ତାଙ୍କର ବହୁତ ସମ୍ମାନ କରନ୍ତି । ସମୟରେ ଆଣି ତାଙ୍କୁ ଖାଇବାକୁ ଦିଅନ୍ତି । କେହି କେହି ତାଙ୍କର କପଡ଼ା ନେଇ ସଫା ମଧ୍ୟ କରି ଦିଅନ୍ତି । ସେ କାହାରିକୁ କିଛି କହନ୍ତି ନାହିଁ । ପାଗଳପ୍ରାୟ, ଚୁପଚାପ୍ ରହନ୍ତି । କେହି କିଛି ପଚାରିଲେ ଉତ୍ତର ବି ଦିଅନ୍ତି ନାହିଁ । କେବଳ ଅନାଇ ଦିଅନ୍ତି । ଲାଗୁଛି ତାଙ୍କ ଆଖିରେ ଭର୍ତ୍ତି ରହିଛି ମାଳ ମାଳ ପ୍ରଶ୍ନ ।

ବିଶ୍ୱମିତ୍ର ସାର୍‌ଙ୍କୁ କିଏ ନ ଚିହ୍ନେ! ମାଳତିପୁର ହାଇସ୍କୁଲର ଖୁବ୍ ଲୋକପ୍ରିୟ ଶିକ୍ଷକ । ତାଙ୍କର ଅନେକ ଶିଷ୍ୟ ସରକାରରେ ବଡ଼ ବଡ଼ ପଦବିରେ ଅଛନ୍ତି । ପିଲାମାନଙ୍କୁ ଏମିତି ସ୍ନେହରେ ପଢ଼ାନ୍ତି ଯେ ପିଲାମାନେ ନିଜ ଘରକୁ ଭୁଲି ଯାଆନ୍ତି । ସେମାନେ ଖାଇବାକୁ ଭୁଲି ପାରନ୍ତି, କିନ୍ତୁ ବିଶ୍ୱମିତ୍ର ସାର୍‌ଙ୍କ କ୍ଲାସ୍‌କୁ ମିସ୍ କରିବେ ନାହିଁ । ଦରକାର ପଡ଼ିଲେ ଘରକୁ ଡାକି ପିଲାଙ୍କୁ ପାଠ ପଢ଼ାନ୍ତି । ଏଥିପାଇଁ ଟଙ୍କାଟିଏ ବି ନିଅନ୍ତି ନାହିଁ ।

ତାଙ୍କର ବି ସୁଖୀ ସଂସାର । ପତ୍ନୀ ବିଜୟଲକ୍ଷ୍ମୀ ମଧ୍ୟ ପର୍‌ଫେକ୍ଟ ଗୃହିଣୀ । ସ୍କୁଲ ପିଲା ଆସିଲେ, ସେମାନଙ୍କୁ ମା'ଙ୍କ ପରି ସ୍ନେହ କରି ଘରେ ବସାନ୍ତି । ନିଜ ପିଲାଙ୍କ ଭଳି ଘରେ ଖାଇବାକୁ ଦିଅନ୍ତି । ବିଶ୍ୱମିତ୍ର ସାର୍‌ଙ୍କର ଦୁଇଟି ଝିଅ । ବଡ଼ ଝିଅ ମନୋରମା ବିପି କଲେଜରେ ବି.ଏସ୍‌ସି. କରୁଛି । ନା ଯେମିତି ଦେଖିବାକୁ ବି ଭାରି ସୁନ୍ଦର । ପାଠପଢ଼ାରେ ବି ସ୍ମାର୍ଟ । ସାନ ଝିଅ ଶେଫାଳି ନବମ କ୍ଲାସ୍‌ରେ ପଢୁଛି ।

ମନୋରମା ସବୁଦିନ ଠିକ୍ ୧୦ଟାରେ ସାଇକଲ୍ ଧରି କଲେଜ ଯାଏ । ସନ୍ଧ୍ୟା ହେଲେ ଫେରି ଆସେ । କ୍ଲାସ୍ ସରିଲେ ଲାଇବ୍ରେରିରେ ବସି ନୋଟ୍ ଲେଖାଲେଖି କରେ । କୌଣସି ଟେନସନ୍ ନାହିଁ । ପାଠ ପଢ଼ିବା ସହିତ ଘର କାମରେ ମାଆଙ୍କ ହାତ ବଢ଼ାଏ । କଲେଜ ଯିବା ପୂର୍ବରୁ ବାପାଙ୍କ ପାଇଁ ଖାଇବା ପ୍ରସ୍ତୁତ କରିଦିଏ । ବାପାଙ୍କର ଯେମିତି ଟିକିଏ ବି ଅସୁବିଧା ନହୁଏ, ସେଥିପାଇଁ ସେ ଭାରି କେୟାରଫୁଲ୍ ।

ସେଦିନ କାହିଁ କେଜାଣି, ମନୋରମା ଭାରି ଟେନ୍‌ସନ୍‌ରେ ଲାଗୁଥିଲା । ମାଆ ବିଜୟଲକ୍ଷ୍ମୀ ବିଶେଷ ଧ୍ୟାନ ଦେଲେନି । ଭାବିଲେ ପଢ଼ାପଢ଼ି କରୁଛି ତ ପ୍ରେସର୍‌ରେ ଥିବ । ସନ୍ଧ୍ୟା ବେଳେ ଚା' ପିଇବାକୁ ବାରଣ୍ଡାରେ ବସି ଥାଆନ୍ତି ବିଶ୍ୱମିତ୍ର ସାର୍ । ପାଖରେ ବିଜୟଲକ୍ଷ୍ମୀ ଏବଂ ଶେଫାଳି ବି ବସିଛନ୍ତି । କିନ୍ତୁ ସେଠାରେ ନଥିଲା ମନୋରମା । ବିଶ୍ୱମିତ୍ର ସାର୍ ଖୋଜିଲେ, ଆରେ ମନୋରମା କୁଆଡ଼େ ଗଲା? କଲେଜରୁ ଫେରିଲାଣି ତ?

ବିଜୟଲକ୍ଷ୍ମୀ କହିଲେ, "ହଁ ଫେରିଛି । ବୋଧେ ଦେହ ଭଲ ଲାଗୁନି, ଶୋଇଛି ସେ ।"

- କାହିଁକି କ'ଣ ହେଲା ତାକୁ? ବ୍ୟସ୍ତ ହୋଇପଡ଼ିଲେ ବିଶ୍ୱମିତ୍ର ସାର୍ ।

- ତମେ ଚା' ପିଅ, ସେ ଟିକିଏ ପରେ ଆସିବ, କହିଲେ ବିଜୟଲକ୍ଷ୍ମୀ ।

- ଚା' କପ୍ ଧରି ଉଠିପଡ଼ିଲେ ବିଶ୍ୱମିତ୍ର ସାର୍ । ମନୋରମାଙ୍କ ରୁମକୁ ଯାଇ ପଚାରିଲେ, "ଆରେ ମା' କ'ଣ ହେଲା, ଶୋଇଛୁ କାହିଁକି? ଦେହ ଭଲ ଲାଗୁନି?"

କିଛି କହିଲାନି ମନୋରମା । ବ୍ୟସ୍ତ ହୋଇପଡ଼ିଲେ ବିଶ୍ୱମିତ୍ର ସାର୍ । ପାଖରେ ଯାଇ ବସି ମନୋରମାର ମୁଣ୍ଡ ଆଉଁସି ଦେଲେ ।

ଧଡ଼ କରି ଉଠିପଡ଼ିଲା ମନୋରମା । କହିଲା – "ନାହିଁ ବାପା କିଛି ନୁହେଁ । ଦେହ ଭଲ ଲାଗୁନି ।"

-କ'ଣ ହେଇଛି କହୁନୁ? ଡାକ୍ତର ପାଖକୁ ନେଇଯିବି ।

ସେପଟୁ ବିଜୟଲକ୍ଷ୍ମୀ ପାଟି କରି କହିଲେ, "ଛାଡ଼ି ଦିଅ ତାକୁ । ଦେହ ଭଲ ଲାଗିଲେ ସେ ଆସିବ ନି ।"

- ଠିକ୍ ଅଛି ମା', ତୁ ରେଷ୍ଟ ନେ । କହିଲେ ବିଶ୍ୱମିତ୍ର ସାର୍ ।

ରାତିରେ ଖାଇଲା ବେଳକୁ ବି ଆସିଲାନି ମନୋରମା । ତାକୁ ଡାକିବା ଲାଗି ବିଶ୍ୱମିତ୍ର ସାର୍ ଜିଦ୍ ଧରିବାରୁ ବିଜୟଲକ୍ଷ୍ମୀ ଯାଇ ମନୋରମାକୁ ଡାକିଲେ । କିନ୍ତୁ ସେ ଖାଇବାକୁ ମନାକଲା ।


-ତତେ କ'ଣ ହେଇଛି କହୁନୁ? କଲେଜରୁ ଫେରିବା ବେଳଠୁ ବେଡ୍‌ରେ ପଡ଼ିଛୁ । ତୋର ପରୀକ୍ଷା ପାଇଁ ଏବେ ସମୟ ତ ଅଛି । ଏତେ ଟେନ୍‌ସନ୍ କାହିଁକି? ବାପାଙ୍କୁ କହୁଛି କାଲି ନେଇ ତତେ ମାମୁଁ ଘରେ ଛାଡ଼ିଦେବେ । ଟିକେ ବୁଲି ଆସିଲେ ଭଲ ଲାଗିବ ।

ଏହାଶୁଣି କାନ୍ଦିବାକୁ ଲାଗିଲା ମନୋରମା । କହିଲା, "କାଲିଠୁ ଆଉ କଲେଜ ଯିବି ନାହିଁ ।"

ମନୋରମା ମୁହଁରୁ ଏହା ଶୁଣି ଚମକି ପଡ଼ିଲେ ବିଜୟଲକ୍ଷ୍ମୀ । ଆଉ ଯାହା ପଚାରିଲେ, କିଛି କହିଲାନି ମନୋରମା । ଖାଲି କାନ୍ଦିବାକୁ ଲାଗିଲା । ବିଜୟଲକ୍ଷ୍ମୀ ଡାକ ପକାଇବାରୁ ବିଶ୍ୱମିତ୍ର ସାର୍ ଆସିଲେ ।

- ହେଇଠି ଶୁଣ, କ'ଣ କହୁଛି ମନୋରମା ।

- କ'ଣ ହେଇଛି ମା' । କାନ୍ଦୁଛୁ କାହିଁକି ପଚାରିଲେ ବିଶ୍ୱମିତ୍ର ସାର୍ ।



ସେହି ତା'ର ଗୋଟିଏ ଉତ୍ତର, ମୁଁ ଆଉ କଲେଜ ଯିବିନାହିଁ ।

- କାହିଁକି କ'ଣ ହେଇଛି, କହୁନୁ ।

- ମୁଁ କଲେଜରୁ ଫେରିଲା ବେଳେ ତିନି ଚାରି ଜଣ ଟୋକା ମୋର ପିଛା କରି ଖରାପ ଖରାପ କମେଣ୍ଟ ମାରୁଛନ୍ତି ।

ମନୋରମାର ଏହି କଥା ଶୁଣି, ରାଗିଗଲେ ବିଶ୍ୱମିତ୍ର ସାର୍ । " ତୁ ତ କାହିଁକି ଆଗରୁ କହିଲୁନି । ହଉ କାଲି ମୁଁ ଯାଇ ତୋ ପ୍ରିନ୍‌ସିପାଲଙ୍କୁ ଦେଖା କରି କହିବି ।"

ମନୋରମା କହିଲା, "ମୁଁ ପ୍ରିନ୍‌ସିପାଲ ସାର୍‌ଙ୍କୁ କହିଥିଲି । ଖାଲି କହୁଛନ୍ତି, ହଁ ଦେଖିବା , ଆଉ କିଛି କରୁ ନାହାନ୍ତି ।"

- ହଉ ଠିକ୍ ଅଛି ମୁଁ କଥା ହେବି । ତୁ ବ୍ୟସ୍ତ ହୁଅନା । କହିଲେ ବିଶ୍ୱମିତ୍ର ସାର୍ ।

ରାତିରେ ଖାଇପିଇ ସମସ୍ତେ ଶୋଇବାକୁ ଗଲେ । ସକାଳେ ସମସ୍ତେ ଶୋଇକି ଉଠିଲେ । ମନୋରମା ଏତେ ଡେରି ଯାଏଁ ଶୋଇବ ନାହିଁ ତ? ବିଜୟଲକ୍ଷ୍ମୀ ଘର କବାଟ ଦେଖିଲା ବେଳକୁ ମନୋରମା ତା' ରୁମରେ ନାହିଁ । ତା' ବେଡ୍‌ରେ ଖାଲି ଗୋଟିଏ ପେପର୍ କ'ଣ ପଡ଼ିଛି!

କାଗଜ ପଢ଼ି ବିଜୟଲକ୍ଷ୍ମୀଙ୍କ ମୁଣ୍ଡରୁ ଝାଳ ବୋହିଗଲା । ସେ ଦୌଡ଼ିଯାଇ ବିଶ୍ୱମିତ୍ରଙ୍କୁ ଦେଖାଇଲେ । ବାରଣ୍ଡାରେ ବସି ଖବର କାଗଜ ପଢୁଥିଲେ ବିଶ୍ୱମିତ୍ର । କାଗଜ ପଢ଼ି ବିଶ୍ୱମିତ୍ର ସାର୍‌ଙ୍କ ଆଖି ତଳେ ଅନ୍ଧାର ହୋଇଗଲା ।

"ବାପା-ବୋଉ, ମତେ ଆଉ ଖୋଜିବ ନାହିଁ । କାଲି କଲେଜରୁ ଫେରିଲା ବେଳେ ସେହି ପିଲାମାନେ ମୋ ସହ ଯାହା କରିଛନ୍ତି, ମୁଁ କହିପାରିବି ନାହିଁ । ମୋତେ କ୍ଷମା କରିବ । ମୁଁ ଆଉ ବଞ୍ଚିବାକୁ ଚାହେଁ ନାହିଁ । ଶେଫାଳିକୁ ଆଉ କଲେଜ ଛାଡ଼ିବ ନାହିଁ । ପ୍ଲିଜ୍ ।"

ମନୋରମାର ଏହି ନୋଟ୍ ଯେମିତି ବିଶ୍ୱମିତ୍ର ସାର୍‌ଙ୍କ ସଂସାର ଉଜାଡ଼ି ଦେଲା । ଆଖପାଖ ଅଞ୍ଚଳରେ ଯେତେ ଖୋଜିଲେ ବି ମନୋରମାର ପତ୍ତା ମିଳିଲା ନାହିଁ । ଥାନାରେ ଏଫ୍‌ଆଇଆର୍ ଦେଲେ । ପୁଲିସ କହୁଛି, ଆମେ ଚେଷ୍ଟା କରୁଛୁ । ଆପଣ ବି ନିଜ ବନ୍ଧୁବାନ୍ଧବ ଘରକୁ ଯାଇ ଖୋଜନ୍ତୁ । ପୁଲିସ ପାଖକୁ ଡେଲି ଦୌଡ଼ିଲେ ବିଶ୍ୱମିତ୍ର ସାର୍ । କାଳେ ସେମାନେ ଖବର ପାଇଥିବେ । ଥାନାରେ ପଶୁ ପଶୁ ଜଣେ ପୁଲିସ ବାଲା କହିଲେ, "ସାର୍ ଯାହା ଲାଗୁଛି, ସେଟିଂ ହେଇ ଆପଣଙ୍କ ଝିଅ କାହା ସହ ପଳାଇଛି । ମୋତେ ଡାଉଟ୍ ଲାଗୁଛି । ଆପଣ ଦେଖନ୍ତୁ ।"

ଏହା ଶୁଣି ବିଶ୍ୱମିତ୍ର ସାରଙ୍କ ମୁହଁ ଲାଲ୍ ପଡ଼ିଗଲା । "ନା ନା ଏମିତି ହେଇପାରିବ ନି । ମୋ ଝିଅ ଏମିତି ସେମିତି ଝିଅ ନୁହେଁ । ମୋ ଝିଅ ଚରିତ୍ର ଉପରେ ଆଙ୍ଗୁଠି ଉଠାଇବାକୁ ଆପଣ କିଏ? ହାଓ ଡେୟାର??"

ମନରେ କୋହ ଓ ଆଖିରେ ଲୁହ ନେଇ ଘରକୁ ଫେରିଲେ ବିଶ୍ୱମିତ୍ର ସାର୍ । ବିଜୟଲକ୍ଷ୍ମୀଙ୍କୁ ସବୁକଥା କହିଲେ । ବିଜୟଲକ୍ଷ୍ମୀ ମୁଣ୍ଡରେ ହାତ ଦେଇ କହିଲେ, କାହା କାହା ତୁଣ୍ଡ ବନ୍ଦ କରିବି । ଯାଡ଼େ ସାଇ ପଡ଼ିଶା ଲୋକ କହୁଥିବା ବେଳେ, ଶେଷରେ ପୁଲିସ ବି ତାଙ୍କ କଥାରେ ପଡ଼ିଗଲା । ହେ ଭଗବାନ, ମୋ ଝିଅଟା ଖାଣ୍ଟି ସୁନା । ତା' ମୁଣ୍ଡରେ ଅପବାଦ କାହିଁକି? ତମର ଆମେ କି ଦୋଷ କରିଥିଲୁ ଯେ ଆଜି ଏଭଳି ଅବସ୍ଥା ଭୋଗିବାକୁ ପଡୁଛି ।

ଝିଅକୁ ଖୋଜିବାରେ ଦିନରାତି ଏକ କରିଦେଲେଣି ବିଶ୍ୱମିତ୍ର ସାର୍ । କେବେ ଥାନାକୁ ଦୌଡୁଛନ୍ତି, ତ କେବେ କଲେଜ । ପୁଣି କଉ ବନ୍ଧୁବାନ୍ଧବ ଘର ବି ଛାଡ଼ି ନାହାନ୍ତି । ମନୋରମାଙ୍କୁ ଖୋଜିବାରେ ଟିକିଏ ବି ଅବହେଳା କରୁ ନାହାନ୍ତି । ଯାହାର ଅଚିହ୍ନା ଶବ ମିଳିଲେ ପୁଲିସବାଲା ବିଶ୍ୱମିତ୍ର ସାର୍‌ଙ୍କୁ ଡାକି ଦେଖାଉଛନ୍ତି । ଏ ଆପଣଙ୍କ ଝିଅ ନୁହେଁ ତ ? ଏମିତ କେତେ ଯେ ବିକୃତ ଶବ ଦେଖିଲେଣି ।

ଥକି ଗଲିଣି ହେ ପ୍ରଭୁ । ମୋ ଦେହରେ ଆଉ ବଳ ନାହିଁ । ମୋ ଝିଅକୁ ଫେରାଇ ଦିଅ । ଝିଅକୁ ଝୁରି ଝୁରି ବେମାର ହୋଇଗଲେଣି ବିଜୟଲକ୍ଷ୍ମୀ । ଆଉ ବିଛଣାରୁ ଉଠି ପାରୁନାହାନ୍ତି । ତାଙ୍କୁ ଡାକ୍ତରଖାନା ନେବାରେ ବିଶ୍ୱମିତ୍ର ସାର୍‌ଙ୍କ ସମୟ ଯାଉଛି । ସାନ ଝିଅ ଶେଫାଳି ଆଉ ସ୍କୁଲ ଯାଇପାରୁନି । ଘର କାମ ବୋଝ ତା' ଉପରେ । ମା'ଙ୍କ ସେବାରେ ବି ଲାଗିଛି ।

ଉଜୁଡ଼ି ଗଲାଣି ସୁନାର ସଂସାର । ଯାହା ଜମିବାଡ଼ି ଥିଲା ସବୁ ବିକ୍ରି କରି ବିଜୟଲକ୍ଷ୍ମୀଙ୍କ ଚିକିତ୍ସାରେ ଯାଉଛି । ଦିନକୁ ଦି ଥର ବି ଆଉ ପେଟପୂରା ଖାଇବାକୁ ନାହିଁ ।

ଝିଅ, ଆମେ କି ଦୋଷ କରିଥିଲୁ ଯେ ତୁ ଏଭଳି ବଦଳା ନେଲୁ । କିଏ କ'ଣ ଭାବୁଛି ଭାବୁ, ତୁ ତ ଆମର ସୁନାପିଲା ଥିଲୁ । ଆମ କଥା ଟିକିଏ ବି ଚିନ୍ତା କଲୁନାହିଁ । ଘର ବାରଣ୍ଡାରେ ବସି କାନ୍ଥରେ ଆଉଜି ମନକୁ ମନ କହି ଚାଲିଥିଲେ ବିଶ୍ୱମିତ୍ର ସାର୍ । ଆଖିରୁ ଲୁହ ସୁଖୁନାହିଁ, ନିଦ ବି ହଜିଗଲାଣି ।

ଶେଷରେ ମୃତ୍ୟୁ ଆଗରେ ହାର ମାନିଗଲେ ବିଜୟଲକ୍ଷ୍ମୀ । ଯାହା ଟିକିଏ ବାକି ଥିଲା, ତାହା ବି ସରିଗଲା । ସାନ ଝିଅ ଶେଫାଳିକୁ ତାଙ୍କ ମାମୁଁ ଘର ଲୋକ ଆସି ନେଇଗଲେ । ସେମାନେ ବିଶ୍ୱାମିତ୍ର ସାର୍‌ଙ୍କୁ ନେବାକୁ ବହୁତ ଚେଷ୍ଟା କଲେ । କିନ୍ତୁ ସେ ଗଲେ ନାହିଁ । କାଳେ ଝିଅ ଆସିବ । କହିଲେ, "ଶେଷ ନିଶ୍ୱାସ ଯାଏଁ ଅପେକ୍ଷା କରିବି ।"

ବିଶ୍ୱମିତ୍ର ସାର୍ ଝିଅ ଓ ପତ୍ନୀଙ୍କୁ ଝୁରି ଝୁରି ପାଗଳ ପ୍ରାୟ ହୋଇଗଲେଣି । ସେ ଖଣ୍ଡିଆ ଦଦରା ସାଇକଲ ଧରି ସବୁଦିନ ଝିଅ ପଢ଼ିଥିବା ବିପି କଲେଜ ସାମ୍ନାକୁ ଯାଇ ଗଛ ତଳେ ବସୁଛନ୍ତି । ଅପେକ୍ଷା, ଝିଅ ନିଶ୍ଚୟ ଫେରିବ । ■

# ଅନ୍ତରୀକ୍ଷରେ ଅନ୍ଧାର

ନୃସିଂହ ତରାଇ




ଅନ୍ଧାର ଚଢୁଥାଏ
ମାଟିରୁ ପାହାଡ଼ ଶିଖରକୁ
ବଣ ମାଳ ଡେଇଁ
ଅମ୍ଳଜାନ ସରି ଆସୁଥାଏ
ଓ ସେଇଠୁ ଆରମ୍ଭ ହେବାକୁ
ଥାଏ ବୋଧେ
ଗ୍ଲାନିର ଆକାଶ ।

ସାରା ଆକାଶ
ଆକାଶର ଶିରା ପ୍ରଶିରାରେ
ଲୁହ ଆଉ ଲହୁ
ରକ୍ତବୋଳା ମାଂସ ସାରା
ପୋଡ଼ା ଗନ୍ଧ... ବାରୁଦ ବାରୁଦ
ନେସି ହେଇ ରହିଛି
ମୃତ୍ୟୁମାନଙ୍କ ନାଗ ଫାଶ ।

ନଈ ସମୁଦ୍ର ପାହାଡ଼
ଘଞ୍ଚ ବଣ, ପଥ ଅପର୍ଯ୍ୟାପ୍ତ
ଦିଗବଳୟ ପରି ଦିଶୁଥିବା
ମାଇଲ ମାଇଲ ଦୂରତାରୁ
ଯୁଦ୍ଧର ଜୁଆର ଲଂଘେ
ସୀମା ସରହଦ... ।

ଆସ ଆସ ଦେଖିବ
କେତେ କେତେ ମୃତ୍ୟୁ
ମଣିଷର , ପ୍ରକୃତିର
ପୃଥିବୀର ମୃତ୍ୟୁ
ମାନବିକତାର ମୃତ୍ୟୁ
ଆଲୁଅର ଅଶାର ଆକାଂକ୍ଷାର
ମୃତ୍ୟୁ ମୃତ୍ୟୁ ମୃତ୍ୟୁ ... ■

ମୋ ୭୯୭୮୩୮୧୨୧୩



# ଗୁଞ୍ଜରଣ

ପୂରବୀ ଶତପଥୀ



ଅଗଣନ ଅଶରୀରୀର ଅପାଦ ନୃତ୍ୟରେ
କୁହୁଡ଼େଇ ଅଦୃଶ୍ୟ ହୋଇଯାଉଥିବା
ଏକ ଅଦ୍ଭୁତ ପୃଥିବୀ ଏଠି ଏବେ ।

ବନମାନସରେ, ଏଇ ଜୈତ୍ରଯାତ୍ରାରେ,
ମୁହୁର୍ମୁହୁଃ କାନଫଟା ଆତଙ୍କ ଭିତରେ,
ଏ କେଉଁ ଆତ୍ମବିସ୍ମୃତ ସ୍ୱରର ଗୁଞ୍ଜର ?

ମୁଁ କିଏ?
ହଜାର ଲଟାଦେହୀ ମୁଁ କି ଏକ ସେତୁ?
ଅସୁମାରି ପାଣିର ଗାର ନେଇ
ମୁଁ କି ଏକ ନଈ?
ମାଟିର ଦେହରଙ୍ଗ ବଦଳେଇ ପାରୁଥିବା
ମୁଁ ମୁଠାଏ ସ୍ୱଚ୍ଛ ଅବିର ?
ଅଥବା ସ୍ରୋତର ଛାତିରେ
ଛମ୍‌ଛମ୍ ବାଜୁଥିବା ମାଳେ ଘୁଙ୍ଗୁର ?

ମୁଁ କିଏ?
ଜଳପକ୍ଷୀ ଯୂଥର ଅପ୍ରତିଭ ଉଲ୍ଲାସ?
ଅବାଞ୍ଛିତ ବିପ୍ଳବ
ଉହ୍ୟ ଆବେଗ,
ଅଲୋଡ଼ା ସଂପ୍ରୀତି
ନା ଅସମୟର ହାହୁତାଶ?

କିଏ ମୁଁ? ମୁଁ କିଏ?

ମୁଁ କି ଏବେ
ଆନତ ମୁଦ୍ରାରେ ସ୍ଥିରେଇ ଯାଇଥିବା
ଆବେଗ ଓ ତରଙ୍ଗର
ଟୋପେ,ଅକସ୍ମାତ ଦ୍ରବଣ,
ଏକପାଦୀ ମୌନୀ ମୁନି!


ଜିଜୀବିଷା ସହ
ବାଲ୍‌କୋନୀ ରେଲିଂ ଉପରୁ
ଘର ଭିତରକୁ ଡେଇଁପଡ଼ି
ଡାଏରୀ ଭିତରକୁ ଛିଟିକି ଆସୁଥିବା
ଦଲକାଏ ଶବ୍ଦର ସିମ୍ଫୋନି ! ■

ରାସୋଳ, ଢେଙ୍କାନାଳ
ମୋ: ୮୮୪୭୮୨୫୬୮୮

## ପୁସ୍ତକ ପରିଚୟ

### କର୍ଣ୍ଣିକା

**କ୍ଷମାନିଧି ଭୋଇ**




କାବ୍ୟଲୋକ
ଗ୍ୟାରେଜ ଛକ
ଲୁଇସ୍ ରୋଡ୍, ଭୁବନେଶ୍ୱର-୨
ପ୍ରଥମ ସଂସ୍କରଣ: ୨୦୨୨
ମୂଲ୍ୟ: ୨୦୦ ଟଙ୍କା

ତୋଷାମଦ, ଟାଉଟର, କୁଟିଳ ପ୍ରକୃତିର ମଣିଷ ଯଦି ସିଂହାସନରେ ବସେ,ତେବେ ଶାସନ ବ୍ୟବସ୍ଥା ନିଶ୍ଚୟ ଦୁର୍ବଳ ହୋଇପଡ଼ିବ । ସେ ରାଜତନ୍ତ୍ର ହେଉ କି ଗଣତନ୍ତ୍ର । ଏଭଳି ବାସ୍ତବତାର ଚିତ୍ର ପ୍ରତିଫଳିତ ହୋଇଛି କ୍ଷମାନିଧି ଭୋଇଙ୍କ 'କର୍ଣ୍ଣିକା' ପୁସ୍ତକର କେତେକ କବିତାରେ । ଏହି ପୁସ୍ତକର 'ମାୟା ଖେଳଘର', 'ସିଂହାସନ', 'ବସନ୍ତ', 'ମୁଁ ବଢ଼ିଲା ଝିଅର ବାପା', 'ଅସ୍ୱଷ୍ଟ ଅସ୍ତିତ୍ୱ', 'ଫାଶ', 'ଭଙ୍ଗା ହୃଦୟ', 'ଗାନ୍ଧିଜୀ ନାହାନ୍ତି ବୋଲି', 'ଚିରନ୍ତନ ପ୍ରେମ', 'ସବୁ ଯଦି ଠିକ୍', 'ବର୍ଷା ଭାବନା', 'ପ୍ରୀତିପଦ୍ମା', 'ଆମେ ସ୍ୱାଧୀନ', 'ଶାନ୍ତିର ସନ୍ଧାନ', 'ଉଠ ଜାଗ୍ରତ ହୁଅ', 'ଅଭିବ୍ୟକ୍ତି', 'ମୋ ଚିତ୍ରିତ ପୃଥିବୀ', 'ଅଭିବ୍ୟକ୍ତ', 'ସ୍ୱାର୍ଥପର', 'ଭାଗ୍ୟ' ଆଦି କବିତାଗୁଡ଼ିକ ହୃଦୟସ୍ପର୍ଶୀ ହୋଇଛି । କେଉଁଠି କବି ସାଂପ୍ରତିକ ସମାଜର ଅବ୍ୟବସ୍ଥା ବିରୁଦ୍ଧରେ ସ୍ୱର ଉତ୍ତୋଳନ କରିଛନ୍ତି, ପୁଣି କେଉଁଠି ଦୁର୍ବଳ ଶାସନ ବ୍ୟବସ୍ଥାକୁ କଟାକ୍ଷ କରିଛନ୍ତି । ପୁଣି କେଉଁ କବିତାରେ ମାନବିକତାର ଚିତ୍ର ପ୍ରତିଫଳିତ ହୋଇଛି । ଭାବ, ଭାଷା, ଅନୁଭବର ଏକ ପରିପକ୍ୱ କାବ୍ୟ ଚେତନାକୁ ଅନୁଭବ କରିହୁଏ ଏହି ପୁସ୍ତକର କବିତାଗୁଡ଼ିକରେ । 'କର୍ଣ୍ଣିକା'ର କବିତାଗୁଡ଼ିକ ପାଠକମାନଙ୍କ ହୃଦୟକୁ ଛୁଇଁ ପାରିବ ବୋଲି ଆଶା କରାଯାଏ । ■

### ସ୍ୱାମୀ ବିବେକାନନ୍ଦ

**ଶାରଦା ପ୍ରସନ୍ନ ପଣ୍ଡା**



ସାଇ ଯମୁନା ପବ୍ଲିକେଶନ
ଝାଞ୍ଜିରୀ ମଙ୍ଗଳା, କଟକ- ୯
ପ୍ରଥମ ସଂସ୍କରଣ: ୨୦୨୪
ମୂଲ୍ୟ: ୮୦ ଟଙ୍କା

ମହାନ ଆଧ୍ୟାତ୍ମିକ ଗୁରୁ ସ୍ୱାମୀ ବିବେକାନନ୍ଦଙ୍କ ଜୀବନକୁ ନେଇ ଶାରଦା ପ୍ରସନ୍ନ ପଣ୍ଡାଙ୍କ 'ବିଶ୍ୱ ବିଜୟୀ ବିବେକାନନ୍ଦ' ପୁସ୍ତକ ପ୍ରକାଶ ପାଇଛି । ଏହି ପୁସ୍ତକର 'ବାଲ୍ୟଜୀବନ', 'ଆଦର୍ଶଛାତ୍ର ନରେନ୍ଦ୍ରନାଥ', 'ଗୁରୁ-ଶିଷ୍ୟ ଭେଟାଭେଟି', 'ଗୁରୁ ପରୀକ୍ଷା', 'ବାପ ଛେଉଣ୍ଡ ନରେନ୍ଦ୍ରନାଥ', 'ଶ୍ରୀରାମକୃଷ୍ଣଙ୍କ ସମାଧି ଓ ନରେନ୍ଦ୍ରନାଥଙ୍କ ସିଦ୍ଧି' ଆଦି ଅଧ୍ୟାୟରେ ବିବେକାନନ୍ଦଙ୍କ ଶୈଶବ ଜୀବନ, ଶିକ୍ଷା, ସିଦ୍ଧିପ୍ରାପ୍ତ, ଗୁରୁ ରାମକୃଷ୍ଣଙ୍କ ସାନ୍ନିଧ ଲାଭ ସଂପର୍କରେ ସଂକ୍ଷିପ୍ତ ଅଥଚ ମାର୍ମିକ ଭାବେ ବର୍ଣ୍ଣନା କରାଯାଇଛି । ଛାତ୍ର ଜୀବନରେ ତାଙ୍କର ଉତ୍ତମ ଚରିତ୍ର, ମେଧା, ମାନବିକତା, ସୌମ୍ୟ ଚେହେରା ସମସ୍ତଙ୍କୁ ଆକର୍ଷିତ କରୁଥିଲା । ବିବେକାନନ୍ଦଙ୍କ ନିରାଡ଼ମ୍ବର ଜୀବନ ଶୈଳୀ, ବ୍ୟକ୍ତିତ୍ୱ, ଆଧ୍ୟାତ୍ମିକତା, ମହତ ବାଣୀ ମାନବ ସମାଜ ପାଇଁ ପ୍ରେରଣାଦାୟକ ନିଶ୍ଚୟ । ଏହି ପୁସ୍ତକଟି ପାଠକୀୟ ଆଦୃତି ଲାଭ କରିବ ବୋଲି ଆଶା କରାଯାଏ । ■

# ସତ୍ୟବାଦୀ ବାଣୀମଞ୍ଚର କବି ନୀଳକଣ୍ଠ

ଡ. ପ୍ରଫୁଲ୍ଲ କୁମାର ସାହୁ



ସତ୍ୟବାଦୀ ବାଣୀମଞ୍ଚର ନୀତିନିଷ୍ଠ ଆଚାର୍ଯ୍ୟ ପଣ୍ଡିତ ନୀଳକଣ୍ଠ ଦାସ । ଉତ୍କଳୀୟ ସଂସ୍କୃତିର ଜଣେ ମୌଳିକ ଭାଷ୍ୟକାର । ଜାତି ଓ ଜାତୀୟ ଚରିତ୍ର ଗଠନ କ୍ଷେତ୍ରରେ ଏହି ଶୁଚିନିଷ୍ଠ ସତ୍ୟ ସନ୍ଧାନୀ କର୍ମବୀରଙ୍କ ଜୀବନ ଥିଲା ଏକ ଅନିର୍ବାଣ ଯଜ୍ଞ । ସାହିତ୍ୟ ସାଧନା, ରାଜନୀତି, ସାମ୍ବାଦିକତା ଓ ସମାଜ ସଂସ୍କାର ଥିଲା ସେ ଯଜ୍ଞର ଏକ ଏକ ଅବିଚ୍ଛେଦ୍ୟ ଓ ଅପରିହାର୍ଯ୍ୟ ଅଙ୍ଗ ।

ବିଂଶ ଶତାବ୍ଦୀର ଆଦ୍ୟ ଭାଗରେ ଉତ୍କଳ ସମ୍ମିଳନୀ ମଣ୍ଡପରୁ ଯେଉଁ ଉଗ୍ର ଜାତୀୟତାବୋଧର ପ୍ରବାହ ସୃଷ୍ଟି ହୋଇଥିଲା, ତାକୁ ଅଧିକ ଗତିଶୀଳ କରିବା ଲକ୍ଷ୍ୟରେ ସତ୍ୟବାଦୀ ବନବିଦ୍ୟାଳୟକୁ କେନ୍ଦ୍ର କରି ଗଢ଼ି ଉଠିଥିଲା ଏକ ସଂକଳ୍ପସ୍ନାତ ସାରସ୍ୱତ ପରିମଣ୍ଡଳ । ସତ୍ୟବାଦୀର ସାଧକ ଶିକ୍ଷକଙ୍କ ଲେଖନୀ ଚାଳନା ଫଳରେ ଓଡ଼ିଆ ବାଣୀ ଭଣ୍ଡାର ଯେ, କେବଳ ପରିପୁଷ୍ଟ ହେଲା ତା' ନୁହେଁ, ଏଥି ସହିତ ଓଡ଼ିଆ ସାହିତ୍ୟ ଇତିହାସରେ ଆତ୍ମ ପ୍ରକାଶ କଲା ସତ୍ୟବାଦୀ ଯୁଗ ନାମରେ ଆଉ ଏକ ମହିମା ମଣ୍ଡିତ ଅଧ୍ୟାୟ ।

ବିସ୍ମୃତି ଗର୍ଭରୁ ପ୍ରାଚୀନ ଐତିହ୍ୟର ସ୍ମୃତିଚାରଣ, ବୀରତ୍ୱ କାହାଣୀର ଉଦ୍‌ଘାଟନ ଓ ସ୍ୱରାଜ୍ୟ ପ୍ରାପ୍ତିର ଦୁର୍ନିବାର ବାସନା ଥିଲା ଆଲୋଚ୍ୟ ଯୁଗର ସାହିତ୍ୟିକ ଆଦର୍ଶ । ସେହି ଐତିହ୍ୟବୋଧର ଏକ ଗୀତିମୟ ଗାୟତ୍ରୀ ହେଉଛି କବି ନୀଳକଣ୍ଠଙ୍କ ଐତିହାସିକ କାବ୍ୟ 'କୋଣାର୍କେ' । ନିଦ୍ରିତ ଛାତ୍ରମାନଙ୍କୁ କେନ୍ଦ୍ର କରି ଗଢ଼ି ଉଠିଥିବା ତା'ର ବିଷୟ ଉପସ୍ଥାପନା ପରିପାଟୀ ଓ ଚରିତ୍ର ନିର୍ମାଣ କୌଶଳ ଯେମିତି ଅଭିନବ, ଇତିହାସର ନବୀକରଣ ସେମିତି ଜାତୀୟ ଭାବଦ୍ୟୋତକ । ସତ୍ୟବାଦୀ ସାହିତ୍ୟର ମୁଖପତ୍ର ଭାବରେ ପରିଚିତ 'କୋଣାର୍କେ' ।

ଅନ୍ୟପକ୍ଷରେ ଅନୁଭୂତିର ତୀବ୍ରତା ଓ ଅଭିଜ୍ଞତାର ବିଶ୍ୱସ୍ତତାକୁ ଆଧାର କରି ଗଢ଼ି ଉଠିଥିବା ନୀଳକଣ୍ଠଙ୍କ କାବ୍ୟ ଚେତନାର ସମଗ୍ରତାରେ ବିନ୍ୟସ୍ତ ଏକ ମହତ୍ତର ଆଦର୍ଶବୋଧ । ଯା'ର ଆବେଦନ ଅତ୍ୟନ୍ତ ଗଭୀର ଓ ଗମ୍ଭୀର । ତେଣୁ ବ୍ୟଭିଚାର ପରିବର୍ତ୍ତେ ତାଙ୍କ କାବ୍ୟ ନାୟକ ଓ ନାୟିକା ସଂଯମ ଓ ଶୃଙ୍ଖଳାର ଖଣ୍ଡାଧାରରେ ଚାଲନ୍ତି, ଯା'ର ଜ୍ୱଳନ୍ତ ଦୃଷ୍ଟାନ୍ତ ବହନ କରେ ଇତିହାସ ପରିପୁଷ୍ଟ କାବ୍ୟ 'ଖାରବେଳ" । କାବ୍ୟର ବିଷୟବସ୍ତୁ ହୋଇପାରେ ଅତ୍ୟନ୍ତ କ୍ଷୀଣ, ମାତ୍ର ନିର୍ମଳ ପ୍ରେମର ପ୍ରକାଶ ବୈଚିତ୍ର୍ୟ ହିଁ ତା'ର ଯଥାର୍ଥ ସୃଷ୍ଟି ଗୌରବ ।

ଆଧ୍ୟାତ୍ମିକ ଅଭୀପ୍ସାର କବି ପଣ୍ଡିତ ନୀଳକଣ୍ଠ । ତାଙ୍କ 'ଭକ୍ତି ଗାଥା'ର ପ୍ରତ୍ୟେକଟି ଗୀତିକାରେ ପ୍ରକାଶ ପାଇଛି, ସେହି ଭକ୍ତି ପ୍ରାଣତାର ଛଳ ଛଳ ପ୍ରବାହ । 'ଗୀତା ଭାଷ୍ୟ' ଓ 'ଗୀତା ପ୍ରବେଶ' ତାଙ୍କ ଜୀବନ ଦର୍ଶନ ଓ ପ୍ରଜ୍ଞାର ଏକ ପ୍ରସାରିତ ଫଳକ । କବିଙ୍କ ଦୃଷ୍ଟିରେ ଯାହା ମାନବ ସମାଜର ମଙ୍ଗଳ ବିଧାନ କରେ ତାହା ହିଁ ଧର୍ମ । ଅର୍ଥାତ୍ ଧର୍ମକୁ ଏକ ଆଦର୍ଶ ମାର୍ଗ ଭାବେ ଗ୍ରହଣ କରିଛନ୍ତି ଏବଂ ସେହି ମାର୍ଗ ଅନୁସରଣ କରିବା ପାଇଁ ପିଲାମାନଙ୍କୁ ପ୍ରୋତ୍ସାହିତ କରିଛନ୍ତି 'ପିଲାଙ୍କ ରାମାୟଣ' ଓ 'ପିଲାଙ୍କ ଭାଗବତ'ରେ ।

ପଣ୍ଡିତ ନୀଳକଣ୍ଠ କେବଳ ପରମ୍ପରାର ପ୍ରମୂର୍ତ୍ତ ପୂଜାରୀ ନୁହନ୍ତି, ସେ ପୁରୋଗାମୀ ଚେତନାର ବାର୍ତ୍ତାବହ । ସତ୍ୟବାଦୀ ବନ ବିଦ୍ୟାଳୟକୁ କେନ୍ଦ୍ର କରି ସୂତ୍ରପାତ ହୋଇଥିବା ସଂସ୍କାର ଆନ୍ଦୋଳନର ସେ ଥିଲେ ମୁକ୍ତ ପ୍ରବକ୍ତା । 'ମୋ ନିଶ' ପ୍ରବନ୍ଧରେ ସମାଜର କୁସଂସ୍କାର ବିରୋଧରେ ବିଦ୍ରୂପର ଶାଣିତ ଖଡ୍‌ଗ ପ୍ରୟୋଗ କରି ସେ ତା'ର ଭିତ୍ତିଭୂମି ସ୍ଥାପନ କରିଥିଲେ ଏବଂ ସେହି କାରଣରୁ ତାହା ନିଶ ଆନ୍ଦୋଳନ ନାମରେ ପରିଚିତ । ବୌଦ୍ଧିକସ୍ତରରେ ସେ ଆନ୍ଦୋଳନକୁ ଆହୁରି ଆଗକୁ ନେବା ପାଇଁ ସେ ଲେଖିଛନ୍ତି 'ଅଛୁ ଓ ହେବୁ' ଏବଂ 'ପ୍ରତିଭା ପୂଜା ଓ ପ୍ରତିମା ପୂଜା' ଆଦି ଅନେକ ସଂସ୍କାରଧର୍ମୀ ପ୍ରବନ୍ଧ । ଓଡ଼ିଆ ପ୍ରବନ୍ଧ ସାହିତ୍ୟରେ ପଣ୍ଡିତ ନୀଳକଣ୍ଠଙ୍କ 'ଆର୍ଯ୍ୟ ଜୀବନ' ଏକ ଉଚ୍ଚକୋଟୀର ଗ୍ରନ୍ଥ । ଏଥିରେ ସେ ଆର୍ଯ୍ୟ ଜୀବନର ପ୍ରକୃତି, ତା'ର ଆଧ୍ୟାତ୍ମିକ ସାଧନା ଓ ଆଦର୍ଶ ସଂପର୍କରେ ଯେଉଁ ମନନଧର୍ମୀ ଆଲୋଚନା କରିଛନ୍ତି, ସାଂପ୍ରତିକ ପରିପ୍ରେକ୍ଷୀରେ ଆଦୌ ମହଳଣ ପଡ଼ି ଯାଇନି ତା'ର ପ୍ରାସଙ୍ଗିକତା ।

କବିଙ୍କ 'ଭକ୍ତିଗାଥା'ର ପ୍ରତ୍ୟେକଟି ଗୀତିକାରେ ପ୍ରକାଶ ପାଇଛି ତାଙ୍କ ଭକ୍ତିପ୍ରାଣତାର ଛଳଛଳ ଆବେଗ । ହଜାରିବାଗ ଜେଲରେ ଥାଇ ଗୀତା ଉପରେ ସେ ଯେଉଁ ଗଭୀର ଅଧ୍ୟୟନ କରିଥିଲେ, ତା'ର ଅମୃତମୟ ଫଳ ହେଉଛି ତାଙ୍କ 'ଗୀତା ଭାଷ୍ୟ' ଓ 'ଗୀତା ପ୍ରବେଶ' । ସଂସ୍କୃତକୁ ଅନେକ ମୃତଭାଷା କହୁଥିବାବେଳେ ସେ ତାକୁ ମର୍ଯ୍ୟାଦାବନ୍ତ ସ୍ଥାନ ଦେଇଛନ୍ତି 'ସଂସ୍କୃତି ଓ ସଂସ୍କୃତି' ଗ୍ରନ୍ଥରେ । କେବଳ ମୌଳିକ ପ୍ରବନ୍ଧ ରଚନା ନୁହେଁ, ସାହିତ୍ୟ ସମାଲୋଚନା କ୍ଷେତ୍ରରେ ସେ ଥିଲେ ଅନେକଙ୍କ ପାଇଁ ଦିଗଦର୍ଶନ । 'ଓଡ଼ିଆ ସାହିତ୍ୟର କ୍ରମବିକାଶ' ଏକ ଚମତ୍କାର ଆଲୋଚନା ଗ୍ରନ୍ଥ, ଯାହା ତାଙ୍କ ସ୍ୱତନ୍ତ୍ର ଶୈଳୀ ଓ ଗଭୀର ଅନ୍ତର୍ଦୃଷ୍ଟିରେ ଗରୀୟାନ ।

ଓଡ଼ିଆ ଲିପି ସଂସ୍କାର କ୍ଷେତ୍ରରେ ସେ ଥିଲେ ଆଦ୍ୟ ଉଦ୍ୟକ୍ତା । ତାଙ୍କରି ଲେଖାରୁ ଆରମ୍ଭ ହୋଇଥିଲା ଓଡ଼ିଆ ଭାଷାର ବୈଜ୍ଞାନିକ ଶୃଙ୍ଖଳା ଓ ତୁଳନାତ୍ମକ ଅଧ୍ୟୟନ ଧାରା । ସେ ହିଁ ପ୍ରଥମେ ଯୁକ୍ତାକ୍ଷର ପରିବର୍ତ୍ତେ ଅନୁସ୍ୱାର ବ୍ୟବହାର କଲେ ଏବଂ ଏ କ୍ଷେତ୍ରରେ ଏକ ବୈଜ୍ଞାନିକ ଦୃଷ୍ଟିଭଙ୍ଗୀର ପରିଚୟ ବହନ କରେ ତାଙ୍କ ଗବେଷଣାତ୍ମକ ଗ୍ରନ୍ଥ 'ଓଡ଼ିଆ ଭାଷା ଓ ସାହିତ୍ୟ' । ତାଙ୍କ ଆତ୍ମଜୀବନୀ 'ସ୍ମୃତି ଓ ଅନୁଭୂତି' କେବଳ ଆତ୍ମକଥା ଅନ୍ତର୍ଲିପି ନୁହେଁ, ଏହା ଦୀର୍ଘ ଅର୍ଦ୍ଧଶତାବ୍ଦୀ ବ୍ୟାପୀ ଓଡ଼ିଶାର ସାମାଜିକ ଓ ସାଂସ୍କୃତିକ ଘଟଣାବଳୀର ଐତିହାସିକ ଦସ୍ତାବିଜ । ତାଙ୍କ ସମ୍ପାଦନାରେ ପ୍ରକାଶ ପାଉଥିଲା 'ନବଭାରତ' ମାସିକ ପତ୍ରିକା ଥିଲା ଓଡ଼ିଆ ସାହିତ୍ୟ ସମାଲୋଚନା କ୍ଷେତ୍ରରେ ଏକ ଆଲୋକ ବର୍ତ୍ତିକା । ଇତିହାସ, ଦର୍ଶନ, ସାହିତ୍ୟ ଓ ଭାଷାତତ୍ତ୍ୱ ଆଦି ପ୍ରତ୍ୟେକ ବିଷୟରେ ତାଙ୍କ ପ୍ରଜ୍ଞାର ପରିସୀମା ଏତେ ବ୍ୟାପକ ଯେ ତା'ର ଗୋଟିଏ ପାର୍ଶ୍ୱରେ ଥାଇ ଲକ୍ଷ୍ୟ କଲେ ଅପର ପାର୍ଶ୍ୱଟି ଦିଶେ ଦୂର ଦିଗବଳୟର ଚେନାଏ ନୀଳିମା ପରି । ■

ଅବସରପ୍ରାପ୍ତ ଅଧ୍ୟକ୍ଷ
ବିଜୁ ପଟ୍ଟନାୟକ ନଗର, ଭଦ୍ରକ
ମୋ: ୬୩୭୧୬୪୨୪୬୪

### ୧୨ ଥର ମୁଖ୍ୟମନ୍ତ୍ରୀଙ୍କୁ ସାକ୍ଷାତ କରିଥିଲେ ମଧ୍ୟ ଫଳ ଶୂନ

# ସରକାର ଶିକ୍ଷକଙ୍କୁ ପ୍ରତାରଣା କରନ୍ତୁ ନାହିଁ: ଭକ୍ତ



ଭୁବନେଶ୍ୱର,୧୬।୮(ସମିସ): ବିଜେପି ସରକାର ଗଠନ କରିବା ୧୪ ମାସ ମଧ୍ୟରେ ନାରୀ ନିର୍ଯ୍ୟାତନା, ଅପରାଧ, ଲୋକଙ୍କ ଦୁର୍ଦ୍ଦଶା, ମିଥ୍ୟା ପ୍ରତିଶ୍ରୁତି ଆଦି ପୂର୍ବର ସମସ୍ତ ରେକର୍ଡ ଭାଙ୍ଗି ଦେଇଛି। ବର୍ତ୍ତମାନ ମୋହନ ସରକାରଙ୍କ ଦ୍ୱାରା ପ୍ରତାରିତ ଶିକ୍ଷକ ରାଜରାସ୍ତାରେ ଅଛନ୍ତି। ଆଜି ଦୁଇଗୋଟି ଭିନ୍ନ ଅନୁଷ୍ଠାନ ତାଙ୍କ ଦାବି ନେଇ ସଚିବାଳୟ ସମ୍ମୁଖ ମହାତ୍ମା ଗାନ୍ଧି ମାର୍ଗରେ ବିକ୍ଷୋଭ ପ୍ରଦର୍ଶନ କରିଛନ୍ତି। ପ୍ରତାରିତ ଶିକ୍ଷକ ଓ ଅଧ୍ୟାପକଙ୍କ ଦାବିମାନ ଅଗ୍ରାଧିକାର ଭିତ୍ତିରେ ପୂରଣ କରିବା ପାଇଁ ସରକାର ତୁରନ୍ତ ପଦକ୍ଷେପ ନିଅନ୍ତୁ ବୋଲି ପିସିସି ସଭାପତି ଭକ୍ତ ଚରଣ ଦାସ କହିଛନ୍ତି।

ଶ୍ରୀ ଦାସ କହିଛନ୍ତି ଯେ ସରକାର କର୍ପୋରେଟ ହାଉସ ଦ୍ୱାରା ପରିଚାଳିତ ସ୍କୁଲ ଓ ଶିକ୍ଷାନୁଷ୍ଠାନମାନଙ୍କୁ ଅଗ୍ରାଧିକାର ଦେଉଥିବା ବେଳେ ନିଜ ଶିକ୍ଷାନୁଷ୍ଠାନ ମାନଙ୍କ ପ୍ରତି ବୈମାତୃକ ମନୋଭାବ ପ୍ରଦର୍ଶନ କରୁଛନ୍ତି। ଶିକ୍ଷକଙ୍କୁ ପେନସନ, ନୂତନ ଓ ପୂର୍ବ ଅନୁଦାନପ୍ରାପ୍ତ ଶିକ୍ଷାନୁଷ୍ଠାନ ଗୁଡିକର ସରକାରୀକରଣ ଏବଂ ଶିକ୍ଷକ ନିଯୁକ୍ତି କରିବା ସହ ୨୦୦୪ ରୁ ୨୦୨୩ ମଧ୍ୟରେ ନିଯୁକ୍ତି ପାଇଥିବା ଚୁକ୍ତିଭିତ୍ତିକ ଶିକ୍ଷକମାନଙ୍କୁ ୬ଟି ଦାବି ନେଇ ଓଡ଼ିଶା ସ୍କୁଲ କଲେଜ ଶିକ୍ଷକ ଓ କର୍ମଚାରୀ ସମନ୍ୱୟ ସମିତି ବିକ୍ଷୋଭ ପ୍ରଦର୍ଶନ କରିଥିଲେ। ଓଡ଼ିଶା ରାଜ୍ୟ ବେସରକାରୀ ଅଧ୍ୟାପକ କର୍ମଚାରୀ ସଂଘ ରାଜ୍ୟର ବିଭିନ୍ନ ଅନୁଦାନପ୍ରାପ୍ତ ଏବଂ ଅଣ ଅନୁଦାନପ୍ରାପ୍ତ ମହାବିଦ୍ୟାଳୟରେ ୧ ଜୁନ ୨୦୦୮ ରୁ ୧ ଜୁନ ୨୦୧୮ ମଧ୍ୟରେ ପରିଚାଳନା କମିଟି ଦ୍ୱାରା ନିଯୁକ୍ତ ସମସ୍ତ ଅଧ୍ୟାପକ ଏବଂ କର୍ମଚାରୀଙ୍କୁ ରାଜ୍ୟ ସରକାର ଅନୁଦାନ ପରିସରଭୁକ୍ତ କରନ୍ତୁ ବୋଲି ଏକମାତ୍ର ଦାବି ନେଇ ବିକ୍ଷୋଭ ପ୍ରଦର୍ଶନ କରିଥିଲେ। ମୋହନ ସରକାର ଆସିବା ଦିନଠୁ ଏମାନେ ୧୨ ଥର ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ପ୍ରକୋଷ୍ଠରେ ପ୍ରତ୍ୟକ୍ଷ ସାକ୍ଷାତ କରି ଦାବି ଜଣାଇଥିଲେ ସୁଦ୍ଧା ସରକାର କିଛି ପଦକ୍ଷେପ ନେଇ ନାହାନ୍ତି। ଓଡ଼ିଶା ସ୍କୁଲ କଲେଜ ଶିକ୍ଷକ ଓ କର୍ମଚାରୀ ମହାସଂଘ ଏବଂ ଓଡ଼ିଶା ରାଜ୍ୟ ବେସରକାରୀ ଅଧ୍ୟାପକ କର୍ମଚାରୀ ସଙ୍ଘର ସମସ୍ତ ଶିକ୍ଷକ ଏବଂ କର୍ମଚାରୀଙ୍କ ପ୍ରତି ସରକାରଙ୍କ ପ୍ରତାଡ଼ନାକୁ ନିନ୍ଦା କରିବା ସହ ଅତିଶୀଘ୍ର ସେମାନଙ୍କ ଦାବି ଗ୍ରହଣ କରି ସରକାର ନ୍ୟାୟ ପ୍ରଦାନ କରନ୍ତୁ ଶ୍ରୀ ଦାସ ଦାବି କରିଛନ୍ତି।

# ପରଲୋକରେ ପ୍ରସିଦ୍ଧ ଦହିବରା ବ୍ୟବସାୟୀ ରଘୁ ମଉସା



କଟକ, ୧୬। ୮(ସମିସ): ନା ସେଥିରେ ଘୁଘୁନି ମିଶୁଥିଲା ନା ପଡୁଥିଲା ପିଆଜ, ସେଓ। କିନ୍ତୁ ସେ ଦହିବରା ଆଳୁଦମର ସ୍ୱାଦ ଥିଲା ନିଆରା। ବାସ୍ନା ନାକରେ ବାଜୁବାଜୁ ପାଟିରୁ ଆପେଆପେ ଲାଳ ଗଡ଼ି ଆସୁଥିଲା। ଥରେ ଯିଏ ଖାଇଛି, ବାରମ୍ବାର ସେଠାକୁ ଦୌଡ଼ିଛି। ସାଙ୍ଗସାଥୀ, ସ୍ତ୍ରୀ-ପିଲା-ଛୁଆଙ୍କୁ ନେଇ ବି ଚଖେଇଛି। ଖାଲି କଟକ ନୁହେଁ, ଦୂରଦୂରାନ୍ତରୁ ବି ଲୋକେ କଟକ ଆସିଲେ, ସେଠି ଖାଇବାକୁ ଭିଡ଼ ଜମାଉଥିଲେ। କିନ୍ତୁ, ବଡ଼ ତରତରରେ ସେ ଆଳୁଦମ୍-ଦହିବରା ବାଢୁଥିବା ଲୋକଟାକୁ ଆଉ ଦେଖିବାକୁ ମିଳିବନି। କଟକ ବିଡାନାସୀରେ ବେପାର କରି ଆସୁଥିବା ପ୍ରସିଦ୍ଧ ରଘୁ ଦହିବରା ଓ ଆଳୁଦମର ମାଲିକ ରଘୁନାଥ ସାସମଲଙ୍କ ପରଲୋକ ଘଟିଛି। ରଘୁ ମଉସା ନାମରେ ଖ୍ୟାତ ସ୍ୱର୍ଗତ ସାସମଲ ତାଙ୍କ ବିଡାନାସୀ ଗୋପାଳସାହିସ୍ଥିତ ବାସଭବନରେ ଶେଷ ନିଃଶ୍ୱାସ ତ୍ୟାଗ କରିଛନ୍ତି। ତାଙ୍କୁ ୯୧ ବର୍ଷ ହୋଇଥିଲା। କଟକ ଦହିବରାକୁ ଦେଶବିଦେଶରେ ପରିଚିତ ଓ ପ୍ରସିଦ୍ଧ କରାଇବାରେ ତାଙ୍କର ପ୍ରମୁଖ ଭୂମିକା ରହିଛି।

ରଘୁଙ୍କ ମୃତ୍ୟୁ ଖବର ପ୍ରଚାରିତ ହେବା ପରେ ବହୁ ବିଶିଷ୍ଟ ବ୍ୟକ୍ତିବିଶେଷ ତାଙ୍କର ବାସଭବନରେ ପହଞ୍ଚି ଶେଷ ଦର୍ଶନ କରିବା ସହ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଛନ୍ତି। ଅନ୍ତିମ ଶଯ୍ୟା ନିକଟରେ ପତ୍ନୀ ନିଶାମଣି, ପୁଅ ଲିଙ୍ଗରାଜ, ବନମାଳୀ ଓ ପୁତୁରା କେଦାରନାଥଙ୍କ ସମେତ ୫ଝିଅ ଜ୍ୱାଇଁ ଓ ଆତ୍ମୀୟ ସ୍ୱଜନ ଉପସ୍ଥିତ ଥିଲେ। ଏପରିକି, ସାମାଜିକ ଗଣମାଧ୍ୟମରେ ରଘୁଙ୍କ ପରଲୋକ ଜନିତ ଖବର ଓ ଶୋକବାର୍ତ୍ତା ସମ୍ପୂର୍ଣ୍ଣ ଛାଇ ହୋଇଯାଇଛି। ରଘୁ କେତେଯେ ଲୋକପ୍ରିୟ ଥିଲେ ଓ ତାଙ୍କର ନାମରେ ମିଳୁଥିବା ଦହିବରା ବି କେତେ ପ୍ରସିଦ୍ଧ ଥିଲା, ତାହା ଏଥିରୁ ଜଣାପଡ଼ିଛି।

ଗୋପାଳ ପରିବାରରେ ପିତା ବିନୋଦ ସାସମଲ ଓ ମାତା ଚମ୍ପାଙ୍କ ପୁତ୍ର ରଘୁ ବାଲ୍ୟ କାଳରେ ଆର୍ଥିକ ଅନଟନ ମଧ୍ୟରେ ଗତି କରିଥିଲେ। ପିତା ଜଙ୍ଗଲକୁ ଗାଈ ଚରାଇବାକୁ ଯାଉଥିଲେ। ଅର୍ଥାଭାବରୁ ରଘୁଙ୍କ ପାଠପଢ଼ାରେ ଦ୍ୱିତୀୟ ଶ୍ରେଣୀରୁ ଡୋରି ବନ୍ଧା ହୋଇଥିଲା। ପଚାଶ ଦଶକରେ ମାତ୍ର ୧୫ବର୍ଷ ବୟସରେ ପ୍ରଥମେ କାନ୍ଧରେ ଦହିବରା ଆଳୁଦମର ଭାର ନେଇ ସେ ବୁଲି ବୁଲି ବିକ୍ରି କରୁଥିଲେ। ବାରବାଟୀ ଷ୍ଟାଡିୟମ ନିର୍ମାଣ କାର୍ଯ୍ୟ ଆରମ୍ଭ ହେବା ସମୟରେ ରଘୁ ସେଠାରେ ବସି ତାଙ୍କର ପସରା ମେଲାଇଥିଲେ। ଧୀରେଧୀରେ ଭିଡ଼ ବଢ଼ିବାକୁ ଲାଗିଲା। ସେ ସମୟରେ ମଧ୍ୟ ମିଞ୍ଜିମିଞ୍ଜି ହୋଇ ଜଳୁଥିବା ଲଣ୍ଠନ ଆଲୁଅରେ ସେ ମାତ୍ର ଘଣ୍ଟାଏ ମଧ୍ୟରେ ବେପାର ସାରି ଘରକୁ ଫେରୁଥିଲେ। ୧୯୯୯ ମସିହା ପର୍ଯ୍ୟନ୍ତ ସେଠାରେ ତାଙ୍କର ବ୍ୟବସାୟ ବେଶ ଜମି ସାରିଥିଲା। ସେତେବେଳକୁ ସେ ସବୁଆଡ଼େ ପରିଚିତ ହୋଇସାରିଥିଲେ ରଘୁ ଦହିବରା ଓ ଆଳୁଦମ ନାମରେ। ଏହା ପର ଠାରୁ ସେ ତାଙ୍କର ଘର ନିକଟବର୍ତ୍ତୀ ବିଡାନାସୀ ବନ୍ଧ ଛକରେ ବେପାର କରିଥିଲେ। ସ୍ଥାନ ପରିବର୍ତ୍ତନ ହେବା ସତ୍ତ୍ୱେ ଦହିବରା ଆଳୁଦମର ଗୁଣାତ୍ମକମାନ ବଜାୟ ରଖିଥିବା ରଘୁଙ୍କ ପାଖକୁ ଗ୍ରାହକଙ୍କ ସୁଅ ଛୁଟୁଥିଲା। ପୁଅ ପୁତୁରାଙ୍କ ସହ ଟ୍ରଲିରେ ବସି ଦହିବରା ଆଳୁଦମ ଆଣୁଥିଲେ ରଘୁ। ବିକ୍ରୟ ସ୍ଥାନରେ ପହଞ୍ଚିବା ପୂର୍ବରୁ ଦହିବରା ଆଳୁଦମ ଖାଇବା ପାଇଁ ବହୁ କାର ଓ ମୋଟରସାଇକଲରେ ଆସିଥିବା ଗ୍ରାହକ ମାନେ ଅପେକ୍ଷା କରି ରହୁଥିଲେ। ଠିକ ଅପରାହ୍ନ ସାଢ଼େ୪ଟା ସମୟରେ ଆସୁଥିବା ରଘୁଙ୍କ ଦହିବରା ଆଳୁଦମ ସାଢ଼େ ୫ଟା ବେଳକୁ ସରିଯାଉଥିଲା। ପ୍ରତିଦିନ ନିର୍ଦ୍ଧାରିତ ସମୟ ମଧ୍ୟରେ ଯେଉଁ ଗ୍ରାହକ ଆସିନପାରି ବିଳମ୍ବରେ ପହଞ୍ଚୁଥିଲା, ସେଠାରୁ ସେ ନିରାଶ ହୋଇ ଫେରୁଥିଲା।

■ ଅସଦାଚରଣ ଓ ନିର୍ଯାତନା ଅଭିଯୋଗ ପରେ କାର୍ଯ୍ୟାନୁଷ୍ଠାନ

# ଭିସୁଟ୍‌ର ଦୁଇଜଣ ପ୍ରଫେସର ନିଲମ୍ବିତ!

ସମ୍ବଲପୁର, ୧୬।୮(ସମିସ): ବୁର୍ଲାସ୍ଥିତ ବୀର ସୁରେନ୍ଦ୍ର ସାଏ ବୈଷୟିକ ବିଶ୍ୱବିଦ୍ୟାଳୟ (ଭିସୁଟ୍)ର ଆଭ୍ୟନ୍ତରୀଣ ଅଭିଯୋଗ କମିଟି (ଆଇସିସି) ରିପୋର୍ଟ ଦାଖଲ କରିବା ପରେ ବିଶ୍ୱବିଦ୍ୟାଳୟ କର୍ତ୍ତୃପକ୍ଷ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରି ଦୁଇଜଣ ପ୍ରଫେସରଙ୍କୁ ନିଲମ୍ବିତ କରିଥିବା ସୂଚନା ମିଳିଛି। ଜଣେ ପିଏଚ୍‌ଡି ଛାତ୍ରୀଙ୍କୁ ନିର୍ଯାତନା ଦିଆଯାଇଥିବା ବେଳେ ଅନ୍ୟ ଜଣେ ମହିଳା କର୍ମଚାରୀଙ୍କୁ ଅସଦାଚରଣ ଅଭିଯୋଗ ହୋଇଥିଲା। ବିଶ୍ୱବିଦ୍ୟାଳୟ କର୍ତ୍ତୃପକ୍ଷ ନିଲମ୍ବନ ଆଦେଶନାମାକୁ ସାର୍ବଜନୀନ କରି ନଥିବା ବେଳେ ବିଶ୍ୱବିଦ୍ୟାଳୟ କୁଳପତି ଓ କୁଳସଚିବ ଏହି ବିଷୟରେ କୌଣସି ମତମନ୍ତବ୍ୟ ଦେବାକୁ ମନା କରିଦେଇଛନ୍ତି।

ପ୍ରାୟ ତିନିମାସ ତଳେ ଜଣେ ଆସୋସିଏଟ୍ ପ୍ରଫେସରଙ୍କ ବିରୋଧରେ ଜଣେ ପିଏଚ୍‌ଡି ଛାତ୍ରୀ ନିର୍ଯାତନା ଅଭିଯୋଗ କରିଥିଲେ। କିନ୍ତୁ ତାଙ୍କ ବିରୋଧରେ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇନଥିଲା। ବାଲେଶ୍ୱର ଫକୀରମୋହନ ମହାବିଦ୍ୟାଳୟରେ ଅଭାବନୀୟ ଘଟଣା ଘଟିବା ପରେ ଭିସୁଟ୍ ଅଭିଯୋଗକୁ ନେଇ ଚର୍ଚ୍ଚା ଜୋର ଧରିଥିଲା। ଏ ନେଇ ପଦକ୍ଷେପ ଗ୍ରହଣ କରି ଆଭ୍ୟନ୍ତରୀଣ ଅଭିଯୋଗ କମିଟି (ଆଇସିସି) ତଦନ୍ତ କରି କର୍ତ୍ତୃପକ୍ଷଙ୍କୁ ରିପୋର୍ଟ ଦାଖଲ କରିଥିଲା। ସେହିପରି, ଆଉ ଏକ ବିଭାଗରେ ଜଣେ ମହିଳା ପ୍ରଫେସର୍‌ଙ୍କୁ ଜଣେ ବିଭାଗୀୟ ପ୍ରଫେସର ଅସଦାଚରଣ କରିଥିଲେ। ଏହି ଘଟଣା ମଧ୍ୟ ଆଇସିସି ଦ୍ୱାରା ତଦନ୍ତ କରାଯାଇ ରିପୋର୍ଟ ଦିଆଯାଇଥିଲା। ଏହାପରେ ଭିସୁଟ୍ କର୍ତ୍ତୃପକ୍ଷ ଉପରୋକ୍ତ ପଦକ୍ଷେପ ଗ୍ରହଣ କରିଥିବା ଜଣାପଡ଼ିଛି। ଉଭୟ ଘଟଣା ଗଣିତ ବିଭାଗ ଓ ପ୍ରଡକ୍ସନ ଇଞ୍ଜିନିୟରିଂ ବିଭାଗରେ ହୋଇଥିବା କୁହାଯାଉଥିବା ବେଳେ ବିଶ୍ୱବିଦ୍ୟାଳୟ କର୍ତ୍ତୃପକ୍ଷ ଏହାକୁ ଅସ୍ୱୀକାର ନକଲେ ମଧ୍ୟ ଆନୁଷ୍ଠାନିକ ଭାବେ ଘୋଷଣା କରୁନାହାନ୍ତି।

# ଯୁବତୀଙ୍କୁ ଘରେ ରଖି ଯୌନ ନିର୍ଯାତନା

## ସାର୍‌ଙ୍କ କଳାକାରନାମାକୁ ମ୍ୟାଡମ୍ ଚାପି ଦେଉଥିଲେ

ବାରିପଦା, ୧୬।୮(ସମିସ): ନିଜ ଝିଅ ଭଳି ପାଳି ପୋଷି ମଣିଷ କରିବାକୁ ପ୍ରତିଶ୍ରୁତି ଦେଇଥିଲେ। ନିଜ ଘରେ ରଖି ପାଠ ପଢ଼ାଇବା ସହ ବଡ଼ ହେବା ପରେ ଉପଯୁକ୍ତ ପାତ୍ର ଦେଖି ବିବାହ କରାଇଦେବେ ବୋଲି ବି କହିଥିଲେ। ଏମିତି ସୁନେଲି ସ୍ୱପ୍ନ ଦେଖାଇ ଗରିବ ବାପା-ମା’ଙ୍କ ପାଖରୁ ନେଇ ଆସିବା ପରେ ସେମାନଙ୍କର ଅସଲ ରୂପ ଦେଖାଇଥିଲେ। ପାଠଷାଠ ପଢ଼ାଇବା ତ ଦୂରର କଥା, ଘରଯାକର ସବୁ କାମ ମୁଣ୍ଡ ଉପରେ ଲଦିଦେଲେ। ଚାକରାଣୀଙ୍କ ଭଳି ଦିନ ରାତି ଖଟାଇଲେ। ସେତିକିରେ ନିର୍ଯାତନା ସରିଲାନି ଯେ ତାକୁ ଯୌନ ନିର୍ଯାତନା ବି ଦେଲେ। ବାରିପଦା ରେଡିଓ ଷ୍ଟେସନ୍‌ରେ ଟେକ୍ନିସିଆନ ଭାବେ କାର୍ଯ୍ୟରତ ଜଣେ କର୍ମଚାରୀଙ୍କ ନାଁରେ ଆଜି ଭଞ୍ଜପୁର ଥାନାରେ ଏଭଳି ଏକ ସଂଗିନ୍ ଅଭିଯୋଗ ହୋଇଛି। ୩ବର୍ଷ ଧରି ଅକଥନୀୟ ନିର୍ଯାତନା ସହିବା ପରେ ଶେଷରେ ଯୁବତୀଜଣଙ୍କ ମୁହଁ ଖୋଲିବା ପରେ ଏହି ଘଟଣା ପଦାକୁ ଆସିଛି। ଏପରିକି, ବାବୁଙ୍କ କଳାକାରନାମା ଘୋଡ଼ାଇବା ପାଇଁ ତାଙ୍କ ସ୍ତ୍ରୀ ଉଦ୍ୟମ ଚଳାଇଥିଲେ। ସେ ଯୁବତୀଙ୍କୁ ଗୃହବନ୍ଦୀ ଭଳି କରି ରଖିଥିଲେ। ବାହାରକୁ ଛାଡୁନଥିଲେ ବୋଲି ଯୁବତୀଜଣଙ୍କ ଅଭିଯୋଗରେ ଦର୍ଶାଇଛନ୍ତି।

ଅଭିଯୋଗ ଅନୁଯାୟୀ, ୩ ବର୍ଷ ତଳେ ମୋରଡ଼ା ଅଞ୍ଚଳର ଜଣେ ଗରିବ ନାବାଳିକାଙ୍କୁ ଉକ୍ତ ସରକାରୀ ବାବୁ ଓ ତାଙ୍କ ପତ୍ନୀ ଘରକୁ ନେଇ ଆସିଥିଲେ। ଏଥିପାଇଁ ତାଙ୍କ ବାପା-ମା’ଙ୍କୁ ନାନାଦି ମିଛ ପ୍ରତିଶ୍ରୁତି ଦେଇଥିଲେ। ଘରେ ରଖି ତା’ ଦ୍ୱାରା ସବୁ କାମ କରାଇବା ସହ ଯୌନ ଶୋଷଣ ମଧ୍ୟ କରୁଥିଲେ। ଏବେ ନାବାଳିକାଙ୍କୁ ୧୮ ବର୍ଷ ପୂରି ସାବାଳିକା ହେଲେଣି। ତେବେ ନିର୍ଯାତନା ସହି ନପାରି ଯୁବତୀଜଣଙ୍କ ସେଠାରୁ ପଳାଇ ଆସି ନିଜ ଘରେ ସବୁ କଥା ପ୍ରକାଶ କରିଥିଲେ। ପରେ ପରିବାରଲୋକେ ଯୁବତୀଙ୍କୁ ନେଇ ମୋରଡ଼ା ଥାନାରେ ପ୍ରଥମେ ଏତଲା ଦେଇଛନ୍ତି। କିନ୍ତୁ ଏହି ଆପରାଧିକ ଘଟଣା ଭଞ୍ଜପୁର ଥାନାଞ୍ଚଳରେ ହୋଇଥିବାରୁ ପୁଲିସ୍ ସେମାନଙ୍କୁ ଭଞ୍ଜପୁର ଥାନାକୁ ପଠାଇ ଦେଇଥିଲା। ଯୁବତୀଙ୍କ ବାପାଙ୍କ ଲିଖିତ ଅଭିଯୋଗ ଆଧାରରେ ଏକ ମାମଲା ରୁଜୁ କରି ଭଞ୍ଜପୁର ଥାନା ଘଟଣାର ତଦନ୍ତ ଜାରି ରଖିଛି।

# ଏଆଇସିସି ନିଯୁକ୍ତ କଲା ୨୮ ଜଣିଆ ପର୍ଯ୍ୟବେକ୍ଷକ

**ନିଯୁକ୍ତ ହେବେ ଜିଲ୍ଲା କଂଗ୍ରେସ ସଭାପତି**

ଭୁବନେଶ୍ୱର,୧୬।୮(ସମିସ): ଦେଶର ୪ଟି ରାଜ୍ୟରେ ଜିଲ୍ଲା କଂଗ୍ରେସ ସଭାପତି ଚୟନ ପାଇଁ ଏଆଇସିସି ପକ୍ଷରୁ ସୃଜନ ଅଭିଯାନ ଆରମ୍ଭ କରାଯାଇଛି। ପଞ୍ଜାବ, ଉତ୍ତରାଖଣ୍ଡ, ଝାଡଖଣ୍ଡ ଓ ଓଡ଼ିଶାରେ ଜିଲ୍ଲା ଏଥିରେ ଥିବାବେଳେ ଏଆଇସିସି ପକ୍ଷରୁ ପର୍ଯ୍ୟବେକ୍ଷକ ନିଯୁକ୍ତ କରାଯାଇଛି। ଓଡ଼ିଶା ପାଇଁ୨୮ ଜଣ ପର୍ଯ୍ୟବେକ୍ଷକ ନିଯୁକ୍ତି ମିଳିଥିବା ବେଳେ ଏମାନେ ଜିଲ୍ଲା କଂଗ୍ରେସ ସଭାପତି ଚୟନ କରିବେ।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ପାକିସ୍ତାନରେ ଭୟଙ୍କର...

ସେହି ଅଞ୍ଚଳକୁ ଯିବା ସମ୍ଭବ ହୋଇପାରୁ ନାହିଁ। ପ୍ରବଳ ବର୍ଷା କାରଣରୁ ଶୁକ୍ରବାର ପାକିସ୍ତାନର ବିଭିନ୍ନ ଜିଲ୍ଲାରେ ଅଚାନକ ବନ୍ୟା ଆସିଥିଲା। ଏଥିରେ ୯ଟି ଜିଲ୍ଲା ସର୍ବାଧିକ କ୍ଷତିଗ୍ରସ୍ତ ହୋଇଛି। ଏହି ଜିଲ୍ଲାରେ ଦୁଇ ହଜାର ଉଦ୍ଧାରକାରୀ କର୍ମଚାରୀ ନିୟୋଜିତ ହୋଇଛନ୍ତି। କିନ୍ତୁ ଏବେ ବି ବହୁ ଇଲାକାରେ କର୍ମଚାରୀମାନେ ପହଞ୍ଚି ପାରି ନାହାନ୍ତି। ଖାଇବର ପଖତୁନରେ ବର୍ଷା କାରଣରୁ ଭୂସ୍ଖଳନ ମଧ୍ୟ ହୋଇଥିବାର ଖବର ମିଳିଛି। ଜଣେ ସେନା ଅଧିକାରୀ କହିଛନ୍ତି ଯେ ମୃତ୍ୟୁସଂଖ୍ୟା ଆହୁରି ବୃଦ୍ଧି ପାଇବାର ଆଶଙ୍କା ରହିଛି। କାରଣ ଅନେକ ଧ୍ୱସ୍ତବିଧ୍ୱସ୍ତ ଅଞ୍ଚଳକୁ ଉଦ୍ଧାରକାରୀ ଦଳ ଯାଇ ପାରି ନାହାନ୍ତି। ଏବେ ବି ଶତାଧିକ ଗାଁ ପାଣି ଘେରରେ ରହିଛନ୍ତି। ବର୍ଷା ଲାଗି ରହିଥିବାରୁ ଉଦ୍ଧାର କାର୍ଯ୍ୟ ହୋଇପାରୁ ନାହିଁ।

### ୬୫ ମୃତ...

ଭୂସ୍ଖଳନରେ ଅନେକ ଘର ଓ ଲୋକେ ମାଟି ତଳେ ଚାପି ହୋଇରହିଛନ୍ତି। କିସ୍ତୱାର ଜିଲ୍ଲାର ଚୋସିଟି ଗ୍ରାମ ଧ୍ୱଂସ ହୋଇଯାଇଛି। ପାର୍ବତ୍ୟ ଅଞ୍ଚଳରେ ଥିବା ଏହି ଗ୍ରାମରେ ହଜାର ହଜାର ଶ୍ରଦ୍ଧାଳୁ ଏକ ଧାର୍ମିକ କାର୍ଯ୍ୟକ୍ରମ ପାଇଁ ଏକତ୍ରିତ ହେଉଥିବା ବେଳେ ଏଭଳି ବିପର୍ଯ୍ୟୟ ଘଟିଛି। ୬୫ ମୃତଦେହ ମଧ୍ୟରୁ ଏପର୍ଯ୍ୟନ୍ତ ୪୦ଟି ମୃତଦେହ ଚିହ୍ନଟ ହୋଇଛି। ୫୦୦ ଲୋକଙ୍କୁ ଉଦ୍ଧାର କରାଯାଇଛି। ଏବେବି ୨୦୦ରୁ ଊର୍ଦ୍ଧ୍ୱ ଲୋକ ନିଖୋଜ ଅଛନ୍ତି ବୋଲି କୁହାଯାଇଛି। ସେହିପରି ଏଥିରେ ୧୮୦ ଆହତ ହୋଇଛନ୍ତି। ସେମାନଙ୍କ ମଧ୍ୟରୁ ୪୦ ଜଣଙ୍କ ଅବସ୍ଥା ଗୁରୁତର ରହିଛି। ଆହତ ବ୍ୟକ୍ତିଙ୍କୁ କିସ୍ତୱାର- ଜମ୍ମୁ ହସ୍ପିଟାଲ୍‌ରେ ଭର୍ତ୍ତି କରାଯାଇଛି। ଉଦ୍ଧାର କାର୍ଯ୍ୟରେ ଏନ୍‌ଡିଆରଏଫ୍ ୩ଟି ଟିମ୍, ସେନାର ୩୦୦ରୁ ଊର୍ଦ୍ଧ୍ୱ ଯବାନ, ହ୍ୱାଇଟ୍ ନାଇଟ୍ କୋର ମେଡିକାଲ ଟିମ୍, ପୁଲିସ, ଏସ୍‌ଡିଆରଏଫ୍ ଓ ଅନ୍ୟ ଏଜେନ୍ସିଗୁଡିକ ସାମିଲ ରହିଛନ୍ତି।

### ଆଶା ବଢ଼ାଇଲା...

ବୋଲି ପୁତିନ କହିଛନ୍ତି। ଯଦି ୨୦୨୨ରେ ଟ୍ରମ୍ପ ରାଷ୍ଟ୍ରପତି ହୋଇଥାନ୍ତେ, ତେବେ ଯୁଦ୍ଧ ହୋଇ ନଥାନ୍ତା ବୋଲି ପୁତିନ କହିଛନ୍ତି। ସେହିପରି ଏହି ବୈଠକକୁ ହ୍ୱାଇଟହାଉସ ମଧ୍ୟ ବହୁତ ପ୍ରଶଂସା କରିଛି ଓ ଏହା ଫଳପ୍ରଦ ହୋଇଛି ବୋଲି କହିଛି। ରୁଷ୍ ତରଫରୁ ମଧ୍ୟ ସମାନକଥା କୁହାଯାଇଛି। ଏବେ ଯୁଦ୍ଧ ରୋକିବା ଜେଲେଁସ୍କିଙ୍କ ଉପରେ ନିର୍ଭର କରୁଛି ବୋଲି ଟ୍ରମ୍ପ କହିଛନ୍ତି। ଖୁବଶୀଘ୍ର ପୁତିନ ଓ ଜେଲେଁସ୍କିଙ୍କ ମଧ୍ୟରେ ବୈଠକ ହେବ ବୋଲି ଟ୍ରମ୍ପ କହିଛନ୍ତି। ଆଲାସ୍କା ଯିବା ପୂର୍ବରୁ ପୁତିନ ଆଙ୍କରେଜ୍ କବରସ୍ଥାନରେ ସୋଭିଏତ ସୈନିକଙ୍କ କବର ଉପରେ ଫୁଲ ଚଢ଼ାଇ ଶ୍ରଦ୍ଧାଞ୍ଜଳୀ ଦେଇଥିଲେ।

ଟ୍ରମ୍ପ ଏହି ବୈଠକକୁ ୧୦ରୁ ୧୦ ନମ୍ବର ଦେଇଛନ୍ତି। ଅନ୍ୟପଟେ ରୁଷିଆର ସୁରକ୍ଷା ଆମପାଇଁ ସର୍ବୋପରି ବୋଲି ପୁତିନ କହିଛନ୍ତି। ଆଗାମୀ ବୈଠକ ମସ୍କୋାରେ ଆୟୋଜନ କରିବାକୁ ପୁତିନ ପ୍ରସ୍ତାବ ଦେଇଛନେ। ସମ୍ବାଦିକ ସମ୍ମିଳନୀରେ ଦୁହେଁ ନିଜ ବକ୍ତବ୍ୟ ରଖିବା ପରେ ଦୁଇ ନେତା ସେଠାରୁ ତୁରନ୍ତ ଚାଲିଯାଇଥିଲେ। ଅନ୍ୟପଟେ ଟ୍ରମ୍ପଙ୍କ ସହ ଦେଢ଼ଘଣ୍ଟା ଧରି କଥା ହୋଇଥିବା କଥା ୟୁକ୍ରେନ ରାଷ୍ଟ୍ରପତି ଜେଲେଁସ୍କି ସାମାଜିକ ଗଣମାଧ୍ୟମ ଏକ୍ସରେ ପୋଷ୍ଟ କରି ସୂଚନା ଦେଇଛନ୍ତି। ଜେଲେଁସ୍କି ୧୮ ତାରିଖ ଅର୍ଥାତ ସୋମବାର ଆମେରିକା ଯାଇ ଟ୍ରମ୍ପଙ୍କୁ ଦେଖା କରିବେ।ସମ୍ପୂର୍ଣ୍ଣ ଭାବେ ଶାନ୍ତି ପ୍ରତିଷ୍ଠା କରିବାକୁ ୟୁକ୍ରେନ ପୂର୍ଣ୍ଣପ୍ରାଣରେ ପ୍ରସ୍ତୁତ ଅଛି ବୋଲି ସେ କହିଛନ୍ତି। ଭାରତ ସରକାର ମଧ୍ୟ ଆଲାସ୍କା ବୈଠକ ନେଇ ସନ୍ତୋଷ ପ୍ରକାଶ କରିଛନ୍ତି।

### ଶ୍ରୀମନ୍ଦିର ଉପରକୁ...

ଆଣିଥିଲେ। ସେମିତି କୌଣସି ନିର୍ଦ୍ଦିଷ୍ଟ ଉଦ୍ଦେଶ୍ୟ ତାଙ୍କର ନ ଥିଲା। ଜେରା ପରେ ତାଙ୍କୁ ଛାଡ଼ି ଦିଆଯାଇଛି ବୋଲି ସିଟି ଡିଏସ୍‌ପି ସୂଚନା ଦେଇଛନ୍ତି।

ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ଶ୍ରୀମନ୍ଦିର ଭିତରେ ଓ ବାହାରେ ସୁରକ୍ଷା ବ୍ୟବସ୍ଥା ପାଇଁ ମାଳମାଳ ସୁରକ୍ଷାକର୍ମୀଙ୍କ ସହ ସିସିଟିଭି ମଧ୍ୟ ଲାଗିଛି। ଏହା ସତ୍ତ୍ୱେ ଜଣେ ବ୍ୟକ୍ତି କେମିତି ଓ କେଉଁ ପରିସ୍ଥିତିରେ ମନ୍ଦିର ଉପରକୁ ଚଢ଼ିଲେ ତାହା ପ୍ରଶ୍ନବାଚୀ ସୃଷ୍ଟି କରିଛି। ଏହା ସୁରକ୍ଷା ବ୍ୟବସ୍ଥାରେ ବଡ଼ ତ୍ରୁଟି। ଯଦି ଉକ୍ତ ବ୍ୟକ୍ତିଙ୍କର କିଛି ଅସୁବିଧା ହୋଇଥାନ୍ତା, କିଏ ଦାୟୀ ରହିଥାନ୍ତା ବୋଲି ପ୍ରଶ୍ନ ଉଠୁଛି। ଏହା ଅତି ଅଭାବନୀୟ ଘଟଣା। ପୁଲିସ ଓ ପ୍ରଶାସନ ଶ୍ରୀମନ୍ଦିର ସୁରକ୍ଷାକୁ ନେଇ ଆହୁରି ସମ୍ବେଦନଶୀଳ ହେବା ଉଚିତ ବୋଲି କହିଛନ୍ତି ଶ୍ରଦ୍ଧାଳୁ।

ସୂଚନାଥାଉ କି, ପୂର୍ବରୁ ମଧ୍ୟ ଏମିତି ଏକାଧିକ ଘଟଣା ନଜିର ରହିଛି। ଗତବର୍ଷ ସେପ୍ଟେମ୍ବର ୧୧ ତାରିଖରେ ଗଞ୍ଜାମ ଜିଲ୍ଲା ଛତ୍ରପୁରର ବଳରାମ ମହାରଣା ନାମକ ଜଣେ ବ୍ୟକ୍ତି ଶ୍ରୀମନ୍ଦିର ଦଧିନଉତିକୁ ଚଢ଼ିଯାଇଥିଲେ। ସେ ଜଣେ ମାନସିକ ବିକାରଗ୍ରସ୍ତ ବୋଲି ପୁଲିସ କହିଥିଲା। ସେହିପରି ୨୦୨୨ ଏପ୍ରିଲ ୧ ତାରିଖରେ ଶ୍ରୀମନ୍ଦିରରେ ଘଟିଥିଲା ଅତ୍ୟନ୍ତ ଦୁଃଖଦାୟକ ଘଟଣା। ସିଂହଦ୍ୱାର ଗୁମୁଟ ଉପରୁ ତଳକୁ ଡେଇଁ ଜୀବନ ହାରିଥିଲେ ନିମାପଡ଼ା ଗଡ଼ଇଟାପୋଖରୀର ବଳରାମ ରାଉତ ନାମକ ଜଣେ କିନ୍ନର। ୨୦୧୯ ଏପ୍ରିଲ ୨୦ତାରିଖରେ ନୀଳଚକ୍ରରେ ଚଢ଼ି ଗାମୁଛା ବାନ୍ଧିଥିଲେ ଜଣେ ବାଳକ। ଏପରିକି ସେ ମହାପ୍ରଭୁଙ୍କ ବାନା ମଧ୍ୟ ଖୋଲି ନେଇ ଆସିଥିଲେ। ଏମିତି କିଛି ଘଟଣା ଶ୍ରୀମନ୍ଦିର ସୁରକ୍ଷା ବ୍ୟବସ୍ଥାକୁ ପଦାରେ ପକାଇଥିବା ବେଳେ ଶନିବାର ପୁଣି ଏହାର ପୁନରାବୃତ୍ତି ହୋଇଛି।


OFFICE OF THE PRINCIPAL PANCHAYAT SAMITI DEGREE COLLEGE,
BANGOMUNDA, DIST.- BALANGIR (ODISHA) PIN-767040
Mob.: 9078208298

TENDER CALL NOTICE

Sealed tender are hereby invited from the intending manufacturers/ authorized stockists/ Distributors for supply of following items for upgrading I.T. infrastructure at Panchayat Samiti Degree College, Bangomunda, Dist. Balangir. The details specification and guidelines may be referd to Govt. of Odisha, Deptt. of Higher Education vide Letter No. 12655 Dated 05.03.2025

| Sl No. | ITEM/ DESCRIPTION | Quantity |
|---|---|---|
| 1 | DESKTOP ( Intel I3 (13100) or Higher, Chipset – Intel H770 or Higher, OS- Windows – 11 Home Factory Preloaded), Intel UHD Graphics 770 or higher, 512 GB NVMe SSD, 19.5" LED Display with CTO Certified same must be belongs to the same OEM, KEYBOARD, MOUSE | 12 |
| 2 | UPS – 600VA/ 360W, 230 VAC nominal, | 12 |
| 3 | MFM Printer (Print, Scan and Copy) A4 and Legal, Print Speed – 26 to 30, Auto Duplexing Printing (2 sided printing) | 02 |
| 4 | LED TV 65" (350 Nits or better), HDR10, HLG, Speaker Position – Down firing (10W + 10W), Android TV, Storage 16 GB, RAM – 3GB, WiFi, LAN | 01 |
| 5 | Wireless Mice and Camera ( Logitech Master Series Graphite MX Brio 4K Ultra HD Web Camera) for virtual meeting | 01 |
| 6 | Internet Facilities | |

The eligible bidders may submit their tender paper on or before 26.08.2025 through Regd. Post/ Speed Post. The undersigned reserves the right to cancel part or whole of tender/ quotation without specifying any reason thereof.

Sd/- Principal

OFFICE OF THE PANCHAYAT SAMITI: RAYAGADA SADAR i-275
DIST- RAYAGADA, PIN CODE-765001, ODISHA
Tel No/ Fax No - 06856 - 223355, E-mail : ID: ori-brayagada@nic.in
INVITATION FOR BIDS (I.F.B)
e-Tender Notice
IDENTIFICATION No. PS- RGDA No. 03 OF 2025-26 Dt: 14/08/2025

1) The Block Development Officer, Rayagada Sadar, Rayagada invites Percentage Rate bid. in Single Cover System in ONLINE MODE for the construction of Additional Class Room Building work (Civil) as detailed in the Detailed Tender Call Notice( D.T.C.N) from the eligible class of contractors.
2) No. of works: 07(Seven) Nos.
3) Cost of Tender paper: Rs. 6000 /- (Rupees Six Thousand)only for each work
4) Class of Contractor: "D & C" Class
5) Date of Time of available in website receipt online: 11:00 Hrs of 19.08.2025 17.00 Hrs of 30.08.2025
6) Date of opening of Technical Bid : 11:00 Hrs of 01.09.2025
7) The Bidders have to participa te in ONLINE bidding only. Further details can be seen from the State Govt. Portal website https: tendersodisha.gov.in
8) Any Conigendum/ Addendum will be displayed in the website https://tendersodisha.gov.in only

Block Development Officer
Rayagada
OIPR-19322/11/0007/2526

GOVERNMENT OF ODISHA
OFFICE OF THE SUPERINTENDING ENGINEER, GANJAM [R&B] DIVISION NO.II, BERHAMPUR
Phone/Fax: 0680-2233996, e-mail: sernb2.ganjam@gmail.com
INVITATION FOR BIDS (IFB) [e-Procurement]
TENDER CALL NOTICE
Bid Identification No. SC (R&B)-GM-II-08/2025-26 No. 7310 Dated 11.08.2025

1) The Superintending Engineer, Ganjam [R&B] Division No.II, Berhampur on behalf of Governor of Odisha invites **percentage rate bid** in Double cover system (composite) to be received in **ONLINE MODE** only for the work as detailed below:
2) Nature of Work : Building work
3) No. of work : 01 No.
4) Tender Cost : Rs.10,000/-
5) Class of Contractor : 'B' Class
6) Availability of bid documents in the website : From 20.08.2025 10.00 AM to 02.09.2025 4.00 P.M.
7) Date of opening of Bid : 03.09.2025 at 11.30 A.M.
8) The Bidders have to participate in ONLINE bidding only. Further details can be seen from the website https://tendersorissa.gov.in
9) The bidders must submit all the original uploaded documents within 03 days from opening of the tender.

(Sd/- S. Panigrahi)
Superintending Engineer
Ganjam (R&B) Division No.II
OIPR-34080/11/0027/2526 B-402

AFFIDAVIT (for Minor)
By virtue of an Affidavit No.477 dtd-13/08/2025 Sworn before the Executive Magistrate Bisoi, I, Bhima Charan Tudu, At-Saraspada ,PO - Sunajodia, Ps-Bisoi, Dist Mayurbhanj, declared that my son Aadhaar card bearing No.7203 9238 6660 my son name has been wrongly written as YOSET TUDU instead of JOSEF TUDU.That both name as YOSET TUDU and JOSEF TUDU are same and one person.And I use to written my son name as JOSEF TUDU for any relevant documents.
Bhima Charan Tudu

AFFIDAVIT
I, Mohan Prsad Raiguru, S/o- Late Gokuleswar Raiguru, resident of At/Po.: Jagruti Vihar, Ps.: Burla, Dist. - Sambalpur, Pin - 768020, Odisha, declare by this affidavit No. 5144 dtd. - 12/08/2025 that now onwards I shall be known as MOHAN PRASAD RAIGURU for all future purposes.

AFFIDAVIT
By virtue of an affidavit sworn before Executive Magistrate, Banpur, vide no-3172, dated 14/08/2025 I, Kabiraj Pradhan, S/o- Dhaneswar Pradhan, of At- Sanahantuad, Po-Sanahantuad, Ps- Banpur, Dist-Khordha, declare that in my Adhar card my name is wrongly mentioned as **Kabraj Pradhan instead** of **Kabiraj Pradhan**. Henceforth, I shall be known as **Kabiraj Pradhan** for all purposes.

AFFIDAVIT
By virtue of an affidavit sworn before Executive Magistrate, Ranpur, CF.NO-4/1, SL. NO. 902, dated 29-07-2025 I, **RUDRA MADHAB PRADHAN, S/o Pratap kishore Pradhan** permanent resident of Village At- Kandarasingh, PO-Basudia, PS- Ranpur, Dist- Nayagarh, State- Odisha, PIN- 752026, declare that I have changed my name from **RUDRA MADHAB PRADHAN** (Old name) to **SANTANU KUMAR PRADHAN** (New name), Henceforth, I shall be known as **SANTANU KUMAR PRADHAN** for all purposes.
Sd-( SANTANU KUMAR PRADHAN )

AFFIDAVIT
I, Manas Ranjan Sankhua, S/o- Chakradhar Sankhua, resident of At- Nuapatana, Po- Gujidarada, PS/Dist- Bhadrak, PIN- 756128, Odisha declared by this affidavit No. 1410, dtd- 16/08/2025 that now onwards I shall be known as **Manas Ranjan Sankhua** for all future purposes.

AFFIDAVIT
By of an affidavit before Executive Magistrate, Khordha vide No.- 2188, Dt.14.08.2025 I, Fakirun Nisha, of Vill.- Mukunda-prasad, Po- P.N. College, Ps- Industrial Estate, Dist- Khordha, Pin- 752057 complete declare that i have changed my name from **Fakrun Nisha** to **Fakirun Nisha**. Henceforth i shall be known as **Fakirun Nisha** for all purposes.

AFFIDAVIT
I, Manoj Kumar Singh S/o Madan Singh, presently residing at 1554, Sharma Chhak, 1st Floor, Talcher, Dist-Angul, PIN-759100, Odisha declare by this affidavit No.6569 dtd 14.08.2025 that now onwards I shall be known as **MANOJ SINGH** for all future purposes.

LOST
I, **Sekh Jakir**, C/o- Sekh Sabir, resident of At- Musalim Sahi, Balugaon Chilika, Dist- Khordha, Odisha. I was going Kuhuri to Balugaon way from lost my 3 land paper in somewhere, details given below:- **1) ROR Khata No- 321/566, and Plot No-7, 2) Sell Deed No. 2711, Doc No- 11101102712, 3) Deed No-1243.**
If anyone finds it kindly contact to my number: 9853277994 or Balugaon Police Station. If anyone will misutilize it, we will not be responsible for it.
Sd/- Sekh Jakir

AFFIDAVIT
By virtue of an affidavit (CF No. 06) sworn before The Executive Magistrate, Padampur, on dated-14/08/2025. I, **Naresh Kumar Saha,** S/o- Prahallad Saha, permanent & current resident of At-Putudera, Po- Khaliapali, Ps- Buden, Dist- Bargarh, PIN-768036, Odisha declare that I have changed my name from **Bhopal Saha** (old name) to **Naresh Kumar Saha** (new name). Henceforth, I shall be known as **Naresh Kumar Saha** (new name) for all future purposes.
Naresh Kumar Saha

AFFIDAVIT
By virtue of an affidavit sworn before The Notary Public, Bhubaneswar. I, **Tithi Das** declare that, after marriage I have changed my name from **Tithi Nayak** to **Tithi Das.** Henceforth, I shall be known as **Tithi Das,** W/o Guru Prasad Das for all future purposes.
Tithi Das

AFFIDAVIT
I, Pravallika Simhadri, W/o- Bhavani Raj Jami, resident of New Colony, 1st Lane, Ward No.13, Rayagada, PO/PS/Dist- Rayagada, Odisha declared by this affidavit No. 2335, dtd- 12/08/2025 that now onwards I shall be known as **PRAVALLIKA JAMI** for all future purposes.

### ୭୯ତମ ସ୍ୱାଧୀନତା ଦିବସ ପାଳିତ

# ବିଶ୍ୱ ଦରବାରରେ ଭାରତର ସ୍ଥାନ ଆଜି ସ୍ୱତନ୍ତ୍ର: ଉପମୁଖ୍ୟମନ୍ତ୍ରୀ






କେନ୍ଦୁଝର, ୧୬।୮ (ସମିସ): କେନ୍ଦୁଝର ଜିଲ୍ଲାସାରା ୭୯ତମ ସ୍ୱାଧୀନତା ଦିବସ ପାଳିତ ହୋଇଯାଇଛି। କେନ୍ଦୁଝର ଷ୍ଟାଡିୟମରେ ଆୟୋଜିତ ଜିଲ୍ଲାସ୍ତରୀୟ ସମାରୋହରେ ମୁଖ୍ୟଅତିଥି ଭାବେ ଉପମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓ ଜାତୀୟ ପତାକା ଉତ୍ତୋଳନ କରିବା ସହ ସମ୍ମିଳିତ ଆନୁଷ୍ଠାନିକ ପ୍ୟାରେଡ୍‌ରେ ଅଭିବାଦନ ଗ୍ରହଣ କରିଥିଲେ। ସାମ୍ପ୍ରତିକ ସ୍ଥିତିରେ ବିଶ୍ୱ ଦରବାରରେ ଦିନକୁ ଦିନ ବୃଦ୍ଧି ପାଉଥିବା ଭାରତର ଭୂମିକା ବିଷୟରେ ଅବତାରଣା କରିବା ସହ ଦେଶ ପାଇଁ ତ୍ୟାଗ ଓ ବଳିଦାନକୁ ସ୍ମରଣ କରି ସେହି ସଂଗ୍ରାମୀ ମହାପୁରୁଷଙ୍କୁ ଭକ୍ତିପୁତ ଶ୍ରଦ୍ଧାସୁମନ ଅର୍ପଣ କରିଥିଲେ। କେନ୍ଦୁଝର ବିଧାୟକ ମୋହନ ଚରଣ ମାଝୀ ରାଜ୍ୟର ମୁଖ୍ୟମନ୍ତ୍ରୀ ଭାବେ ରାଜ୍ୟକୁ ବିକାଶ ପଥରେ ଆଗେଇ ନେଉଛନ୍ତି ଓ ଏହିକ୍ରମରେ କେନ୍ଦୁଝରଠାରେ ଏକ ବୃହତ ଷ୍ଟିଲ ପ୍ଲାଣ୍ଟର ନିର୍ମାଣ କରିବା ପାଇଁ ତାଙ୍କର ଦୀର୍ଘ ବର୍ଷର ସଂକଳ୍ପ ଆଜି ପୂରଣ ହେବାକୁ ଯାଉଛି ବୋଲି କହିଥିଲେ।

ପ୍ୟାରେଡ୍‌ରେ ସଶସ୍ତ୍ର ରିଜର୍ଭ ପୁଲିସ୍ ବାହିନୀ, ହୋମଗାର୍ଡସ୍ ବାହିନୀ ଏବଂ ବିଭିନ୍ନ ଶିକ୍ଷାନୁଷ୍ଠାନର ଏନ୍‌ସିସି, ସ୍କାଉଟ୍, ଗାଇଡ୍, ରେଡ୍‌କ୍ରସ୍, ସିଭିଲିଆନ୍ ଦଳ ମାର୍ଚ୍ଚପାଷ୍ଟ କରିଥିଲେ। ସଂରକ୍ଷିତ ଆରକ୍ଷୀ ନିରୀକ୍ଷକ ମାନସ ବେହେରା ପ୍ୟାରେଡ୍ ପରିଚାଳନା କରିଥିଲେ। ତେଲକୋଇ ବିଧାୟକ ଡାକ୍ତର ଫକୀର ମୋହନ ନାଏକ, [illegible] ବନଖଣ୍ଡ ଅଧିକାରୀ ଧନରାଜ ଏଚଡି, ପୌରାଧ୍ୟକ୍ଷା ନିଳୁ ସାହୁ, ଆଇଏଏସ୍ ପ୍ରୋବେସନର ପବନ କୁମାର, ଅତିରିକ୍ତ ଜିଲ୍ଲାପାଳ ମନ୍ଦଧର ମହାଲିକ, ରବୀନ୍ଦ୍ର କୁମାର ପ୍ରଧାନ, ମୁଖ୍ୟ ଉନ୍ନୟନ ଅଧିକାରୀ ତଥା ନିର୍ବାହୀ ଅଧିକାରୀ କୁମାର ନାଗଭୂଷଣ, ଅତିରିକ୍ତ ଆରକ୍ଷୀ ଅଧୀକ୍ଷକ ହରପ୍ରିୟା ନାୟକ, କେନ୍ଦୁଝର ଉପଜିଲ୍ଲାପାଳ ଉମାଶଙ୍କର ଦଳେଇ, ପୌର ନିର୍ବାହୀ ଅଧିକାରୀ ଲଳିତ ନାଏକ, ଜିଲ୍ଲା କ୍ରୀଡା ଅଧିକାରୀ ସରୋଜ ମଲ୍ଲିକ ଏବଂ ଜିଲ୍ଲା ସଂସ୍କୃତି ଅଧିକାରୀ ରମେଶ ନାୟକଙ୍କ ସମେତ ବିଭିନ୍ନ ବିଭାଗୀୟ ଅଧିକାରୀ, ବରିଷ୍ଠ ନାଗରିକ, ବୁଦ୍ଧିଜୀବୀ ଓ ବିଭିନ୍ନ ବର୍ଗର ଜନସାଧାରଣ ଉପସ୍ଥିତ ଥିଲେ। ଏହି ଅବସରରେ ପଦ୍ମଶ୍ରୀ ଦୈତାରୀ ନାଏକଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ବିଭିନ୍ନ କ୍ଷେତ୍ରରେ ବିଭିନ୍ନ ବ୍ୟକ୍ତି ଓ ଅନୁଷ୍ଠାନଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଚିତ୍ତାକର୍ଷକ ପ୍ୟାରେଡ୍ ପାଇଁ ଓ ସାଂସ୍କୃତିକ କାର୍ଯ୍ୟକ୍ରମ ପ୍ରଦର୍ଶନ ନିମନ୍ତେ ବିଭିନ୍ନ ଶିକ୍ଷାନୁଷ୍ଠାନର ଦଳଙ୍କୁ ପୁରସ୍କୃତ କରାଯାଇଥିଲା।

ମୁଖ୍ୟଅତିଥି ସକାଳେ ସହରରେ ହାପୁରୁଷମାନଙ୍କର ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରିଥିଲେ। ପ୍ରତ୍ୟୁଷରେ ସୂଚନା ଓ ଲୋକ ସଂପର୍କ ବିଭାଗ ତରଫରୁ ସହରରେ ରାମଧୁନ ପ୍ରସାର କରାଯାଇଥିଲା। ଅପରାହ୍ନରେ କେନ୍ଦୁଝର ଅଡିଟୋରିୟମ୍‌ଠାରେ ମିଳନୀ ସାହିତ୍ୟ ସଂସଦ ସହଯୋଗରେ କବିତା ପାଠୋତ୍ସବ ସହ ଜିଲ୍ଲା ପ୍ରଶାସନ ଏକାଦଶ ଓ ନାଗରିକ ଏକାଦଶ ମଧ୍ୟରେ ଏକ ପ୍ରଦର୍ଶନୀ ଫୁଟବଲ ମ୍ୟାଚ ଅନୁଷ୍ଠିତ ହୋଇଥିଲା। ସନ୍ଧ୍ୟାରେ କେନ୍ଦୁଝର ଅଡିଟୋରିୟମ୍‌ରେ ବିଭିନ୍ନ ପ୍ରତିଯୋଗିତାର କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଥିଲା ଏବଂ ଦେଶାତ୍ମବୋଧକ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷିତ ହୋଇଥିଲା। ଜିଲ୍ଲା ସୂଚନା ଓ ଲୋକସଂପର୍କ ଅଧିକାରୀ ସାର୍ଥକ ରାୟ ପରିଚାଳନା କରିଥିଲେ।

କେନ୍ଦୁଝର ସଦର ବ୍ଲକ ପଦ୍ମପୁର ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିରରେ ସ୍ୱାଧୀନତା ଦିବସ ଓ ଜନ୍ମାଷ୍ଟମୀ ଉତ୍ସବ ପାଳିତ ହୋଇଛି। ମୁଖ୍ୟଅତିଥି ଭାବରେ ବସନ୍ତ ଦାନୀ ଯୋଗ ଦେଇଥିଲେ। ବିଦ୍ୟାଳୟ ପରିଚାଳନା କମିଟି ସଭାପତି ଆଖଣ୍ଡଳମଣି ବାରିକ ପତାକା ଉତ୍ତୋଳନ କରିଥିଲେ। ଛାତ୍ରଛାତ୍ରୀ ଜାତୀୟ ସଙ୍ଗୀତ ଗାନ କରିଥିଲେ। ଜନ୍ମାଷ୍ଟମୀ ଉତ୍ସବରେ ୧୦୭ ଜଣ ଶିଶୁ ଶ୍ରୀକୃଷ୍ଣ ବେଶ ଧାରଣ କରିଥିଲେ। ପ୍ରଧାନଆଚାର୍ଯ୍ୟ ନିରଞ୍ଜନ ସାହୁ, ଫକିର ମୋହନ ମହାନ୍ତ, ବିନତା ସାହୁ, ସୁଶ୍ରୀ ଅଞ୍ଜଳି ସାହୁ, ପଦ୍ମିନୀ ସାହୁ, ରେବତୀ ସାହୁ, ରେଣୁବାଳା ସାହୁ, ଗାୟତ୍ରୀ ମହାନ୍ତ, ଚିନ୍ମୟୀ ପ୍ରଧାନ, ସ୍ନେହଲତା ବେହେରା, ସରୋଜିନୀ ବେହେରା, ଶର୍ମିଷ୍ଠା ମହାନ୍ତ, ବୀଣାପାଣି ଗିରି, ସଂଯୁକ୍ତା ମହାନ୍ତ, ସାରଣିକା ସାହୁ, ମନ୍ଦାକିନୀ ଦେହୁରୀ, ଦୀପାରାଣୀ ସାହୁ, ରଶ୍ମି ନାୟକ, ଗୁରୁଜୀ ସୁରେଶ କୁମାର ଷଡଙ୍ଗୀ, ବିଦ୍ୟାରଞ୍ଜନ ମହାନ୍ତ, ପ୍ରମୋଦ ରାଉତ, ସହଦେବ ସାହୁ, ସୁଶାନ୍ତ ଖଟୁଆ, ପର୍ଶୁରାମ ନାଏକ, ଗୋଲକ ଦେହୁରୀ, ଅର୍ଜୁନ ଚରଣ ସାହୁ, ସେବକ ସନ୍ତୋଷ ସାହୁ, ସେବିକା ସବିତା ଦେହୁରୀ, ଗୀତା କାରୁଆ ସହଯୋଗ କରିଥିଲେ।

**ଆନନ୍ଦପୁର:** ଶାଳପଡାସ୍ଥିତ ଓଡ଼ିଶା ଆଦର୍ଶ ବିଦ୍ୟାଳୟରେ ମୁଖ୍ୟଅତିଥି ଭାବେ ପୂର୍ବତନ ଗୋଷ୍ଠୀ ଶିକ୍ଷାଧିକାରୀ ଶରତଚନ୍ଦ୍ର ରାଉତ ଯୋଗ ଦେଇଥିଲେ। ବିଦ୍ୟାଳୟର ଅଧ୍ୟକ୍ଷ ସୌମ୍ୟରଞ୍ଜନ ବେହେରା, ଶିକ୍ଷକ ଗୌତମ ନାୟକ ଓ ବିପ୍ଳବ ଦଳାଇ ଛାତ୍ରଛାତ୍ରୀଙ୍କୁ ଉଦବୋଧନ ଦେଇଥିଲେ। ଉକ୍ତ ସଭାରେ ବିଜ୍ଞାନ ଅଲିମ୍ପିଆଡ ଛାତ୍ରଛାତ୍ରୀଙ୍କୁ ମେଡାଲ ଓ ପ୍ରମାଣପତ୍ର ପ୍ରଦାନ କରାଯାଇଥିଲା। କ୍ରୀଡା ଶିକ୍ଷୟିତ୍ରୀ ସାଗରିକା ଜେନାଙ୍କ ତତ୍ତ୍ୱାବଧାନରେ ଉପଖଣ୍ଡସ୍ତରୀୟ ପ୍ୟାରେଡରେ ବିଦ୍ୟାଳୟର ଛାତ୍ରଛାତ୍ରୀ କନିଷ୍ଠ ବର୍ଗରେ ପ୍ରଥମ ଓ ବରିଷ୍ଠ ବର୍ଗରେ ଦ୍ୱିତୀୟ ସ୍ଥାନ ଅଧିକାର କରିଥିଲେ। ବିଦ୍ୟାଳୟର ଛାତ୍ରୀ ଶର୍ମିଷ୍ଠା ବାରିକ ଉପଖଣ୍ଡସ୍ତରୀୟ ପ୍ରବନ୍ଧ ପ୍ରତିଯୋଗିତାରେ ପ୍ରଥମ ସ୍ଥାନ, ମୁକେଶ ସାହୁ ଦଶମ ସିବିଏସଇ ବୋର୍ଡ ପରୀକ୍ଷାରେ ସର୍ବୋଚ୍ଚ ନମ୍ବର ରଖି ସମ୍ମାନିତ ହୋଇଥିଲେ। ବିଦ୍ୟାଳୟ ତରଫରୁ ମ୍ୟୁଜିକ ଚେୟାର ପ୍ରତିଯୋଗିତା କରାଯାଇଥିଲା। ଶିକ୍ଷୟିତ୍ରୀ ଜିନିଲତା ସାହୁ ପରିଚାଳନା କରିଥିଲାବେଳେ ଶିକ୍ଷକ ଜୀବନଜ୍ୟୋତି ପଣ୍ଡା ଧନ୍ୟବାଦ ଅର୍ପଣ କରିଥିଲେ।

ସେହିପରି ଆନନ୍ଦପୁର ବାବା ସାହେବ ଆମ୍ବେଦକର ସେବାସଂଘ କାର୍ଯ୍ୟାଳୟରେ ଉପସଭାପତି ପ୍ରାଣନାଥ ଜେନା ପତାକା ଉତ୍ତୋଳନ କରିଥିଲେ। ସେବାସଂଘର ସାଧାରଣ ସମ୍ପାଦକ ଚତୁର୍ଭୁଜ ଜେନା, ମୁଖ୍ୟ ଉପଦେଷ୍ଟା ଅକ୍ରୁର ଚରଣ ଜେନା, ସାଂସ୍କୃତିକ ସମ୍ପାଦକ କଳାକର ଜେନା, ଉପଦେଷ୍ଟା ବିଦେଶୀ ଚରଣ ଜେନା, ପଦ୍ମନାଭ ଜେନା ପ୍ରମୁଖ ଉପସ୍ଥିତ ବାଇଲୋ ପ୍ରାଥମିକ ବିଦ୍ୟାଳୟର ଛାତ୍ରଛାତ୍ରୀମାନଙ୍କୁ ସ୍ୱାଧୀନତା ଦିବସ ପରିପ୍ରେକ୍ଷୀରେ ବକ୍ତବ୍ୟ ରଖିଥିଲେ। ସେବାସଂଘର ଉପସଭାପତି ଶ୍ରୀକାନ୍ତ ଜେନା, ଉପଦେଷ୍ଟା ଚିତ୍ତରଞ୍ଜନ ଜେନା, ଅଭିମନ୍ୟୁ ଜେନା, ନାରାୟଣ ଜେନା, କେନ୍ଦ୍ରୀୟ ସାଂଗଠନିକ ସମ୍ପାଦକ ପ୍ରମୋଦ ଜେନା, ଦଶରଥ ଜେନା, ମନୋଜ ଜେନା, ଦିଲ୍ଲୀପ ଜେନା, ପ୍ରମୋଦ ଜେନା, ରଞ୍ଜନ ଜେନାଙ୍କ ସମେତ ସେବାସଂଘର ସମସ୍ତ ସଦସ୍ୟ ଏବଂ ବାଇଲୋ ଗ୍ରାମର ଶତାଧିକ ଭଦ୍ରବ୍ୟକ୍ତି ଉପସ୍ଥିତ ଥିଲେ। କର୍ମକର୍ତ୍ତା ଏବଂ ସଦସ୍ୟମାନେ ସୁଡୁସୁଡିଆ ବାଇପାସ୍ ବାବା ସାହେବଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ ଏବଂ ପ୍ରଦୀପ ପ୍ରଜ୍ୱଳନ କରିଥିଲେ। ସେବାସଂଘର ସଦସ୍ୟଙ୍କ ଦ୍ୱାରା ବୃକ୍ଷ ରୋପଣ କରାଯାଇଥିଲା।

**ଯୋଡ଼ା:** ଯୋଡ଼ା ପୌରପାଳିକା ଅନ୍ତର୍ଗତ ବାଂଶପାଣିସ୍ଥିତ ଯୋଡ଼ା ଟ୍ରକ ମାଲିକ ସଙ୍ଘ ପକ୍ଷରୁ ସ୍ୱାଧୀନତା ଦିବସ ପାଳିତ ହୋଇଯାଇଛି। ସଙ୍ଘର ସଭାପତି ମାତାପ୍ରସାଦ ଜୟସ୍ୱାଲ ଜାତୀୟ ପତାକା ଉତ୍ତୋଳନ କରିଥିଲେ। ସମ୍ପାଦକ ସୁଶାନ୍ତ ବାରିକ ଗାଡି ମାଲିକ, ବୁଦ୍ଧିଜୀବୀ, ବିଦ୍ୟାଳୟର ଛାତ୍ରଛାତ୍ରୀଙ୍କୁ ଉଦବୋଧନ ଦେଇଥିଲେ। ବିଦ୍ୟାଳୟର ପାଖାପାଖି ୨୦୦ ଛାତ୍ରଛାତ୍ରୀ ଦେଶାତ୍ମବୋଧକ ଗୀତ ଗାନ କରିଥିଲେ। ସଙ୍ଘ ପକ୍ଷରୁ ଛାତ୍ରଛାତ୍ରୀଙ୍କୁ ପୁରସ୍କୃତ କରାଯାଇଥିଲା। ଉପସଭାପତି ବିଜୁ ଆପଟ, ସହସମ୍ପାଦକ ରାଜେଶ କାରୁଆ, କୋଷାଧକ୍ଷ ରାଜେଶ ରୋଶନଙ୍କ ସହ ସମସ୍ତ କର୍ମଚାରୀ ଓ ଶତାଧିକ ଗାଡ଼ି ମାଲିକ, ବିଜେପି ନଗର ସଭାପତି ପାର୍ଥସାରଥୀ ଷଡ଼ଙ୍ଗୀ, ସୁଶାନ୍ତ ବେବର୍ତ୍ତା ଉପସ୍ଥିତ ଥିଲେ।

**ବେଲବାହାଲି:** ଆନନ୍ଦପୁର ବ୍ଲକ ଅନ୍ତର୍ଗତ ଟୋଲଙ୍କପଡା ସରକାରୀ ଉଚ୍ଚପ୍ରାଥମିକ ବିଦ୍ୟାଳୟରେ ପ୍ରଧାନଶିକ୍ଷକ ସନ୍ତୋଷ ଜେନାଙ୍କ ତତ୍ତ୍ୱାବଧାନରେ ମୁଖ୍ୟଅତିଥି ଭାବେ ଜୟମଙ୍ଗଳା ଆଞ୍ଚଳିକ ଉଚ୍ଚବିଦ୍ୟାଳୟର ଅବସରପ୍ରାପ୍ତ ପ୍ରଧାନଶିକ୍ଷକ କେଶବଚନ୍ଦ୍ର ପରିଡା ଅଭିବାଦନ ଗ୍ରହଣ କରିବା ସହିତ ଜାତୀୟ ପତାକା ଉତ୍ତୋଳନ କରିଥିଲେ। ହରିଡ଼ାପାଳ ସରପଞ୍ଚ ମିନତୀ ମହାରଣା, ସମିତିସଭ୍ୟା ବିଦ୍ୟୁତଲତା ସାହୁ, ସହକାରୀ ଶିକ୍ଷକ ପ୍ରସନ୍ନ ରାଉତ, ବିଭୁତି ଭୂଷଣ ମଲ୍ଲିକ, ନିହାର ରଞ୍ଜନ ଜେନା, ବୋଦ୍ଧିରାମ ସା, ସନ୍ତୋଷ ପରିଡା, ଶିକ୍ଷୟିତ୍ରୀ ଦେବକୀ ଖୁଣ୍ଟିଆ, ଦୁଃଖିନୀ ସାହୁ, ସୁଚିସ୍ମିତା ପାଣିଗ୍ରାହୀ, ସମାଜସେବୀ ସୁମନ୍ତ ମହାରଣା, ହିମାଂଶୁ ଭୂଷଣ ସାହୁ ସହଯୋଗ କରିଥିଲେ।

ସେହିପରି ଘସିପୁରା ବ୍ଲକ ଦେଓଗାଁସ୍ଥିତ କୁଶଳେଶ୍ୱର ଜାଗର ମେଳା ପଡ଼ିଆଠାରେ ଦେଓଗାଁ ପଞ୍ଚାୟତସ୍ତରୀୟ ସମାରୋହରେ ମୁଖ୍ୟଅତିଥି ଭାବେ ପୂର୍ବତନ ବ୍ଲକ ଅଧ୍ୟକ୍ଷ ଦେବାଶିଷ ପାତ୍ର ପତାକା ଉତ୍ତୋଳନ କରିଥିଲେ। ପଞ୍ଚାୟତର ବିଭିନ୍ନ ବିଦ୍ୟାଳୟର ଛାତ୍ରଛାତ୍ରୀ ପ୍ୟାରେଡ଼ କରିଥିଲେ। ଛାତ୍ରଛାତ୍ରୀ ସଙ୍ଗୀତ ନୃତ୍ୟ ପରିବେଷଣ କରିଥିଲେ। ପରେ ବିଭିନ୍ନ କ୍ଷେତ୍ରରେ କୃତୀ ଛାତ୍ରଛାତ୍ରୀଙ୍କୁ ପୁରସ୍କୃତ କରାଯାଇଥିଲା। ଦେଓଗାଁ ସରପଞ୍ଚ ସତ୍ୟରଞ୍ଜନ ଭୂୟାଁଙ୍କ ନେତୃତ୍ୱରେ ଆୟୋଜିତ କାର୍ଯ୍ୟକ୍ରମରେ ଅନ୍ୟାନ୍ୟ ଅତିଥି ଭାବେ ସମବାୟ ସମିତି ସଭାପତି ରମାକାନ୍ତ ବଳ, ସମିତିସଭ୍ୟା କଳ୍ପନା ବଳ, ଅନାମଚରଣ ରାଉତ, ଅନନ୍ତ ଚରଣ ରାଉତ, ବିଜୟ ଜେନା ଯୋଗଦାନ କରିଥିଲେ। ଦେବବ୍ରତ ସାହୁ, ଅଜୟ ବେହେରା, ଏସକେ ଆଇସାନ୍ ମହମ୍ମଦ, ବସନ୍ତ ଜେନା, ସୁରେନ୍ଦ୍ର ସାହୁ ଓ ପଞ୍ଚାୟତ କର୍ମଚାରୀ ଉପସ୍ଥିତ ଥିଲେ।

**ରାମଚନ୍ଦ୍ରପୁର:** ଘସିପୁରା ବିଡ଼ିଓ ଉପଖଣ୍ଡସ୍ତରୀୟ ସ୍ୱାଧୀନତା ଦିବସ ସମାରୋହ ପାଳିତ ହୋଇଯାଇଛି। ବଜାରକମିଟି ପକ୍ଷରୁ ଆୟୋଜିତ ମାହାତ୍ମା ଗାନ୍ଧୀଛକରେ ଜାତୀୟ ପତାକା ଉତ୍ତୋଳନ ଉପଜିଲ୍ଲାପାଳଙ୍କ ଦ୍ୱାରା କରାଯିବା ପରେ ମହାପୁରୁଷଙ୍କୁ ପୁଷ୍ପମାଲ୍ୟ ଅର୍ପଣ କରାଯାଇଥିଲା। ନେହରୁ ଷ୍ଟାଡିୟମଠାରେ ଉପଜିଲ୍ଲାପାଳ ଶ୍ରୀ ପରିଡା ୩୩ଟି ପ୍ଲାଟୁନ ଦ୍ୱାରା ଆୟୋଜିତ ସମ୍ମିଳିତ ପ୍ୟାରେଡ ଅଭିଭାଦନ ଗ୍ରହଣ କରିଥିଲେ। ଏହି ଅବସରରେ ପ୍ରକୃତି ବନ୍ଧୁ, ସହିଦ ପରିବାର, ଚଳିତ ବର୍ଷ ରଜ କୁଇନ, ବାଲୁକା କଳା ଓ ମହିଳା ସାମ୍ବାଦିକା ଝରଣା ମହାନ୍ତ, ମମତା ସେନାପତି ଓ ସରୋଜିନୀ ଶତପଥୀଙ୍କୁ ସମ୍ବର୍ଦ୍ଧିତ କରାଯିବା ସହ ବିଭିନ୍ନ ପ୍ରତିଯୋଗିତାର କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଥିଲା। ଉପଜିଲ୍ଲାପାଳ ଶ୍ରୀ ପରିଡାଙ୍କୁ ବଣିକ ସଂଘ ତରଫରୁ ସଭାପତି ସୁବାସ ରାମ ଓ ଜଳେଶ୍ୱର ପୋଦାରଙ୍କ ଦ୍ୱାରା ସଂସ୍କୃତି ସାରଥୀ ସମ୍ମାନ -୨୦୨୫ରେ ସମ୍ମାନିତ କରାଯାଇଥିଲା। ସୂଚନା ଲୋକସମ୍ପର୍କ ଭାରପ୍ରାପ୍ତ ଅଧିକାରୀ ବିଜୟ ନାଏକଙ୍କ ପରିଚାଳନାରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ଚମ୍ପୁଆ ଏସଡିପିଓ ରଶ୍ମିରଂଜନ ସାହୁ, ଚମ୍ପୁଆ ଥାନାଧିକାରୀ ରମାକାନ୍ତ ମୁଦୁଲି, ଉପଖଣ୍ଡ ଚିକିତ୍ସାଧିକାରୀ ଉମାକାନ୍ତ ସାହୁ, ଏସିଏଫ୍ ଅକ୍ଷୟ ଛତ୍ରିୟା, ଜେଲ ଅଧୀକ୍ଷକ ସ୍ମିତାରାଣୀ ଖଟୁଆ, ଚମ୍ପୁଆ ବିଡିଓ ସ୍ମୃତିରଂଜନ ସାହୁ, ତହସିଲଦାର ସଜତ ମାର୍କୀ, ସହକାରୀ ଜିଲ୍ଲାପାଳ ଫୁଲରାଇ ବେଶ୍ରା, ସୋମରେନ୍ଦ୍ର ଦାସ, ଅତିରିକ୍ତ ତହସିଲଦାର ପ୍ରତିକ୍ଷା ପ୍ରିୟଦର୍ଶିନୀ ପ୍ରମୁଖ ଯୋଗ ଦେଇଥିବା ବେଳେ ଏନ୍‌ସିସି ଅଫିସର ଗିରିଶଚନ୍ଦ୍ର ପ୍ରଧାନ ଓ ବସନ୍ତ ମହାନ୍ତ ପ୍ୟାରେଡ ପରିଚାଳନା କରିଥିଲେ। ଅପରାହ୍ନରେ ନାଗରିକ ଏକାଦଶ ଓ ଅଫିସିଆଲ ଏକାଦଶ ମଧ୍ୟରେ ବନ୍ଧୁତ୍ୱପୂର୍ଣ୍ଣ ଫୁଟବଲ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା।

**ହାଟଡ଼ିହୀ:** ଚଣ୍ଡିଆବିରଞ୍ଚିପୁରସ୍ଥିତ ସେଣ୍ଟ୍ ଜାଭିୟର୍ସ ହାଇସ୍କୁଲରେ ଅଧ୍ୟକ୍ଷ ଉଦୟନାଥ କରଙ୍କ ସଂଯୋଜନାରେ ବିଦ୍ୟାଳୟର ସମସ୍ତ ଶିକ୍ଷକ, ଶିକ୍ଷୟିତ୍ରୀ, କର୍ମକର୍ତ୍ତା, ଛାତ୍ରଛାତ୍ରୀ ପ୍ରଭାତ ଫେରୀ ପରେ ପତାକା ଉତ୍ତୋଳନ କରିଥିଲେ। ମୁଖ୍ୟଅତିଥି ଭାବେ ଅବସରପ୍ରାପ୍ତ ଶିକ୍ଷକ ମହେନ୍ଦ୍ର ପଲତା ଏବଂ ସମ୍ମାନିତ ଅତିଥି ଭାବେ ଅବସରପ୍ରାପ୍ତ ଶିକ୍ଷକ ଗୋପବନ୍ଧୁ ସୁଆର, ବିଦ୍ୟାଳୟର ଉପାଧ୍ୟକ୍ଷ ଗୋଲକ ବିହାରୀ ସାହୁ ଯୋଗ ଦେଇଥିଲେ। ଏହାସହ ସେଣ୍ଟ ଜାଭିୟର୍ସ ହାଇସ୍କୁଲରେ ପବିତ୍ର ଜନ୍ମାଷ୍ଟମୀ ଉତ୍ସବ ସୋସୋ ପଞ୍ଚାୟତ ଅଧୀନସ୍ଥ ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିର ନିଉଦାନାରେ ସ୍ୱାଧୀନତା ଦିବସ ଓ ଜନ୍ମାଷ୍ଟମୀ ଉତ୍ସବ ପାଳନ ହୋଇଯାଇଛି। ଏହି ଉତ୍ସବରେ ସୋସୋ ଥାନାଧିକାରୀ ବିଜୟ କୁମାର ବିହାରୀ ପତାକା ଉତ୍ତୋଳନ କରିଥିଲେ। ତତ୍ପରେ ପିଲାମାନେ ଗ୍ରାମ ପରିକ୍ରମା କରି ମା' ତାରିଣୀଙ୍କ ମନ୍ଦିରରେ ଜନ୍ମାଷ୍ଟମୀ ପର୍ବ ପାଳନ କରିଥିଲେ। ଶିକ୍ଷାବିତ୍ ହରମୋହନ ପଣ୍ଡା, ଅଲେଖ ଚରଣ ରାଉତ ପୂର୍ବତନ ଏବିଓ ଅମୂଲ୍ୟ ମିଶ୍ର, କମିଟିର ସକ୍ରିୟ ସଭ୍ୟ ଅଜୟ କୁମାର ମହାନ୍ତି, ସମାଜସେବୀ ବିନୋଦ କୁମାର ସିଂ, ରଞ୍ଜୁଲତା ମହାନ୍ତି ଓ ବିଦ୍ୟାଳୟର ଉପଦେଷ୍ଟା ଅକ୍ଷୟ କୁମାର ବଳ ପ୍ରମୁଖ ଉପସ୍ଥିତ ଥିଲେ। ବିଦ୍ୟାଳୟର ଗୁରୁମା' ପ୍ରଧାନ ଆଚାର୍ଯ୍ୟା ମାନାରାଣୀ ତ୍ରିପାଠୀ, ଗୁରୁମା ଚିତ୍ରଲେଖା ସାମଲ, ସ୍ନେହଲତା ଖୁଣ୍ଟିଆ, ଶାଶ୍ୱତୀ ପ୍ରଧାନ, ବଲ୍ଲଭି ମିଶ୍ର, ଶୁଚିସ୍ମିତା ସାହୁ, ସ୍ନେହଲତା ବାରିକ, କମଳା ଜେନା, ଗୁରୁଜୀ ହେମନ୍ତ ରାଉତ, ଶରତଚନ୍ଦ୍ର ବିନ୍ଧାଣି, ଗୟାଧର ରାଉତ, ଗଙ୍ଗାଧର ଆଇଚ ସହଯୋଗ କରିଥିଲେ।

ହାଟଡ଼ିହୀ ବିଡିଓ ରଞ୍ଜନ ପରିଡ଼ାଙ୍କ ସଂଯୋଜନାରେ ପବିତ୍ର ସ୍ୱାଧୀନତା ଦିବସ ପାଳିତ ହୋଇଥିବା ବେଳେ ଏଥିରେ ମୁଖ୍ୟଅତିଥି ଭାବେ ଆନନ୍ଦପୁର ବିଧାୟକ ଅଭିମନ୍ୟୁ ସେଠୀ ଯୋଗ ଦେଇଥିଲେ। ସମ୍ମାନିତ ଅତିଥି ଭାବେ ବ୍ଲକ ଅଧ୍ୟକ୍ଷା ସାବିତ୍ରୀ ସେଠୀ, ଉପାଧ୍ୟକ୍ଷ ରତିକାନ୍ତ ରାଉତ, ସାଂସଦ ପ୍ରତିନିଧି ଜ୍ଞାନରଞ୍ଜନ ସାମନ୍ତସିଂହାର, ଜିଲ୍ଲା ପରିଷଦ ସଭ୍ୟ ବିମ୍ବାଧର ବିଶ୍ୱାଳ, ସଭ୍ୟା କୌଶଲ୍ୟା ସେଠୀ ଯୋଗ ଦେଇଥିଲେ। ଏବିଡିଓ ରଶ୍ମିରେଖା ନାଏକ ଏଥିରେ ସହଯୋଗ କରିଥିଲେ।

ହଦଗଡ଼ ରେଞ୍ଜର ମାର୍ଶାଲ କିସ୍କୁଙ୍କ ଦ୍ୱାରା ପତାକା ଉତ୍ତୋଳନ ହୋଇଥିବା ବେଳେ ଫରେଷ୍ଟର ମଳୟ ସାହୁ ଏହାର ପରିଚାଳନା କରିଥିଲେ। ସମସ୍ତ କର୍ମଚାରୀଙ୍କ ସହ ସବୁଜବାହିନୀ ସାମିଲ ଥିଲେ। ହାଟଡ଼ିହୀ କୃଷି କାର୍ଯ୍ୟାଳୟରେ ଭାରପ୍ରାପ୍ତ କୃଷି ଅଧିକାରୀ ଭାମାଞ୍ଜରୀ ମହାନ୍ତ ପତାକା ଉତ୍ତୋଳନ କରିଥିଲା ବେଳେ ଏଥିରେ କୃଷି ଅଧିଦର୍ଶକ ନିରଞ୍ଜନ ରଥ, ଆତ୍ମା ଚେୟାରମ୍ୟାନ ଜାନକୀଲତା ଜେନା, ଏଟିଏମ୍ ଅଶୋକ ବିଶ୍ୱାଳ, ବିଜୟ ପ୍ରଧାନ, ବିଟିଏମ ଅଟଳ କୁମାର, ଭିଏଡବ୍ଲ୍ୟୁ ସାଧନା ରାଉତ, କେଦାର ଭୋଳ, ବ୍ରଜକିଶୋର ମୁଣ୍ଡା, ଜଗନ୍ନାଥ ପରିଡ଼ା, କେବେରୀ ନାୟକ ପ୍ରମୁଖ ଯୋଗ ଦେଇଥିଲେ। କାର୍ଯ୍ୟକ୍ରମକୁ କୃଷକ ସାଥୀ ବିଜୟ ସାହୁ, ମନ୍ମଥ ଜେନା ଅଖିଳଚନ୍ଦ୍ର ନାୟକ ଜାତୀୟ ପତାକା ଉତ୍ତୋଳନ କରିଥିଲେ। ବ୍ଲକ ଅଧକ୍ଷା ବୀଣାପାଣି ନାୟକ, ତହସିଲଦାର ତଥା ଭାରପ୍ରାପ୍ତ ବିଡିଓ ଅଶ୍ୱିନୀ ନାଏକ, ଗୋଷ୍ଠୀ ଶିକ୍ଷାଧିକାରୀ ପୂର୍ଣ୍ଣଚନ୍ଦ୍ର ଅମାତ, ପାଟଣା ଥାନାଧିକାରୀ ମାନସ ମହାକୁଲ ପ୍ରମୁଖ ମଞ୍ଚାସୀନ ହୋଇଥିଲେ। କାର୍ଯ୍ୟକ୍ରମରେ ୨ ଜଣ ସାମ୍ବାଦିକ ନୃସିଂହନାଥ ସିଂହ ଏବଂ ମହେଶ୍ୱର ପୃଷ୍ଟିଙ୍କୁ ବିଧାୟକ ସମ୍ବର୍ଦ୍ଧିତ କରିବା ସହ ଜ୍ଞାନାୟାଞ୍ଜଳ ସିଂକେ ଶିଳ୍ପୀ ଜସ୍ମିନ ରଣାଙ୍କୁ ମୁଖ୍ୟଅତିଥି ସମ୍ବର୍ଦ୍ଧିତ କରିଥିଲେ। ଶିକ୍ଷକ ପାର୍ଥସାରଥୀ ବେହେରା, କମଳାକାନ୍ତ ପତି ପ୍ରମୁଖ ସଂଯୋଜନା କରିଥିବା ବେଳେ ପ୍ୟାରେଡ୍‌କୁ କ୍ୟାପଟେନ ଧର୍ମେନ୍ଦ୍ର ସାହୁ, ଶାନ୍ତନୁ ସାହୁ ପରିଚାଳନା କରିଥିଲେ। ପାଟଣା ବ୍ଲକ ପରିସରରେ ବ୍ଲକ ଅଧକ୍ଷା ବୀଣାପାଣି ନାୟକ, ତହସିଲରେ ତହସିଲଦାର ଅଶ୍ୱିନ ନାଏକ, ପାଟଣା ଆଞ୍ଚଳିକ ମହାବିଦ୍ୟାଳୟରେ ଅଧକ୍ଷ ବିରେନ୍ଦ୍ର ସାହୁ, ସରକାରୀ ଉଚ୍ଚପ୍ରାଥମିକ ବିଦ୍ୟାଳୟ ପ୍ରେସ କ୍ଲବ ଏବଂ ତୁରୁମୁଙ୍ଗା ବିଜେପି କାର୍ଯ୍ୟାଳୟରେ ବିଧାୟକ ଅଖିଳଚନ୍ଦ୍ର ନାଏକ,ପାଟଣା ଥାନାରେ ଥାନାଧିକାରୀ ମାନସ ମହାକୁଳ, ପାଟଣା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଡାକ୍ତର ଶୁଭେନ୍ଦୁ ସାଗର କୁମାର ନାଏକ, ରେଞ୍ଜ ଅଫିସରେ ରେଞ୍ଜର ବନବିହାରି ସର୍ଦ୍ଦାର, ତୁରୁମୁଙ୍ଗା ଥାନାରେ ଓପିଏସ୍ ସୌରଭ ରଞ୍ଜନ ପ୍ରଧାନ, ତୁରୁମୁଙ୍ଗା ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ରରେ ଡାକ୍ତରର ଅତନୁ ଅଭିନନ୍ଦନ ଦାସ, ତୁରୁମୁଙ୍ଗା ବଜାର କମିଟି ପକ୍ଷରୁ ଷ୍ଟାଡିୟମରେ ବଜାର କମିଟି କୋଷାଧକ୍ଷ କ୍ଷେତ୍ରମୋହନ ସାହୁ, ତୁରୁମୁଙ୍ଗା ଉଚ୍ଚମାଧ୍ୟମିକ ବିଦ୍ୟାଳୟ ରେ ଅଧକ୍ଷ ଅଶ୍ୱସ୍ଥମା ଗିରି, ଡିଗ୍ରୀ କଲେଜରେ ଅଧକ୍ଷ ତ୍ରୈଲୋକ୍ୟପରିଡା, ମୁକ୍ତି ତୀର୍ଥ କ୍ଲବ ସ୍ୱାମରେ ସଭାପତି ଭାଗୀରଥି ଦାଶ, ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିରରେ ପରିଚାଳନା କମିଟି ସଭାପତି ବଜେନ୍ଦ୍ର ପତି, ଜିଏନ ହାଇସ୍କୁଲରେ ବିଇଓ ପୂର୍ଣ୍ଣଚନ୍ଦ୍ର ଅମାତ, ବାଳିକା ଉଚ୍ଚ ବିଦ୍ୟାଳୟରେ ପ୍ରଧାନଶିକ୍ଷକ ହରେକୃଷ୍ଣ ମହାନ୍ତ, ସମବାୟ ବ୍ୟାଙ୍କରେ ଅବସରପ୍ରାପ୍ତ ତହସିଲଦାର ଯତୀନ୍ଦ୍ର ସେଠୀ ପ୍ରମୁଖ ଜାତୀୟ ପତାକା ଉତ୍ତୋଳନ କରିଥିଲେ।










## ଅଣା ମଠରେ ଧର୍ମସଭା

ହାଟଡ଼ିହୀ,୧୬।୮ (ସମିସ): ବିଶ୍ୱହିନ୍ଦୁ ପରିଷଦ ଆନନ୍ଦପୁର ଜିଲ୍ଲା ହାଟଡ଼ିହୀ ପ୍ରଖଣ୍ଡରେ ଶ୍ରୀକୃଷ୍ଣ ଜନ୍ମାଷ୍ଟମୀ ଉତ୍ସବ ତଥା ବିଶ୍ୱହିନ୍ଦୁ ପରିଷଦର ପ୍ରତିଷ୍ଠା ଦିବସ ଉପଲକ୍ଷେ ହାଟଡ଼ିହୀ ବ୍ଲକ ଅଣା ମଠ ପରିସରରେ ଧର୍ମସଭା ଆୟୋଜିତ ହୋଇଥିଲା। ବିଶ୍ୱହିନ୍ଦୁ ପରିଷଦର ପ୍ରାକ୍ତନ ସଭାପତି ଜୟନାରାୟଣ ଜଗଦେବ ମହାପାତ୍ର ସଭାପତିତ୍ୱ କରିଥିଲେ। ଆନନ୍ଦପୁର ଜିଲ୍ଲା ସମ୍ପାଦକ ବିଶ୍ୱଜିତ ଦାଶ ପୂଜା ଏବଂ ସଭା ପରିଚାଳନା କରିଥିଲେ। ଦର୍ଶନ ବିଦ୍ୟାର୍ଥୀ ପୁରୀ କବିନ୍ଦ୍ର ବାବା ପ୍ରବଚନ ପ୍ରଦାନ କରିଥିଲେ। ବଜରଙ୍ଗ ଦଳ ଜିଲ୍ଲା ସହ ସଂଯୋଜକ ଦିବ୍ୟଜ୍ୟୋତି ମୁଦୁଲି ବ୍ୟବସ୍ଥା କାର୍ଯ୍ୟ କରିଥିଲେ। ବଜରଙ୍ଗ ଦଳ ଓଡ଼ିଶା ପୂର୍ବ ପ୍ରାନ୍ତର ମିଳନ କେନ୍ଦ୍ର ପ୍ରମୁଖ ତଥା କେନ୍ଦୁଝର ବିଭାଗ ସଂଗଠନ ମନ୍ତ୍ରୀ ବିପିନି ପଣ୍ଡା, ଓଡ଼ିଶା ପୂର୍ବ ପ୍ରାନ୍ତର ଧର୍ମପ୍ରସାର ସହସଂଯୋଜକ ଅକ୍ଷୟ ସାହୁ, ତୃପ୍ତିରଞ୍ଜନ ସାହୁ, ଘସିପୁରା ପ୍ରଖଣ୍ଡ ସହସଂଯୋଜକ ନିରଞ୍ଜନ ସା, ଅଭିଷେକ ଖୁଣ୍ଟିଆ, ଶରତ ସାହୁ ଯୋଗଦାନ କରିଥିଲେ।

## ବିଭିନ୍ନ ଶିକ୍ଷାନୁଷ୍ଠାନରେ ଜନ୍ମାଷ୍ଟମୀ

ଆନନ୍ଦପୁର, ୧୬।୮ (ସମିସ): ଆନନ୍ଦପୁର ଉପଖଣ୍ଡର ଅଗ୍ରଣୀ ଘରୋଇ ଶିକ୍ଷାନୁଷ୍ଠାନ କନକ ମଞ୍ଜରୀ ବାଲ୍ ଶିକ୍ଷା ସଂସ୍ଥାନର ୩୮ତମ ଜନ୍ମାଷ୍ଟମୀ ପାଳିତ ହୋଇଯାଇଛି। ଉପ ପ୍ରଧାନ ଆଚାର୍ଯ୍ୟ ସଂଗ୍ରାମ କେଶରୀ ପରିଡ଼ାଙ୍କ ସଭାପତିତ୍ୱରେ ଆୟୋଜିତ କାର୍ଯ୍ୟକ୍ରମରେ ପ୍ରଧାନ ଆଚାର୍ଯ୍ୟ ମନମୋହନ ଦାଶ ଉତ୍ସବକୁ ଉଦ୍‌ଘାଟନ କରିଥିଲେ। ୫୦ରୁ ଊର୍ଦ୍ଧ୍ୱ ଛାତ୍ରଛାତ୍ରୀ କୃଷ୍ଣ ଏବଂ ରାଧା ବେଶ ପ୍ରତିଯୋଗିତାରେ ଭାଗ ନେଇଥିଲେ। ସହକାରୀ ଆଚାର୍ଯ୍ୟ ସତ୍ୟଜିତ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ। ଆଚାର୍ଯ୍ୟ ଶ୍ରୀଲୋଚନ ପୁହାଣ, ରବିନ୍ଦ୍ର ସାହୁ, କାଳନ୍ଦୀ ମହାରଣା, ନଟବର ସାହୁ, ଚିତ୍ରସେନ ସାହୁ, ଆଚାର୍ଯ୍ୟା ରୋନାଲୀ ଜେନା, ଜ୍ୟୋତ୍ସ୍ନାମୟୀ ନାୟକ, ସନ୍ଧ୍ୟାରାଣୀ ପଟ୍ଟନାୟକ, ରଶ୍ମିତା ସିଂ, ଚିନ୍ମୟୀ ରାଉତ, ସ୍ନିଗ୍ଧା ସରିତା ମହାରଣା, ପଦ୍ମିନୀ ରାଉତ, ଦିପ୍ତୀମୟୀ ବେହେରା, ଶ୍ରୀୟାଶ୍ରୀ ମହାରଣା ସେବକ ଶଙ୍କର୍ଷଣ ରାଉତ ସେବିକା ଶାନ୍ତି ପାତ୍ର ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।



**ରାମଚନ୍ଦ୍ରପୁର:** ଘସିପୁରା ବ୍ଲକ କଇଁସିଆରୀ ବୈଷ୍ଣବ ଗୌଡିୟ ମଠରେ ଜନ୍ମାଷ୍ଟମୀ ଏବଂ ସ୍ୱାମୀ ଲକ୍ଷ୍ମଣାନନ୍ଦ ସରସ୍ୱତୀଙ୍କ ବଳିଦାନ ଦିବସ ପାଳିତ ହୋଇଛି। ବ୍ଲକ ଧର୍ମଜାଗରଣ ସଂଯୋଜକ ଶରତ ସ୍ୱାଇଁଙ୍କ ସଂଯୋଜନାରେ ମଠ ମହନ୍ତ ବାବା ପ୍ରେମାନନ୍ଦ ଦାସ ମହାରାଜ ଏବଂ ଯାଜପୁର ବ୍ରଜଗିରୀ ମଠର ମହନ୍ତ ପିଣ୍ଟୁ ଦାସ ମହାରାଜଙ୍କ ଉପସ୍ଥିତିରେ ସ୍ଥାନୀୟ କଇଁସିଆରୀ, ଖଡିକାଶୁଳବାହାଳି, ଦାନ୍ତିଆ, ଭାଲୂକା, ସୁଆଁଳୋ, ଭଣ୍ଡାରିପଡା, ଗଡବାନ୍ଧଗୋଡାର ଅନେକ ଶ୍ରଦ୍ଧାଳୁ ଯୋଗ ଦେଇଥିଲେ। ସ୍ୱାମୀ ଲକ୍ଷ୍ମଣାନନ୍ଦ ସରସ୍ୱତୀଙ୍କ ଫଟୋଚିତ୍ରରେ ପୁଷ୍ପମାଲ୍ୟ ଅର୍ପଣ ସହ ତାଙ୍କ ବଳିଦାନ ଦିବସକୁ ମନେ ପକାଇ ହୋମଯଜ୍ଞ ସହ ଅଖଣ୍ଡଜ୍ୟୋତି ପ୍ରଜ୍ୱଳିତ କରାଯାଇଥିଲା। ଶ୍ରଦ୍ଧାଳୁ କବିନ୍ଦ୍ର ଘଡେଇ, ବ୍ରଜକିଶୋର ରାଉତ, ଶଶିଭୂଷଣ ରାଉତ, ନୃସିଂହ ମଲ୍ଲିକ, ଭ୍ରମରବର ରାଉତ, ପ୍ରେମାନନ୍ଦ ନାଥ, ଅନାଦି ନାଥ, ନୃସିଂହ ମଲ୍ଲିକ, ସଂଜୟ ପଣ୍ଡା, ଗିରିଜା ରାଉତ ସାମିଲ ହୋଇଥିଲେ। ନାମ ସଂକୀର୍ତ୍ତନ ସହ ସମସ୍ତ ଶ୍ରଦ୍ଧାଳୁଙ୍କ ପାଇଁ ଅନ୍ନପ୍ରସାଦ ସେବା ବ୍ୟବସ୍ଥା କରାଯାଇଥିଲା।

## ପତାକା ଉତ୍ତୋଳନରେ ଅନିୟମିତତାରୁ ଉତ୍ତେଜନା

ଆନନ୍ଦପୁର, ୧୬।୮ (ସମିସ): ଫକୀରପୁର ଅଙ୍ଗନବାଡି କେନ୍ଦ୍ରରେ ଜାତୀୟ ପତାକା ଉତ୍ତୋଳନରେ ବିଳମ୍ବ ଯୋଗୁଁ ଦୁଇଦିନ ଧରି ଲାଗି ରହିଛି ଉତ୍ତେଜନା। ସେଠାରେ ପତାକା ଉତୋଳନ ନକରି ଛାତ୍ରଛାତ୍ରୀଙ୍କୁ ମିଠାଦେଇ ଘରକୁ ପଠାଇଦେବା ଭଳି ଅଭାବନୀୟ ଘଟଣାରେ ପ୍ରତିକ୍ରିୟା ପ୍ରକାଶ ପାଇଛି। ଦିନ ୧୦ଟା ସମୟରେ ଦିଦି ଏକୁଟିଆ ଜାତୀୟ ପତାକା ଟାଙ୍ଗିଥିଲେ। ଏହାପରେ ଉତ୍ତ୍ୟକ୍ତ ଲୋକେ ଅଙ୍ଗନାବାଡି କେନ୍ଦ୍ରକୁ ତାଲା ପକାଇବାସହ ଦିଦିଙ୍କୁ ଘେରିଥିଲେ। ଆନନ୍ଦପୁର ସୁପରଭାଇଜର ଲୋକଙ୍କ ସହ ଆଲୋଚନା କରିଛନ୍ତି। ସିଡିପିଓଙ୍କ ନିକଟରେ ରିପୋର୍ଟ ଉପସ୍ଥାପନ କରି ଉପଯୁକ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ପ୍ରକାଶ କରିବା ପରେ କେନ୍ଦ୍ରରୁ ତାଲା ଖୋଲାଯାଇଛି।

## ମା' ଧନେଇ ସେବାସଂଘର ବୃକ୍ଷ ରୋପଣ

ଆନନ୍ଦପୁର ୧୬।୮ (ସମିସ): ଧନେଇ ସେବାସଙ୍ଘ ପକ୍ଷରୁ ୭୯ତମ ସ୍ୱାଧୀନତା ଦିବସ ଅବସରରେ ବୃକ୍ଷ ରୋପଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ମା' ଧନେଇ ପୀଠରେ ରମେଶଚନ୍ଦ୍ର ସାହୁ ପତାକା ଉତ୍ତୋଳନ କରିଥିଲେ। ଜିଲ୍ଲା ବନ୍ୟ ପ୍ରାଣୀ ଅଧିକାରୀ ପ୍ରଶାନ୍ତ ପଣ୍ଡା ବୃକ୍ଷରୋପଣ ଶୁଭାରମ୍ଭ କରିଥିଲେ। ଭୂମିକା ଚକ୍ଷୁ ହସ୍ପିଟାଲ ଯାଜପୁର ରୋଡ ଆନୁକୂଲ୍ୟରେ ମୋତିଆ ବିନ୍ଦୁ ଚିହ୍ନଟ ଶିବିର ଅନୁଷ୍ଠିତ ହୋଇଥିଲା। ହସ୍ପିଟାଲର ଚକ୍ଷୁ ସହାୟିକା ରାନୁପମା ଲିଜାରଣୀ ଚକ୍ଷୁ ପରୀକ୍ଷା କରି ମୋତିଆ ବିନ୍ଦୁ ଚିହ୍ନଟ କରିଥିଲେ। ସଂଘର ସଭାପତି ବିଷ୍ଣୁପ୍ରସାଦ ବାରିକ, ଅବସରପ୍ରାପ୍ତ ଶିକ୍ଷକ ନାରାୟଣ ସାହୁ, ଓମ୍ ପ୍ରକାଶ ସାହୁ, ଚିନ୍ମୟ ସାହୁ, ତୋଫାନ ସେଠୀ, ଦୟାନିଧି ବାରିକ, ଚନ୍ଦ୍ରମଣି ଜେନା, ରମାକାନ୍ତ ଜେନା, ନାରାୟଣ ଦେହୁରୀ, ରମେଶଚନ୍ଦ୍ର ଜେନା ପରିଚାଳନା କରିଥିଲେ।



# ଜିଲ୍ଲାବ୍ୟାପୀ ସବୁଠି ଉଡ଼ିଲା ତ୍ରିରଙ୍ଗା















ନୀଳଗିରି, ୧୬।୮ (ସମିସ)

ବାଲେଶ୍ୱର ଜିଲ୍ଲା ନୀଳଗିରି ଉପଖଣ୍ଡ ସଦର ମହକୁମାରେ ୭୯ ତମ ସ୍ୱାଧୀନତା ଦିବସ୍ ଉତ୍ସବ ନୀଳଗିରି ଷ୍ଟାଡିୟମ ପରିସରରେ ପାଳିତ ହୋଇ ଯାଇଛି। ନୀଳଗିରି ଉପ-ଜିଲ୍ଲାପାଳ ଡ.ମଧୁସ୍ମିତା ସାମନ୍ତରାୟ ମୁଖ୍ୟଅତିଥି ଭାବେ ଯୋଗଦେଇ ପତାକା ଉତ୍ତୋଳନ କରିଥିଲେ। ସମ୍ମାନିତ ଅତିଥି ଭାବେ ଉପଖଣ୍ଡ ଆରକ୍ଷୀ ଅଧିକ୍ଷକ ପ୍ରମୋଦ ମଲିକ, ନୀଳଗିରି ବିଡ଼ିଓ ବିକ୍ରମ କେଶରୀ ପରିଡ଼ା, ତହସିଲଦାର ସୋନମ୍ ଦାସ, ଏନଏସି ନିର୍ବାହୀ ଅଧିକାରୀ ଅଂଶୁମାନ ପରିଡା, ଆଇ.ଆଇ.ସି ଗୋବର୍ଦ୍ଧନ ନାୟକ ପ୍ରମୁଖ ଉପସ୍ଥିତ ଥିଲେ। କାର୍ଯ୍ୟକ୍ରମକୁ ନୀଳଗିରି ଉପଖଣ୍ଡ ସୂଚନା ଓ ଲୋକସମ୍ପର୍କ ଅଧିକାରୀ ଗୋବର୍ଦ୍ଧନ ବିଶ୍ୱାଳ ପରିଚାଳନା କରିଥିବା ଦେଖାଯାଇଛି।

**ଜଳେଶ୍ୱର ବ୍ଲକ :** ରାଇବଣିଆ ବିଜେପି ମଣ୍ଡଳ ପକ୍ଷରୁ ରାଇବଣିଆ ମଣ୍ଡଳ ସଭାପତି ସଞ୍ଜିବ କୁମାର ଜେନାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଥିଲା। ମୁଖ୍ୟଅତିଥି ଭାବେ ଭାରତୀୟ ଜନତା ପାର୍ଟିର ବରିଷ୍ଠ କାର୍ଯ୍ୟକର୍ତ୍ତା ନାରାୟଣ ଚନ୍ଦ୍ର ଦାସ ପତାକା ଉତ୍ତୋଳନ କରିଥିଲେ। ପତାକା ଉତ୍ତୋଳନ ଉତ୍ସବରେ ରାଇବଣିଆ ଶକ୍ତି କେନ୍ଦ୍ରର ପୂର୍ବତନ ସମିତି ସଭ୍ୟ ଦିଗମ୍ବର ଦାସ ସଭାପତିତ୍ୱ ତଥା ମଞ୍ଚ ଆହ୍ୱାନ କରିଥିଲେ। ଏହା ସହିତ ରାଇବଣିଆ ତାରିଣୀ ମନ୍ଦିର ଠାରୁ ହର ଘର ତ୍ରିରଙ୍ଗା ଶୋଭାଯାତ୍ରା ଆରମ୍ଭ ହୋଇଥିଲା। ଉତ୍ତର ବାଲେଶ୍ୱର ସାଂଗଠନିକ ଜିଲ୍ଲାର ଜିଲ୍ଲା ସଭାପତି ପ୍ରଦୀପ କୁମାର ପଣ୍ଡା ନୂତନ କାର୍ଯ୍ୟାଳୟର ଶୁଭ ଉଦଘାଟନ କରିଥିଲେ।

**କାଳିପଦା:** ବିଭିନ୍ନ ସ୍ଥାନରେ ୭୯ ତମ ସ୍ୱାଧୀନତା ଦିବସ ପାଳିତ ହୋଇ ଯାଇଛି। ବ୍ଲକରେ ଚେୟାରମ୍ୟାନ ରଞ୍ଜିତା ନାୟକ ଜାତୀୟ ପତାକାକୁ ଉତ୍ତୋଳନ କରିଥିବାବେଳେ ବିଡ଼ିଓ ରାଧା ରଞ୍ଜନ ଦାସ, ଉପାଧ୍ୟକ୍ଷ ରାଜେଶ ଚୌଧୁରୀ ପ୍ରମୁଖ ଉପସ୍ଥିତ ଥିଲେ। ସୁବର୍ଣ୍ଣ ରେଖା ପ୍ରେସ କ୍ଲବରେ ଅଧ୍ୟାପକ ଡ. ସୁକାନ୍ତ କୁମାର ଗିରି ଜାତୀୟ ପତାକା ଉତ୍ତୋଳନ କରିଥିବାବେଳେ ସନ୍ୟାସୀ ବେହେରା, ଗୋପାଳ କୃଷ୍ଣ ବିଶ୍ୱାଳ, ଆରତୀ ପାତ୍ର ପ୍ରମୁଖ ଉପସ୍ଥିତ ଥିଲେ। ତହସିଲରେ ତହସିଲଦାର ଜ୍ୟୋତ୍ସ୍ନାରାଣୀ ନାୟକ,ଖପରାପଦା ଶିଶୁ ବିଦ୍ୟା ମନ୍ଦିରରେ ମନ୍ମଥ କୁମାର ସାହୁ ଜାତୀୟ ପତାକାକୁ ଉତ୍ତୋଳନ କରିଥିଲେ। ବରିଷ୍ଠ ନାଗରିକ ପରିଷଦରେ ନାରାୟଣ ପ୍ରସାଦ ସାହୁ ଜାତୀୟ ପତାକାକୁ ଉତ୍ତୋଳନ କରିଥିବା ବେଳେ ସନ୍ୟାସୀ ବେହେରା, ଡାକ୍ତର ବାଙ୍କିମ ଚନ୍ଦ୍ର ଜେନା, ପ୍ରାକ୍ତନ ପ୍ରାଧ୍ୟାପକ କୁଞ୍ଜକାନ୍ତ ପାତ୍ର ପ୍ରମୁଖ ଉପସ୍ଥିତ ଥିଲେ। ଜାମଶୂଳୀ ଲକ୍ଷ୍ମୀ ନାରାୟଣ କଲେଜରେ ଅଧ୍ୟକ୍ଷ ପ୍ରାଧ୍ୟାପକ ଦିବ୍ୟେନ୍ଦୁ ଗିରି ଜାତୀୟ ପତାକାକୁ ଉତ୍ତୋଳନ କରି ଥିଲେ। ଜାମଶୂଳୀ ଜୟ ଚଣ୍ଡୀ ମନ୍ଦିର ପରିଚାଳନା କମିଟି ଓ ଗ୍ରାମବାସୀଙ୍କ ପକ୍ଷରୁ ଆୟୋଜିତ ପତାକା ଉତ୍ତୋଳନ ସଭାରେ କଲେଜ ଅଧ୍ୟକ୍ଷ ଦିବ୍ୟେନ୍ଦୁ ଗିରି ଜାତୀୟ ପତାକା ଉତ୍ତୋଳନ କରିଥିବା ବେଳେ ସହଦେବ ପରିଡା, ସରୋଜ ଗିରି, ସୁକୁମାର ଗିରି, ସୀତାଂଶୁ କୁମାର ସାହୁ, ଅଶୋକ ଗିରି, ଅଜୟ କୁମାର ଗିରି ପ୍ରମୁଖ ଉପସ୍ଥିତ ଥିଲେ। ଜାମ କୁଣ୍ଡା ହାଇସ୍କୁଲରେ ସ୍ୱାଧୀନତା ପ୍ରଧାନ ଶିକ୍ଷକ ହେମନ୍ତ କୁମାର ବିଶ୍ୱାଳ ଜାତୀୟ ପତାକା ଉତ୍ତୋଳନ କରିଥିଲେ। କଇନଗିରି ବିଜୟ ବାବୁ ଛକରେ ଡ. ସୁକାନ୍ତ କୁମାର ଗିରି ଜାତୀୟ ପତାକାକୁ ଉତ୍ତୋଳନ କରିଥିଲେ।

**ଭୋଗରାଇ :** ଭୋଗରାଇ ବ୍ଲକ ମନ୍ଦାରସାହି ପଞ୍ଚାୟତ ପକ୍ଷରୁ ପଞ୍ଚାୟତ ପରିସରରେ ୭୯ ତମ ସ୍ୱାଧିନତା ଦିବସ ଅନୁଷ୍ଠିତ ହୋଇଯାଇଛି। ସକାଳେ ସରପଞ୍ଚ ମମତା ସାହୁ ଉପସ୍ଥିତ ହୋଇ ଜାତୀୟ ପତକା ଉତ୍ତୋଳନ କରିଥିଲେ। ଅପରାହ୍ନରେ ସରପଞ୍ଚ ମମତା ସାହୁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ସଭାରେ ମୁଖ୍ୟଅତିଥି ଭୋଗରାଇ ବିଡ଼ିଓ ପ୍ରଶାନ୍ତ ମହାରଣା, ମୁଖ୍ୟବକ୍ତା ୩୩ ନମ୍ବର ଜୋନର ଜିଲ୍ଲା ପରିଷଦ ସଭ୍ୟ ସନ୍ତୋଷ କୁମାର ଜେନା, ସମ୍ମାନିତ ଅତିଥି ବ୍ଲକ ଏନଆରଜିଏସ୍ ଅଧିକାରୀ ଜଗବନ୍ଧୁ ବେହେରା, ବି ଏମ୍ ଷ୍ଟାଲିମ ମିଶ୍ର, ପ୍ରଶାନ୍ତ ପଣ୍ଡା ପ୍ରମୁଖ ଯୋଗଦେଇ ସ୍ୱାଧୀନତା ଦିବସ ସଂପର୍କରେ ଆଲୋଚନା କରିଥିଲେ। ଏହି ଅବସରରେ ପଞ୍ଚାୟତର ସମସ୍ତ ବିଦ୍ୟାଳୟକୁ ନେଇ ବିଭିନ୍ନ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା ବେଳେ ପ୍ରଥମ, ଦ୍ୱିତୀୟ ଓ ତୃତୀୟ ସ୍ଥାନ ଅଧିକାର କରିଥିବା ଛାତ୍ରଛାତ୍ରୀ ମାନଙ୍କୁ ଟ୍ରଫି ସହିତ ମାନପତ୍ର ପ୍ରଦାନ କରାଯାଇଥିଲା। ପଞ୍ଚାୟତରସ୍ୱୟଂ ସହାୟତା ଗୋଷ୍ଠୀର ମହିଳା ମାନଙ୍କ ଦ୍ୱାରା ଏକ ପିଠା ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ପଞ୍ଚାୟତ ନିର୍ବାହୀ ଅଧିକାରୀ ଖୁଦିରାମ ଟୁଡୁ, ଏଡିଓ ରମେଶ ଗିରି, ବଂଶୀଧର ସାହୁ, ରାକେଶ ତୋଳା, ଅତୁଲ ମହାନ୍ତି, ଶଙ୍କର ଜେନା, ଶଙ୍କର ଗିରି ପରିଚାଳନା କରିଥିଲେ। କାଳାହି ଆଞ୍ଚଳିକ ସାଧନ କେନ୍ଦ୍ରର ସଂଯୋଜକ ଗୈତମ କୁମାର ବେହେରା ମଞ୍ଚ ଆହ୍ୱାନ କରିବା ସହିତ ଅତିଥି ପରିଚୟ କରିଥିଲେ।

**ସୋର:** ସ୍ୱାମୀ ବିବେକାନନ୍ଦ ଯୁବକ ସଂଘ ପକ୍ଷରୁ ୭୯ ତମ ସ୍ୱାଧିନତା ଦିବସ ଯୁବକ ସଂଘର କ୍ଷୀରକୋଣୀସ୍ଥିତ କାର୍ଯ୍ୟାଳୟରେ ପାଳିତ ହୋଇଯାଇଛି। ଯୁବକ ସଂଘ ର ସଭାପତି କମଳ ଲୋଚନ ବାରିକ ପତାକା ଉତ୍ତୋଳନ କରିଥିଲେ। ସଂ ର କୋଷାଧ୍ୟକ୍ଷ ବିଶ୍ୱରଂଜନ ସାହୁ, ସ୍ଲୋଗାନ ଦାସ, ବିମ୍ବାଧର ବେହେରା, ଜିତେନ୍ଦ୍ର ବେହେରା ଉପସ୍ଥିତ ଥିଲେ।

**ସିମୁଳିଆ :** ପଞ୍ଚାୟତ ସମିତିରେ ଚେୟାରମ୍ୟାନ ବାବାଜୀ ଚରଣ ମଲ୍ଲିକ ପତକା ଉତ୍ତୋଳନ କରିଥିଲା ବେଳେ ତହସିଲ ଅଫିସରେ ଅତିରିକ୍ତ ତହସିଲଦାର, ଆର. ଡି ରେ ଏସ ଡି ଓ. ସଞ୍ଜୟ କୁମାର ସାହୁ, ସିମୁଳିଆ ଥାନାରେ ଆଇଆଇସି ଶ୍ରବଣ କୁମାର ମହାରଣା ଓ ଇରିଗେସନ ରେ ଏସଡିଓ ମନୋଜ କୁମାର ନାୟକ ପତାକା ଉତ୍ତୋଳନ କରିଥିଲେ।

**ଜଳେଶ୍ୱର ରୋଟାରୀ କ୍ଲବ :** ଆନ୍ତର୍ଜାତିକ ଅଗ୍ରଣୀ ସେଚ୍ଛାସେବୀ ସଂଗଠନ ଜଳେଶ୍ୱର ରୋଟାରୀ କ୍ଲବ ପକ୍ଷରୁ ୭୯ତମ ସ୍ୱାଧୀନତା ଦିବସ ପାଳିତ ହୋଇଛି। କ୍ଲବର ସଭାପତି ସୁବୀର କୁମାର ସେନାପତି ପତାକା ଉତ୍ତୋଳନ କରିଥିଲେ। ପ୍ରାକ୍ତନ ସଭାପତି ରୋ ପ୍ରଫୁଲ୍ଲ କୁମାର ଦାସ, ଆଇପିପି ଭାସ୍କର ରଜଂନ ସ୍ୱାଇଁ, ବିକାଶ କୁମାର ଧର, ପ୍ରବୀର କୁମାର ପ୍ରଧାନ, ସୁରେଶ କୁମାର ଦାସ, ସୁବ୍ରତ କୁମାର ରଣା, ଲକ୍ଷ୍ମୀଧର ହାଁସଦା, ଡଃ.ଦିପ୍ତିମୟୀ ମହାପାତ୍ର, ଅଶୋକ କୁମାର ମହାନ୍ତି, ଲେଲିନ କୁମାର ପ୍ରଧାନ, ନନ୍ଦନ କୁମାର ଦତ୍ତ, ରାଜେଶ କୁମାର ଖଟୁଆ ପ୍ରମୁଖ ଅଭିଭାଷଣ ରଖିଥିଲେ। ସଂପାଦକ ଅଂଶୁମାନ ରାଉତ ଧନ୍ୟବାଦ ଦେଇଥିଲେ।

**ସୋର :** ସୋର ବ୍ଲକର ବିଭିନ୍ନ ସ୍ଥାନରେ ୭୯ ତମ ସ୍ୱାଧୀନତା ଦିବସ ପାଳିତ ହୋଇଛି। ବ୍ଲକ ପରିସରରେ ବିଧାୟକ ମାଧବ ଧଡା ଜାତୀୟ ପତାକା ଉତ୍ତୋଳନ କରିଥିଲେ। ଏହି ସମୟରେ ବ୍ଲକ୍ ଅଧ୍ୟକ୍ଷା ଅନୁସୟା ମଲିକ, ବିଡ଼ିଓ ସତ୍ୟନାଥ ନାୟକ ଓ ବ୍ଲକ୍ କର୍ମଚାରୀ ମାନେ ଉପସ୍ଥିତ ଥିଲେ। ସେହିପରି ପୌର ପାଳିକା ପକ୍ଷରୁ ରାଧାନାଥ ପଡ଼ିଆ ପରିସରରେ ବ୍ଲକ ସ୍ତରୀୟ ୭୯ ତମ ସ୍ୱାଧୀନତା ଦିବସ ପାଳିତ ହୋଇଯାଇଛି। ଏହି ଉତ୍ସବ ରେ ମୁଖ୍ୟ ଅତିଥି ଭାବେ ଭାରପ୍ରାପ୍ତ ପୌରାଧ୍ୟକ୍ଷା ସସ୍ମିତା ଦାସ ଜାତୀୟ ପତାକା ଉତ୍ତୋଳନ କରିଥିଲେ। ସେହି ପରି ଭାବେ ସୋର ବ୍ଲକ ଓ ସୋର ପୌରପାଳିକାରେ ବିଭିନ୍ନ ବିଦ୍ୟାଳୟ ସରକାରୀ କାର୍ଯ୍ୟାଳୟରେ ସ୍ୱାଧୀନତା ଦିବସ ପାଳନ କରାଯାଇଛି।

**ଉତ୍ତରେଶ୍ୱର ଜାଭିୟର୍ସ ହାଇସ୍କୁଲ:** ସୋର ଉତ୍ତରେଶ୍ୱର ଜାଭିୟର୍ସ ହାଇସ୍କୁଲର ୭୯ତମ ସ୍ୱାଧୀନତା ଦିବସ ପାଳିତ ହୋଇଯାଇଛି। ବିଦ୍ୟାଳୟର ଚେୟାରମ୍ୟାନ ଇଂ ବନମାଳୀ ଦାସ ଜାତୀୟ ପତାକା ଉତ୍ତୋଳନ କରିଥିଲେ। ଏହାପରେ ଅଧ୍ୟକ୍ଷ ପ୍ରଶାନ୍ତ କୁମାର ନାୟକଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଭାରେ ମୁଖ୍ୟଅତିଥି ଭାବେ ଫେଡ଼ରାଲ ବ୍ୟାଙ୍କ ସୋର ଶାଖାର ପରିଚାଳକ ସୁଧାଂଶୁ ମୋହନ ଏବଂ ନଦୀଗାଁ ଶାଖା ପରିଚାଳକ ପ୍ରଣୟ ପଟ୍ଟନାୟକ ସମ୍ମାନିତ ଅତିଥି ଭାବେ ଯୋଗଦେଇଥିଲେ। ବିଦ୍ୟାଳୟର ନିର୍ଦ୍ଦେଶକ ଅଶୋକ କୁମାର ମହାନ୍ତି ସ୍ୱାଗତ ଭାଷଣ ଦେବା ସହିତ ଅତିଥି ପରିଚୟ ପ୍ରଦାନ କରିଥିଲେ। ଭୋଲ୍ଟାଜ କମ୍ପାନୀ ପ୍ରଦତ୍ତ ଏକ ଥଣ୍ଡା ପାନୀୟ ବ୍ୟବସ୍ଥାକୁ ଉଦ୍‌ଘାଟିତ କରାଯାଇଥିଲା। ବିଦ୍ୟାଳୟର ଉପାଧ୍ୟକ୍ଷ ପର୍ଶୁରାମ ବେହେରା ପରିଚାଳନା କରିଥିବା ବେହେଳ ଦୀପ୍ତିକାନ୍ତ ନାୟକ ଧନ୍ୟବାଦ ଅର୍ପଣ କରିଥିଲେ।

**ଚନ୍ଦନେଶ୍ୱର:** ଚନ୍ଦନେଶ୍ୱର ବସଷ୍ଟାଣ୍ଡ ଠାରେ ହୁଗୁଳି ଗ୍ରାମପଞ୍ଚାୟତ ତରଫରୁ ବିଭିନ୍ନ ବିଦ୍ୟାଳୟର ଛାତ୍ରଛାତ୍ରୀ ମାନଙ୍କ ମଧ୍ୟରେ ପରେଡ଼ ପ୍ରତିଯୋଗିତା ଓ ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା । ହୁଗୁଳି ଗ୍ରାମପଞ୍ଚାୟତ ର ପୂର୍ବତନ ସରପଞ୍ଚ ତଥା ମୌରସି ତପନ ପଣ୍ଡାଙ୍କ ପୌରହିତ୍ୟରେ ଆୟୋଜିତ ପୁରସ୍କାର ବିତରଣି ସଭାରେ ଭୋଗରାଇ ବିଧାୟକ ଗୌତମ ବୁଦ୍ଧ ଦାସ ଯୋଗଦେଇ ସ୍ୱାଧୀନତାର ସୁରକ୍ଷା ପାଇଁ ଛାତ୍ରଛାତ୍ରୀ ମାନଙ୍କୁ ଜାଗ୍ରତ ହେବାକୁ ଆହ୍ୱାନ କରିଥିଲେ। ମୁଖ୍ୟବକ୍ତା ଭାବେ ଭୋଗରାଇ ବ୍ଲକ ଅଧ୍ୟକ୍ଷ ପ୍ରବୀର କୁମାର ଗିରି, ଇଂ ଅଭିଜିତ ଦାସ, ସନ୍ତୋଷ କୁମାର ଜେନା, ଗୋଛିଦାତେଘରୀ ପୂର୍ବତନ ସରପଞ୍ଚ ନଗେନ୍ଦ୍ରନାଥ ପାତ୍ର, ଅଂଶୁମାନ ମହାନ୍ତି, ପୂର୍ବତନ ବ୍ଲକ ଅଧ୍ୟକ୍ଷ ଗଣପତି ଗିରି, ସମିତି ସଭ୍ୟ ଗୋବିନ୍ଦ ଦାସ ବକ୍ତବ୍ୟ ପ୍ରଦାନ କରିଥିଲେ । ସେହିଭଳି ଚନ୍ଦନେଶ୍ୱର ଉପ ଡାକଘର, ଚନ୍ଦନେଶ୍ୱର ବିଜେପି ମଣ୍ଡଳ କାର୍ଯ୍ୟାଳୟ, ଚନ୍ଦନେଶ୍ୱର ଜିପିଏଲଏଫ କାର୍ଯ୍ୟାଳୟ, ବିଭିନ୍ନ ଅନୁଷ୍ଠାନ ଓ ବିଦ୍ୟାଳୟ ମାନଙ୍କରେ ସ୍ୱାଧୀନତା ଦିବସ ପାଳନ କରାଯାଇଥିଲା।

**କାନ୍ଥଭଉଁରୀ ପଞ୍ଚାୟତ:** ଭୋଗରାଇ ବ୍ଲକ କାନ୍ଠଥଭଉଁରୀ ପଞ୍ଚାୟତ ପକ୍ଷରୁ ୭୯ ତମ ସ୍ୱାଧୀନତା ଦିବସ ପାଳିତ ହୋଇଯାଇଛି। ଆୟୋଜିତ ପୁରସ୍କାର ବିତରଣୀ ସଭାକୁ ସରପଞ୍ଚଙ୍କ ପ୍ରତିନିଧି ଶ୍ରୀହରି ଜେନା ସଂଚାଳନ କରିଥିବାବେଳେ ମୁଖ୍ୟଅତିଥି ଭାବେ ଭୋଗରାଇ ବିଧାୟକ ଗୌତମବୁଦ୍ଧ ଦାସ, ମୁଖ୍ୟ ବକ୍ତା ଭାବେ ବ୍ଲକ ଅଧ୍ୟକ୍ଷ ପ୍ରବୀର କୁମାର ଗିରି ବକ୍ତବ୍ୟ ଦେଇଥିଲେ । ସମିତି ସଭ୍ୟ ପ୍ରଦୀପ ଦାସ, କାନ୍ଥଭଉଁରୀ ଅନାଦି ଏକାଡେମୀର ପ୍ରଧାନ ଶିକ୍ଷକ ଅତନୁ୍ୟ କୁମାର ହୋତା, ପ୍ରଧାନ ଶିକ୍ଷକ ଭୁବନ ଚନ୍ଦ୍ର ବେହେରା, ଶ୍ରଦ୍ଧାପୁର ସେବା ସମବାୟ ସମିତିର ସଭାପତି ଗୁଣାକର ମାଝୀ, ସରିତ ସ୍ୱପନ ପଣ୍ଡା, ମିହିର କୁମାର ପଣ୍ଡା, ଶ୍ରଦ୍ଧାପୁର ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ରର ଡାକ୍ତର ଜ୍ୟୋତିପ୍ରକାଶ ସାହୁ ପ୍ରମୁଖ ଉପସ୍ଥିତ ଥିଲେ।

**ଲାୟନ୍ସ କ୍ଲବ ଏମ୍‌ପାୱାର :** ଲାୟନ୍ସ କ୍ଲବ ଏମପାୱାର ପକ୍ଷରୁ ୭୯ତମ ସ୍ୱାଧୀନତା ଦିବସ ପାଳିତ ହୋଇଯାଇଛି। ପୌରପାଳିକାର ୫ ନମ୍ବର ୱାର୍ଡ ଅଧିନ ଅଙ୍ଗନବାଡି କେନ୍ଦ୍ରରେ କ୍ଲବର ସଭାପତି ରିତିକ ଜି ଜାତୀୟ ପତାକା ଉତ୍ତୋଳନ କରିଥିଲେ। କାଉନସିଲର ମିତା ପଟ୍ଟନାୟକ, ମିତା ମାନ୍ନା, ସେଖ ଆୟୁବ ଶିବୁ, ଧୀରେନ ନାୟକ, ବିଶ୍ୱରୂପ ପରିଡ଼ା ପ୍ରମୁଖ ଉପସ୍ଥିତ ରହି ଛାତ୍ରଛାତ୍ରୀଙ୍କୁ ଚକୋଲେଟ ପ୍ରଦାନ କରିଥିଲେ।

**ବାଲିଆପାଳ:** ବାଲିଆପାଳ ବ୍ଲକ ପରିସରରେ ଅନୁଷ୍ଠିତ ସ୍ୱାଧୀନତା ଦିବସରେ ବ୍ଲକ ଅଧ୍ୟକ୍ଷା ରଞ୍ଜିତା ନାୟକ ପତାକା ଉତ୍ତୋଳନ କରିଥିଲେ। ଉତ୍ସବରେ ବିଡିଓ ରାଧାରଞ୍ଜନ ଦାସ, ଉପାଧ୍ୟକ୍ଷ ରାଜେଶ ଚୌଧୁରୀ ସମେତ ବ୍ଲକର ସମସ୍ତ କର୍ମଚାରୀମାନେ ଉପସ୍ଥିତ ଥିଲୋ। ତହସିଲ କାର୍ଯ୍ୟାଳୟରେ ତହସିଲଦାର ଜ୍ୟୋତ୍ସ୍ନାରାଣୀ ନାୟକ,ବାଲିଆପାଳ ଗୋଷ୍ଠୀ ଶିକ୍ଷା ଅଧିକାରୀଙ୍କ କାର୍ଯ୍ୟାଳୟ ପରିସରରେ ବିଇଓ ସତ୍ୟରଞ୍ଜନ ଭୁୟାଁ ପତାକା ଉତୋଳନ କରିଥିଲେ। ବାଲିଆପାଳ ଥାନା ପରିସରରେ ଥାନାଅଧିକାରୀ ଗୋବିନ୍ଦ ବେହେରା,ସୁବର୍ଣ୍ଣରେଖା ଯୁବକ୍ରୀଡା ସଂସଦ ପରିସରରେ ସଂସଦର ସଭାପତି ଡ.ସନ୍ତୋଷ କୁମାର ଦାସ ପତକା ଉତ୍ତୋଳନ କରି ଉଦବୋଧନ ଦେଇଥିଲେ। ସେହିପରି ସୁବର୍ଣ୍ଣରେଖା ସରକାରୀ ଉଚ୍ଚ ବିଦ୍ୟାଳୟରେ ପ୍ରଧାନ ଶିକ୍ଷକ ସଂଜୟ କୁମାର ଜେନା, ଉଦୟନାରାୟଣ ଉଚ୍ଚବିଦ୍ୟାଳୟ ପରିସରରେ ପରିଚାଳନା କମିଟି ସଭାପତି ମୁରଲୀ ମୋହନ ସାହୁ, ସୁନାରୁଇ ଗଦାଧର ଗିରି ସରକାରୀ ଉଚ୍ଚ ବିଦ୍ୟାଳୟରେ ପ୍ରଧାନ ଶିକ୍ଷୟିତ୍ରୀ ଅନ୍ନପୂର୍ଣ୍ଣା ପ୍ରଧାନ, ଡାଙ୍ଗରପଦା ନୋଡାଲ ଉଚ୍ଚ ବିଦ୍ୟାଳୟରେ ପ୍ରଧାନ ଶିକ୍ଷକ ସମରଞ୍ଜନ ଜେନା, ସୁବର୍ଣ୍ଣରେଖା ମହାବିଦ୍ୟାଳୟରେ ଅଧ୍ୟକ୍ଷ ଗୌରାଙ୍ଗ ରାଉତ, ବାଲିବିଲ ବାଲିଚତରଠାରେ ଭିଟାମାଟି ସୁରକ୍ଷା କମିଟିର ଆବାହକ ଅରୁଣ ଜେନା, ଦେଉଳା ଫଚାୟତ କାର୍ଯ୍ୟାଳୟରେ ସରଫଚ ସରୋଜ ପିଳା, ବଳରାମପୁର ପଞ୍ଚାୟତ କାର୍ଯ୍ୟାଳୟରେ ସରପଞ୍ଚ ଅରୁଣ କୁମାର ପାଣିଗ୍ରାହୀ, ସୁନାରୁଇ ଗ୍ରାମ କମିଟି ପକ୍ଷରୁ ଅନୁଷ୍ଠିତ କାର୍ଯକ୍ରମରେ ଶିକ୍ଷାବିତ୍ ମହେଶ୍ୱର ସେଠୀ ପତାକା ଉତତୋଳନ କରିଥିଲେ।

**ଲଙ୍ଗଳେଶ୍ୱର ପ୍ରେସ୍ କ୍ଲବ :** ବାଲିଆପାଳ ବ୍ଲକ ଅନ୍ତର୍ଗତ ଲଙ୍ଗଳେଶ୍ୱର କାଳିଝାଟି ପଡିଆରେ ଲଙ୍ଗଳେଶ୍ୱର ପ୍ରେସକ୍ଲବ ଆନୁକୂଲ୍ୟରେ ୭୯ ତମ ସ୍ୱାଧୀନତା ଦିବସ ଶୁକ୍ରବାର ପାଳିତ ହୋଇଯାଇଛି। ବସ୍ତା ବିଧାୟିକା ସୁବାସିନୀ ଜେନା ମୁଖ୍ୟଅତିଥି ଭାବରେ ଯୋଗଦେଇ ଜାତୀୟ ପତାକା ଉତ୍ତୋଳନ କରିବା ସହ ଛାତ୍ର ଛାତ୍ରୀମାନଙ୍କୁ ଉଦବୋଧନ ଦେଇଥିଲେ।

**ରାଜଘାଟ:** ବସ୍ତା ବ୍ଲକର ବିଭିନ୍ନ ସରକାରୀ ଓ ବେସରକାରୀ ଅନୁଷ୍ଠାନରେ ୭୯ ତମ ସ୍ୱାଧିନତା ଦିବସ ପାଳିତ ହୋଇଯାଇଛି। ନରଣପୁର ଗ୍ରାମ ଠାରେ ପୂର୍ବତନ ମନ୍ତ୍ରୀ ରଘୁନାଥ ମହାନ୍ତି ମୁଖ୍ୟଅତିଥି ଭାବେ ଯୋଗଦେଇ ଜାତୀୟ ପତାକା ଉତ୍ତୋଳନ କରିଥିଲେ।ସେହିପରି ସଦାନନ୍ଦପୁର ପଞ୍ଚାୟତ କାର୍ଯ୍ୟାଳୟରେ ବସ୍ତା ବିଧାୟିକା ସୁବାସିନୀ ଜେନା, ବସ୍ତା ଥାନରେ ଆଇ.ଆଇ.ସି ରଞ୍ଜିତ କୁମାର ସାହୁ, ଅମର୍ଦାରୋଡ ଫାଣ୍ଡିରେ ଏସ ଆଇ ବିଜୟ କୁମାର ବାରିକ, ସିଦ୍ଧେଶ୍ୱର ମହାବିଦ୍ୟାଳୟରେ ଅଧ୍ୟକ୍ଷ ଡ. ବେଣୁଧର ବେହେରା, ସିଦ୍ଧେଶ୍ୱର ଉଚ୍ଚ ବିଦ୍ୟାଳୟରେ ରାଜେଶ କୁମାର ସେଠୀ, ଅମର୍ଦ୍ଦା ଏଞ୍ଜେଲ ଟ୍ୟୁଟରିଆଲରେ କବି ପୂର୍ଣ୍ଣ ଚନ୍ଦ୍ର ମହାଲିକ, ନଟାକଟା ପଞ୍ଚାୟତରେ ଯୁଗ୍ମ ଭାବେ ସରପଞ୍ଚ ବନ୍ଦନା ସେଠୀ ଓ ସମବାୟ ସମିତିର ସଭାପତି ଦୀପକ କୁମାର ସାହୁ,କୁଳିଦା ପଞ୍ଚାୟତ କାର୍ଯ୍ୟାଳୟରେ ସରପଞ୍ଚ ଅନ୍ନପୂର୍ଣ୍ଣା ସେନାପତି, ଭେଲୋରା ଓଡ଼ିଶା ଆଦର୍ଶ ବିଦ୍ୟାଳୟରେ ପ୍ରାକ୍ତନ ଶିକ୍ଷକ ଅରବିନ୍ଦ ଦାସ ମହାପାତ୍ର, ଭେଲୋରା ପଞ୍ଚାୟତ କାର୍ଯ୍ୟାଳୟରେ ସରପଞ୍ଚ ଦୁର୍ଗାରାଣୀ ଜେନା, ସନ୍ତୋଷପୁର ପଞ୍ଚାୟତ କାର୍ଯ୍ୟାଳରେ ସରପଞ୍ଚ ସଂଗ୍ରାମ କୁମାର ଦାସ ମହାପାତ୍ର, କୁଳିଦା ଜନସେବା କେନ୍ଦ୍ରରେ ଅବସରପ୍ରାପ୍ତ ପ୍ରଧାନ ଶିକ୍ଷକ ରବିନ୍ଦ୍ର ନାଥ ମହାନ୍ତି, ଭେଲୋରା ଖଇରେଶ୍ୱର ଯୁବ ସଂଗଠନ ରେ ଗୌରାଙ୍ଗ ପ୍ରଧାନ, କରୁଆ ପଞ୍ଚାୟତ କାର୍ଯ୍ୟାଳୟରେ ସରପଞ୍ଚ ଜୟନ୍ତ କୁମାର ରଣା, କରୁଆ ପଞ୍ଚାୟତର କୈବଲ୍ୟ କ୍ଷେତ୍ର ଟ୍ରଷ୍ଟରେ ଜଗନ୍ନାଥ ବ୍ରହ୍ମଚାରି,ରଘୁନାଥପୁର ଗ୍ରାମ ପଞ୍ଚାୟତର ମଧୁପୁରା ଗ୍ରାମର ଉଦୀୟମାନ ଯୁବକମାନଙ୍କ ଦ୍ୱାରା ଗଢିଉଠିଥିବା ଡାଇନାମିକ ବୟେଜ୍ କ୍ଲବ ଆନୁକୂଲ୍ୟରେ ଉପେନ୍ଦ୍ର ନାଥ ନୋଡାଲ ପ୍ରାଥମିକ ବିଦ୍ୟାଳୟର ଭାରପ୍ରାପ୍ତ ପ୍ରଧାନଶିକ୍ଷକ ତଥା ଆଦର୍ଶ ଶିକ୍ଷକ ଡକ୍ଟର ଚିନ୍ମୟ କୁମାର ନନ୍ଦ, ଗୁଡିଖାଳ ରାଜସ୍ୱ ନିରୀକ୍ଷୀକ ଙ୍କ କାର୍ଯ୍ୟାଳୟ ରେ ରାଜସ୍ୱ ନିରୀକ୍ଷକ ମନୋଜ ସେଠି ଯୋଗ ଦେଇ ପତାକା ଉତ୍ତାଳନ କରିଥିଲେ।

**ଆପଣ ଏକା ନୁହଁନ୍ତି ଟ୍ରଷ୍ଟ:** ସିମୁଳିଆ ବ୍ଲକ "ଆପଣ ଏକା ନୁହଁନ୍ତି ଟ୍ରଷ୍ଟ" ପକ୍ଷରୁ ସ୍ୱାଧୀନତା ଦିବସ ପାଳିତ ହୋଇଯାଇଛି। ମୁଖ୍ୟ ଅତିଥି ଭାବେ ସିମୁଳିଆ ବ୍ଲକ ଶିକ୍ଷା ଅଧିକାରୀ ଅଜୟ କୁମାର ପଣ୍ଡା ପତାକା ଉତ୍ତୋଳନ କରିଥିଲେ। ପରେ ସିମୁଳିଆ ମହାବିଦ୍ୟାଳୟର ଛାତ୍ର ଛାତ୍ରୀ ଓ ମାର୍କୋଣା ବାଳିକା ବିଦ୍ୟାଳୟର ଛାତ୍ରଛାତ୍ରୀ ସାମିଲ ହୋଇ ଦେଶାତ୍ମବୋଧକ ସଙ୍ଗୀତ ପରିବେଷଣ କରାଯାଇଥିଲା। ଟ୍ରଷ୍ଟର ପ୍ରତିଷ୍ଠାତା/ସଭାପତି ଅଜୟ କୁମାର ମହାନ୍ତିଙ୍କ ଅଧ୍ୟକ୍ଷତାରେ ସମ୍ପାଦକ ସୁଶାନ୍ତ ବେହେରା, କୋଷାଧ୍ୟକ୍ଷ ଗୋପମଣି ପଣ୍ଡା, ବରିଷ୍ଠ ଉପଦେଷ୍ଟ ଗଦାଧର ଜେନା, ଶିବାନନ୍ଦ ପାଢୀଙ୍କ ତତ୍ତ୍ୱାବଧାନରେ ସମସ୍ତ ସଦସ୍ୟ ମାନଙ୍କ ଦ୍ୱାରା ସ୍ୱଚ୍ଛ ଭାରତ ଅଭିଯାନରେ ସିମୁଳିଆ ମହାବିଦ୍ୟାଳୟ ପରିସରରେ ସହିଦ୍ ଯବାନଙ୍କ ସ୍ମୃତି ଅବସରରେ ବୃକ୍ଷରୋପଣ ଓ ସିମୁଳିଆ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ରୋଗୀଙ୍କୁ ଫଳ ବଣ୍ଟନ କରାଯାଇଥିଲା।





## ଜିଲ୍ଲାସ୍ତରୀୟ ୭୯ତମ ସ୍ୱାଧୀନତା ଦିବସ ପାଳିତ

# ସ୍ୱାଧୀନତା ସଂଗ୍ରାମରେ ବାଲେଶ୍ୱରର ଇତିହାସ ଗୌରବମୟ





ବାଲେଶ୍ୱର,୧୬।୮ (ସମିସ)

ବାଲେଶ୍ୱର ଜିଲ୍ଲାରେ ୭୯ତମ ସ୍ୱାଧୀନତା ଦିବସ ପାଳିତ ହୋଇଯାଇଛି। ଏହି ଅବସରରେ ମୁଖ୍ୟଅତିଥି ଭାବେ ଜିଲ୍ଲାପାଳ ସୂର୍ଯ୍ୟବଂଶୀ ମୟୂର ବିକାଶ ଯୋଗଦେଇ ପତାକା ଉତ୍ତୋଳନ କରିବା ସହ ସମବେତ ପରେଡରେ ଅଭିବାଦନ ଗ୍ରହଣ କରିଥିଲେ। ଏହି ଅବସରରେ ଜିଲ୍ଲପାଳ ଶ୍ରୀ ବିକାଶ ସ୍ୱାଧୀନତା ସଂଗ୍ରାମରେ ବାଲେଶ୍ୱରର ଗୌରବମୟ ଇତିହାସକୁ ସ୍ମରଣ କରି କହିଥିଲେ ଯେ, ଇଞ୍ଚୁଡିର ଲବଣ ସତ୍ୟାଗ୍ରହ, ଇରମର ରକ୍ତଭିଜା ବଳିଦାନ ହେଉ କିମ୍ବା ବାଘାଯତୀନଙ୍କ ବିପ୍ଲବୀ ସଂଘର୍ଷ, ଫକୀର ମୋହନଙ୍କ ସାହିତ୍ୟ, ରାଧାନାଥଙ୍କ ଜାତୀୟବାଦୀ କବିତା ଏବଂ କୁନ୍ତଳା କୁମାରୀ ସାବତଙ୍କ ଆହ୍ୱାନ ଓ ଗଡଜାତ କୃଷକ ଆଦିକୁ ସ୍ମରଣ କରିଥିଲେ। ଏହାଛଡା ଜିଲ୍ଲାରେ ରାସ୍ତା,ପାଣି,ବିଦ୍ୟୁତ,ସ୍ୱାସ୍ଥ୍ୟ ଓ ଶିକ୍ଷା କ୍ଷେତ୍ରରେ ହୋଇଥିବା ଅଗ୍ରଗତି ସାଙ୍ଗକୁ ତାଳସାରି ଓ ଉଦୟପୁରର ଉନ୍ନତିକରଣ ଆଦି ବିକାଶମୂଳକ କାର୍ଯ୍ୟ ଉପରେ ଉଲ୍ଲେଖ କରିଥିଲେ। ଏହାଛଡା କୋଷ୍ଟ କେନାଲର ପୁନରୁଦ୍ଧାର, ଉନ୍ନତ ଟେକ୍ନୋଲୋଜି ଏବଂ ଶିଳ୍ପ ପ୍ରତିଷ୍ଠାନ ପାଇଁ ପ୍ରଶାସନିକ ସହଳତା ଉପରେ ଆଲୋକପାତ କରିଥିଲେ। ଶିକ୍ଷା ଓ କ୍ରୀଡ଼ା କ୍ଷେତ୍ରରେ ବାଲେଶ୍ୱରର ଝିଅ ପ୍ରଜ୍ଞା ପ୍ରଶାନ୍ତି ସାହୁଙ୍କ ବିଶ୍ୱସ୍ତରୀୟ ସଫଳତାକୁ ପ୍ରଶଂସା କରିଥିଲେ। ଏହି କାର୍ଯ୍ୟକ୍ରମରେ ୪୯ଟି ଦଳ ମାର୍ଚ୍ଚ ପାଷ୍ଟରେ ଭାଗ ନେଇଥିବା ବେଳେ ଜିଲ୍ଲା ଜରୁରୀକାଳୀନ କାର୍ଯ୍ୟାଳୟ ଏବଂ ଜିଲ୍ଲା ଜନସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ପ୍ରଜ୍ଞାନ ମେଢ଼ ପ୍ରଦର୍ଶିତ ହୋଇଥିଲା ଯାହା ବଜ୍ରପାତ ସମ୍ପର୍କରେ ସଚେତନତା ସୃଷ୍ଟି କରିଥିଲା। ପରେ ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମ ଓ ପାରମ୍ପରିକ ଯୁଦ୍ଧ ନୃତ୍ୟ ପ୍ରଦର୍ଶନ କରାଯାଇଥିଲା। ଏହା ପରେ ଜିଲ୍ଲା ପ୍ରଶାସନ ପକ୍ଷରୁ୧୧ଜଣ ବିଶିଷ୍ଟ ବ୍ୟକ୍ତିଙ୍କୁ ଉଲ୍ଲେଖନୀୟ ଅବଦାନ ପାଇଁ ସମ୍ମାନିତ କରାଯାଇଥିଲା। ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଅନୁଷ୍ଠିତ ରକ୍ତଦାନ ଶିବିରରେ ଯୋଗ ଦେବା ସହ ରୋଗୀମାନଙ୍କୁ ଫଳ ବଣ୍ଟନ କରିଥିଲେ। ଏହି ଅବସରରେ ଜିଲ୍ଲା କାରାଗାର ପରିସରରେ ବନ୍ଦୀମାନଙ୍କୁ ମିଠା ବଣ୍ଟନ କରାଯାଇଥିଲା। ବାଲେଶ୍ୱର ଆର୍ଟ ଓ କ୍ରାଫ୍ଟ କଲେଜରେ କଳା ପ୍ରଦର୍ଶନୀ ପରିଦର୍ଶନ ମଧ କରାଯାଇଥିଲା। ଅପରାହ୍ନରେ ପରମିଟ ଗ୍ରାଉଣ୍ଡରେ ଜିଲ୍ଲା ପ୍ରଶାସନ ଏକାଦଶ ଓ ମିଡିଆ ଏକାଦଶ ମଧ୍ୟରେ ଏକ ବନ୍ଧୁତ୍ୱପୂର୍ଣ୍ଣ କ୍ରିକେଟ ମ୍ୟାଚ ଅନୁଷ୍ଠିତ ହୋଇଥିଲା। ମହିଳାମାନଙ୍କ ମଧ୍ୟରେ ମ୍ୟୁଜିକାଲ ଚେୟାର ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ସନ୍ଧ୍ୟାରେ ଗାନ୍ଧୀ ସ୍ମୃତି ଭବନରେ ସାଂସ୍କୃତିକ କାର୍ଯ୍ୟକ୍ରମ ଓ ପୁରସ୍କାର ବିତରଣ ଉତ୍ସବ ଅନୁଷ୍ଠିତ ହୋଇଥିଲା ଏହି ସମସ୍ତ କାର୍ଯ୍ୟକ୍ରମର ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ପ୍ରିୟଦର୍ଶୀ ରାଜେଶ ପରିଚାଳନା କରିଥିଲେ।

**ଅବସରପ୍ରାପ୍ତ ରାଜ୍ୟ ସରକାରୀ କର୍ମଚାରୀ ସଂଘ:** ବାଲେଶ୍ୱର ରାଜ୍ୟ ସରକାରୀ କର୍ମଚାରୀ ସଂଘ କାର୍ଯ୍ୟାଳୟ ପରିସରରେ ୭୯ତମ ସ୍ୱାଧୀନତା ଦିବସ ପାଳିତ ହୋଇଯାଇଛି। ସଂଘର ସଭାପତି ଇଂ. ବନମାଳୀ ନାୟକ ପତାକା ଉତୋଳନ କରିଥିଲେ। ଇତିହାସ ବିଭାଗ ପ୍ରାଧ୍ୟାପକ ଗୌରାଙ୍ଗ ଚରଣପାତ୍ର ଓ ପ୍ରାକ୍ତନ ରାଜନୀତି ବିଜ୍ଞାନ ପ୍ରାଧ୍ୟାପକ ଭାଗବତ ଦଳାଇ,କାର୍ଯ୍ୟକାରୀ ସଭାପତି ଇଂ.ଗୌରାଙ୍ଗ ସାହୁ,ଉପାଧ୍ୟକ୍ଷ ସୁଦର୍ଶନ ଦାସ,ଉପାଧ୍ୟକ୍ଷ ଦେବେନ୍ଦ୍ରନାଥ ଚୌଧୁରୀ, ଉପାଧ୍ୟକ୍ଷା ବାସନ୍ତୀ ପାଣି,ସଙ୍ଗଠନ ସମ୍ପାଦକ ସଞ୍ଜୟ ପଣ୍ଡା,ସଞ୍ଜୟ କୁମାର ପଣ୍ଡା(ଖ) ଉପସ୍ଥିତ ଥିଲେ।

**ଜିଲ୍ଲା କଂଗ୍ରେସ:** ବାଲେଶ୍ୱରସ୍ଥିତ କଂଗ୍ରେସ କାର୍ଯ୍ୟାଳୟରେ ୭୯ତମ ସ୍ୱାଧୀନତା ଦିବସ ପାଳିତ ହୋଇ ଯାଇଛି । ଜିଲ୍ଲା କଂଗ୍ରେସ ସଂଯୋଜକ ସଂଜୀବ ଗିରି ପତାକା ଉତ୍ତୋଳନ କରିବା ସହ କଂଗ୍ରେସର କଷ୍ଟଲବ୍ଧ ସ୍ୱାଧୀନତା ସଂଗ୍ରାମରେ ଭୂମିକା ବିଷୟରେ ଆଲୋକପାତ କରିଥିଲେ। ବରିଷ୍ଠ କାଉନସିଲର ପଦ୍ମଲୋଚନ ଲେଙ୍କାଙ୍କ ଦ୍ୱାରା ଆୟୋଜିତ ଏହି କାର୍ଯ୍ୟକ୍ରମରେ ନାରୀ ନେତ୍ରୀ ଅର୍ଚ୍ଚନା ନନ୍ଦୀ, ଜିଲ୍ଲା ଉପସଭାପତି ଗୋପୀନାଥ ପାଢ଼ୀ, ଯୁବ ନେତା ସରୋଜ ଲେଙ୍କା, କୃଷ୍ଣ ଗୋପାଳ ପଣ୍ଡା, ଜ୍ଞାନେନ୍ଦ୍ର ମହାନ୍ତି,ଦେବଦତ୍ତ ଦାସ, ଉର୍ମିଳା ମାଝୀ, ହେମଲତା ଦାସ ଓ ବାସନ୍ତୀ ନାୟକ ପ୍ରମୁଖ ଅଂଶଗ୍ରହଣ କରିଥିଲେ।

**ବ୍ୟାସକବି ସାଂସ୍କୃତିକ ଅନୁଷ୍ଠାନ :** ବ୍ୟାସକବି ସାଂସ୍କୃତିକ ଅନୁଷ୍ଠାନ ପକ୍ଷରୁ ସ୍ୱାଧୀନତା ଦିବସ ହଳଦୀପଦା ଠାରେ ପାଳିତ ହୋଇଯାଇଛି। ଏଥିରେ ସରସ୍ୱତୀ ଶିଶୁ ମନ୍ଦିରର ଛାତ୍ରଛାତ୍ରୀ ଯୋଗଦେଇଥିଲେ। ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିରର ପ୍ରଧାନ ଆଚାର୍ଯ୍ୟା ସାଗରିକା ଜେନା ଏଥିରେ ମୁଖ୍ୟ ଅତିଥି ଭାବେ ଯୋଗଦେଇ ପତାକା ଉତୋଳନ କରିଥିଲେ।

**ଖବରକାଗଜ ବିତରକ ସଂଘ:** ବାଲେଶ୍ୱର ଖବରକାଗଜ ବିତରକ ସଂଘ ପକ୍ଷରୁ ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ ପରିସରରେ ୭୯ତମ ସ୍ୱାଧିନତା ଦିବସ ପାଳିତ ହୋଇଯାଇଛି। ଏଥିରେ ମୁଖ୍ୟଅତିଥି ଭାବେ ସଦର ବିଧାୟକ ମାନସ କୁମାର ଦତ୍ତ ପତାକା ଉତ୍ତୋଳନ କରିଥିଲେ। ଖବରକାଗଜ ବିତରକ ସଂଘର ସଭାପତି କୁନା ସ୍ୱାଇଁଙ୍କ ସମେତ ସାମ୍ବାଦିକ ଦେବବ୍ରତ ପାଣିଗ୍ରାହୀ, ସଂଘର କର୍ମକର୍ତ୍ତା ଯୋଗେନ୍ଦ୍ର ତପସ୍ୱୀ, ଅନିରୁଦ୍ଧ ଲେଙ୍କା, ଅଭୟ ପ୍ରଧାନ, ଗୌରଗୋପାଳ ଦାସ, ରତିକାନ୍ତ ରାଉତ, ହରିଆ ସେନ ପ୍ରମୁଖଙ୍କ ସହ ସମସ୍ତ ଖବରକାଗଜ ବିତରକ ବନ୍ଧୁମାନେ ଉପସ୍ଥିତ ଥିଲେ।

**ପ୍ରେସ କ୍ଲବ:** ବାଲେଶ୍ୱର ପ୍ରେସକ୍ଲବ ପକ୍ଷରୁ ସ୍ୱାଧୀନତା ଦିବସ ପାଳିତ ହୋଇଯାଇଛି। କ୍ଲବର ସଭାପତି ବିପ୍ଳବ ମହାନ୍ତି ଜାତୀୟ ପତାକା ଉତ୍ତୋଳନ କରିଥିବା ବେଳେ ସମ୍ପାଦକ ରଞ୍ଜନ ବାଗ ଏହାକୁ ପରିଚାଳନା କରିଥିଲେ। ସାମ୍ବାଦିକ ରାଜକିଶୋର ବେହେରା, ରତିକାନ୍ତ ପାତ୍ର, ଲାଭା ପାଣ୍ଡେ, ଅଧୀପ ଜେନା, ପ୍ରସନଜିତ ଆଶ, ରମଣୀ ରଞ୍ଜନ ଦାସ, ହାଇଦର ଖାଁ, ମୃତ୍ୟୁଞ୍ଜୟ ପଟ୍ଟନାୟକ, ଗୋବିନ୍ଦ ରାଠୀ, ସପନ ବିଶ୍ୱାଳ, ହିମାଂଶୁ ଦାସ ପ୍ରମୁଖ ଉପସ୍ଥିତ ଥିଲେ। କରୁଣାକର ସାହୁ ଧନ୍ୟବାଦ ଦେଇଥିଲେ।

**ଓୟୁଜେ:** ଓୟୁଜେର ବାଲେଶ୍ୱର ଜିଲ୍ଲା ଶାଖା ପକ୍ଷରୁ ସ୍ୱାଧିନତା ଦିବସ ପାଳିତ ହୋଇଯାଇଛି। ଅବସରପ୍ରାପ୍ତ ବ୍ୟାଙ୍କ କର୍ମଚାରୀ ସଞ୍ଜୟ କୁମାର ଶତପଥି ପତାକା ଉତ୍ତୋଳନ କରିଥିଲେ। ୟୁନିୟନର ସଭାପତି ଗଙ୍ଗାଧର ରାଉତ ଉପସ୍ଥିତ ଥିଲେ।
















**ଫକୀରମୋହନ ବିଶ୍ୱବିଦ୍ୟାଳୟ:** ଫକୀରମୋହନ ବିଶ୍ୱବିଦ୍ୟାଳୟ କୁଳପତି ପ୍ରଫେସର ସନ୍ତୋଷ ତ୍ରିପାଠୀଙ୍କ ଅଧ୍ୟକ୍ଷତାରେ ପାଳିତ ସ୍ୱାଧୀନତା ଦିବସରେ କୁଳସଚିବ କୁକୁମୀନା ଦାସ, ସ୍ନାତକୋତ୍ତର ପରିଷଦ ଅଧ୍ୟକ୍ଷ ପ୍ରଫେସର ଭାସ୍କର ବେହେରା, ବିଭିନ୍ନ ବିଭାଗର ଅଧ୍ୟାପକ-ଅଧ୍ୟାପିକା, ଅଣଶିକ୍ଷକ କର୍ମଚାରୀ ଓ ଛାତ୍ରଛାତ୍ରୀ ଉପସ୍ଥିତ ଥିଲେ। କୁଳପତିଙ୍କ ଦ୍ୱାରା ଜାତୀୟ ପତାକା ଉତ୍ତୋଳନ ହୋଇଥିଲା।

**ଜିଲ୍ଲା କ୍ରୀଡ଼ା ସଂଘ :** ଜିଲ୍ଲା କ୍ରୀଡା ସଂଘ ପକ୍ଷରୁ ସ୍ୱାଧୀନତା ଦିବସ ପରମିଟ ପଡିଆ ଠାରେ ପାଳନ କରାଯାଇଛି। ବରିଷ୍ଠ ସଭ୍ୟ ସୁକାନ୍ତ ନାୟକ ପତାକା ଉତ୍ତୋଳନ କରିଥିଲେ। ଉପସଭାପତି ଜଗଦିଶ ବେହେରା, ଯୁଗ୍ମ ସମ୍ପାଦକ ବିରେନ୍ଦ୍ର କୁମାର ସ୍ୱାଇଁ, କାର୍ତ୍ତିକ ଚନ୍ଦ୍ର ନାୟକ, ସଞ୍ଜୟ ଲେଙ୍କା, ଜନ୍ମେଜୟ ଦେ, ଅଜିତ ପାତ୍ର, କୋଷାଧ୍ୟକ୍ଷ ବିଷ୍ଣୁ ପ୍ରସାଦ ମହାନ୍ତି, ରବିନ୍ଦ୍ର କୁମାର ସାହୁ, ରବିନ ମିତ୍ର, ଚିତ୍ତରଂଜନ ପାଣ୍ଡା, ସୁରଜିତ ମହାପାତ୍ର ପ୍ରମୁଖ ଉପସ୍ଥିତ ଥିଲେ। ଜାତୀୟସ୍ତରୀୟ ସ୍ୱର୍ଣ୍ଣ ପଦକ ବିଜୟୀ ଜିଲ୍ଲାର ମହିଳା ଖୋ ଖୋ ଖେଳାଳୀ ଚମ୍ପା ମାଝୀ, ନିଶା ଖାନ ଓ ତୃପ୍ତି ରେଖା ବାରିକଙ୍କୁ ଜିଲ୍ଲାସ୍ତରୀୟ ସ୍ୱାଧୀନତା ଦିବସ ପାଳନ ଅବସରରେ ସମ୍ବର୍ଦ୍ଧନା ଦିଆଯାଇଥିଲା।

**ଡ୍ରିମ୍ସ ଆଇଡିଆଲ୍ ସ୍କୁଲ:** ଡ୍ରିମ୍ସ ଆଇଡିଆଲ୍ ସ୍କୁଲ ପରିସରରେ ସ୍ୱାଧୀନତା ଦିବସ ଅବସରରେ ମୁଖ୍ୟ ଅତିଥି ଭାବେ ମ୍ୟୁନିସିପାଲଟି ଚେୟାରମେନ ସବିତା ସାହୁ ପତାକା ଉତ୍ତୋଳନ କରିଥିଲେ। ବିଦ୍ୟାପୀଠ ପ୍ରତିଷ୍ଠାତା ଗଙ୍ଗାଧର ଦାସ ସଭାକାର୍ଯ୍ୟ ପରିଚାଳନା କରୁଥିଲେ। ଉତ୍ସବରେ କୃତୀ ପ୍ରତିଯୋଗୀମାନଙ୍କୁ ଅଧ୍ୟକ୍ଷା ପୁଷ୍ପିତା ମହାନ୍ତି ପୁରସ୍କାର ପ୍ରଦାନ କରିଥିଲେ। ବିଦ୍ୟାଳୟ ସଭାପତି ଭାବଗ୍ରାହୀ ମହାନ୍ତି ଧନ୍ୟବାଦ ଅର୍ପଣ କରିଥିଲେ। ରେହାନା ବେଗମ୍, ସରିତା ବାରିକ, ଆରତୀ ବାଳା ଦାସ, ଆଞ୍ଚଲପ୍ରିୟା ବେହେରା, ଅନୀତା ରାଣୀ ଦାସ, ଅନନ୍ୟା ବାଗ୍, ମାମୁନି ମହାପାତ୍ର ପ୍ରମୁଖ କାର୍ଯ୍ୟରେ ସହାୟତା କରିଥିଲେ।

**ସହଦେବଖୁଣ୍ଟା ଶିଶୁ ବିକାଶ ବିଦ୍ୟା ମନ୍ଦିର:** ସହଦେବଖୁଣ୍ଟା ଶିଶୁ ବିକାଶ ବିଦ୍ୟାମନ୍ଦିରରେ ସ୍ୱାଧୀନତା ଦିବସ ପାଳିତ ହୋଇଯାଇଛି। ମୁଖ୍ୟଅତିଥି ଭାବେ ସୁଷମା ରାଣୀ ବିଶ୍ୱାଳ ଜାତୀୟ ପତକା ଉତ୍ତୋଳନ କରିଥିଲେ। ଅବସରପ୍ରାପ୍ତ ଶିକ୍ଷାଧିକାରୀ ଜୟନ୍ତ କୁମାର ପାଣିଗ୍ରାହୀ, ସୁଧାଂଶୁ ପଣ୍ଡା ଏବଂ ଜିତେନ୍ଦ୍ର ପରମାଣିକ ସମ୍ମାନିତ ଅତିଥିଭାବେ ଯୋଗ ଦେଇଥିଲେ। ସଭାରେ ସମ୍ପାଦକ ଜିତେନ୍ଦ୍ର କୁମାର ପ୍ରହରାଜ, ପ୍ରଧାନ ଆଚାର୍ଯ୍ୟ ରଶ୍ମୀକାନ୍ତ ପଣ୍ଡା ଅତିଥି ପରିଚୟ ପ୍ରଦାନ କରିଥିଲେ।

**ଚାନ୍ଦିପୁର ରେଞ୍ଜ ସ୍କୁଲ:** ଚାନ୍ଦିପୁରସ୍ଥିତ ରେଞ୍ଜ ସ୍କୁଲ ପରିସରରେ ସ୍ୱାଧୀନତା ଦିବସ ପାଳିତ ହୋଇଯାଇଛି। ପିଏକ୍ସଇ, ଚାନ୍ଦିପୁରର ଡାଇରେକ୍ଟର ବୈଜ୍ଞାନିକ ସୁବୋଧ କୁମାର ନାୟକ ପତାକା ଉତ୍ତୋଳନ କରିଥିଲେ। ବୈଜ୍ଞାନିକ ନାୟକଙ୍କ ସମେତ ସ୍କୁଲର ସେକ୍ରେଟାରୀ ରତ୍ନାକର ସାଠୁଆ ମହାପାତ୍ର, ପ୍ରିନ୍ସିପାଲ ଡ. ପ୍ରମୋଦ କୁମାର ସା ଏବଂ ବିଭିନ୍ନ ବିଭାଗର ବରିଷ୍ଠ କର୍ମକର୍ତ୍ତାମାନେ ଉତ୍ସବରେ ଯୋଗ ଦେଇଥିଲେ। ଚାନ୍ଦିପୁର ପିଏକ୍ସଇ ଏବଂ ଆଇଟିଆରର ବୈଜ୍ଞାନିକମାନେ ତଥା ଇଏମୟୁ, ଏମଇଏସ, ମିଲିଟାରୀ ୱିଙ୍ଗ୍, ୱାର୍କ ପ୍ରୋଜେକ୍ଟ ପିଏକ୍ସଇ, ପିଏମୟୁ ଷ୍ଟେସନ ୱାର୍କସପ୍ ଏବଂ ରେଞ୍ଜ ସ୍କୁଲର ପ୍ରିନ୍ସିପାଲ ଡ. ପ୍ରମୋଦ କୁମାର ସା'ଙ୍କ ସମେତ ସମସ୍ତ ଶିକ୍ଷକଶିକ୍ଷୟିତ୍ରୀ ଏବଂ ଛାତ୍ରଛାତ୍ରୀ ଉପସ୍ଥିତ ଥିଲେ।

**ଟାଉନ ହାଇସ୍କୁଲ:** ଟାଉନ ହାଇସ୍କୁଲରେ ସ୍ୱାଧୀନତା ଦିବସ ପାଳନ ଅବସରରେ ଛାତ୍ରଛାତ୍ରୀ ତ୍ରିରଙ୍ଗା ଧରି ଉପସ୍ଥିତ ଥିଲେ। ପ୍ରଧାନ ଶିକ୍ଷକ ସତ୍ୟରଞ୍ଜନ ଭୂୟାଁ ଜାତୀୟ ପତାକା ଉତ୍ତୋଳନ କରିଥିଲେ। ଏସ୍ ଏମ ସି ସଭାପତି ରାକେଶ ଖୁଣ୍ଟିଆ, ଆଲୁମିନି ସଭାପତି ସୁବ୍ରତ କର, ସମ୍ପାଦକ ରବିନ୍ଦ୍ର କୁମାର ମହାନ୍ତି, ସ୍ଥାନୀୟ କାଉନସିଲର ପଦ୍ମଲୋଚନ ଲେଙ୍କା, ସଭ୍ୟ ପ୍ରହ୍ଲାଦ ପ୍ରସାଦ ଗୁପ୍ତା ଉପସ୍ଥିତ ଥିଲେ।

**ଉତ୍କଳ ବାଳାଶ୍ରମ:** ଜିଲ୍ଲାପାଳ ତଥା ଉତ୍କଳ ବାଳାଶ୍ରମ ଚେୟାରମେନ ସୂର୍ଯ୍ୟବଂଶୀ ମୟୂର ବିକାଶ ଉପସ୍ଥିତ ରହି ପତାକା ଉତ୍ତୋଳନ କରିଥିଲେ। ବାଳାଶ୍ରମ ସୁପରିଟେଣ୍ଡେଣ୍ଟ ସୁବ୍ରତ ମହାପାତ୍ରଙ୍କ ଅଧ୍ୟକ୍ଷତାରେ ଏଡିଏମ୍, ଉପଜିଲ୍ଲାପାଳ, ଡିସିପିଓ, ଡିଏସ୍ ଡବ୍ଲୁଓ ଏବଂ ବାଳାଶ୍ରମର ସମସ୍ତ ଛାତ୍ରଛାତ୍ରୀ ଏବଂ କର୍ମଚାରୀ ଉପସ୍ଥିତ ଥିଲେ। ଏହାବ୍ୟତୀତ ଉତ୍କଳ ବାଳାଶ୍ରମ ଜିଲ୍ଲା ସ୍ତରୀୟ ପରେଡ ରେ ପ୍ରଥମ ଓ ଜିଲ୍ଲା ସ୍ତରୀୟ ସାଂସ୍କୃତିକ ନୃତ୍ୟରେ ଦ୍ୱିତୀୟ ସ୍ଥାନ ଅଧିକାର କରି ଜିଲ୍ଲାସ୍ତରୀୟ ସ୍ୱାଧୀନତା ଦିବସ ପାଳନ ସମାରୋହରେ ପୁରସ୍କୃତ ହୋଇଛନ୍ତି।

**ହର ଘର ତ୍ରିରଙ୍ଗା ଅଭିଯାନ:** ସ୍ଥାନୀୟ ଶ୍ରୀଜଗନ୍ନାଥ ଏଜୁକେସନାଲ ଫାଉଣ୍ଡେସନ ଡିଗ୍ରୀ ମହାବିଦ୍ୟାଳୟରେ ଓଡିଶା ସରକାରଙ୍କ ଉଚ୍ଚଶିକ୍ଷା ବିଭାଗ ନିର୍ଦ୍ଦେଶକ୍ରମେ ହର ଘର ତ୍ରିରଙ୍ଗା ଅଭିଯାନ ଏବଂ ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ମହାବିଦ୍ୟାଳୟ ଅଧ୍ୟକ୍ଷ ନିରଞ୍ଜନ ବେହେରା, ଅଧ୍ୟାପକ କୈଳାସ ଚନ୍ଦ୍ର ସାମଲ, ଶଶୀକାନ୍ତ ମହାନ୍ତି, ଶାନ୍ତନୁ ପତି, ଜୟନ୍ତ ସେଠୀ, ରଶ୍ମିପ୍ରଭା ବାରିକ, ସୁଚରିତା ଶିଅଳ, ତାପସୀ କୁଅଁର, ପ୍ରଦୀପ କୁମାର ଦାସ, ବାସୁଦେବ ପଣ୍ଡା, ଅଂଶୁରେଖା ନାୟକ, ଗଣେଶ ପଲେଇ, ପ୍ରଭାକର ପରିଡା, ପ୍ରଫୁଲ୍ଲ ଦାସ, ସୁକାନ୍ତି ମହାକୁଡ଼, ସରୋଜ କୁମାର ମଣ୍ଡଳ, ଗଣେଶ ତିଆଡି ଯୋଗ ଦେଇଥିଲେ।

**ଶ୍ରୀଜଗନ୍ନାଥ ଏଜୁକେସନାଲ ଫାଉଣ୍ଡେସନ ସ୍ନାତକ ମହାବିଦ୍ୟାଳୟ :** ଶ୍ରୀଜଗନ୍ନାଥ ଏଜୁକେସନାଲ ଫାଉଣ୍ଡେସନ ସ୍ନାତକ ମହାବିଦ୍ୟାଳୟ ଏବଂ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ ସ୍ୱାଧୀନତା ଦିବସ ପାଳିତ ହୋଇଯାଇଛି। ଉଭୟ ମହାବିଦ୍ୟାଳୟର ପୂର୍ବତନ ସମ୍ପାଦକ ମାର୍କଣ୍ଡ ସେଠୀ, ପୂର୍ବତନ ପରିଚାଳନା କମିଟି ସଭାପତି ଭାଗିରଥି ଜେନା, ସଭ୍ୟ ନିରଞ୍ଜନ ବେହେରା, ଉଭୟ ଅନୁଷ୍ଠାନ ଅଧ୍ୟକ୍ଷ ନିରଞ୍ଜନ ବେହେରା ଓ ପ୍ରଶାନ୍ତ କୁମାର ଦାସ ବକ୍ତବ୍ୟ ରଖିଥିଲେ। ଇନୋଭେସନ୍ ଆଣ୍ଡ ଷ୍ଟାର୍ଟ ଅପ୍ ଓଡ଼ିଶା ପ୍ରତିଯୋଗିତା ଏବଂ ହର ଘର ତ୍ରିରଙ୍ଗା ସାଂସ୍କୃତିକ କାର୍ଯ୍ୟକ୍ରମର ନୃତ୍ୟ ଓ ସଙ୍ଗୀତ ପ୍ରତିଯୋଗିତାରେ କୃତି ଛାତ୍ରଛାତ୍ରୀମାନଙ୍କୁ ପୁରସ୍କୃତ ବିତରଣ କରାଯାଇଥିଲା। ଅଧ୍ୟାପକ କୈଳାସ ଚନ୍ଦ୍ର ସାମଲ, ଶାନ୍ତନୁ କୁମାର ପତି, ଡଃ. ଶଶିକାନ୍ତ ମହାନ୍ତି, ଜୟନ୍ତ କୁମାର ସେଠୀ, ପ୍ରଦୀପ କୁମାର ଦାସ, ବାସୁଦେବ ପଣ୍ଡା, ସୁଚରିତା ଶିଅଳ, ତାପସୀ କୁଅଁର, ଅଂଶୁରେଖା ନାୟକ, ଗଣେଶ ପଲାଇ, ପ୍ରଭାକର ପରିଡା, ପ୍ରଫୁଲ୍ଲ ଦାସ, ସରୋଜ ମଣ୍ଡଳ, ସୁକାନ୍ତି ମହାକୁଡ଼, ସତୀଶ ପଟ୍ଟନାୟକ, ଗିରିଶ ଚନ୍ଦ୍ର ସିଂହ, ରାମହରି ସେଠୀ କାର୍ଯ୍ୟକ୍ରମରେ ଯୋଗଦାନ କରିଥିଲେ।

**ସୁଲଗ୍ନା ଗ୍ରୁପ୍ସ ଅଫ୍ ଇନଷ୍ଟିଚ୍ୟୁସନ୍ସ :** ସୁଲଗ୍ନା ଗ୍ରୁପ୍ ଅଫ୍ ଇନଷ୍ଟିଚ୍ୟୁସନ୍ସ ପକ୍ଷରୁ ସ୍ୱାଧୀନତା ଦିବସ ପାଳନ ଅବସରରେ ମୁଖ୍ୟ ଅଟିଥି ଭାବେ ପଞ୍ଜାବ ନେସନାଲ ବ୍ୟାଙ୍କ, ବାଲେଶ୍ୱର ଶାଖା ମୁଖ୍ୟ ପରିଚାଳକ ରଞ୍ଜିତ ସାମଲ ଜାତୀୟ ପତାକା ଉତ୍ତୋଳନ କହିଥିଲେ। ସୁଲଗ୍ନା ପବ୍ଲିକ ସ୍କୁଲର ପ୍ରିନ୍ସିପାଲ ମଧୁସ୍ମିତା ଦାସ କାର୍ଯ୍ୟକ୍ରମ ପରିଚାଳନା କରିଥିବା ବେଳେ ଅକ୍ଷୟ କୁମାର ସିଂହ, ଜଗଦୀଶ କୁମାର ସିଂହ, ବସନ୍ତ ବାରିକ, ଅରୁଣ କୁମାର ରଣା, ଜ୍ୟୋତିର୍ମୟୀ ରାୟ, ଭାଗ୍ୟଶ୍ରୀ ମହାରଣା, ରମାଳିନ ପ୍ରଧାନ, ବିଶ୍ୱନାଥ ବେରା ପ୍ରମୁଖଙ୍କ ସହଯୋଗରେ ଛାତ୍ରଛାତ୍ରୀଙ୍କ ମଧ୍ୟରେ ବିଭିନ୍ନ ଅଭିନୟ ପ୍ରତିଯୋଗିତା ଓ ଦେଶଭକ୍ତି ଆଧାରିତ ସାଂସ୍କୃତିକ କାର୍ଯ୍ୟକ୍ରମ ହୋଇଥିଲା। ସେହିପରି ମଠାସାହି ସରିତନଗର ସ୍ଥିତ ସୁଲଗ୍ନା କଲେଜ ପରିସରରେ ସ୍ୱାଧୀନତା ଦିବସ ପାଳନ ଅବସରରେ ସୁଲଗ୍ନା ଗ୍ରୁପ୍ସ ଅଫ୍ ଇନଷ୍ଟିଚ୍ୟୁସନ୍ସର ପ୍ରତିଷ୍ଠାତା ତଥା ଚେୟାରମେନ ଡ଼ ଘନଶ୍ୟାମ ବିଶ୍ୱାଳ ଜାତୀୟ ପତାକା ଉତ୍ତୋଳନ କରିଥିଲେ। ସୁଲଗ୍ନା ଯୁକ୍ତ ତିନି ବିଜ୍ଞାନ କଲେଜର ପ୍ରିନ୍ସିପାଲ ଡ଼ ଧରଣୀଧର ଘୋଷ ଓ ସୁଲଗ୍ନା ଯୁକ୍ତ ଦୁଇ ବିଜ୍ଞାନ କଲେଜର ପ୍ରିନ୍ସିପଲ୍ ଚକ୍ରଧର ସାହୁ ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ସଞ୍ଜୀବ ମିର୍ଦ୍ଧା, ଶୁଭେନ୍ଦୁ ଦିଣ୍ଡା, ଅଶୋକ କୁମାର ପରିଡ଼ା ହେମନ୍ତ କୁମାର ସାହୁ, ଯତୀନ୍ଦ୍ର କୁମାର ମାର୍ଣ୍ଡି, ଭାସ୍କର ପଲାଇ ପ୍ରମୁଖ କାର୍ଯ୍ୟକ୍ରମର ସଫଳ ରୂପାୟନରେ ସହଯୋଗ କରିଥିଲେ। ଅପରାହ୍ନରେ ପି ଏକ୍ସ ଇ, ଚାନ୍ଦିପୁରର ଯୁଗ୍ମ ନିର୍ଦ୍ଦେଶକ ଗୁଣାକର ବାରିକ ଅତିଥି ଭାବେ ଯୋଗଦେଇ 'ଭାରତୀୟ ସେନାବାହିନୀରେ ଯୋଗ ନେବାପାଇଁ ଆବଶ୍ୟକ ଶିକ୍ଷାଗତ ଯୋଗ୍ୟତା ଓ ପ୍ରସ୍ତୁତି' ବାବଦରେ ଆଲୋଚନା କରିଥିଲେ।

**ମଡର୍ଣ୍ଣ ପବ୍ଲିକ ସ୍କୁଲ:** ମେଘଡମ୍ବରୁସ୍ଥିତ ମଡର୍ଣ୍ଣ ପବ୍ଲିକ ସ୍କୁଲରେ ସ୍ୱାଧୀନତା ଦିବସ ପାଳିତ ହୋଇଯାଇଛି। ବିଦ୍ୟାଳୟ ଅଧ୍ୟକ୍ଷା ପ୍ରଜ୍ଞା ପରିମିତା ପୃଷ୍ଟି ଅତିଥିଙ୍କ ପରିଚୟ ପ୍ରଦାନ କରିଥିଲେ। ମୁଖ୍ୟଅତିଥି ଭାବେ କର୍ଣ୍ଣେଲ ସରୋଜ କୁମାର ସାମନ୍ତରାୟ ପତାକା ଉତ୍ତୋଳନ କରିଥିଲେ। ସମ୍ମାନିତ ଅତିଥି ଭାବେ ସରକାରୀ ଚିକିତ୍ସା ଅଧିକାରୀ ଅଭିପ୍ସା ମହାନ୍ତି ଯୋଗ ଦେଇଥିଲେ। ପିଲାମାନଙ୍କ ଦ୍ୱାରା ବକ୍ତୃତା, ନୃତ୍ୟ, ଗୀତ ଏବଂ ମାର୍ଚ୍ଚ ପାଷ୍ଟ ଆଦି କରାଯାଇଥିଲା। ବିଦ୍ୟାଳୟ ପରିଚାଳନା ସମିତିର ସାଧାରଣ ସମ୍ପାଦକ ଶଶୀଭୂଷଣ ମିଶ୍ର ଉପସ୍ଥିତ ଥିଲେ। ବିଦ୍ୟାଳୟ ଉପାଧ୍ୟକ୍ଷ ରବୀନ୍ଦ୍ର ନାଥ ମହାନ୍ତି ଧନ୍ୟବାଦ ଅର୍ପଣ କରିଥିଲେ। ସେହିପରି ସର୍ଦ୍ଦାର ପଟେଲ ମାର୍ଗସ୍ଥିତ ମଡର୍ଣ୍ଣ ପବ୍ଲିକ ସ୍କୁଲରେ ବିଦ୍ୟାଳୟ ପରିଚାଳନା ସମିତିର ସାଧାରଣ ସମ୍ପାଦକ ପତାକା ଉତ୍ତୋଳନ କରିଥିଲେ। ରାଣୀପାଟଣା ସ୍ଥିତ ଦରଜୀ ପୋଖରୀଠାରେ ଥିବା ସ୍କୁଲରେ ସମାଜସେବୀ ଅର୍ଚ୍ଚନା ମିଶ୍ର ପତାକା ଉତ୍ତୋଳନ କରିଥିଲେ।



# ମହିଳା ଟ୍ରାଭେଲ୍ ବ୍ଲଗର

ଆଜିର ମହିଳା ସବୁ କ୍ଷେତ୍ରରେ ଆଗକୁ ବଢ଼ୁଛନ୍ତି । ଶିକ୍ଷା, ବ୍ୟବସାୟ, ସ୍ୱାସ୍ଥ୍ୟ, କଳା ଓ ଖେଳ ଆଦିରେ ସେମାନେ ନିଜକୁ ସମୃଦ୍ଧ କରିଛନ୍ତି । ସେହିପରି କିଛି ମହିଳା ଟ୍ରାଭେଲ ବ୍ଲଗ୍ କରି ନିଜର ପରିଚୟ ସୃଷ୍ଟି କରିଛନ୍ତି । ଭ୍ରମଣ କରିବା କେବଳ ପୁରୁଷଙ୍କ କାର୍ଯ୍ୟ ନୁହେଁ, ବୋଲି ସେ ପ୍ରମାଣ କରିଛନ୍ତି । ଅଦମ୍ୟ ସାହସ, ଦୃଢ଼ ମନୋବଳ ପାଇଁ ସେମାନେ ବିଶ୍ୱର ବିଭିନ୍ନ ସ୍ଥାନକୁ ଭ୍ରମଣ କରିବାରେ ସଫଳ ହୋଇଛନ୍ତି । ଯେଉଁଠି ମହିଳାଙ୍କ ଏକାକୀ ଯାତ୍ରାକୁ ଅସୁରକ୍ଷିତ ମନାଯାଏ, ସେହି ରଢ଼ିବାଦୀ ଚିନ୍ତାଧାରାରୁ ବାହାରି ସେମାନେ ନିଜର ପରିଚୟ ସୃଷ୍ଟି କରିଛନ୍ତି । ସେହିପରି ପ୍ରସିଦ୍ଧି ଲାଭ କରିଥିବା କେତେକ ଭାରତୀୟ ମହିଳା ଟ୍ରାଭେଲ୍ ବ୍ଲଗରଙ୍କୁ ନେଇ ଏହି ଉପସ୍ଥାପନା ।



### ତାନ୍ୟା ଖନିଜୋ

ତାନ୍ୟା ଖନିଜୋ ଜଣେ ପ୍ରସିଦ୍ଧ ଭାରତୀୟ ଟ୍ରାଭେଲ ବ୍ଲଗର, ୟୁଟ୍ୟୁବର୍ ତଥା ଇନ୍‌ଫ୍ଲୁଏନ୍ସର ଭାବେ ପରିଚିତ । ସେ ଦେଶ, ବିଦେଶ ବିଭିନ୍ନ ସ୍ଥାନକୁ ଭ୍ରମଣ କରି ତାହାର ଅନୁଭୂତି ସାଉଁଟିବା ସହ ତାକୁ ନେଇ ବୃତ୍ତଚିତ୍ର ପ୍ରସ୍ତୁତ କରନ୍ତି । ହରିୟାଣାରେ ରହୁଥିବା ଏହି ଯୁବତୀଙ୍କର ଅଜଣା ଜିନିଷ, ସ୍ଥାନ ଓ ଲୋକଙ୍କ ବିଷୟରେ ଜାଣିବାରେ ବେଶ୍ ରୁଚି ରହିଛି । ଏଥିପାଇଁ ସେ କର୍ପୋରେଟ୍ ଚାକିରି ଛାଡ଼ି ଭ୍ରମଣ ଦିଗରେ ଆଗେଇଥିଲେ । ସେ ୨୦୧୨ ମସିହାରେ ଏହି ଭ୍ରମଣ ଯାତ୍ରା ଆରମ୍ଭ କରିଥଲେ । ସେ ବିଭିନ୍ନ ସ୍ଥାନ ବୁଲି ସେଠାର ସଂସ୍କୃତି, ପରମ୍ପରାକୁ ୟୁଟ୍ୟୁବରେ ଭିଡିଓ କରି ଲୋକମାନଙ୍କୁ ଦେଖାଇଥାନ୍ତି । ଏଥିସହ ଲୋକମାନଙ୍କୁ ବିଦେଶ ଯାତ୍ରା କରିବାର ସମ୍ପୂର୍ଣ୍ଣ ବିବରଣୀ ଦେଇଥାନ୍ତି । ତାଙ୍କର ୟୁଟ୍ୟୁବ୍‌ରେ ଲକ୍ଷ ଲକ୍ଷ ସବ୍‌ସ୍କ୍ରାଇବର ରହିଛନ୍ତି । ସେ ଏକାକୀ ମହିଳା ଭାବେ ଆଫ୍ରିକା, ଆମେରିକା, ମାଳଦ୍ୱୀପ, ଆଣ୍ଡମାନ, କେରଳ, ହିମାଚଳ ପ୍ରଦେଶ, ନେପାଳ ଏଭେରେଷ୍ଟ ବେସ୍ କ୍ୟାମ୍ପ ଆଦି ସ୍ଥାନକୁ ଭ୍ରମଣ କରିଛନ୍ତି । ସେ ନିଜ ଟ୍ରାଭେଲ ବ୍ଲଗ୍ ମାଧ୍ୟମରେ, ବିଭିନ୍ନ ସ୍ଥାନର ବିଶେଷତା ଯଥା- ଖାଦ୍ୟପେୟ, ଜଳବାୟୁ ବାବଦରେ ଜଣାଇଥାନ୍ତି ।



### କ୍ରୀତିକା ଗୋଏଲ୍

ସେହିପରି ଆଉ ଜଣେ ସଫଳ ଟ୍ରାଭେଲ୍ ବ୍ଲଗର ହେଲେ କ୍ରୀତିକା ଗୋଏଲ । ସେ କର୍ପୋରେଟ୍ କର୍ମଚାରୀ ହେବା ସହ ଜଣେ ଟ୍ରାଭେଲ୍ ବ୍ଲଗର ଭାବେ ପରିଚିତ । ସେ ବିଭିନ୍ନ ସ୍ଥାନ ବୁଲି ତାହା ବିଷୟରେ ଜାଣିବାକୁ ରୁଚି ରଖନ୍ତି । ୨୦୧୭ ରେ ସେ ନିଜର ଭ୍ରମଣ ଯାତ୍ରା ଆରମ୍ଭ କରିଥିଲେ । ସେ ୟୁଟ୍ୟୁବ୍ ବ୍ଲଗ୍ ମାଧ୍ୟମରେ ବିଭିନ୍ନ ପର୍ଯଟନ ସ୍ଥଳୀର ବିବରଣୀ ସମେତ ଲୋକଙ୍କ ଜୀବନ ଶୈଳୀ, ଫେଶନ ବିଷୟରେ ମଧ୍ୟ ବାର୍ତ୍ତା ଦେଇଥାନ୍ତି । ପାଞ୍ଚ ବର୍ଷରେ ଚାରି ଲକ୍ଷ ସବ୍‌ସ୍କ୍ରାଇବର ହାସଲ କରିଥିବା କ୍ରୀତିକା ସ୍ୱିଜର୍‌ଲ୍ୟାଣ୍ଡ, ଆମେରିକା, ଆଦି ସ୍ଥାନକୁ ଯାତ୍ରା କରିଛନ୍ତି । ସେ ବିଭିନ୍ନ ସ୍ଥାନ ଯାତ୍ରା କରି ଖୁବ୍ ରୋମାଞ୍ଚକର ଅନୁଭୂତି ନେଇଛନ୍ତି, ଯାହା ତାଙ୍କୁ ଏକ ନୂଆ ଜୀବନ ବଞ୍ଚିବାର ମାର୍ଗ ଦର୍ଶାଇଛି ବୋଲି ସେ କୁହନ୍ତି ।



### ପ୍ରିୟଙ୍କା ଚନ୍ଦୋଲା

ପ୍ରିୟଙ୍କା ଚନ୍ଦୋଲା ଜଣେ, ଦେଶୀ ଗର୍ଲ ଟ୍ରାଭେଲର ଭାବେ ପରିଚିତ । ସେ ୨୦୧୮ ଏହି ଭ୍ରମଣ ଯାତ୍ରା ଆରମ୍ଭ କରିଥିଲେ । କମ୍ ଟଙ୍କାରେ ପର୍ଯ୍ୟଟକମାନେ କିପରି ବିଭିନ୍ନ ସ୍ଥାନ ବୁଲିପାରିବେ, ସେ ବିଷୟରେ ୟୁଟ୍ୟୁବ୍ ଭିଡିଓ କରି ଦେଖାଇଥାନ୍ତି । ସେହିପରି ସେ ଜଣେ ବଜେଟ୍ ଫ୍ରେଣ୍ଡଲୀ ଟ୍ରାଭେଲ୍ ବ୍ଲଗର ଭାବେ ଜଣାଯାଆନ୍ତି । ସେ ଭାରତର ବିଭିନ୍ନ ସ୍ଥାନ ବୁଲି ସେଠାର ସଂସ୍କୃତି, ପରମ୍ପରା ସମେତ କିଛି ଜଣା ଅଜଣା କଥା ଜଣାଇଥାନ୍ତି । ତାଙ୍କର ୟୁଟ୍ୟୁବ୍‌ରେ ୪ ଲକ୍ଷରୁ ଉର୍ଦ୍ଧ୍ୱ ସବ୍‌ସ୍କ୍ରାଇବର ଅଛନ୍ତି । ସେହିପରି ଇନ୍‌ଷ୍ଟାଗ୍ରାମ୍‌ରେ ତାଙ୍କର ଏକ ଲକ୍ଷରୁ ଉର୍ଦ୍ଧ୍ୱ ପ୍ରସଂଶକ ରହିଛନ୍ତି ।

# ପାରମ୍ପରିକ ଶାଢ଼ିରେ ଆଧୁନିକ ସ୍ପର୍ଶ



ସାଧାରଣତଃ ଶାଢ଼ି ପିନ୍ଧିବାକୁ ସମସ୍ତେ ପସନ୍ଦ କରନ୍ତି । ଏହା ମହିଳାଙ୍କ ସୁନ୍ଦରତାକୁ ଦ୍ୱିଗୁଣିତ କରିଥାଏ । ତେବେ ଏହା କେବଳ ଏକ ପାରମ୍ପରିକ ପରିଧାନ ନୁହେଁ, ଏହା ଏବେ ଏକ ଷ୍ଟାଇଲ୍ ଷ୍ଟେଟ୍‌ମେଣ୍ଟ ପାଲଟିଛି । ପୂର୍ବରୁ ମହିଳାମାନେ ଏହାକୁ ସିମ୍ପଲ୍ ଷ୍ଟାଇଲ୍‌ରେ ପିନ୍ଧୁଥିବାବେଳେ ଏବେ ଏହାକୁ ବେଲ୍ଟ, ଜ୍ୟାକେଟ୍, ଧୋତି, ତଥା ଟପ୍‌ସ ସହ ପିନ୍ଧି ନିଜକୁ ଆଧୁନିକ ଲୁକ୍ ଦେଉଛନ୍ତି ।

**ବେଲ୍ଟ**

ଏବେ ମହିଳାମାନେ ଅଣ୍ଟାରେ ବେଲ୍ଟ ବାନ୍ଧି ଶାଢ଼ୀ ପିନ୍ଧୁଛନ୍ତି । ଏହାଦ୍ୱାରା ଶାଢ଼ି ଭଲରେ ସେଟ୍ ହୋଇ ରହିଥାଏ । ପଣତକାନି ବାରମ୍ବାର ତଳକୁ ଖସେ ନାହିଁ । ଏଥିରୁ ଷ୍ଟାଇଲିଶ୍ ସାଙ୍ଗକୁ ଏକ ଆଧୁନିକ ଲୁକ୍ ମିଳିଥାଏ । ବେଲ୍ଟ ଉଭୟ ଆଧୁନିକ ଓ ପାରମ୍ପରିକ ରହିଛି । ସେହିପରି ଏହାକୁ ପିନ୍ଧି ପାର୍ଟି, ଫଙ୍କ୍‌ସନ୍‌କୁ ଯାଇପାରିବେ ।

**ଧୋତି ଷ୍ଟାଇଲ୍**

ଶାଢ଼ି ପିନ୍ଧିବାର ଏହି ପ୍ରକ୍ରିୟା ଟିକେ ଭିନ୍ନ । ଏଥିରେ ଶାଢ଼ି କୁଞ୍ଚ କରି ଧୋତି ଷ୍ଟାଇଲ୍‌ରେ ଡ୍ରେପିଂ କରି ପିନ୍ଧା ଯାଇଥାଏ । ଏଥିରେ ଶାଢ଼ିର ପ୍ଲିଟ୍‌ଗୁଡ଼ିକ ଦୁଇଗୋଡ଼ ମଧ୍ୟ ଦେଇ ନିଆଯାଇ ଅଣ୍ଟା ପାଖରେ ବନ୍ଧା ଯାଇଥାଏ । ଏହା ବିଶେଷ କରି ନୃତ୍ୟ ପ୍ରତିଯୋଗୀତା କିମ୍ବା କୌଣସି ବିଶେଷ ଦିନମାନଙ୍କରେ ପିନ୍ଧା ଯାଇଥାଏ । ଏହା ଖୁବ୍ ଆର୍ଷଣୀୟ ଦେଖାଯାଏ ।

**ଜ୍ୟାକେଟ୍ ସହ ଶାଢ଼ି**

ମହିଳାମାନେ ନିଜକୁ ଏକ ରୟାଲ୍ ଲୁକ୍ ଦେବାକୁ ଚାହୁଁଥିଲେ, ଶାଢ଼ି ଉପରେ ଜ୍ୟାକେଟ୍ ପରିଧାନ କରିପାରିବେ । ଏହି ଜ୍ୟାକେଟ୍ ଛୋଟ, ବଡ଼ ବିଭିନ୍ନ ଷ୍ଟାଇଲ୍‌ର ରହିଛି । ଏଥିରୁ ଏକ ଆକର୍ଷଣୀୟ ଲୁକ୍ ମିଳିଥାଏ ।

**ଫ୍ୟାନ୍‌ସି ବ୍ଲାଉଜ୍**

ସେହିପରି ଶାଢ଼ିରେ ପାରମ୍ପରିକ ବ୍ଲାଉଜ୍ ବଦଳରେ ଅଫ୍‌ସୋଲଡର୍, ହଲ୍‌ଟର୍ ନେକ୍, ବ୍ୟାକ୍‌ଲେସ୍ ବ୍ଲାଉଜ୍ ଆଦି ପିନ୍ଧିପାରିବେ । ଏଥିରେ ଶାଢ଼ିର ଏକ ଷ୍ଟାଇଲିଶ୍ ଲୁକ୍ ମିଳିଥାଏ ।

**ସାର୍ଟ ସହ ଶାଢ଼ି**

ସାର୍ଟ ସହ ଶାଢ଼ି ପିନ୍ଧିଲେ ଏଥିରୁ ଏକ ମଡର୍ଣ୍ଣ ତଥା ଫ୍ୟୁଜନ୍ ଲୁକ୍ ମିଳିଥାଏ । ଏହାଦ୍ୱାରା ପାରମ୍ପରିକ ଶାଢ଼ିକୁ ଆଧୁନିକ୍ ଲୁକ୍ ଦିଆଯାଇଥାଏ । ଏଥିରେ ବ୍ଲାଉଜ୍ ବଦଳରେ ଫୁଲ୍ ସ୍ଲିଭ୍ ସାର୍ଟ, ଡେନିମ୍ କିମ୍ବା କ୍ରପ୍ ସାର୍ଟ ପିନ୍ଧା ଯାଇଥାଏ । ଏହାକୁ ଶାଢ଼ି ଉପରେ କିମ୍ବା ଭିତର ପାର୍ଶ୍ୱରେ ଟକ୍ କରି ଷ୍ଟାଇଲ କରିପାରିବେ ।

# ଘନ କେଶ ପାଇଁ ମେହେନ୍ଦୀ ତେଲ

ମେହେନ୍ଦୀ କେଶ ପାଇଁ ଖୁବ୍ ଉପକାରୀ ହୋଇଥାଏ । ଏଥିପାଇଁ ଅନେକ ସପ୍ତାହକୁ ଥରେ ଏହା କେଶରେ ଲଗାଇଥାନ୍ତି । ଏହାଦ୍ୱାରା କେଶରେ ପ୍ରାକୃତିକ ଚମକ ଆସିଥାଏ । ସେହିପରି ଚାହିଁଲେ ମେହେନ୍ଦୀ ତେଲ ଲଗାଇ କେଶକୁ ଘନକଳା କରିପାରିବେ ।



**ଆବଶ୍ୟକ ସାମଗ୍ରୀ**

ଏହାକୁ ପ୍ରସ୍ତୁତ କରିବା ପାଇଁ ଅଧା ଚାମଚ ମେହେନ୍ଦୀ ପାଉଡର, ଏକ କପ୍ ନଡ଼ିଆ ତେଲ, ଜଡ଼ା ତେଲ, ମେଥି ଦାନା ଓ ଏକ ଚାମଚ ଭୃସଙ୍ଗପତ୍ର ଗୁଣ୍ଡ ଭିଟାମିନ୍ – ଇ କ୍ୟାପ୍‌ସୁଲ୍ ଆବଶ୍ୟକ ।

**ପ୍ରସ୍ତୁତି**

ଗୋଟେ ଲୁହା କଡ଼େଇରେ ତେଲ ଢାଳି ତାକୁ ଧିମା ଆଞ୍ଚରେ ଗରମ କରନ୍ତୁ । ତେଲ ଗରମ ହୋଇଗଲେ ଏଥିରେ ମେହେନ୍ଦୀ ଓ ଭୃସଙ୍ଗପତ୍ରଗୁଣ୍ଡ ପକାଇ ଏପଟସେପଟ କରନ୍ତୁ । ଏହାପରେ ମେଥିଦାନା ଦିଅନ୍ତୁ । ଏହାକୁ ଧିମା ଆଞ୍ଚରେ ୧୫ ମିନିଟ୍ ବସାନ୍ତୁ । ଧ୍ୟାନ ରଖିବେ ତେଲ ଯେମିତି ନ ଜଳେ । ତେଲର ରଙ୍ଗ ପରିବର୍ତ୍ତନ ହେଲେ ଗ୍ୟାସ୍ ବନ୍ଦ କରି ଦିଅନ୍ତୁ । ଏହା ଥଣ୍ଡା ହୋଇଗଲେ ଗୋଟିଏ ସୂତା କପଡ଼ାରେ ଛାଣି ଏହାକୁ ରଖନ୍ତୁ ।

**ତେଲ ଲଗାଇବାର ବିଧି**

କେଶ ଧୋଇବାର କିଛି ଘଣ୍ଟା ପୂର୍ବରୁ ଏହାକୁ ଲଗାନ୍ତୁ । ପ୍ରଥମେ ଏହାକୁ ହାଲୁକା ହାତରେ ସ୍କାଲ୍‌ପରେ ମସାଜ୍ କରନ୍ତୁ । ଏହାପରେ କେଶର ଲଗାନ୍ତୁ । ଚାହିଁଲେ ଏହାକୁ ରାତିରେ ଲଗାଇ ସକାଳେ ଧୋଇପାରିବେ । ସପ୍ତାହରେ ଥରେ ଦୁଇଥର ଲଗାଇବା ପରେ କେଶରେ ନାନା ପରିବର୍ତ୍ତନ ଦେଖିବାକୁ ମିଳିଥାଏ । ଏହା କେଶକୁ ମୂଳରୁ ମଜଭୂତ କରି କେଶଝଡ଼ା ରୋକିଥାଏ । ଏଥିସହ କେଶରେ ଚମକ ଆଣି କେଶକୁ କଳା, ଚିକ୍କଣ କରିଥାଏ ।

# ରାଇସ୍ ଆମ୍‌ଲେଟ୍

ମୋ ହାଣ୍ଡିଶାଳରୁ...



**ଆବଶ୍ୟକ ସାମଗ୍ରୀ**

ବଏଲ୍ ରାଇସ୍ - ୨୦୦ ଗ୍ରାମ୍, ଅଣ୍ଡା- ଦୁଇଟି, ହଳଦୀଗୁଣ୍ଡ - ଅଧା ଚାମଚ ଲଙ୍କାଗୁଣ୍ଡ - ଅଧା ଚାମଚ, କଟା ପିଆଜ ଶଣ୍ଢା - ଏକ ଚାମଚ, ଚିଜ୍ - ଖଣ୍ଡେ, ଲୁଣ - ସ୍ୱାଦ ଅନୁସାରେ, ଚିଲି ଅଏଲ୍- ଦୁଇ ଚାମଚ ।

**ପ୍ରସ୍ତୁତି ପ୍ରଣାଳି**

ପ୍ରଥମେ ଗ୍ୟାସ୍ ଲଗାଇ କଡ଼େଇ ବସାଇ ଚିଲି ଅଏଲ୍ ଦିଅନ୍ତୁ । ତେଲ ଗରମ ହୋଇଯିବା ପରେ ସିଝା ଭାତକୁ ଦେଇ ପିଠା ଖଡ଼ିକାରେ ଭଲରେ ଖେଳାଇ ଦିଅନ୍ତୁ । ଏହାପରେ ଗୋଟିଏ ପାତ୍ର ନେଇ ସେଥିରେ ଅଣ୍ଡା ଭାଙ୍ଗି ହଳଦୀଗୁଣ୍ଡ, ଲଙ୍କାଗୁଣ୍ଡ ଲୁଣ ପକାଇ ଗୋଳେଇ ଦିଅନ୍ତୁ । ଏହି ଅଣ୍ଡାକୁ ଭାତ ଉପରେ ଦେଇ ଦିଅନ୍ତୁ । ଏହା ଉପରେ ପିଆଜ ଶଣ୍ଢା, ଚିଜ୍ ପକାଇ ପାଞ୍ଚ ମିନିଟ୍ ଧିମା ଆଞ୍ଚରେ ଘୋଡାଇ ଦିଅନ୍ତୁ । ଏହାପରେ ଢାଙ୍କୁଣି ଖୋଲି, ଆମ୍‌ଲେଟକୁ ଏକ ପାଖ କରି ଲେଉଟାଇ ଦିଅନ୍ତୁ । ପ୍ରସ୍ତୁତ ହୋଇଗଲା 'ରାଇସ୍ ଅମ୍‌ଲେଟ୍' ।

# ଥ୍ରେଡର୍ ଇୟରିଂ



ମେକ୍‌ଅପ୍ ଭଳି ସମୟାନୁସାରେ କାନଫୁଲକୁ ନେଇ ମଧ ବିଭିନ୍ନ ଡିଜାଇନ ଦେଖିବାକୁ ମିଳିଥାଏ । ଏହି କ୍ରମରେ ଏବେ ଯୁବତୀଙ୍କ ମଧ୍ୟରେ ଥ୍ରେଡର୍ ଇୟରିଂର ଚାହିଦା ରହିଛି । ଏହା ସାଧା ଓ ସରୁ ଚେନ୍ କାନଫୁଲ । ଏଥିରେ ହୁପ୍ କିମ୍ବା ତାଲି ନ ଥିବାରୁ ଏହା ପିନ୍ଧିବା ସୁବିଧାଜନକ ହୋଇଥାଏ । ଏଥିରୁ ଏକ ଷ୍ଟାଇଲିଶ୍ ଲୁକ୍ ମିଳିଥାଏ । ଏହା ସବୁ ପ୍ରକାର ମୁଖଗଠନ ଶୈଳୀକୁ ମାନିଥାଏ । ତେବେ ଏହା କେଉଁ ଆଉଟ୍ ଫିଟକୁ ଭଲ ମାନିବ ଜାଣିବା ସେ ବିଷୟରେ ।

ପାର୍ଟି, ଫଙ୍କ୍‌ସନ୍‌ରେ ଟିକେ ହେଭି ଦିଶିବାକୁ ଚାହୁଁଥିଲେ, ଝୁମ୍‌କା କିମ୍ବା ଷ୍ଟୋନ୍ ଲାଗିଥିବା କାନଫୁଲ ପିନ୍ଧିପାରିବେ । ଖୋଲା କେଶ ଅପେକ୍ଷା ଏହା ବନ୍ଧା କେଶରେ ଭଲ ମାନିଥାଏ ।



ସେହିପରି ଏହି କାନଫୁଲ ତଳୁ ଚେନ୍ ଭଳି ଝୁଲି ରହୁଥିବାରୁ ଏହା ଯୁବତୀଙ୍କର ଅତି ପ୍ରିୟ ହୋଇଥାଏ । ଏହା ଜିନ୍ସ, ଟପ୍‌ସ, ସାଲୱାର ସୁଟ୍ ଆଦି ଆଉଟ୍‌ଫିଟ୍‌କୁ ଭଲ ମାନିଥାଏ ।

ଗୋଲକାର ଏବଂ ଡାଇମଣ୍ଡ ଫେସ୍ ଥିବା ଯୁବତୀମାନେ ପତଳା, ଲେୟାର୍ଡ ଚେନ୍ ଡିଜାଇନର କାନଫୁଲ ପିନ୍ଧିପାରିବେ । ସେହିପରି ଲମ୍ବା, ସେପ୍ ଥିବା ମହିଳାଙ୍କୁ ଓଜନିଆ ଥ୍ରେଡର୍ ଇୟରିଂ ଡିଜାଇନ୍ ଭଲ ମାନିଥାଏ ।


ଏହି ଡିଜାଇନର ବିଶେଷ କରି ବଟର ଫ୍ଲାଏ, ଷ୍ଟୋନ୍, ଫ୍ଲାୱାର, ମୁନ୍ ସେପ୍, ହାଟ୍‌ସେପ୍ ଆଦି କାନଫୁଲ ଡିଜାଇନ୍ ଟ୍ରେଣ୍ଡରେ ରହିଛି । ପର୍ଲ ଏବଂ ହାପ୍‌ମୁନ୍ ଡିଜାଇନର କାନଫୁଲ ବିଶେଷ କରି କଲେଜ ଏବଂ କର୍ମଜୀବୀ ମହିଳାଙ୍କ ପ୍ରଥମ ପସନ୍ଦ ପାଲଟିଛି ।

# ଆଲମଣ୍ଡରେ ତ୍ୱଚା ଉଜ୍ଜ୍ୱଳ

ପୋଷକ ତତ୍ତ୍ୱରେ ଭରପୂର ଆଲମଣ୍ଡ ତ୍ୱଚା ପାଇଁ ହିତକର । ଏହାର ବ୍ୟବହାରରେ ବ୍ରଣ, ଚର୍ମ କୁଞ୍ଚନ ଦୂର ହେବା ସହ ତ୍ୱଚା ଉଜ୍ଜ୍ୱଳ ଦିଶେ । ସୁସ୍ଥ, ସୁନ୍ଦର ତ୍ୱଚା ପାଇଁ ଏହାକୁ କିଭଳି ବ୍ୟବହାର କରିବେ, ଜାଣିବା ସେ ସମ୍ପର୍କରେ... ।



- ଆଲମଣ୍ଡକୁ ବାଟି ରଖନ୍ତୁ । ଏଥିରେ ଦହି ମିଶାଇ ମୁହଁ ଓ ବେକରେ ଲଗାନ୍ତୁ । ୧୦ ମିନିଟ୍ ପରେ ମୁହଁକୁ ଉଷୁମ ପାଣିରେ ଧୋଇ ଦିଅନ୍ତୁ । ସପ୍ତାହକୁ ଦୁଇ ଥର ଏହାକୁ ଲଗାଇଲେ ତ୍ୱଚା ଉଜ୍ଜ୍ୱଳ ଦିଶିବ ।
- ଆଲମଣ୍ଡ ପେଷ୍ଟରେ ପାଚିଲା ଅମୃତଭଣ୍ଡାକୁ ଚକଟି ଦିଅନ୍ତୁ । ଏହାକୁ ମୁହଁରେ ଲଗାଇ ଶୁଖିବା ପାଇଁ ଛାଡ଼ି ଦିଅନ୍ତୁ । କିଛି ସମୟ ପରେ ମୁହଁ ଧୋଇ ଦିଅନ୍ତୁ । ସପ୍ତାହକୁ ଥରେ କିମ୍ବା ଦୁଇଥର ବ୍ୟବହାର କରିବା ଦ୍ୱାରା ବ୍ଲାକ୍‌ହେଡ୍ସ ଦୂର ହୋଇଥାଏ ।
- ଆଲମଣ୍ଡ ପେଷ୍ଟରେ ନଡ଼ିଆ ରସ ମିଶାଇ ଲଗାନ୍ତୁ । ୫-୬ ଦିନରେ ଥରେ ଲଗାଇବା ଦ୍ୱାରା ତ୍ୱଚା କୋମଳ ରହେ ।
- ଆଲମଣ୍ଡ ପେଷ୍ଟରେ ମହୁ ମିଶାଇ ମୁହଁ ଓ ବେକରେ ଲଗାନ୍ତୁ । ଦଶ ମିନିଟ୍ ପରେ ଉଷୁମ ପାଣିରେ ଧୋଇ ଦିଅନ୍ତୁ । ଏହା ଦ୍ୱାରା ତ୍ୱଚା ତୁରନ୍ତ ଉଜ୍ଜ୍ୱଳ ଦିଶେ ।



## ବିସିସିଆଇର ବଡ଼ ନିଷ୍ପତ୍ତି

# ବଦଳିପାରିବେ ଗୁରୁତର ଆହତ ଖେଳାଳି



ମୁମ୍ବଇ,୧୬।୮ (ଏଜେନ୍ସି): ଘରୋଇ କ୍ରିକେଟର ପ୍ଲେଇଂ କଣ୍ଡିସନ ବା ଖେଳ ସର୍ତ୍ତାବଳୀରେ ବିସିସିଆଇ ଏକ ବଡ଼ ନିଷ୍ପତ୍ତି ନେଇଛି। ଚଳିତ ସିଜନର ସମସ୍ତ ଘରୋଇ ମଲ୍ଟି ଡେ (ଏକାଧିକ ଦିନ ଧରି ହେଉଥିବା କ୍ରିକେଟ) କ୍ରିକେଟ ପ୍ରତିଯୋଗିତାରେ ଗୁରୁତର ଆହତ ଖେଳାଳିଙ୍କୁ ପରିବର୍ତ୍ତନ କରାଯିବ। ଚଳିତ ସିଜନ ଲାଗି ବିସିସିଆଇ ପକ୍ଷରୁ ଘୋଷଣା କରାଯାଇଥିବା ପ୍ଲେଇଂ କଣ୍ଡିସନ୍‌ରେ ବିସିସିଆଇ 'ସିରିୟସ ଇଞ୍ଜୁରୀ ରିପ୍ଲେସ୍‌ମେଣ୍ଟ' କ୍ଲଜ୍ ଯୋଡିଛି। ଏହା କେବଳ ରଣଜୀ ଟ୍ରଫି, ଦୁଲୀପ ଟ୍ରଫି ଭଳି ଏକାଧିକ ଦିନ ଧରି ଖେଳାଯାଉଥିବା ଘରୋଇ କ୍ରିକେଟ ଟୁର୍ଣ୍ଣାମେଣ୍ଟରେ ଲାଗୁ ହେବ। ୧୯ ବର୍ଷରୁ କମ୍ ସିକେ ନାଇଡୁ ଟ୍ରଫିରେ ଏହି ନିୟମ ମଧ୍ୟ ଲାଗୁ ହେବ। କିନ୍ତୁ ଏହା ସୟଦ ମୁସ୍ତାକ ଅଲି ଟି-୨୦ କିମ୍ବା ବିଜୟ ହଜାରେ ଟ୍ରଫି ୫୦ ଓଭର ବିଶିଷ୍ଟ କ୍ରିକେଟରେ ଲାଗୁ ହେବ ନାହିଁ। ନିକଟରେ ଭାରତ-ଇଂଲଣ୍ଡ ଟେଷ୍ଟ ସିରିଜ୍‌ରେ ରଷଭ ପନ୍ତ୍ ଓ କ୍ରିସ୍ ଓକ୍ସଙ୍କ ଆହତ ହେବା ପରେ ବିସିସିଆଇ ଏଭଳି ନିଷ୍ପତ୍ତି ନେଇଛି। ଆଣ୍ଡରସନ-ତେନ୍ଦୁଲକର ଟ୍ରଫିରେ ଚତୁର୍ଥ ଟେଷ୍ଟରେ ଭାରତର ୱିକେଟ ରକ୍ଷକ ରଷଭ ପନ୍ତ୍‌ଙ୍କ ଗୋଡରେ ଆଘାତ ଲାଗିବା ଫଳରେ ଓ ପଞ୍ଚମ ଟେଷ୍ଟରେ କ୍ରିସ୍ ଓକ୍ସଙ୍କ କାନ୍ଧରେ ଗୁରୁତର ଆଘାତ ଲାଗିବା ଫଳରେ ଉଭୟ ଖେଳାଳି ମ୍ୟାଚ୍‌ରେ ଅବଶିଷ୍ଟ ସମୟ ଖେଳି ପାରି ନ ଥିଲେ। ଏପରିକି ମ୍ୟାଚ୍ ବଞ୍ଚାଇବା ଲାଗି ଓକ୍ସ ଗୋଟିଏ ହାତରେ ଯନ୍ତ୍ରଣାର ସହ ବ୍ୟାଟିଂ କରିଥିଲେ।

ଗୁରୁତର ଆହତ ହୋଇଥିଲେ ମଧ୍ୟ ଆଇସିସି ନିୟମ ଅନୁଯାୟୀ ସେମାନଙ୍କ ସ୍ଥାନରେ ଅନ୍ୟ କୌଣସି ଖେଳାଳିଙ୍କୁ ପରିବର୍ତ୍ତନ କରାଯାଇ ନ ଥିଲା। ଯାହା ଫଳରେ ଉଭୟ ଦଳ ସମ୍ପୃକ୍ତ ମ୍ୟାଚ୍‌ରେ ଜଣେ ଲେଖାଏଁ ଖେଳାଳିଙ୍କ ଅନୁପସ୍ଥିତିରେ ଖେଳିଥିଲେ। ଟେଷ୍ଟ ମ୍ୟାଚ୍‌ରେ କେବଳ କନକସସ ନିୟମ ଅନୁଯାୟୀ ଜଣେ ଖେଳାଳିଙ୍କୁ ପରିବର୍ତ୍ତନ କରାଯିବାର ଏବେ ନିୟମ ରହିଛି। କିନ୍ତୁ ପନ୍ତ ଓ ଓକ୍ସଙ୍କ ଗୁରୁତର ଆଘାତ ପରେ ଏହି ନିୟମରେ ପରିବର୍ତ୍ତନ ଆଣିବାକୁ ଦାବି ଜୋର ହୋଇଥିଲା। ଏପରିକି ଯେଉଁ ଖେଳାଳି ଆହତ ହୋଇଛନ୍ତି, ଠିକ୍ ତାଙ୍କ ପରି ଜଣେ ସମାନ ଖେଳାଳିଙ୍କୁ ଅବଶିଷ୍ଟ ମ୍ୟାଚ୍‌ରେ ଖେଳିବାକୁ ସୁଯୋଗ ଦେବାକୁ ଦାବି କରାଯାଇଥିଲା। କିନ୍ତୁ ଏ ସମ୍ପର୍କରେ ଆଇସିସି ପକ୍ଷରୁ କୌଣସି ପ୍ରତିକ୍ରିୟା ପ୍ରକାଶ ପାଇ ନ ଥିଲା କିମ୍ବା ନିୟମ ପରିବର୍ତ୍ତନ ଲାଗି କିଛି ପଦକ୍ଷେପ ନିଆଯାଇ ନ ଥିଲା।

ବିସିସିଆଇ ଏବେ ପାଦେ ଆଗେଇଯାଇ ଏପରି ଖେଳାଳିଙ୍କୁ ପରିବର୍ତ୍ତନ କରାଯିବାକୁ ନିଷ୍ପତ୍ତି ନେଇଛି। ଏହା ଫଳରେ ଯଦି ଦଳରେ ଜଣେ ଖେଳାଳି ଗୁରୁତର ଆହତ ହୁଅନ୍ତି, ତେବେ ତାଙ୍କ ସମକକ୍ଷ ଜଣେ ଖେଳାଳିଙ୍କୁ ଅବଶିଷ୍ଟ ସମୟରେ ଖେଳିବାକୁ ସୁଯୋଗ ଦିଆଯିବ ବୋଲି ବିସିସିଆଇ ପ୍ଲେଇଂ କଣ୍ଡିସନରେ ଯୋଡିଛି। ଏହା ନିଶ୍ଚିତଭାବେ ଆହତ ସମସ୍ୟା ଲାଗି ଗୋଟିଏ ଦଳ ଅସୁବିଧାରେ ପଡ଼ିବ ନାହିଁ। କିନ୍ତୁ ବିସିସିଆଇ ସର୍ତ୍ତ ରଖିଛି ଯେ, ଆଘାତ ସମସ୍ୟାଟି ଖେଳ ପଡ଼ିଆ ମଧ୍ୟରେ ହୋଇଥିବ। ଖେଳାଳିଙ୍କ ବାହାର ଅଂଶରେ ଆଘାତ ଲାଗିଥିବା ଜରୁରୀ। ଯେପରି ଜଣେ ଖେଳାଳିଙ୍କ ହାତଗୋଡ କିମ୍ବା ଅନ୍ୟ କିଛି ଭାଙ୍ଗିଯିବା, ଗଭୀର କ୍ଷତ ସୃଷ୍ଟି ହେବ କିମ୍ବା କାନ୍ଧରୁ ହାଡ ଖସିଯିବା। ଏପରି ଆଘାତ ହୋଇଥିଲେ ଖେଳାଳି ପରିବର୍ତ୍ତନ ଲାଗି ମ୍ୟାଚ୍ ରେଫରି ଉଭୟ ଡାକ୍ତର ଓ ଅମ୍ପାୟାର ନିଷ୍ପତ୍ତି ନେଇ ସମଦକ୍ଷତା ସମ୍ପନ୍ନ ଖେଳାଳିଙ୍କୁ ଅବଶିଷ୍ଟ ମ୍ୟାଚ୍‌ରେ ଖେଳିବା ଲାଗି ଅନୁମତି ଦେଇ ପାରିବେ। ଉଭୟ ଆହତ ଓ ବଦଳ ଖେଳାଳି ଏହି ମ୍ୟାଚ୍ ଖେଳିବାର ରେକର୍ଡ ରହିବ।

## ଫିଟ୍‌ହେଲେ ସୂର୍ଯ୍ୟକୁମାର

ବେଙ୍ଗାଲୁରୁ, ୧୬।୮ (ଏଜେନ୍ସି): ଆସନ୍ତା ମାସରେ ଖେଳାଯିବାକୁ ଥିବା ଏସିଆ କପ୍ କ୍ରିକେଟ୍ ଟୁର୍ଣ୍ଣାମେଣ୍ଟ ଲାଗି ଭାରତୀୟ ଦଳ ପାଇଁ ଏକ ଖୁସି ଖବର ଆସିଛି। ଟି-୨୦ ଦଳର ଅଧିନାୟକ ସୂର୍ଯ୍ୟକୁମାର ଯାଦବ ଫିଟନେସ ପରୀକ୍ଷାରେ ଉତ୍ତୀର୍ଣ୍ଣ ହୋଇଛନ୍ତି। ଗତ ଜୁନ ମାସରେ ଜର୍ମାନୀରେ ସୂର୍ଯ୍ୟକୁମାରଙ୍କ ସ୍ପୋର୍ଟ୍ସ ହାର୍ଣ୍ଣିଆ ଅପରେସନ ହୋଇଥିଲା। ଅପରେସନ ପରେ ସୁସ୍ଥ ହୋଇଥିବା ସୂର୍ଯ୍ୟଙ୍କର ବେଙ୍ଗାଲୁରୁସ୍ଥିତ ସେଣ୍ଟର ଅଫ୍ ଏକ୍ସଲେନ୍ସ (ସିଓଇ) ରେ ଫିଟନେସ ପରୀକ୍ଷା ହୋଇଥିଲା। ଏଥିରେ ସେ ପାସ୍ କରିଥିବା ବିସିସିଆଇ ପକ୍ଷରୁ ଜଣାପଡ଼ିଛି। ଫଳରେ ଏସିଆ କପ୍‌ରେ ସେ ଦଳରେ ନେତୃତ୍ୱ ନେବା ନିଶ୍ଚିତ ହୋଇଛି। ଏସିଆ କପ୍ ଲାଗି ମଙ୍ଗଳବାର ୧୫ ଜଣିଆ ଦଳ ଚୟନ ହେବ। ଏଥିରେ ମୁଖ୍ୟ ଚୟନକର୍ତ୍ତାଙ୍କ ସହ ୩୪ ବର୍ଷୀୟ ସୂର୍ଯ୍ୟକୁମାର ଉପସ୍ଥିତ ରହିବେ। ସେପ୍ଟେମ୍ବର ୯ ରୁ ୟୁଏଇରେ ଏସିଆ କପ୍ କ୍ରିକେଟ୍ ଖେଳାଯିବ। ଆୟୋଜକ ୟୁଏଇ, ପାକିସ୍ତାନ ଓ ଓମାନ ସହ ଭାରତ ଗ୍ରୁପ୍-ଏ'ରେ ସ୍ଥାନ ପାଇଛି। ସେପ୍ଟେମ୍ବର ୧୦ରେ ୟୁଏଇ ସହ ଖେଳି ଭାରତ ଟୁର୍ଣ୍ଣାମେଣ୍ଟରେ ଅଭିଯାନ ଆରମ୍ଭ କରିବ। ଏହାପରେ ସେପ୍ଟେମ୍ବର ୧୪ରେ ପାକିସ୍ତାନ ଓ ୧୯ ରେ ଓମାନ ସହ ଶେଷ ଗ୍ରୁପ୍ ମ୍ୟାଚ୍ ଖେଳିବ। ପ୍ରତି ଗ୍ରୁପ୍‌ର ଦୁଇ ଶ୍ରେଷ୍ଠ ଦଳ ସୁପର୍-୪କୁ ଯୋଗ୍ୟତା ଅର୍ଜନ କରିବେ।

## ପୂର୍ବତନ ଅଷ୍ଟ୍ରେଲୀୟ ଅଧିନାୟକ ସିମ୍ପ୍‌ସନ୍‌ଙ୍କ ପରଲୋକ



ସିଡନୀ, ୧୬।୮ (ଏଜେନ୍ସି): ଅଷ୍ଟ୍ରେଲିଆ କ୍ରିକେଟ୍ ଦଳର ପୂର୍ବତନ ଅଧିନାୟକ ବବ୍ ସିମ୍ପସନଙ୍କ ପରଲୋକ ଘଟିଛି। ମୃତ୍ୟୁବେଳକୁ ତାଙ୍କୁ ୮୯ ବର୍ଷ ବୟସ ହୋଇଥିଲା। କ୍ରିକେଟ ଅଷ୍ଟ୍ରେଲିଆ (ସିଏ) ପକ୍ଷରୁ ଶନିବାର ଏହି ସୂଚନା ଦିଆଯାଇଛି। ଜଣେ ଓପନିଂ ବ୍ୟାଟର୍ ସହ ସିମ୍ପସନ ଲେଗ୍-ସ୍ପିନ ବୋଲିଂ ମଧ୍ୟ କରିଥାନ୍ତି। ସେହିଭଳି ସ୍ଲିପ ଅଞ୍ଚଳରେ ସେ ଜଣେ ଶ୍ରେଷ୍ଠ ଫିଲ୍ଡର ଥିଲେ। ସିମ୍ପସନଙ୍କୁ ୧୬ ବର୍ଷ ହୋଇଥିବାବେଳେ ସେ ନ୍ୟୁ ସାଉଥୱେଲ୍ସ ପକ୍ଷରୁ ପ୍ରଥମଶ୍ରେଣୀ କ୍ରିକେଟ୍‌ରେ ପଦାର୍ପଣ କରିଥିଲେ। ୧୯୫୭ରୁ ୧୯୭୮ ମସିହା ମଧ୍ୟରେ ସେ ଅଷ୍ଟ୍ରେଲିଆ ପାଇଁ ୬୨ ଟେଷ୍ଟ ମ୍ୟାଚରେ ପ୍ରତିନିଧିତ୍ୱ କରିଥିଲେ। ଯେଉଁଥିରେ ସେ ୪୬.୮୧ ହାରରେ ୪୮୬୯ ରନ ସଂଗ୍ରହ କରିଥିଲେ। ତାଙ୍କ ନାମରେ ୧୦ ଶତକ ଓ ୨୭ ଅର୍ଦ୍ଧଶତକ ଲିପିବଦ୍ଧ ରହିଛି। ସେହିଭଳି ସେ ଟେଷ୍ଟରେ ୭୧ଟି ୱିକେଟ୍ ମଧ୍ୟ ଅକ୍ତିଆର କରିଛନ୍ତି। ଏହାବାଦ୍ ପ୍ରଥମଶ୍ରେଣୀ ଫର୍ମାଟ୍‌ରେ ସେ ୨୫୭ ମ୍ୟାଚ୍ ଖେଳି ୬୦ ଶତକ ଓ ୧୦୦ ଅର୍ଦ୍ଧଶତକ ସହ ୨୧,୦୨୯ ରନ ସଂଗ୍ରହ କରିଥିଲେ। ଅବସର ପରେ ସିମ୍ପସନ ୧୯୮୬ରୁ ୧୯୯୬ ପର୍ଯ୍ୟନ୍ତ ୧୦ ବର୍ଷ ଧରି ଅଷ୍ଟ୍ରେଲିଆ ଦଳର ପ୍ରଶିକ୍ଷକ ଦାୟିତ୍ୱ ତୁଲାଇଥିଲେ। ତାଙ୍କ ପ୍ରଶିକ୍ଷଣ କାଳରେ ଅଷ୍ଟ୍ରେଲିଆ ୧୯୮୭ ବିଶ୍ୱକପ ଓ ୧୯୮୯ରେ ଆସେସ୍ ସିରିଜ ବିଜୟୀ ହୋଇଥିଲା।

## ଜାତୀୟସ୍ତରର ଫୁଟ୍‌ବଲ ଖେଳାଳି ଉତ୍ତମଙ୍କ ବିୟୋଗ

ଭୁବନେଶ୍ୱର, ୧୬।୮ (ସମିସ): ଓଡ଼ିଶାର ପୂର୍ବତନ ଜାତୀୟସ୍ତରର ଫୁଟବଲ୍ ଖେଳାଳି ଉତ୍ତମ କୁମାର ବେହେରାଙ୍କ ୫୫ ବର୍ଷ ବୟସରେ



ବିୟୋଗ ଘଟିଛି। ସେ କିଛିଦିନ ଧରି ଅସୁସ୍ଥ ଥିଲେ। ମୃତ୍ୟୁଶର୍ଯ୍ୟା ନିକଟରେ ପତ୍ନୀ, ପୁତ୍ର ଓ କନ୍ୟା ଉପସ୍ଥିତ ଥିଲେ। ତାଙ୍କ ବିୟୋଗରେ ଫୁଟ୍‌ବଲ ଆସୋସିଏସନ ଅଫ୍ ଓଡ଼ିଶା (ଫାଓ) ପକ୍ଷରୁ ଗଭୀର ଶୋକ ପ୍ରକାଶ କରାଯାଇଛି। ସ୍ୱର୍ଗତ ଉତ୍ତମ ଜଣେ ଗୋଲ୍‌କିପର ଭାବେ ରାଜ୍ୟ ପକ୍ଷରୁ ଖେଳୁଥିଲେ। ସେ ଜାତୀୟ ଜୁନିଅର ଓ ସବ୍‌ଜୁନିଅର ବର୍ଗରେ ବହୁ ଜାତୀୟସ୍ତରର ଟୁର୍ଣ୍ଣାମେଣ୍ଟରେ ଓଡ଼ିଶା ପକ୍ଷରୁ ପ୍ରତିନିଧିତ୍ୱ କରିଥିଲେ।

## ଜମିଲ୍‌ଙ୍କ ଦଳରେ ସ୍ଥାନ ପାଇଲେନି ଛେତ୍ରୀ

ବେଙ୍ଗାଲୁରୁ, ୧୬।୮ (ଏଜେନ୍ସି): ଆଗାମୀ କାଫା ନେସନ୍ସ କପ୍ ଲାଗି ୩୫ ଜଣିଆ ସମ୍ଭାବ୍ୟ ଭାରତୀୟ ସିନିଅର ପୁରୁଷ ଫୁଟ୍‌ବଲ ଦଳ ଘୋଷଣା କରାଯାଇଛି।



ନବନିଯୁକ୍ତ ମୁଖ୍ୟ ପ୍ରଶିକ୍ଷକ ଖଲିଦ ଜମିଲଙ୍କ ଦ୍ୱାରା ଘୋଷିତ ଦଳରେ ଅଭିଜ୍ଞ ଷ୍ଟ୍ରାଇକର୍ ସୁନିଲ ଛେତ୍ରୀଙ୍କ ନାମ ନାହିଁ। ତେବେ ୪୧ ବର୍ଷୀୟ ଛେତ୍ରୀଙ୍କୁ ଦଳରୁ ବାଦ୍ ଦିଆଯାଇଛି କି ସେ ନିଜ ଆଡୁ ବିଶ୍ରାମ ନେଇଛନ୍ତି ସେ ସମ୍ପର୍କରେ କିଛି ସ୍ପଷ୍ଟ କରାଯାଇନାହିଁ। ଅବସର ପରେ ପୁଣିଥରେ ଅନ୍ତର୍ଜାତୀୟ ଫୁଟ୍‌ବଲକୁ ପ୍ରତ୍ୟାବର୍ତ୍ତନ କରି ଛେତ୍ରୀ ୪ଟି ମ୍ୟାଚ୍ ଖେଳିସାରିଛନ୍ତି। କିନ୍ତୁ ତାଙ୍କ ପ୍ରଦର୍ଶନ ସେତେଟା ଉତ୍ସାହଜନକ ରହିନାହିଁ। ସେ ମାତ୍ର ଗୋଟିଏ ଗୋଲ୍ ଦେଇଛନ୍ତି। ତେଣୁ ନୂଆ ପ୍ରଶିକ୍ଷକ ଜମିଲ ପ୍ରଦର୍ଶନକୁ ନେଇ ତାଙ୍କୁ ବାଦ୍ ଦେଇଥିବା ଆଲୋଚନା ହେଉଛି। ଏ ସମ୍ପର୍କରେ କିନ୍ତୁ ସର୍ବଭାରତୀୟ ଫୁଟବଲ ମହାସଂଘ (ଏଆଇଏଫ୍‌ଏଫ୍) ପକ୍ଷରୁ କିଛି ସ୍ପଷ୍ଟ କରାଯାଇନାହିଁ। ସମ୍ଭାବ୍ୟ ଖେଳାଳିଙ୍କୁ ନେଇ ବେଙ୍ଗାଲୁରୁରେ ପ୍ରଶିକ୍ଷଣ ଶିବିର ଆରମ୍ଭ ହେବ। କାଫା ନେସନ୍ସ କପ୍‌ରେ ଭାରତ ଅଗଷ୍ଟ ୨୯ରେ ତାଜିକିସ୍ତାନ, ସେପ୍ଟେମ୍ବର ୧ରେ ଇରାନ ଓ ୪ରେ ଆଫଗାନିସ୍ତାନ ସହ ଖେଳିବାର କାର୍ଯ୍ୟସୂଚୀ ରହିଛି।

# ସିରିଜ ସୁଇପ୍ ଲକ୍ଷ୍ୟରେ ଭାରତ-ଏ

ବ୍ରିସବେନ, ୧୬।୮ (ଏଜେନ୍ସି): ଅଷ୍ଟ୍ରେଲିଆ ଗସ୍ତରେ ଥିବା ଭାରତ-ଏ ମହିଳା କ୍ରିକେଟ୍ ଦଳ ଦିନିକିଆ ସିରିଜକୁ ଆଗୁଆ କବଜା କରିନେଇଛି। ପ୍ରଥମ ଦିନିକିଆରେ ଅଷ୍ଟ୍ରେଲିଆ-ଏ ମହିଳା କ୍ରିକେଟ୍ ଦଳକୁ ଭାରତ-ଏ ୩ ୱିକେଟ୍‌ରେ ହରାଇଥିଲା। ଏହାପରେ ସ୍ୱାଧୀନତା ଦିବସରେ ଖେଳାଯାଇଥିବା ୨ୟ ଦିନିକିଆକୁ ଭାରତ-ଏ ୨ ୱିକେଟ୍‌ରେ ଜିତିନେଇଥିଲା। ଏହି ମ୍ୟାଚରେ ପ୍ରଥମେ ବ୍ୟାଟିଂ କରିଥିବା ଘରୋଇ ଅଷ୍ଟ୍ରେଲିଆ-ଏ ଆଲିସା ହେଲୀଙ୍କ ଅର୍ଦ୍ଧଶତକ ବଳରେ ୫୦ ଓଭରରେ ୯ ୱିକେଟରେ ୨୬୫ ରନ କରିଥିଲା। ହେଲୀ ସର୍ବାଧିକ ୯୧ ରନ କରିଥିଲେ। ଭାରତ-ଏ ପକ୍ଷରୁ ମିନୁ ମାନି ୩ ଓ ସଇମା ଠାକୁର ୨ଟି ୱିକେଟ୍ ନେଇଥିଲେ। ଜବାବରେ ଭାରତ-ଏ ନିମ୍ନକ୍ରମର ବ୍ୟାଟରଙ୍କ ଉପଯୋଗୀ ପାଳି ବଳରେ ଗୋଟିଏ ବଲ୍ ଓ ୨ ୱିକେଟ ବଳକା ଥାଇ ବିଜୟୀ ହୋଇଥିଲା। ଓପନର ୟସ୍ତିକା ଭାଟିଆ ସର୍ବାଧିକ ୬୬ ରନ କରିଥିଲେ। ସେହିଭଳି ଅଧିନାୟିକା ରାଧା ଯାଦବ ୬୦ ଓ ୮ମ ସ୍ଥାନରେ ଆସିଥିବା ତନୁଜା କନୱର ୫୦ ରନ କରି ଦଳକୁ ଆଗୁଆ ସିରିଜ କବଜା କରିବାରେ ସହାୟତା କରିଥିଲେ। ରବିବାର ଅନ୍ତିମ ତଥା ୩ୟ ମ୍ୟାଚ୍ ଖେଳାଯିବ। ଏହି ମ୍ୟାଚ୍ ଜିତି ଭ୍ରମଣକାରୀ ଭାରତ-ଏ ସିରିଜ କ୍ଲିନ ସୁଇପ୍ କରିବାକୁ ଲକ୍ଷ୍ୟ ରଖିଛି।

## ବିଡବ୍ଲ୍ୟୁଏଫ୍ ୱାର୍ଲ୍ଡ ଜୁନିଅର ଚାମ୍ପିଅନସିପ୍

## ଭାରତୀୟ ଦଳରେ ବିଶାଖା

ଭୁବନେଶ୍ୱର, ୧୬।୮ (ସମିସ): ବିଶ୍ୱ ବ୍ୟାଡ୍‌ମିଣ୍ଟନର ଅନ୍ୟତମ ସମ୍ମାନଜନକ ଜୁନିଅର ପ୍ରତିଯୋଗିତା ବିଡବ୍ଲ୍ୟୁଏଫ୍ ୱାର୍ଲ୍ଡ ଜୁନିଅର ଚାମ୍ପିଅନସିପ୍ ଲାଗି ଭାରତୀୟ ଦଳ ଘୋଷଣା କରାଯାଇଛି। ଯେଉଁଥିରେ ସୁନ୍ଦରଗଡ଼ର ବିଶାଖା ଟପ୍ପୋ ସ୍ଥାନ ପାଇଛନ୍ତି। ସେ ଉଭୟ ଦଳଗତ ଓ ବ୍ୟକ୍ତିଗତ ଇଭେଣ୍ଟରେ ଭାରତ ପକ୍ଷରୁ ପ୍ରତିନିଧିତ୍ୱ କରିବେ। ବିଶାଖା ଭୁବନେଶ୍ୱରସ୍ଥିତ ସାଇ ରିଜିଓନାଲ ବ୍ୟାଡ୍‌ମିଣ୍ଟନ ଏକାଡେମୀରେ ପ୍ରଶିକ୍ଷଣ ନେଉଛନ୍ତି। ୨୦୧୯ରେ



ବିଶାଖା ୧୩ ବର୍ଷରୁ କମ୍ ସିଙ୍ଗଲ୍ସରେ ରାଜ୍ୟ ଚାମ୍ପିଅନ ହୋଇଥିଲେ। ଭାରତୀୟ ଦଳରେ ସ୍ଥାନ ପାଇଥିବାରୁ ଏହି ଅବସରରେ ରାଜ୍ୟ କ୍ରୀଡ଼ା ଜଗତରୁ ତାଙ୍କ ନିକଟକୁ ଶୁଭେଚ୍ଛାର ସୁଅ ଛୁଟିଛି। ଉଲ୍ଲେଖଯୋଗ୍ୟ, ଅକ୍ଟୋବର ୬ରୁ ୧୯ ତାରିଖ ପର୍ଯ୍ୟନ୍ତ ବିଡବ୍ଲ୍ୟୁଏଫ୍ ୱାର୍ଲ୍ଡ ଜୁନିଅର ଚାମ୍ପିଅନସିପ୍ ଗୌହାଟୀରେ ଖେଳାଯିବ। ଏହି ସମ୍ମାନଜନକ ବିଶ୍ୱସ୍ତରୀୟ ବ୍ୟାଡ୍‌ମିଣ୍ଟନ ପ୍ରତିଯୋଗିତାରେ ୩୭ଟି ଦଳ ଭାଗନେବେ। ଦଳଗତ ଇଭେଣ୍ଟରେ ଭାରତ ୨ୟ ସିଡ୍ ମାନ୍ୟତା ପାଇଛି। ଆୟୋଜକ ଭାରତ ଗ୍ରୁପ୍-ଏଚ୍'ରେ ହଂକଂ, ନେପାଳ ଓ ଘାନା ସହ ସ୍ଥାନ ପାଇଛି। ପ୍ରତି ଗ୍ରୁପ୍‌ର ଶୀର୍ଷ ଦଳ କ୍ୱାର୍ଟର ଫାଇନାଲକୁ ପ୍ରବେଶ କରିବ। ୨୦୦୮ ପରେ ପ୍ରଥମଥର ଲାଗି ଭାରତ ଏହି ମେଗା ଇଭେଣ୍ଟ ଆୟୋଜନ କରିବାର ଅଧିକାର ହାସଲ କରିଛି।

## ମ୍ୟାଚ୍‌ରେ ମ୍ୟାକ୍ସୱେଲ, ସିରିଜ୍‌ରେ ଡେଭିଡ୍ ଶ୍ରେଷ୍ଠ

# ଅଷ୍ଟ୍ରେଲିଆର ଟି-୨୦ ସିରିଜ୍ କବ୍‌ଜା

କେର୍ନସ,୧୬।୮ (ଏଜେନ୍ସି): ଅଲରାଉଣ୍ଡର ଗ୍ଲେନ୍ ମ୍ୟାକ୍ସୱେଲ (୩୬ ବଲ୍‌ରେ ୬୨*ରନ୍)ଙ୍କ ବିସ୍ଫୋରକ ଅପରାଜିତ ଅର୍ଦ୍ଧଶତକ ବଳରେ ଏଠାରେ ଶନିବାର ଅନୁଷ୍ଠିତ ତୃତୀୟ ତଥା ଶେଷ ଟି-୨୦ ରୋମାଞ୍ଚକ ମ୍ୟାଚ୍‌ରେ ଅଷ୍ଟ୍ରେଲିଆ ୨ ୱିକେଟରେ ଭ୍ରମଣକାରୀ ଦକ୍ଷିଣ ଆଫ୍ରିକାକୁ ପରାସ୍ତ କରିଛି। ଏହା ଫଳରେ ୩ ମ୍ୟାଚ୍ ବିଶିଷ୍ଟ ଟି-୨୦ ସିରିଜ୍‌କୁ ଘରୋଇ ଦଳ ୨-୧ ବ୍ୟବଧାନରେ ଜିତିନେଇଛି। ଏହି ମ୍ୟାଚ୍‌ରେ ନଂ-୬ରେ ବ୍ୟାଟିଂ କରିବାକୁ ଆସି ୩୬ ବଲ୍‌ରୁ ୮ ଚୌକା ଓ ୨ ଛକା ସହ ୬୨ ରନ୍ କରି ଅପରାଜିତ ଥିବା ମ୍ୟାକ୍ସୱେଲଙ୍କୁ ମ୍ୟାଚ୍‌ର ଶ୍ରେଷ୍ଠ ଖେଳାଳି ବିବେଚିତ କରାଯାଇଛି। ସେହିପରି ୩ଟି ମ୍ୟାଚ୍‌ରେ ୧୫୦ ରନ୍ କରିଥିବା ଅଷ୍ଟ୍ରେଲିଆର ଟିମ୍ ଡେଭିଡ୍‌ଙ୍କୁ ସିରିଜ୍‌ର ଶ୍ରେଷ୍ଠ ଖେଳାଳି ବିବେଚିତ କରାଯାଇଛି। ଟି-୨୦ ପରେ ୩ ମ୍ୟାଚ୍ ବିଶିଷ୍ଟ ଦିନିକିଆ ସିରିଜ୍ ଏଠାରେ ଅଗଷ୍ଟ ୧୯ରୁ ଆରମ୍ଭ ହେବ। ଏହା ପରେ ମ୍ୟାକୟରେ ଅଗଷ୍ଟ ୨୨ ଓ ୨୩ରେ ଶେଷ ଦୁଇଟି ଦିନିକିଆ ମ୍ୟାଚ୍ ଖେଳାଯିବ।

ଏହି ମ୍ୟାଚ୍‌ରେ ଯୁବ ଖେଳାଳି ଡିୱାଲ୍ଡ ବ୍ରେଭିସ୍‌ଙ୍କ ୫୩ ଓ ରାସି ଭାନ ଡର ଡୁସେନଙ୍କ ଅପରାଜିତ ୩୮ ରନ୍ ସହାୟତାରେ ପ୍ରଥମେ ବ୍ୟାଟିଂ କରି ଦକ୍ଷିଣ ଆଫ୍ରିକା ୭ ୱିକେଟରେ ୧୭୨ ରନ୍ କରିଥିଲା। ନାଥାନ ଏଲିସ୍ ୩ଟି, ଜୋଶ ହାଜ୍‌ଲେଉଡ୍ ଓ ଆଦାମ ଜାମ୍ପା ୨ଜଣ ଲେଖାଏଁ ଖେଳାଳିଙ୍କୁ ଆଉଟ କରିବା ଫଳରେ ଅଷ୍ଟ୍ରେଲିଆ ଆଗରେ ୧୭୩ ରନ୍‌ର ବିଜୟ ଲକ୍ଷ୍ୟ ଧାର୍ଯ୍ୟ ହୋଇଥିଲା। ଏହାକୁ ପିଛା କରି ଅଷ୍ଟ୍ରେଲିଆ ଭଲ ଆରମ୍ଭ କରି ୮ ଓଭରରୁ ୬୬ ରନ୍ ଉଠାଇଥିଲା। କିନ୍ତୁ ଓପନର ଟ୍ରାଭିସ ହେଡ୍‌ଙ୍କୁ ଆଇଡେନ ମାର୍କରାମ ଆଉଟ କରି



ବ୍ରେକ୍ ଥ୍ରୁ ଦେବା ପରେ ଅଷ୍ଟ୍ରେଲିଆ ୨୦ ରନ୍‌ରେ ୪ଟି ୱିକେଟ ହରାଇ ବିପର୍ଯ୍ୟୟର ସମ୍ମୁଖୀନ ହୋଇଥିଲା। ଡେଭିଡ୍ ଓ ମ୍ୟାକ୍ସୱେଲ ପାଳି ସଜାଡିଆସୁଥିଲାବେଳେ ଦଳ ୨ ରନ୍‌ରେ ୨ଟି ୱିକେଟ ହରାଇ ପୁଣି ବିପଦରେ ପଡ଼ିଥିଲା। ଏହି ସମୟରେ ଦଳ ୧୩.୫ ଓଭରରେ ୧୨୨ ରନ୍‌ରେ ୬ ୱିକେଟ ହରାଇଥିଲା। ଏହି ସମୟରେ ୮ ବଲ୍‌ରେ ୭ ରନ୍ କରିଥିବା ମ୍ୟାକ୍ସୱେଲ ଏକାକୀ ଲଢୁଆ ଖେଳି ଦକ୍ଷିଣ ଆଫ୍ରିକା ନିକଟରୁ ମ୍ୟାଚ୍ ଛଡ଼ାଇଆଣିଥିଲେ। ଏହି ସ୍କୋର ପରେ ୨ଜଣ ଖେଳାଳି ଆଉଟ ହୋଇଥିଲାବେଳେ ଗୋଟିଏ ରନ୍ ହୋଇଥିଲା। ମ୍ୟାକ୍ସୱେଲ ଏକାକୀ ଅବଶିଷ୍ଟ ରନ୍ ସଂଗ୍ରହ କରି ଗୋଟିଏ ବଲ ବାକିଥାଇ ଦଳକୁ ମ୍ୟାଚ୍ ଜିତାଇଥିଲେ। ପରାଜିତ ଦଳର କର୍ବିନ ବୋଶ ୩ଟି, କାଗିସୋ ରାବାଡ଼ା ଓ କ୍ୱେନା ମାପାକା ୨ଜଣ ଲେଖାଏଁ ଖେଳାଳିଙ୍କୁ ଆଉଟ କରିଥିଲେ ମଧ୍ୟ ତାହା ଦଳକୁ ଜିତାଇ ପାରି ନ ଥିଲା।

## ଏଫ୍‌ଆଇଏଚ୍ ପୁରୁଷ ବିଶ୍ୱକପ୍-୨୦୨୬

# ଜର୍ମାନୀର ଯୋଗ୍ୟତା ଅର୍ଜନ

ବର୍ଲିନ୍,୧୬।୮ (ଏଜେନ୍ସି): ୩ ଥରର ଚାମ୍ପିଅନ ଜର୍ମାନୀ ୨୦୨୬ ଏଫ୍‌ଆଇଏଚ୍ ପୁରୁଷ ହକି ବିଶ୍ୱକପ୍ ଖେଳିବାକୁ ଯୋଗ୍ୟତା ଅର୍ଜନ କରିଛି। ସ୍ପେନ୍‌କୁ ୪-୧ ଗୋଲରେ ହରାଇ ଡିଫେଣ୍ଡିଂ ଚାମ୍ପିଅନ ଜର୍ମାନୀ ଏଠାରେ ଚାଲିଥିବା ୟୁରୋ କପ୍ ହକି ପ୍ରତିଯୋଗିତାର ଫାଇନାଲରେ ପ୍ରବେଶ କରିବା ପରେ ସିଧାସଳଖ ଯୋଗ୍ୟତା ଅର୍ଜନ କରିଛି। ଅନ୍ୟ ଏକ ସେମିଫାଇନାଲରେ ଫ୍ରାନ୍ସକୁ ହରାଇ ନେଦରଲାଣ୍ଡସ ମଧ୍ୟ ଫାଇନାଲରେ ପ୍ରବେଶ କରିଛି। ନିୟମ ଅନୁଯାୟୀ ୟୁରୋକପ୍ ଚାମ୍ପିଅନ ହକି ବିଶ୍ୱକପ୍‌କୁ ସିଧାସଳଖ ଯୋଗ୍ୟତା ଅର୍ଜନ କରିବା କଥା। କିନ୍ତୁ ୨୦୨୬ ବିଶ୍ୱକପ୍ ବେଲଜିୟମ ଓ ନେଦରଲାଣ୍ଡସରେ ଖେଳାଯିବ। ଏଣୁ ଆୟୋଜକ ଭାବେ ଉଭୟ ଦଳ ବିଶ୍ୱକପ୍‌କୁ ଯୋଗ୍ୟତା ଅର୍ଜନ କରିସାରିଥିବାରୁ ଅନ୍ୟ କୌଣସି ପ୍ରକାର ଯୋଗ୍ୟତା ଅର୍ଜନରେ ଏହି ଦୁଇ ଦେଶ ସାମିଲ ହେବେ ନାହିଁ। ଏଣୁ ୟୁରୋକପ୍‌ରେ ନେଦରଲାଣ୍ଡସ ଚାମ୍ପିଅନ ହେଲେ ମଧ୍ୟ ପୂର୍ବରୁ ବିଶ୍ୱକପ୍‌କୁ ଯୋଗ୍ୟତା ଅର୍ଜନ କରିସାରିଥିବାରୁ ୟୁରୋପର ଦ୍ୱିତୀୟ ଦଳ ଭାବେ ଜର୍ମାନୀ ଯୋଗ୍ୟତା ଅର୍ଜନ କରିବ। ଏଣୁ ୟୁରୋ କପ୍ ଫାଇନାଲର ଫଳାଫଳ ଯାହା ହେଉ ପଛେ ଜର୍ମାନୀ ଟାଇଟଲ ରକ୍ଷା ଲାଗି ସୁଯୋଗ ପାଇଛି। ସେହିପରି ୨୦୨୩-୨୪ ପ୍ରୋ-ଲିଗ୍‌ରେ ଚାମ୍ପିଅନ ହୋଇଥିବା ଦଳ ମଧ୍ୟ ଯୋଗ୍ୟତା ଅର୍ଜନ କରିବା କଥା। ପ୍ରୋ-ଲିଗ୍‌ରେ ନେଦରଲାଣ୍ଡସ ଚାମ୍ପିଅନ ଓ ବେଲଜିୟମ ରନର୍ସ ଅପ୍ ହୋଇଥିବାରୁ ଏମାନେ ବାଦ୍ ପଡ଼ିଛନ୍ତି। ଏହା ଫଳରେ ପଏଣ୍ଟ ତାଲିକାରେ ତୃତୀୟ ସ୍ଥାନରେ ଥିବା ସ୍ପେନ୍ ପ୍ରୋ-ଲିଗ୍ କୋଟାରୁ ଯୋଗ୍ୟତା ଅର୍ଜନ କରିଛି। ସେହିପରି ୨୦୨୪-୨୫ ପ୍ରୋ-ଲିଗ୍‌ରେ ଚାମ୍ପିଅନ ହୋଇଥିବାରୁ ୬ଟି ଦଳକୁ ଯୋଗ୍ୟତା, ୧୦ ସ୍ଥାନ ପୂରଣ ହେବ: ଏଫ୍‌ଆଇଏଚ୍ ପୁରୁଷ ବିଶ୍ୱକପ୍‌ରେ ୧୬ଟି ଦଳ ଅଂଶଗ୍ରହଣ କରିବେ। ଏଯାଏ ବିଭିନ୍ନ କୋଟାରେ ୬ଟି ଦଳ ଯୋଗ୍ୟତା ଅର୍ଜନ କରିସାରିଛନ୍ତି। ତାହା ମଧ୍ୟରେ ୟୁରୋପର ୪ଟି ଦଳ ରହିଛି। ସେଗୁଡ଼ିକ ହେଲା ନେଦରଲାଣ୍ଡସ, ବେଲଜିୟମ, ସ୍ପେନ୍ ଓ ଜର୍ମାନୀ। ଅନ୍ୟ ଦୁଇ ଦଳ ହେଲା ପାନ୍‌ଆମେରିକାନ ଚାମ୍ପିଅନ ଆର୍ଜେଣ୍ଟିନା ଓ ୨୦୨୪-୨୫ ପ୍ରୋ-ଲିଗ୍ ଚାମ୍ପିଅନ ଅଷ୍ଟ୍ରେଲିଆ। ଏଣୁ ବିଶ୍ୱକପ୍‌ରେ ଆହୁରି ୧୦ଟି ସ୍ଥାନ ପୂରଣ ହେବାକୁ ବାକି ରହିଛି। ତାହା ମଧ୍ୟରୁ ଏସିଆ, ଆଫ୍ରିକା ଓ ଓସେନିଆ ଚାମ୍ପିଅନ ଟିମ୍ ୩ଟି ସ୍ଥାନରେ ସିଧାସଳଖ ଯୋଗ୍ୟତା ଅର୍ଜନ କରିବେ। ଅନ୍ୟ ୭ଟି ଦେଶ ବିଶ୍ୱକପ୍ ଲାଗି ଯୋଗ୍ୟତା ପର୍ଯ୍ୟାୟ ମୁକାବିଲାରୁ ଯୋଗ୍ୟ ବିବେଚିତ ହେବେ। ଭାରତ ଏହି ୧୦ଟି ମଧ୍ୟରେ ରହିଛି। ଏସିଆ କପ ବିହାରର ରାଜଗିରିଠାରେ ଅଗଷ୍ଟ ୨୯ରୁ ସେପ୍ଟେମ୍ବର ୮ ଯାଏ ଖେଳାଯିବ। ଏହି ଟୁର୍ଣ୍ଣାମେଣ୍ଟରେ ଭାରତ ଚାମ୍ପିଅନ ହେଲେ ବିଶ୍ୱକପ୍ ଲାଗି ସିଧାସଳଖ ଯୋଗ୍ୟତା ଅର୍ଜନ କରିବ। ଯଦି ଚାମ୍ପିଅନ ହୋଇ ନ ପାରେ, ତେବେ ଯୋଗ୍ୟତା ପର୍ଯ୍ୟାୟ ମ୍ୟାଚ୍‌ରେ ଭାଗନେଇ ଭାଗ୍ୟ ପରୀକ୍ଷା କରିବ।





## ୧୯ ବର୍ଷରୁ କମ୍ କ୍ରିକେଟ ବିଶ୍ୱକପ୍

# ଶେଷଦଳ ଭାବେ ଆମେରିକାକୁ ଟିକଟ

ଦୁବାଇ,୧୬।୮ (ଏଜେନ୍ସି): ଯୁକ୍ତରାଷ୍ଟ୍ର ଆମେରିକା ୧୬ତମ ତଥା ଶେଷଦଳ ଭାବେ ୧୯ ବର୍ଷରୁ କମ୍ କ୍ରିକେଟ ବିଶ୍ୱକପ୍ ଖେଳିବାକୁ ଯୋଗ୍ୟତା ଅର୍ଜନ କରିଛି। ଏହା ଫଳରେ ଜିମ୍ବାୱେ ଓ ନାମିବ୍ୟାରେ ଖେଳାଯିବାକୁ ଥିବା ଏହି ବିଶ୍ୱକପ୍ ଲାଗି ସବୁ ଟିମ୍ ଯୋଗ୍ୟତା ଅର୍ଜନ କରିଛନ୍ତି ବୋଲି ଆଇସିସି ପକ୍ଷରୁ ଘୋଷଣା କରାଯାଇଛି। ଅର୍ଜୁନ ମହେଶଙ୍କ ନେତୃତ୍ୱରେ ଡବଲ ରାଉଣ୍ଡ ରବିନ ଲିଗ୍ ଭିତ୍ତିରେ ଖେଳାଯାଉଥିବା କ୍ୱାଲିଫାଇଂ ଟୁର୍ଣ୍ଣାମେଣ୍ଟରେ ଆଉ ଗୋଟିଏ ମ୍ୟାଚ୍ ବାକିଥାଇ ଆମେରିକା ଚାମ୍ପିଅନ ହେବା ସହ ବିଶ୍ୱକପ୍ ଖେଳିବାକୁ ଯୋଗ୍ୟତା ଅର୍ଜନ କରିଥିଲା। ଏହି ମେଗା ଜୁନିଅର ଟୁର୍ଣ୍ଣାମେଣ୍ଟ ଲାଗି ଯୋଗ୍ୟତା ଅର୍ଜନ କରିଥିବା ଦଳଗୁଡ଼ିକର ନାମ ହେଲେ ଆୟୋଜକ ଦେଶ ଭାବେ ଜିମ୍ବାୱେ। ଦକ୍ଷିଣ ଆଫ୍ରିକାରେ ଅନୁଷ୍ଠିତ ଗତ ବିଶ୍ୱକପ୍‌ରେ ପ୍ରଥମ ୧୦ଟି ସ୍ଥାନରେ ଥିବା ଦଳ ଯଥା ଅଷ୍ଟ୍ରେଲିଆ, ବାଂଲାଦେଶ, ଇଂଲଣ୍ଡ, ଭାରତ, ଆର୍ୟଲାଣ୍ଡ, ପାକିସ୍ତାନ, ନ୍ୟୁଜିଲାଣ୍ଡ, ଶ୍ରୀଲଙ୍କା, ଦକ୍ଷିଣ ଆଫ୍ରିକା ଓ ୱେଷ୍ଟଇଣ୍ଡିଜ୍। ଆଫ୍ରିକୀୟ କ୍ୱାଲିଫାୟର ଭାବେ ତାଞ୍ଜାନିଆ, ଏସୀୟ କ୍ୱାଲିଫାୟର ଭାବେ ଆଫଗାନିସ୍ତାନ, ଆମେରିକା କ୍ୱାଲିଫାୟର ଭାବେ ଆମେରିକା, ପୂର୍ବ ଏସିଆ-ପ୍ୟାସିଫିକ୍ କ୍ୱାଲିଫାୟର ଭାବେ ଜାପାନ ଏବଂ ୟୁରୋପିଆନ୍ କ୍ୱାଲିଫାୟର ଭାବେ ସ୍କଟଲାଣ୍ଡ ଏଥର ବିଶ୍ୱକପ୍ ଖେଳିବାକୁ ଯୋଗ୍ୟତା ଅର୍ଜନ କରିଛି।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, SWOTI VILLAGE, PANIKOILI-755043, DIST: JAJPUR, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS